
ଭଉଣୀ ଖୋଲିଲେ ଗୁମର
ସୁଜେନ ନେଇ ନାହାନ୍ତି
୪୦୦ କୋଟି
▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 44 ◆ISSUE-13 ◆TUESDAY ◆07 JULY 2026 ◆PAGE-12 ◆₹ 7.00 | BHUBANESWAR | ◆ବର୍ଷ-୪୪ ◆ସଂଖ୍ୟା-୧୩ ◆ମଙ୍ଗଳବାର ◆୦୭ ଜୁଲାଇ ୨୦୨୬ ◆ପୃଷ୍ଠା-୧୨ ◆ଟ.୭.୦୦

## ଶ୍ରୀଲଙ୍କା ଜେଲ୍‌ରେ କଏଦୀଙ୍କ ମଧ୍ୟରେ ହଣାକଟା; ୨୫ ମୃତ

■ କଲମ୍ବୋ, ୬।୭(ଏଜେନ୍ସି): ଶ୍ରୀଲଙ୍କାର ପଶ୍ଚିମ ଉପକୂଳ ସହର ନେଗୋମ୍ବୋ କାରାଗାରରେ ବନ୍ଦୀମାନଙ୍କ ମଧ୍ୟରେ ଘଟିଥିବା ଭୟଙ୍କର ସଂଘର୍ଷରେ ୨୫ ଜଣ କଏଦୀ ପ୍ରାଣ ହରାଇଛନ୍ତି। ଏହି ଘଟଣାରେ ୧୦୦ରୁ ଅଧିକ ବନ୍ଦୀ ଓ ଅନ୍ୟମାନେ ଆହତ ହୋଇଛନ୍ତି ବୋଲି କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି। ଅତ୍ୟଧିକ ଭିଡ଼ ଥିବା ଏହି କାରାଗାରରେ ଗତାଲି ଦୁଇ ବନ୍ଦୀ ଗୋଷ୍ଠୀ ମଧ୍ୟରେ ସଂଘର୍ଷ ଆରମ୍ଭ ହୋଇଥିଲା। ପରେ ପରିସ୍ଥିତି ଅଧିକ ଉଗ୍ର ହୋଇ ବନ୍ଦୀମାନେ କାରାଗାରରୁ ଅସ୍ତ୍ର ଛଡ଼ାଇ ନେଇଥିଲେ ଏବଂ ପରସ୍ପର ଉପରେ ଆକ୍ରମଣ ଆରମ୍ଭ କରିଦେଇଥିଲେ।



ପ୍ରାରମ୍ଭିକ ତଦନ୍ତରୁ ଜଣାପଡ଼ିଛି ଯେ, କାରାଗାର ଭିତରେ ଚାଲିଥିବା ବେଆଇନ ମାଦକ ଚୋରାଚାଲାଣକୁ ସମର୍ଥନ କରୁଥିବା ଏକ ଗୋଷ୍ଠୀ ଓ ଏହାକୁ ବିରୋଧ କରୁଥିବା ଅନ୍ୟ ଗୋଷ୍ଠୀ ମଧ୍ୟରେ ବିବାଦରୁ ଏହି ହିଂସା ଆରମ୍ଭ ହୋଇଥିଲା। ପରିସ୍ଥିତିକୁ ନିୟନ୍ତ୍ରଣକୁ ଆଣିବା ପାଇଁ ପୁଲିସ ସ୍ପେଶାଲ ଟାସ୍କ ଫୋର୍ସ ଏବଂ ଦଙ୍ଗା ନିୟନ୍ତ୍ରଣ ବାହିନୀକୁ ମୁତୟନ କରାଯାଇଛି। ଅଧିକ ହିଂସା ରୋକିବା ପାଇଁ ଅନେକ ବନ୍ଦୀଙ୍କୁ ପାଲାନସେନା କାରାଶିବିରକୁ ସ୍ଥାନାନ୍ତର କରାଯାଇଛି। କାରାଗାର ବିଭାଗର ମୁଖପାତ୍ର ଏସି ଗଜନାୟକେ କହିଛନ୍ତି ▶ପୃଷ୍ଠା-୧୦

## ଆବେଦନ ଖାରଜ, ନୀରବ ମୋଦୀ ପ୍ରତ୍ୟର୍ପଣ ଶୀଘ୍ର

■ ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ (ପିଏନବି) ମହାଘୋଟାଲା ଏବଂ ଅର୍ଥ ହେରଫେର ମାମଲାରେ ଅଭିଯୁକ୍ତ ହୀରା ବ୍ୟବସାୟୀ ନୀରବ ମୋଦୀଙ୍କୁ ଭାରତକୁ ପ୍ରତ୍ୟାର୍ପଣ ହେବା ବର୍ତ୍ତମାନ ସୁନିଶ୍ଚିତ ହୋଇଯାଇଛି। ଫ୍ରାନ୍ସର ଷ୍ଟ୍ରାସବର୍ଗସ୍ଥିତ ୟୁରୋପୀୟ ମାନବାଧିକାର ଅଦାଲତ (ଇସିଏଚଆର)ରେ ନୀରବ ମୋଦୀ କରିଥିବା ଶେଷ ଆଇନଗତ ଅପିଲ୍ ଖାରଜ ହୋଇଯାଇଛି। ବ୍ରିଟେନରେ ତାଙ୍କ ପାଇଁ ଥିବା ସମସ୍ତ ଆଇନଗତ ବିକଳ୍ପ ଏବେ ଶେଷ ହୋଇଛି ଏବଂ ବ୍ରିଟେନ ସରକାର ବର୍ତ୍ତମାନ ତାଙ୍କ ପ୍ରତ୍ୟାର୍ପଣ ପ୍ରକ୍ରିୟାକୁ ଆଗକୁ ବଢ଼ାଇ ପାରିବେ।



୨୦୧୯ ମାର୍ଚ୍ଚ ମାସରୁ ଲଣ୍ଡନର ୱାଣ୍ଡସୱର୍ଥ କାରାଗାରରେ ବନ୍ଦୀ ଥିବା ନୀରବ ମୋଦୀଙ୍କୁ ଭାରତ ଆଣିବା ପାଇଁ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଏବଂ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) କ୍ରମାଗତ ଭାବେ ପ୍ରୟାସ କରୁଛନ୍ତି। ପୂର୍ବରୁ ବ୍ରିଟେନ ହାଇକୋର୍ଟ ମଧ୍ୟ ଭାରତର ଜେଲ୍ ସ୍ଥିତି ଏବଂ ସୁରକ୍ଷା ବ୍ୟବସ୍ଥାକୁ ଉପଯୁକ୍ତ ଦର୍ଶାଇ ପ୍ରତ୍ୟାର୍ପଣକୁ ଅନୁମତି ଦେଇଥିଲେ। ଏହା ବିରୋଧରେ ନୀରବ ମୋଦୀ ଗତ ଏପ୍ରିଲ ୨୦୨୬ରେ ଇସିଏଚଆରର ଦ୍ୱାରସ୍ଥ ହୋଇଥିଲେ। ମାତ୍ର ସେଠାରୁ ମଧ୍ୟ ତାଙ୍କୁ କୌଣସି ଆଶ୍ୱସ୍ତି ମିଳିନାହିଁ। ଗତ ମାର୍ଚ୍ଚ ମାସରେ ଲଣ୍ଡନର କିଙ୍ଗସ୍ ବେଞ୍ଚ ▶ପୃଷ୍ଠା-୧୦

# ବଢୁଛି ଏସ୍‌ଆଇଆର୍ ଅଡୁଆ

## କର୍ଣ୍ଣାଟକରେ ସିଇଓଙ୍କୁ ଭେଟିଲେ ତିନି କେନ୍ଦ୍ର ମନ୍ତ୍ରୀ

■ ବେଙ୍ଗାଲୁରୁ, ୬।୭(ଏଜେନ୍ସି): ଭୋଟର ତାଲିକାରେ ସ୍ୱତନ୍ତ୍ର ସଂଶୋଧନ ବା ଏସଆଇଆରକୁ ନେଇ ବିରୋଧୀ ମେଣ୍ଟ ନିର୍ବାଚନ କମିସନଙ୍କ ଠାରୁ ଆରମ୍ଭ କରି ସୁପ୍ରିମ କୋର୍ଟ ପର୍ଯ୍ୟନ୍ତ ଯାଇ ଗୁହାରି କରିବାରେ ଲାଗିଛନ୍ତି। ଏହି ପ୍ରକ୍ରିୟାରେ ବ୍ୟାପକ ଅନିୟମିତତା ହେଉଛି ଏବଂ ନିର୍ଦ୍ଦିଷ୍ଟ ଗୋଷ୍ଠୀକୁ ଟାର୍ଗେଟ କରାଯାଉଛି ବୋଲି ସେମାନେ ଅଭିଯୋଗ କରିଛନ୍ତି। ଏହି ଏସଆଇଆର ଯୋଗୁଁ ପଶ୍ଚିମ ବଙ୍ଗରେ ମମତା ସରକାର କ୍ଷମତାଚ୍ୟୁତ ହେଲେ ବୋଲି ଟିଏମସି ଅଭିଯୋଗ କରିବା ସହିତ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛି। ଏହି ସବୁ ଅଭିଯୋଗକୁ ଖଣ୍ଡନ କରି ଚାଲିଥିବା ବିଜେପି ଆଜି ପ୍ରଥମ ଥର ଲାଗି ଏସ୍‌ଆଇଆର୍‌କୁ ନେଇ ଆପତ୍ତି ଉଠାଇଛି। କର୍ଣ୍ଣାଟକରେ ଏହି ଘଟଣା ସାମନାକୁ ଆସିଛି। ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍)



ପ୍ରକ୍ରିୟାରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ ଆଣି ବିଜେପି ନେତୃତ୍ୱରେ ଏନଡିଏର ଏକ ପ୍ରତିନିଧି ଦଳ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଭେଟିଛି। ଏହି ପ୍ରତିନିଧି ଦଳରେ ତିନି ଜଣ କେନ୍ଦ୍ର ମନ୍ତ୍ରୀ ରହିଥିଲେ। ସେମାନେ ହେଲେ ଏଚ୍‌ଡି କୁମାରସ୍ୱାମୀ, ପ୍ରହ୍ଲାଦ ଯୋଶୀ ଏବଂ ଶୋଭା କରନ୍ଦଲାଜେ। ସେମାନେ ଅଭିଯୋଗ କରିଛନ୍ତି ଯେ ବୁଥ୍‌ସ୍ତରୀୟ ଅଧିକାରୀ (ବିଏଲ୍‌ଓ) ମାନେ ଲୋକଙ୍କ ଘରକୁ ଘର ଯାଇ ଭୋଟର ତାଲିକା ଯାଞ୍ଚ ▶ପୃଷ୍ଠା-୧୦

## ଓଡ଼ିଶାରେ ନିର୍ବାଚନମଣ୍ଡଳୀ ପିଛା ହାରାହାରି ୧୩,୬୯୧ ଭୋଟର ବାଦ୍

■ ଭୁବନେଶ୍ୱର,୬।୭(ସମିସ): ରାଜ୍ୟରେ ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟା ଶେଷ ହୋଇଥିବା ବେଳେ ରବିବାର ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଚିଠା ଭୋଟର ତାଲିକା ପ୍ରକାଶ କରିଛନ୍ତି। ରାଜ୍ୟରେ ମୋଟ ୨୦ ଲକ୍ଷ ୧୨ ହଜାରରୁ ଅଧିକ ଭୋଟର ବାଦ୍ ପଡ଼ିଥିବା ସମୟରେ କେବଳ ଚିଠା ତାଲିକାରେ ଗଞ୍ଜାମ ଜିଲ୍ଲାରେ ସର୍ବାଧିକ ୨ ଲକ୍ଷ ୭ ହଜାର ୬୨୪ ଜଣ ଲୋକଙ୍କ ନାମ ବାଦ ପଡ଼ିଛନ୍ତି। ଅନ୍ୟପକ୍ଷରେ ଦେବଗଡ଼ରେ ସର୍ବନିମ୍ନ ୧୧୦୦୪ ଜଣ ଲୋକଙ୍କ ନାମ କଟିଥିବା ସୂଚନା ମିଳିଛି। ସାଧାରଣ ଭାବରେ ଦେଖିଲେ ନିର୍ବାଚନମଣ୍ଡଳୀ ପିଛା ହାରାହାରି ୧୩୬୯୧ ନାମ ବାଦ ଦିଆଯାଇଛି। ମିଳିଥିବା ସୂଚନା ଅନୁସାରେ କଟକରେ ଦ୍ୱିତୀୟ ସର୍ବାଧିକ ୧ ଲକ୍ଷ ୫୫ ହଜାର ୧୬୪ ଜଣ ଲୋକଙ୍କ ନାମ କଟିଛି। ସେହିପରି ▶ପୃଷ୍ଠା-୧୦

**ଗଞ୍ଜାମରୁ ୨.୭୬ ଲକ୍ଷ, କଟକରୁ ୧.୫୫ ଲକ୍ଷ ଭୋଟର କଟିଛନ୍ତି**

**ଯାଜପୁରରେ କଟିଲେ ୧.୦୫ ଲକ୍ଷ, ମୟୂରଭଞ୍ଜରେ ୧.୧୧ ଲକ୍ଷ**

**ଚିଠାରେ ଦୁଇ ପୁଅ, ସ୍ତ୍ରୀଙ୍କର ନାମ; ଜୀବିତ ସ୍ୱାମୀଙ୍କ ନାମ ନାହିଁ**

### ରାମ ମନ୍ଦିର ଚାନ୍ଦା ଚୋରି

## ହଟିଲେ ଚମ୍ପତ ରାୟ, ଅନିଲ ମିଶ୍ର

■ ଅଯୋଧ୍ୟା, ୬।୭ (ଏଜେନ୍ସି): ଅଯୋଧ୍ୟା ରାମ ମନ୍ଦିର ଚାନ୍ଦା ଚୋରି ମାମଲାରେ ଫସିଥିବା ମନ୍ଦିର ଟ୍ରଷ୍ଟର ସଂପାଦକ ଚମ୍ପତ ରାୟଙ୍କ ଇସ୍ତଫା ଶେଷରେ ଗ୍ରହଣ କରି ନିଆଯାଇଛି। ଆଜି ଏଠାରେ ଅନୁଷ୍ଠିତ ରାମ ମନ୍ଦିର ଟ୍ରଷ୍ଟ ବୈଠକରେ ଅନ୍ୟତମ ଟ୍ରଷ୍ଟି ଅନିଲ ମିଶ୍ରଙ୍କ ଇସ୍ତଫାକୁ ମଧ୍ୟ ଗ୍ରହଣ କରି ନିଆଯାଇଛି। ଚମ୍ପତ ରାୟଙ୍କ ସ୍ଥାନରେ ବର୍ତ୍ତମାନ ପାଇଁ କ୍ରିଷ୍ଣା ମୋହନଙ୍କୁ ଅସ୍ଥାୟୀ ଦାୟିତ୍ୱ ଦିଆଯାଇଛି। ଟ୍ରଷ୍ଟ ପକ୍ଷରୁ କୁହାଯାଇଛି ଯେ ଚାନ୍ଦା ଚୋରି ମାମଲାରେ ଯେତେ ବଡ଼ ଲୋକ ଜଡ଼ିତ ଥିଲେ ମଧ୍ୟ ସେମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏଥିପାଇଁ ସରକାରଙ୍କୁ ପରାମର୍ଶ ଦିଆଯାଇଛି।

ଟ୍ରଷ୍ଟର ଏଭଳି ଆଭିମୁଖ୍ୟ ପରେ ଉଭୟ ଚମ୍ପତ ରାୟ ଏବଂ ଅନିଲ ମିଶ୍ରଙ୍କ ପାଇଁ ଅଡୁଆ ବଢ଼ିଯାଇଛି। ଚାନ୍ଦା ଚୋରି ମାମଲାରେ ଏହି ଦୁଇ ନେତାଙ୍କ ଭୂମିକା ସନ୍ଦେହ ଘେରରେ ରହିଛି। ଏହି ମାମଲାରେ ଯେଉଁମାନେ ଗିରଫ


ଚମ୍ପତ ରାୟ | କ୍ରିଷ୍ଣ ମୋହନ

ହୋଇଛନ୍ତି ସେମାନେ ସମସ୍ତେ ଚମ୍ପତ ଓ ଅନିଲଙ୍କ ଅତି ଘନିଷ୍ଠ ରୂପେ ପରିଚିତ। ସେମାନେ ଚୋରି କରୁଥିବା ନେଇ ଚମ୍ପତ ଜାଣିଥିଲେ ମଧ୍ୟ ଏହାକୁ ଘୋଡ଼ାଇବାକୁ ଉଦ୍ୟମ ଚଳାଇଥିଲେ। ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନକୁ ଅନିଲ ମିଶ୍ର ମଧ୍ୟ ଅଟକାଇଥିଲେ ବୋଲି କୁହାଯାଉଛି। ଏହି ଦୁଇ କର୍ମକର୍ତ୍ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଚାରିଆଡୁ ଚାପ ପଡୁଛି। ଉଭୟ ଚମ୍ପତ ଓ ଅନିଲଙ୍କୁ ଏସ୍‌ଆଇଟି ପଚରାଉଚରା କରିଥିଲେ ମଧ୍ୟ ସେମାନଙ୍କ ବିରୋଧରେ କୌଣସି ଏଫ୍‌ଆଇଆର ହୋଇନାହିଁ। ଟ୍ରଷ୍ଟର କଠୋର ଆଭିମୁଖ୍ୟ ପରିପ୍ରେକ୍ଷୀରେ ସେମାନଙ୍କ ବିରୋଧରେ ▶ପୃଷ୍ଠା-୧୦

**କ୍ରିଷ୍ଣ ମୋହନଙ୍କୁ ଅସ୍ଥାୟୀ ଦାୟିତ୍ୱ**

### ତ୍ରୁଟିଶୂନ୍ୟ ରଥଯାତ୍ରାକୁ ମୁଖ୍ୟମନ୍ତ୍ରୀଙ୍କ ଗୁରୁତ୍ୱ

## କେବଳ ଅଧିକୃତ ସେବକଙ୍କୁ ଭିତର କର୍ଡନ ପାସ୍

■ ପୁରୀ,୬।୭(ସମିସ): ବିଶ୍ୱପ୍ରସିଦ୍ଧ ରଥଯାତ୍ରା ଆମ ସଂସ୍କୃତିର ସବୁଠାରୁ ଗୌରବମୟ ପରିଚୟ। କୋଟି କୋଟି ଲୋକଙ୍କ ଭାବାବେଗ ଏଥିରେ ଜଡ଼ିତ। ରଥଯାତ୍ରାର ସୁପରିଚାଳନା ଆମ ସମସ୍ତଙ୍କର ଦାୟିତ୍ୱ। ଏଥିପାଇଁ ବିଭିନ୍ନ ବିଭାଗର ଅଧିକାରୀ ଓ କର୍ମଚାରୀଙ୍କ ମଧ୍ୟରେ ସମନ୍ୱୟ ରକ୍ଷା ସବୁଠୁ ଗୁରୁତ୍ୱପୂର୍ଣ୍ଣ ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ସୋମବାର ଟାଉନ ହଲ୍ ପରିସରରେ ଅନୁଷ୍ଠିତ ହୋଇଥିଲା ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକ। ଏଥିରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ମହାପ୍ରଭୁଙ୍କ ଆଶୀର୍ବାଦ ନେଇ ଆମର ବୁଦ୍ଧି, ଜ୍ଞାନ, ଦକ୍ଷତା ଓ ଅଭିଜ୍ଞତା- ଏସବୁକୁ ଏକାଠି କରି ସମର୍ପଣ



ମନୋଭାବ ନେଇ ସମସ୍ତ ସମ୍ପୃକ୍ତ ବିଭାଗର ଅଧିକାରୀ ଓ କର୍ମଚାରୀ ତଥା ସେବକମାନେ ରଥଯାତ୍ରା ପରିଚାଳନା କରିବା ଆବଶ୍ୟକ। ଏହାଦ୍ୱାରା ରଥଯାତ୍ରା ତ୍ରୁଟିଶୂନ୍ୟ ଭାବେ ସମ୍ପନ୍ନ ହୋଇପାରିବ।

ଗତବର୍ଷ ରଥଟଣାରେ ଢେର୍ ବିଳମ୍ବ ହୋଇଥିଲା। ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନନ୍ଦିଘୋଷ ରଥ କେବଳ ଚକେ ଗଡ଼ିଥିଲେ। ବଳଗଣ୍ଡିରେ ତାଳଧ୍ୱଜ ଏବଂ ମରିଚୀକୋଟ ଛକ ପର୍ଯ୍ୟନ୍ତ ଗଡ଼ିଥିଲା ଦେବୀ ସୁଭଦ୍ରାଙ୍କ ଦର୍ପଦଳନ ରଥ। ରଥଟଣା ବିଳମ୍ବ ପାଇଁ କର୍ଡନ ପାସ୍‌କୁ ଦାୟୀ କରିଥିଲେ ସମସ୍ତେ। ଅତ୍ୟଧିକ କର୍ଡନ ପାସ୍ ବଣ୍ଟାଯାଇଥିବାରୁ ଭିତରେ ବିଶୃଙ୍ଖଳା ହେଲା, ଯେଉଁଥିପାଇଁ ରଥଟଣାରେ ସମସ୍ୟା ହେଲା ବୋଲି କୁହାଗଲା। ତେଣୁ ଏ ବର୍ଷ ଯେପରି କର୍ଡନ ପାସ୍ ମନଇଚ୍ଛା ବଣ୍ଟା ନ ଯାଏ ତା' ଉପରେ ଗୁରୁତ୍ୱାରୋପ ▶ପୃଷ୍ଠା-୧୦

### ବିପର୍ଯ୍ୟୟ ପରିଚାଳନା

## ପାଣ୍ଡିଆନଙ୍କ ସହଯୋଗ ଲୋଡ଼ିଲା ଭେନେଜୁଏଲା

### ନବୀନଙ୍କ ବିପର୍ଯ୍ୟୟ ପରିଚାଳନା ସ୍ୱୀକୃତିରେ ଆଉ ଏକ ସ୍ୱାକ୍ଷର

■ ଭୁବନେଶ୍ୱର, ୬।୭ (ସମିସ): ଏକଦା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ବିପର୍ଯ୍ୟୟ ପରିଚାଳନା ମଡେଲକୁ ଅନ୍ତର୍ଜାତୀୟସ୍ତରରେ ତଥା ବିଶ୍ୱ ଜାତିସଂଘ ପ୍ରଶଂସା କରିଥିଲା। ଆନ୍ତର୍ଜାତୀୟ ଗଣମାଧ୍ୟମରେ ନବୀନ ସରକାରଙ୍କ ବିପର୍ଯ୍ୟୟ ପରିଚାଳନା ନୀତି ପ୍ରଥମ ପୃଷ୍ଠାରେ ପ୍ରକାଶ ପାଇଥିଲା। ବିପର୍ଯ୍ୟୟ ପ୍ରବଣ ଓଡ଼ିଶାକୁ ବିପର୍ଯ୍ୟୟ ପରିଚାଳନାରେ ପ୍ରବୀଣ କରିବାରେ ସକ୍ଷମ ହୋଇଥିବା ନବୀନ ନକ୍ସା କେବଳ ଭାରତ ନୁହେଁ, ଆନ୍ତର୍ଜାତୀୟସ୍ତରରେ ବି ଗ୍ରହଣୀୟ ହୋଇଥିଲା। ସେହି ନକ୍ସା ଆଧାରରେ ଏବେ ରାଜ୍ୟ ଓ ଦେଶରେ ବିପର୍ଯ୍ୟୟ ପରିଚାଳନା ନୀତି ପ୍ରସ୍ତୁତ ହେଉଛି। ତେବେ ସଦ୍ୟ ଭୂକମ୍ପ ପ୍ରଭାବିତ ଭେନେଜୁଏଲା

**ଭେନେଜୁଏଲା ରାଷ୍ଟ୍ରପତିଙ୍କ ଆଗ୍ରହ କ୍ରମେ ପହଞ୍ଚିଲେ ପାଣ୍ଡିଆନ**

**ରାଷ୍ଟ୍ରପତିଙ୍କ ସହ ଉଦ୍ଧାର ଓ ପୁନର୍ବାସ ସମ୍ପର୍କରେ ଆଲୋଚନା**

**ବିପର୍ଯ୍ୟୟ ପ୍ରବଣରୁ ବିପର୍ଯ୍ୟୟ ପରିଚାଳନାରେ ପ୍ରବୀଣ ହୋଇଛି ଓଡ଼ିଶା**

ସମ୍ପ୍ରତି ବିପର୍ଯ୍ୟୟ ମୁକାବିଲା ଓ ପରିଚାଳନା ପାଇଁ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସହଯୋଗୀ ତଥା ତତ୍କାଳୀନ ୫-ଟି ଅଧ୍ୟକ୍ଷ ଭି.କେ. ପାଣ୍ଡିଆନଙ୍କ ସହଯୋଗ ଲୋଡ଼ିବା ▶ପୃଷ୍ଠା-୧୦



### କ୍ଷମତା ଅଳିନ୍ଦରେ ଆଲୋଡ଼ନ

## ଇସ୍ତଫା ଦେଲେ ଭୁବନେଶ୍ୱର ଡିସିପି

■ ଭୁବନେଶ୍ୱର, ୬।୭ (ସମିସ): ଇସ୍ତଫା ଦେଇଛନ୍ତି ଭୁବନେଶ୍ୱର ଡିସିପି ଜଗମୋହନ ମୀନା। ତାଙ୍କ ଇସ୍ତଫା ଦେବା ଖବର ଏବେ କ୍ଷମତା ଅଳିନ୍ଦରେ ଆଲୋଡ଼ନ ସୃଷ୍ଟି କରିଛି। କେଉଁ କାରଣରୁ ସେ ଇସ୍ତଫା ଦେଲେ ତାହା ବାହାରର ଲୋକ


**ବିଭାଗ ହଜମ କରିପାରୁନି 'ବ୍ୟକ୍ତିଗତ' କାରଣ**

ତ ଦୂରର କଥା, ତାଙ୍କ ବିରାଦରୀ ଆଇପିଏସ୍‌ମାନେ ଓ ତାଙ୍କ ସହ କାମ କରୁଥିବା ପୁଲିସ ଅଧିକାରୀମାନେ ବି ବୁଝି ପାରୁନାହାନ୍ତି। 'ବ୍ୟକ୍ତିଗତ' କାରଣରୁ ସେ ଇସ୍ତଫା ଦେଇଥିବା କୁହାଯାଉଥିଲେ ହେଁ ବିଭାଗ ଏହି ସଂକ୍ଷିପ୍ତ ଓ ସହଜ ▶ପୃଷ୍ଠା-୧୦

## ଶୋଇଥିବା କକାକୁ ଟାଙ୍ଗିଆରେ ହାଣିଦେଲା

■ କିଶୋରନଗର,୬।୭(ସମିସ): ଅନୁଗୋଳ ଜିଲ୍ଲା ଠାକୁରଗଡ଼ ଥାନା ଅଞ୍ଚଳରେ ସୋମବାର



ଭୋର୍ ୫ଟାରେ ଏକ ହତ୍ୟାକାଣ୍ଡ ଘଟିଛି। ପାରିବାରିକ କଳହକୁ କେନ୍ଦ୍ରକରି ଶୋଇଥିବା ଅବସ୍ଥାରେ କକାଙ୍କୁ ଟାଙ୍ଗିଆରେ ହାଣି ନିର୍ମମ ଭାବେ ହତ୍ୟା କରିଛି ପୁତୁରା। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଚାଞ୍ଚଲ୍ୟ ସୃଷ୍ଟି କରିଛି।

**ପାରିବାରିକ କଳହରୁ ପୁତୁରାର ଉନ୍ମତ୍ତ କାଣ୍ଡ**

ସୂଚନା ଅନୁଯାୟୀ, ଆଠମଲ୍ଲିକ ବ୍ଲକ ମଇମୁରା ପଞ୍ଚାୟତ କଳଚିକଟା ଗ୍ରାମର କାଶୀନାଥ ନାୟକ ଭୋର୍ ୫ଟାରେ ନିଜ ଘରେ ଶୋଇଥିଲେ। ଏହି ସମୟରେ ତାଙ୍କ ପୁତୁରା ଧେରେନ ନାୟକ ଏକ ▶ପୃଷ୍ଠା-୧୦

### ୪୮ ଘଣ୍ଟା ଧରି ମୌସୁମୀ ଅତ୍ୟଧିକ ସକ୍ରିୟ

# ବୈତରଣୀରେ ଛୋଟ ବନ୍ୟା ଆଶଙ୍କା



■ ଭୁବନେଶ୍ୱର,୬।୭(ସମିସ): ବଙ୍ଗୋପସାଗରରେ ସୃଷ୍ଟ ଅବପାତ ଝାଡ଼ଖଣ୍ଡ ମୁହାଁ ହୋଇଛି। ଯଦିଓ ଉପକୂଳବର୍ତ୍ତୀ ଜିଲ୍ଲାରେ ବର୍ଷାର ପ୍ରଭାବ କମିଛି, ମାତ୍ର ଏହି ଲଘୁଚାପ ପ୍ରଭାବରେ ରାଜ୍ୟର ସୀମାନ୍ତବର୍ତ୍ତୀ ଜିଲ୍ଲାଗୁଡ଼ିକରେ ଆଜି ମଧ୍ୟ ଭାରି ବର୍ଷା ରେକର୍ଡ ହୋଇଛି। ସୋମବାର ସନ୍ଧ୍ୟା ୫ ଟା ସୁଦ୍ଧା ଝାରସୁଗୁଡ଼ାରେ ସର୍ବାଧିକ ୫୫ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ବରଗଡ଼ରେ ୫୨, ସମ୍ବଲପୁର ୪୪, ସୁନ୍ଦରଗଡ଼ ୪୦ ଓ ନୂଆପଡ଼ାରେ ୩୪ ମିମି ବର୍ଷା ରେକର୍ଡ ହୋଇଛି। ବର୍ତ୍ତମାନ ଏହି ଅବପାତ ଦକ୍ଷିଣ ଝାଡ଼ଖଣ୍ଡ ପାର୍ଶ୍ୱବର୍ତ୍ତୀ ଉତ୍ତର-ଆଭ୍ୟନ୍ତରୀଣ ଓଡିଶା ଉପରେ ସକ୍ରିୟ ରହିଛି। ▶ପୃଷ୍ଠା-୧୦

### ୯ରେ ହୀରାକୁଦ ଛାଡ଼ିବ ବନ୍ୟାଜଳ

■ ଭୁବନେଶ୍ୱର,୬।୭(ସମିସ): ଅବପାତ ଛତିଶଗଡ଼ମୁହାଁ ହେଉଥିବାରୁ ସେଠାରେ ଆହୁରି ଅଧିକ ବର୍ଷା ଯୋଗୁଁ ମହାନଦୀରେ ଜଳସ୍ତର ବଢ଼ିବାର ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି ଆସନ୍ତା ୯ ତାରିଖରେ ହୀରାକୁଦରେ ପ୍ରଥମ ବନ୍ୟା ▶ପୃଷ୍ଠା-୧୦

## ଲଗାଣ ବର୍ଷାରେ କାନ୍ଥ ପଡ଼ି ଶିଶୁକନ୍ୟା ମୃତ, ମାଆ ଆହତ

■ ଠାକୁରମୁଣ୍ଡା/ମହୁଲଡିହା, ୬।୭ (ସମିସ): ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ସାରା ରାଜ୍ୟରେ ଲଗାଣ ବର୍ଷା ହୋଇଛି। ଫଳରେ ଠାକୁରମୁଣ୍ଡାରେ ଧନ ଜୀବନ ନଷ୍ଟ ହୋଇଛି। ମହୁଲଡିହା ପଞ୍ଚାୟତର ମହୁଲଡିହା ଗ୍ରାମରେ ୫ ତାରିଖ ରାତିରେ ଘର କାନ୍ଥ ପଡ଼ିବାରୁ ଜଣେ ୨ ବର୍ଷର ଶିଶୁକନ୍ୟାର ମୃତ୍ୟୁ ହୋଇଥିବାବେଳେ ମାଆ ଆହତ ହୋଇଥିବା ଜଣାପଡ଼ିଛି। ମୃତ ଶିଶୁକନ୍ୟା ଚାନ୍ଦିନୀ (ଜେମା) ମୁଣ୍ଡା। ଏକ ପୁରୁଣା ଘର ଭିତରେ ମାଆ ଶାନ୍ତି ସିଂ (୨୬) ଦୁଇଝିଅ ବୁଦୁନୀ (୪) ଓ ସାନ ଚାନ୍ଦିନୀ ସହ ଶୋଇଥିଲେ। ଘର କାନ୍ଥ ଖସି ପଡିବା



ଶବ୍ଦରେ ପଡ଼ୋଶୀ ଆସି କାନ୍ଥ ତଳୁ ମାଆ ଓ ୨ ଝିଅଙ୍କୁ ଉଦ୍ଧାର କରିଥିଲେ। ସେତେବେଳକୁ ସାନଝିଅ ▶ପୃଷ୍ଠା-୧୦

# ଟ୍ରମ୍ପଙ୍କ ଭୟରେ ଖାମେନେଇଙ୍କ ଅନ୍ତ୍ୟେଷ୍ଟିରୁ ଓହରିଲେ ୧୩ଟି ଦେଶ



ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଇରାନର ସର୍ବୋଚ୍ଚ ନେତା ଆୟାତୋଲ୍ଲା ଅଲି ଖାମେନେଇଙ୍କ ଅନ୍ତ୍ୟେଷ୍ଟି କ୍ରିୟାରେ ସାମିଲ ନହେବା ପାଇଁ ଆମେରିକା ବିଶ୍ୱର ବିଭିନ୍ନ ଦେଶ ଉପରେ କୂଟନୈତିକ ଚାପ ପ୍ରୟୋଗ କରିଥିବା ଅଭିଯୋଗ ହୋଇଛି। ଇରାନ ଗଣମାଧ୍ୟମ 'ତସନିମ୍ ନ୍ୟୁଜ୍ ଏଜେନ୍ସି'ର ରିପୋର୍ଟ ଅନୁସାରେ, ଆମେରିକାର ଏହି ଚେତାବନୀ ପରେ ଅତିକମରେ ୧୩ଟି ଦେଶ ତେହେରାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରୁ ନିଜର ପ୍ରତିନିଧିତ୍ୱ ପ୍ରତ୍ୟାହାର କରିଛନ୍ତି କିମ୍ବା ଅଂଶଗ୍ରହଣ ସୀମିତ କରିଦେଇଛନ୍ତି। ଆମେରିକାର ବୈଦେଶିକ ସଚିବ ମାର୍କୋ ରୁବିଓ ଏବଂ ବିଶ୍ୱବ୍ୟାପୀ ଥିବା ଆମେରିକୀୟ ଦୂତମାନେ ଏହି କୂଟନୈତିକ ଅଭିଯାନର ନେତୃତ୍ୱ ନେଇଥିଲେ। ଏହି ଶୋକସଭାରେ ଯୋଗଦେବାକୁ 'ବନ୍ଧୁତ୍ୱହୀନ କାର୍ଯ୍ୟ' ଭାବେ ଗ୍ରହଣ କରାଯିବ ଏବଂ ଏହା ଦ୍ୱିପାକ୍ଷିକ ସମ୍ପର୍କକୁ ପ୍ରଭାବିତ କରିବ ବୋଲି ଆମେରିକା ପକ୍ଷରୁ ସ୍ପଷ୍ଟ ଚେତାବନୀ ଦିଆଯାଇଥିଲା। ବିଶେଷ କରି ଆଫ୍ରିକୀୟ ଦେଶଗୁଡ଼ିକୁ ଆମେରିକା ତରଫରୁ ଦିଆଯାଉଥିବା ଆର୍ଥିକ ଅନୁଦାନ ବନ୍ଦ କରିବାକୁ ଧମକ ଦିଆଯାଇଥିବା ବେଳେ ପ୍ରାୟ ୫ଟି ଆରବ ଦେଶକୁ ମଧ୍ୟ ସିଧାସଳଖ ସତର୍କ କରାଯାଇଥିଲା। ଏହି ଚାପ ଯୋଗୁଁ ପୂର୍ବ ୟୁରୋପର ୩ଟି, ଆଫ୍ରିକାର ୫ଟି, ପାରସ୍ୟ ଉପସାଗରୀୟ ଅଞ୍ଚଳର ୨ଟି ଏବଂ ପୂର୍ବ ଏସିଆର ୨ଟି ପ୍ରମୁଖ ଦେଶ ଏହି କାର୍ଯ୍ୟକ୍ରମରୁ ଓହରି ଯାଇଛନ୍ତି। ଅପରପକ୍ଷରେ, ଆମେରିକାର ଏହି କଟକଣା ଓ ଚାପ ସତ୍ତ୍ୱେ ତେହେରାନର ଇମାମ ଖୋମେନି ମସଜିଦ ସମ୍ମୁଖରେ ଲକ୍ଷ ଲକ୍ଷ ଲୋକ ଏକତ୍ରିତ ହୋଇ ଶୋକ ସନ୍ତପ୍ତ ପରିବେଶରେ ଖାମେନେଇଙ୍କୁ ଶେଷ ବିଦାୟ ଜଣାଇଛନ୍ତି। ଗତ ଫେବ୍ରୁଆରୀ ୨୮ ଆକ୍ରମଣରେ ପ୍ରାଣ ହରାଇଥିବା ୮୬ ବର୍ଷୀୟ ଏହି ଜନନାୟକଙ୍କ ସ୍ମୃତି ଚାରଣ କରିବା ସହ ସେଠାରେ ଉପସ୍ଥିତ ଜନତା ଆମେରିକା ଓ ଇସ୍ରାଏଲ ବିରୋଧରେ ପ୍ରତିଶୋଧମୂଳକ ସ୍ଲୋଗାନ ଦେଇ ପ୍ରଦର୍ଶନ କରିଛନ୍ତି।

## ଭାରତକୁ ଇରାନର ଧନ୍ୟବାଦ

ତେହରାନ/ନୂଆଦିଲ୍ଲୀ: ଇରାନର ସର୍ବୋଚ୍ଚ ନେତା ଆୟାତୋଲ୍ଲା ସୟଦ ଅଲି ଖାମେନେଇଙ୍କ ରାଜକୀୟ ଶେଷକୃତ୍ୟରେ ଭାରତର ଅଂଶଗ୍ରହଣ ପାଇଁ ଇରାନ ଭାରତ ସରକାର ଓ ଜନସାଧାରଣଙ୍କୁ ହୃଦୟରୁ ଧନ୍ୟବାଦ ଜଣାଇଛି। ଭାରତସ୍ଥିତ ଇରାନ ଦୂତାବାସ ସାମାଜିକ ଗଣମାଧ୍ୟମ ଏକ୍ସ'ରେ ଏକ ବାର୍ତ୍ତା ପୋଷ୍ଟ କରି କୃତଜ୍ଞତା ପ୍ରକାଶ କରିଛି। ଭାରତ ସରକାରଙ୍କ ପକ୍ଷରୁ ଏକ ଉଚ୍ଚସ୍ତରୀୟ ପ୍ରତିନିଧି ଦଳ ଶେଷକୃତ୍ୟରେ ଯୋଗ ଦେଇଥିଲା। ଏଥିରେ ବିହାରର ରାଜ୍ୟପାଳ ଲେଫ୍ଟନାଣ୍ଟ ଜେନେରାଲ୍ (ଅବସରପ୍ରାପ୍ତ) ସୟଦ ଅତା ହସନୈନ୍, ବୈଦେଶିକ ବ୍ୟାପାର ରାଷ୍ଟ୍ରମନ୍ତ୍ରୀ ପବିତ୍ର ମାର୍ଗେରିଟା ଉପସ୍ଥିତ ରହି ଖାମେନେଇଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। କଂଗ୍ରେସ ନେତା ସଲମାନ ଖୁର୍ଶିଦ, ପିଡିପି ନେତ୍ରୀ ମେହବୁବା ମୁଫ୍ତି, ଏବଂ ଭାରତର ଶିଖ, ହିନ୍ଦୁ, ମୁସଲିମ, ଖ୍ରୀଷ୍ଟିଆନ୍ ଧର୍ମଗୁରୁମାନେ ମଧ୍ୟ ଶେଷକୃତ୍ୟରେ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।

# ରୁଷର ମିସାଇଲ୍ ମାଡ଼; କିଭ୍‌ରେ ୮ ମୃତ

କିଭ୍, ୬।୭(ଏଜେନ୍ସି): ତୁର୍କୀରେ ଆୟୋଜିତ ହେବାକୁ ଥିବା ନାଟୋ ସମ୍ମିଳନୀର ଠିକ୍ ପୂର୍ବରୁ ରୁଷ ପକ୍ଷରୁ ୟୁକ୍ରେନର ରାଜଧାନୀ କିଭ୍ ଏବଂ ଏହାର ଆଖପାଖ ଅଞ୍ଚଳ ଉପରେ ସୋମବାର ବାଲିଷ୍ଟିକ୍ ମିସାଇଲ୍ ଦ୍ୱାରା ପ୍ରବଳ ଆକ୍ରମଣ କରାଯାଇଛି। ଏହି ଭୟାବହ ଆକ୍ରମଣରେ ଅତିକମରେ ୮ ଜଣ ସାଧାରଣ ନାଗରିକଙ୍କ ମୃତ୍ୟୁ ଘଟିଥିବା ବେଳେ ୩୪ରୁ ଅଧିକ ଲୋକ ଗୁରୁତର ଭାବେ ଆହତ ହୋଇଛନ୍ତି। ଗୋଟିଏ ସପ୍ତାହ ମଧ୍ୟରେ ୟୁକ୍ରେନ ରାଜଧାନୀ ଉପରେ ଏହା ରୁଷର ଦ୍ୱିତୀୟ ବଡ଼ ଆକ୍ରମଣ, ଯାହା ଚାରି ବର୍ଷରୁ ଅଧିକ ସମୟଧରି ଚାଲିଥିବା ଏହି ଯୁଦ୍ଧର ଭୟାବହତାକୁ ଆହୁରି ବଢ଼ାଇ ଦେଇଛି। କିଭ୍‌ର ସ୍ଥାନୀୟ ପ୍ରଶାସନ ଅନୁସାରେ, ରୁଷର ଏହି କ୍ଷେପଣାସ୍ତ୍ର ମାଡ଼ ଯୋଗୁଁ ସହରର ୪ଟି ଆବାସିକ ବିଲ୍ଡିଂରେ ନିଆଁ ଲାଗିଯାଇଥିଲା, ଯେଉଁ ସମୟରେ ଲୋକମାନେ ଶୋଇଥିଲେ। ମୃତକଙ୍କ ମଧ୍ୟରୁ ୭ ଜଣ କିଭ୍‌ର ଏବଂ ଜଣେ ବୁଚା ଜିଲ୍ଲାର ବୋଲି ଜଣାପଡ଼ିଛି। କିଭ୍ ମେୟର ବିଟାଲି କ୍ଲିଟ୍‌କୋ ସହରରେ ଆକାଶମାର୍ଗୀୟ ପ୍ରତିରକ୍ଷା ପ୍ରଣାଳୀ (ଏୟାର ଡିଫେନ୍ସ) ସକ୍ରିୟ ଥିବା ସୂଚନା ଦେବା ସହ ଜନସାଧାରଣଙ୍କୁ ସୁରକ୍ଷିତ ଆଶ୍ରୟସ୍ଥଳରେ ରହିବାକୁ ଅନୁରୋଧ କରିଛନ୍ତି। ଅପରପକ୍ଷରେ, ୟୁକ୍ରେନ ପକ୍ଷରୁ ମଧ୍ୟ ରୁଷ ନିୟନ୍ତ୍ରିତ କ୍ରିମିଆର ସେଭାସ୍ତୋପୋଲ୍ ଶକ୍ତି ପ୍ରକଳ୍ପ ଏବଂ ମସ୍କୋ ଉପରେ ଡ୍ରୋନ୍ ମାଡ଼ କରାଯାଇଥିବା ଦାବି କରାଯାଇଛି। ଏହି ସାମରିକ ଉତ୍ତେଜନା ମଧ୍ୟରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବଂ ୟୁକ୍ରେନ ରାଷ୍ଟ୍ରପତି ଭୋଲୋଦିମିର ଜେଲେନସ୍କିଙ୍କ ମଧ୍ୟରେ ଆସନ୍ତା ବୁଧବାର ତୁର୍କୀର ରାଜଧାନୀ ଅଙ୍କାରାରେ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବାକୁ ଯାଉଛି। ଏହି ବୈଠକରେ ଦୁଇ ନେତା ଯୁଦ୍ଧର ସମାପ୍ତି ଏବଂ ଶାନ୍ତି ପ୍ରକ୍ରିୟା ଉପରେ ଆଲୋଚନା କରିବେ। ଏହାପରେ ଟ୍ରମ୍ପ ରୁଷର ନେତା ଭ୍ଲାଦିମିର ପୁଟିନଙ୍କ ସହ ମଧ୍ୟ କଥା ହେବାର କାର୍ଯ୍ୟକ୍ରମ ରହିଛି।

# ପହଲଗାମ୍ ଆତଙ୍କବାଦୀ ଆକ୍ରମଣ; ହାଫିଜ୍ ସୟିଦ୍ ବିରୋଧରେ ଏନ୍‌ଆଇଏର ଚାର୍ଜସିଟ୍



ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ମାମଲାରେ ଜାତୀୟ ତଦନ୍ତକାରୀ ସଂସ୍ଥା (ଏନଆଇଏ) ସୋମବାର ଜମ୍ମୁର ସ୍ୱତନ୍ତ୍ର ଅଦାଲତରେ ଏକ ଅତିରିକ୍ତ ଚାର୍ଜସିଟ୍ ଦାଖଲ କରିଛି। ଏଥିରେ ପାକିସ୍ତାନ ସ୍ଥିତ ଆତଙ୍କବାଦୀ ସଂଗଠନ ଲସ୍କର-ଇ-ତୋଏବା (ଏଲଇଟି) ଏବଂ ଏହାର ପ୍ରକ୍ସି ସଂଗଠନ 'ଦି ରେଜିଷ୍ଟାନ୍ସ ଫ୍ରଣ୍ଟ' (ଟିଆର୍‌ଏଫ)ର ମୁଖ୍ୟ ହାଫିଜ୍ ସୟିଦ୍‌କୁ ମୁଖ୍ୟ ଅଭିଯୁକ୍ତ ଭାବେ ନାମିତ କରାଯାଇଛି। ସୀମା ପାର୍ଶ୍ୱରୁ ଭାରତ ବିରୋଧରେ ଯୁଦ୍ଧ ଘୋଷଣା ଏବଂ ଆତଙ୍କବାଦୀ ଷଡ଼ଯନ୍ତ୍ର ରଚିବା ଅଭିଯୋଗରେ ଏନଆଇଏ ତା' ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ) ଏବଂ ବେଆଇନ କାର୍ଯ୍ୟକଳାପ ନିରୋଧୀ ଆଇନ (ୟୁଏପିଏ)ର ବିଭିନ୍ନ ଧାରା ଲଗାଇଛି। ଗତ ବର୍ଷ ଡିସେମ୍ବର ମାସରେ ଦାଖଲ ହୋଇଥିବା ୧, ୫୯୭ ପୃଷ୍ଠାର ମୂଳ ଚାର୍ଜସିଟ୍‌ରେ ୭ ଜଣଙ୍କୁ ଅଭିଯୁକ୍ତ କରାଯାଇଥିଲା। ଡିଜିଟାଲ୍ ପ୍ଲାଟଫର୍ମରେ ଆକ୍ରମଣର ଦାୟିତ୍ୱ ନେଇଥିବା ବାର୍ତ୍ତାଗୁଡ଼ିକର ଉତ୍ସ ପାକିସ୍ତାନ ବୋଲି ବୈଜ୍ଞାନିକ ଅନୁସନ୍ଧାନରୁ ସ୍ପଷ୍ଟ ହେବା ପରେ ଏଥିରେ ହାଫିଜ୍ ସୟିଦ୍‌ର ସମ୍ପୃକ୍ତି ପ୍ରମାଣିତ ହୋଇଛି। ଏହି ମାମଲାଟି ୨୦୨୫ ଏପ୍ରିଲ ୨୨ ତାରିଖରେ ପହଲଗାମର ବୈସାରନ ଉପତ୍ୟକାରେ ପର୍ଯ୍ୟଟକମାନଙ୍କ ଉପରେ ହୋଇଥିବା ଆକ୍ରମଣ ସହ ଜଡ଼ିତ, ଯେଉଁଥିରେ ୨୬ ଜଣ ସାଧାରଣ ନାଗରିକ ପ୍ରାଣ ହରାଇଥିଲେ। ଏହି ଆତଙ୍କବାଦୀ ଆକ୍ରମଣର ଜବାବରେ ଭାରତୀୟ ସେନା ପକ୍ଷରୁ ୨୦୨୫ ମେ ୭ ତାରିଖରେ 'ଅପରେସନ ସିନ୍ଦୂର' ଆରମ୍ଭ କରାଯାଇଥିଲା। ଏହି ଅପରେସନ ଅଧୀନରେ ପାକିସ୍ତାନ ଏବଂ ପାକିସ୍ତାନ ଅଧିକୃତ କାଶ୍ମୀରରେ ଥିବା ଆତଙ୍କବାଦୀ ସଂଗଠନଗୁଡ଼ିକର ୯ଟି ପ୍ରମୁଖ ଘାଟିକୁ ସେନା ଧ୍ୱଂସ କରିଦେଇଥିଲା। ଏହା ସହିତ ଭାରତ ସରକାର ସିନ୍ଧୁ ଜଳ ଚୁକ୍ତିକୁ ସ୍ଥଗିତ ରଖିବା ସହ ପାକିସ୍ତାନୀ ନାଗରିକଙ୍କ ପାଇଁ ଭିସା ସେବା ମଧ୍ୟ ବନ୍ଦ କରିଦେଇଥିଲେ। ଆଗାମୀ ଦିନରେ ଏହି ଆତଙ୍କବାଦୀ ନେଟୱର୍କର ସମୂଳ ବିନାଶ ପାଇଁ ଏନଆଇଏ ନିଜର ତଦନ୍ତ ଜାରି ରଖିଛି।

# ଭେନେଜୁଏଲାରେ ଏବେ ବି ୫୦ ହଜାର ନିଖୋଜ



କାରାକାସ, ୬।୭(ଏଜେନ୍ସି): ଭେନେଜୁଏଲାରେ ଗତ ଜୁନ୍ ୨୪ରେ ଆସିଥିବା ଦୁଇଟି ପ୍ରଳୟଙ୍କରୀ ଭୂକମ୍ପ ଯୋଗୁଁ ମୃତ୍ୟୁ ସଂଖ୍ୟା ୩, ୩୪୨କୁ ବୃଦ୍ଧି ପାଇଛି। ଏହି ବିପର୍ଯ୍ୟୟର ୧୧ ଦିନ ପରେ ବିଲ୍ଡିଂ ଧ୍ୱଂସାବଶେଷ ତଳୁ ମିଳୁଥିବା ଅଜ୍ଞାତ ଶବଗୁଡ଼ିକୁ ପ୍ରଶାସନ ପକ୍ଷରୁ ଗଣସମାଧି ଦିଆଯାଉଛି। ଏହି ଭୂକମ୍ପରେ ପ୍ରାୟ ୧୬, ୭୦୦ ଲୋକ ଗୁରୁତର ଭାବେ ଆହତ ହୋଇଥିବା ବେଳେ ଜାତିସଂଘର ଆକଳନ ଅନୁସାରେ ଦେଶରେ ଏବେ ମଧ୍ୟ ପ୍ରାୟ ୫୦, ୦୦୦ ଲୋକ ନିଖୋଜ ଅଛନ୍ତି। ଲା ଗୁଏରା ଉପକୂଳ ଅଞ୍ଚଳରେ ଶତାଧିକ ବହୁତଳ ପ୍ରାସାଦ ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଛି। ସ୍ଥାନୀୟ ପ୍ରଶାସନ ଏବଂ ସ୍ୱେଚ୍ଛାସେବୀମାନେ ଚିହ୍ନଟ ହୋଇପାରିନଥିବା ୧୫୦ରୁ ଅଧିକ ମୃତଦେହକୁ ଲା ଇସପେରାଞ୍ଜା ଶ୍ମଶାନରେ ସମ୍ମାନର ସହ ସମାଧି ଦେଇଛନ୍ତି। ଭୂକମ୍ପ ଯୋଗୁଁ ୨୦୦ରୁ ଅଧିକ ବଡ଼ ବିଲ୍ଡିଂ ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଇଥିବାରୁ ୧୭, ୦୦୦ରୁ ଅଧିକ ଲୋକ ବେଘର ହୋଇ ଅସ୍ଥାୟୀ ଶିବିରରେ ଆଶ୍ରୟ ନେଇଛନ୍ତି।

# ନୌସେନାରେ ସାମିଲ ହେବ ଯୁଦ୍ଧପୋତ 'ମହେନ୍ଦ୍ରଗିରି'

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଭାରତୀୟ ନୌସେନାର ଶକ୍ତି ବୃଦ୍ଧି କରିବା ପାଇଁ ଆସନ୍ତା ଶନିବାର (ଜୁଲାଇ ୧୧) ବିଶାଖାପାଟଣାଠାରେ ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ପ୍ରକଳ୍ପ ୧୭ଏ ଶ୍ରେଣୀର ଷଷ୍ଠ ଷ୍ଟିଲ୍‌ଥ୍ ଯୁଦ୍ଧପୋତ (ଫ୍ରିଗେଟ୍) 'ମହେନ୍ଦ୍ରଗିରି' (ଏଫ୩୮) ଆନୁଷ୍ଠାନିକ ଭାବେ ନୌସେନାରେ ସାମିଲ ହେବାକୁ ଯାଉଛି। ଓଡ଼ିଶାର ପୂର୍ବଘାଟ ପର୍ବତମାଳାର ଗୌରବ 'ମହେନ୍ଦ୍ରଗିରି' ପର୍ବତ ଶୃଙ୍ଗ ଅନୁସାରେ ଏହାର ନାମକରଣ କରାଯାଇଛି। ଏହି ଯୁଦ୍ଧପୋତର ନକ୍ସା ଭାରତୀୟ ନୌସେନାର 'ୱାରସିପ୍ ଡିଜାଇନ୍ ବ୍ୟୁରୋ' ପ୍ରସ୍ତୁତ କରିଥିବା ବେଳେ ଏହାକୁ ମୁମ୍ବାଇର 'ମାଝାଗାଓଁ ଡକ୍ ସିପ୍‌ବିଲ୍ଡର୍ସ ଲିମିଟେଡ୍' ନିର୍ମାଣ କରିଛି। ଏହି ଅତ୍ୟାଧୁନିକ ଯୁଦ୍ଧପୋତରେ ଭାରତୀୟ ପ୍ରତିରକ୍ଷା ଶିଳ୍ପ ଦ୍ୱାରା ନିର୍ମିତ ଶକ୍ତିଶାଳୀ ବ୍ରହ୍ମୋସ ସୁପରସୋନିକ କ୍ରୁଜ୍ ମିସାଇଲ୍ ଏବଂ ବାରାକ-୮ ଭୂପୃଷ୍ଠରୁ ଆକାଶକୁ ମାଡ଼ କରାଯାଇପାରୁଥିବା କ୍ଷେପଣାସ୍ତ୍ର ପ୍ରଣାଳୀ ଖଞ୍ଜାଯାଇଛି। ଏହାଫଳରେ ଏହି ଯୁଦ୍ଧପୋତ ଶତ୍ରୁପକ୍ଷର ଜାହାଜ, ଡ୍ରୋନ୍, ମିସାଇଲ୍ ଏବଂ ସ୍ଥଳଭାଗର ଲକ୍ଷ୍ୟଭେଦକୁ ଦୂରରୁ ଧ୍ୱଂସ କରିପାରିବ। ଏହା ବ୍ୟତୀତ ବୁଡ଼ାଜାହାଜ ବିରୋଧୀ ଅଭିଯାନ ପାଇଁ ଏଥିରେ ଟର୍ପିଡୋ, ରକେଟ୍ ଲଞ୍ଚର୍ ଏବଂ ଶତ୍ରୁର ଆକ୍ରମଣକୁ ପ୍ରତିହତ କରିବା ପାଇଁ ଶକ୍ତିଶାଳୀ ଏଇଏସଏ ରାଡାର୍ ବ୍ୟବସ୍ଥା ରହିଛି।

# ସ୍ତ୍ରୀକୁ ଗୁଳି କରି ହତ୍ୟା: ସ୍ୱାମୀ, ପ୍ରେମିକା ଗିରଫ

ଗୁରୁଗ୍ରାମ, ୬।୭(ଏଜେନ୍ସି): ହରିଆଣାର ଗୁରୁଗ୍ରାମ ଅନ୍ତର୍ଗତ ମାନେସର ଅଞ୍ଚଳରେ ଏକ ଚାଞ୍ଚଲ୍ୟକର ହତ୍ୟାକାଣ୍ଡ ସାମ୍ନାକୁ ଆସିଛି। ଜଣେ ୨୫ ବର୍ଷୀୟ ଯୁବକ ନିଜ ପ୍ରେମିକା ସହ ମିଶି ବିବାହର ମାତ୍ର ୩ ମାସ ପରେ ନିଜ ସ୍ତ୍ରୀକୁ ଗୁଳି କରି ହତ୍ୟା କରିଛି। ପୁଲିସ ଏହି ମାମଲାରେ ଅଭିଯୁକ୍ତ ସ୍ୱାମୀ ଅଙ୍କିତ ଏବଂ ତାଙ୍କର ୩୮ ବର୍ଷୀୟା ପ୍ରେମିକା ରଜନୀ ଦେବୀଙ୍କୁ ଗିରଫ କରିଛି। ଗତ ୩ ବର୍ଷ ଧରି ଚାଲିଥିବା ପ୍ରେମ ସମ୍ପର୍କକୁ ଆଗକୁ ବଢ଼ାଇବା ପାଇଁ ଦୁହେଁ ମିଶି ଏହି ହତ୍ୟାକାଣ୍ଡର ଷଡ଼ଯନ୍ତ୍ର ରଚିଥିଲେ। ଗତ ମେ ୨୧ ତାରିଖରେ ୨୨ ବର୍ଷୀୟା ପୀଡ଼ିତା ନିଖୋଜ ହେବା ନେଇ ତାଙ୍କ ମା' ଥାନାରେ ଅଭିଯୋଗ କରିଥିଲେ। ପରଦିନ ମେ ୨୨ରେ ପ୍ରେମିକାର ଭଡ଼ା ଘରୁ ମହିଳାଙ୍କ ଗୁଳିବିଦ୍ଧ ମୃତଦେହ ଉଦ୍ଧାର କରାଯାଇଥିଲା। ଅଙ୍କିତ ନିଜ ସ୍ତ୍ରୀକୁ ପ୍ରେମିକାର ଘରକୁ ନେଇ ସେଠାରେ ଦୁହେଁ ମିଶି ତାଙ୍କୁ ଗୁଳି କରି ହତ୍ୟା କରିଥିଲେ। ଏଥିପାଇଁ ଦୁଇ ମାସ ପୂର୍ବରୁ ଉତ୍ତର ପ୍ରଦେଶରୁ ଏକ ବେଆଇନ ପିସ୍ତଲ କିଣାଯାଇଥିଲା। ହତ୍ୟା ପରେ ଦୁହେଁ ହରିଦ୍ୱାର ଦେଇ ନେପାଳ ଫେରାର ହୋଇଯାଇଥିଲେ। ଜୁନ୍ ୩୦ରେ ଭାରତ ଫେରିବା ପରେ କ୍ରାଇମ ବ୍ରାଞ୍ଚ ସେମାନଙ୍କୁ ଗିରଫ କରି ୫ ଦିନିଆ ପୁଲିସ ହେପାଜତକୁ ନେଇ ଅଧିକ ତଦନ୍ତ ଜାରି ରଖିଛି।

## ଟିସିଏସ ଯୌନ ନିର୍ଯାତନା, ଧର୍ମାନ୍ତରୀକରଣ ମାମଲା
# ମୁଖ୍ୟ ମହିଳା ଅଭିଯୁକ୍ତଙ୍କୁ ମିଳିଲା ଜାମିନ

ନାସିକ, ୬।୭(ଏଜେନ୍ସି): ନାସିକସ୍ଥିତ ଟାଟା କନସଲଟେନ୍ସି ସର୍ଭିସେସ (ଟିସିଏସ) ଶାଖାରେ ଜଣେ ମହିଳା କର୍ମଚାରୀଙ୍କୁ ଯୌନ ନିର୍ଯାତନା ଏବଂ ଜବରଦସ୍ତ ଧର୍ମାନ୍ତରୀକରଣ ଉଦ୍ୟମ ଅଭିଯୋଗ ମାମଲାରେ ସ୍ଥାନୀୟ ଅଦାଲତ ମୁଖ୍ୟ ମହିଳା ଅଭିଯୁକ୍ତଙ୍କୁ ଜାମିନ ପ୍ରଦାନ କରିଛନ୍ତି। ନାସିକ ରୋଡ୍ କୋର୍ଟର ଅତିରିକ୍ତ ଜିଲ୍ଲା ଓ ଦୌରା ଜଜ୍ କେଜି ଜୋଶୀ ମହିଳାଙ୍କ ଗର୍ଭାବସ୍ଥା ଆଧାରରେ ତାଙ୍କର ଜାମିନ ଆବେଦନ ମଞ୍ଜୁର କରିଥିବା ବେଳେ ଏହି ମାମଲାର ସହ-ଅଭିଯୁକ୍ତଙ୍କ ଜାମିନ ନାମଞ୍ଜୁର କରିଛନ୍ତି। ଏହି ଘଟଣାରେ ଦେଓଲାଲି କ୍ୟାମ୍ପ ଥାନାରେ ଭାରତୀୟ ନ୍ୟାୟ ସଂହିତା (ବିଏନଏସ) ଏବଂ ଏସସି-ଏସଟି ଅତ୍ୟାଚାର ନିରୋଧୀ ଆଇନର ବିଭିନ୍ନ ଧାରା ଅଧୀନରେ ମାମଲା ରୁଜୁ ହୋଇଛି। ନାସିକ ପୋଲିସର ଏକ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସଆଇଟି) ଏହି ଟିସିଏସ ୟୁନିଟ୍‌ରେ ମହିଳା କର୍ମଚାରୀଙ୍କ ଉପରେ ହୋଇଥିବା ମାନସିକ ଓ ଶାରୀରିକ ନିର୍ଯାତନା ସମ୍ପର୍କିତ ପ୍ରାୟ ୯ଟି ମାମଲାର ଯାଞ୍ଚ କରୁଛି।



# ପ୍ରବଳ ବର୍ଷା: ମୁମ୍ବାଇରେ ରେଡ୍ ଆଲର୍ଟ

- ଟ୍ରେନ ଓ ବିମାନ ସେବା ପ୍ରଭାବିତ
- ମୁମ୍ବାଇ-ପୁଣେ ଏକ୍ସପ୍ରେସୱେ 'ମିସିଂ ଲିଙ୍କ୍' ବନ୍ଦ
- ମହାବଳେଶ୍ୱରରେ ପୋଲ ଭୁଶୁଡ଼ିଲା

ମୁମ୍ବାଇ, ୬।୭(ଏଜେନ୍ସି): ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ମୁମ୍ବାଇ ଏବଂ ଏହାର ଆଖପାଖ ଅଞ୍ଚଳ ପାଇଁ ରେଡ ଆଲର୍ଟ ଜାରି କରାଯାଇଛି। ଆରବ ସାଗରରୁ ସୃଷ୍ଟି ହୋଇଥିବା ପ୍ରବଳ ମୌସୁମୀ ବାୟୁ ପ୍ରଭାବରେ ମୁମ୍ବାଇ ମହାନଗର ସମେତ ଥାଣେ, ପାଲଘର ଏବଂ ରାୟଗଡ଼ରେ ପ୍ରବଳରୁ ଅତି ପ୍ରବଳ ବର୍ଷା ସହ ଜୋରଦାର ପବନ ବୋହିବା ନେଇ ଆଶଙ୍କା ପ୍ରକାଶ ପାଇଛି। ଏହା ସହିତ ସମୁଦ୍ରରେ ବଡ଼ ଜୁଆର ଆସିବା କାରଣରୁ ତଳିଆ ଅଞ୍ଚଳଗୁଡ଼ିକରେ ଜଳବନ୍ଦୀ ସମସ୍ୟା ଅଧିକ ଗମ୍ଭୀର ହେବାର ସମ୍ଭାବନା ରହିଛି। ବିପର୍ଯ୍ୟସ୍ତ ପାଣିପାଗକୁ ଦୃଷ୍ଟିରେ ରଖି ମହାନଗର ନିଗମ ପକ୍ଷରୁ ସମସ୍ତ ସରକାରୀ କାର୍ଯ୍ୟାଳୟ, ବିଦ୍ୟାଳୟ ଏବଂ ମହାବିଦ୍ୟାଳୟଗୁଡ଼ିକୁ ଛୁଟି ଘୋଷଣା କରାଯାଇଛି। ପ୍ରଶାସନ ତରଫରୁ ଲୋକଙ୍କୁ ଅତି ଜରୁରୀ କାମ ନଥିଲେ ଘରୁ ବାହାରକୁ ନବାହାରିବା ପାଇଁ ପରାମର୍ଶ ଦିଆଯାଇଛି। ଲଗାତାର ବର୍ଷା ଯୋଗୁଁ ସହରର ବିଭିନ୍ନ ମୁଖ୍ୟ ରାସ୍ତା ବୁଡ଼ିଯାଇଛି, ସ୍ଥାନୀୟ ରେଳ ସେବା ବାଧାପ୍ରାପ୍ତ ହୋଇଛି ଏବଂ ଅନେକ ବିମାନ ଯାତ୍ରାରେ ବିଳମ୍ବ ଘଟିଛି। ଏହା ସହିତ ମୁମ୍ବାଇ-ପୁଣେ ରେଳପଥରେ ଭୂସ୍ଖଳନ ଘଟିବା ସହ ଅନେକ ସ୍ଥାନରେ ବଡ଼ ବଡ଼ ଗଛ ଉପୁଡ଼ି ପଡ଼ିଛି। ଏହି ବର୍ଷା ଜନିତ ଦୁର୍ଘଟଣାରେ ଏପର୍ଯ୍ୟନ୍ତ ୩ ଜଣ ପ୍ରାଣ ହରାଇଥିବା ସୂଚନା ମିଳିଛି। ପ୍ରବଳ ବର୍ଷା ଯୋଗୁଁ ମୁମ୍ବାଇ-ପୁଣେ ଏକ୍ସପ୍ରେସୱେର ନୂତନ ଭାବେ ଉଦ୍ଘାଟିତ 'ମିସିଂ ଲିଙ୍କ୍'ରେ ଭୂସ୍ଖଳନ ହେବା ଫଳରେ ପୁଣେରୁ ମୁମ୍ବାଇ ଯାଉଥିବା ରାସ୍ତାକୁ ସୋମବାର ସକାଳୁ ବନ୍ଦ କରି ଦିଆଯାଇଛି। ମହାରାଷ୍ଟ୍ର ରାଜ୍ୟ ସଡ଼କ ପରିବହନ ନିଗମ ଏବଂ ମାର୍ଗ ସୁରକ୍ଷା ପୁଲିସ ମିଳିତ ଭାବେ ଯାତ୍ରୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ସକାଳ ୪ଟାରୁ ଗାଡ଼ିଗୁଡ଼ିକୁ ଅନ୍ୟ ପଥ ଦେଇ ଯିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି କାରଣରୁ ଯାତ୍ରୀମାନେ ଘଣ୍ଟା ଘଣ୍ଟା ଧରି ଟ୍ରାଫିକ୍ ଜାମରେ ଫସି ରହିଛନ୍ତି। ମିଳିଥିବା ସୂଚନା ଅନୁସାରେ, ଏହି ଏକ୍ସପ୍ରେସୱେର ଦ୍ୱିତୀୟ ସୁଡ଼ଙ୍ଗ ନିକଟରେ ମାଟି ଅତଡ଼ା ଖସିବା ସହ ଖଣ୍ଡାଲା ଘାଟି ଅଞ୍ଚଳରେ ପାଣି ଜମି ରହିବା ଯୋଗୁଁ ପରିବହନ ବ୍ୟବସ୍ଥା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି। ଲଗାତାର ବର୍ଷା ଯୋଗୁଁ ମୁମ୍ବାଇ ଏବଂ ପୁଣେ ମଧ୍ୟରେ ରେଳ ସେବା ମଧ୍ୟ ଗୁରୁତର ଭାବେ ପ୍ରଭାବିତ ହୋଇଛି। ପ୍ରାୟ ୧୬ଟି ଟ୍ରେନ ବାତିଲ କରାଯାଇଥିବା ବେଳେ ୯ଟି ଟ୍ରେନର ଗତିପଥ ବଦଳାଯାଇଛି। ପାଣିପାଗ ବିଭାଗ ପକ୍ଷରୁ ମୁମ୍ବାଇ ପାଇଁ ଅରେଞ୍ଜ ଆଲର୍ଟ ଏବଂ ପୁଣେ ପାଇଁ ରେଡ୍ ଆଲର୍ଟ ଜାରି କରାଯାଇଛି। ମହାରାଷ୍ଟ୍ରର ପ୍ରସିଦ୍ଧ ପର୍ଯ୍ୟଟନ ସ୍ଥଳୀ ମହାବଳେଶ୍ୱରରେ ବର୍ଷା ଯୋଗୁଁ ଏକ ପୋଲ ଭୁଶୁଡ଼ି ପଡ଼ିଛି, ଯେଉଁଥିପାଇଁ ସେଠାରେ ଅନେକ ପର୍ଯ୍ୟଟକ ଫସି ରହିଥିଲେ। ସେହିପରି ମୁମ୍ବାଇରେ ପ୍ରବଳ ବର୍ଷା ଯୋଗୁଁ ବିମାନ ବନ୍ଦରର ରନୱେ କାର୍ଯ୍ୟ ପ୍ରାୟ ଏକ ଘଣ୍ଟା ପାଇଁ ବନ୍ଦ ରହିଥିଲା। ସହରର କେତେକ ସ୍ଥାନରେ ଗତ ୨୪ ଘଣ୍ଟା ମଧ୍ୟରେ ୨୦୦ ରୁ ୩୦୦ ମିଲିମିଟର ପର୍ଯ୍ୟନ୍ତ ବର୍ଷା ରେକର୍ଡ କରାଯାଇଛି।

# ଜଳୁଛି ପିଓକେ; ଭାରତର ସାହାଯ୍ୟ ଲୋଡ଼ିଲେ ନେତା

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ପିଓକେରେ ପ୍ରଶାସନର ଦମନଲୀଳା ଓ ଅତ୍ୟାଚାର ଚରମ ସୀମାରେ ପହଞ୍ଚିଛି। ପିଓକେର ଜନତା ଏବେ ପାକିସ୍ତାନ ବିରୋଧରେ ମେଳି ବାନ୍ଧିବା ସହ ଭାରତର ସହାୟତା ଲୋଡ଼ିଛନ୍ତି। ମିଳିତ ଆୱାମୀ ଆକ୍ସନ କମିଟିର ପ୍ରମୁଖ ନେତା ସର୍ଦ୍ଦାର ଅମାନ ଖାନ ସୋସିଆଲ ମିଡିଆରେ ଏକ ଭିଡିଓ ବାର୍ତ୍ତା ଜରିଆରେ ନୂଆଦିଲ୍ଲୀକୁ ମାନବୀୟ ସହାୟତା ଯୋଗାଇଦେବା ସହ ନିୟନ୍ତ୍ରଣ ରେଖା ବା ଏଲଓସି ସୀମାକୁ ଖୋଲିବା ପାଇଁ ନିବେଦନ କରିଛନ୍ତି। ପିଓକେରେ ଆନ୍ଦୋଳନକୁ ଦବାଇବା ପାଇଁ ପାକିସ୍ତାନୀ ସୁରକ୍ଷା ବଳ ପକ୍ଷରୁ କରାଯାଇଥିବା କାର୍ଯ୍ୟାନୁଷ୍ଠାନରେ ଅନେକ ଲୋକ ପ୍ରାଣ ହରାଇଛନ୍ତି। ପାକିସ୍ତାନ ସରକାର ଏହି ଅଞ୍ଚଳରେ ଆର୍ଥିକ ଅବରୋଧ ଲଗାଇଥିବାରୁ ଏବେ ସେଠାରେ ଖାଦ୍ୟ ସାମଗ୍ରୀ, ଚାଉଳ ଏବଂ ଔଷଧର ଘୋର ଅଭାବ ଦେଖାଦେଇଛି। ରାୱାଲାକୋଟର ଏକ ବିଶାଳ ଜନସଭାକୁ ସମ୍ବୋଧିତ କରି ଅମାନ ଖାନ କହିଛନ୍ତି ଯେ ଯଦି ପାକିସ୍ତାନୀ ପ୍ରଶାସନ ଜନତାଙ୍କ ଦାବିକୁ ଗୁଳିରେ ଉଡ଼ାଇବାକୁ ଚେଷ୍ଟା କରିବ, ତେବେ ସେମାନଙ୍କ ପାଖରେ ଅନ୍ୟ ରାସ୍ତା ମଧ୍ୟ ରହିଛି। ସେ ସେଠାକାର



ନାଗରିକମାନଙ୍କୁ ଭାରତ ସୀମା ଆଡ଼କୁ ଅଗ୍ରସର ହେବା ପାଇଁ ଆହ୍ୱାନ ଦେଇଛନ୍ତି। ତ ଜୁନ୍ ୫ ତାରିଖରେ ପାକିସ୍ତାନ ସରକାର ଏହି ଜନ ଆନ୍ଦୋଳନର ନେତୃତ୍ୱ ନେଉଥିବା ସଂଗଠନକୁ ଏକ ସନ୍ତ୍ରାସବାଦୀ ସଂଗଠନ ବୋଲି ଘୋଷଣା କରି ପ୍ରତିବନ୍ଧକ ଲଗାଇଥିଲେ। ଏହା ପରେ ସ୍ଥିତି ଆହୁରି ବିଗିଡ଼ିବାରେ ଲାଗିଛି।

## ୨ ଆସାମ ରାଇଫଲ୍ସ ଯବାନ ସହିଦ

ଇମ୍ଫାଲ, ୬।୭(ଏଜେନ୍ସି): ମଣିପୁରର ଉଖ୍ରୁଲ୍ ଜିଲ୍ଲାରେ ସୋମବାର ଆତଙ୍କବାଦୀଙ୍କ ଦ୍ୱାରା ହୋଇଥିବା ଗରିଲା ଆକ୍ରମଣରେ ଆସାମ ରାଇଫଲ୍ସର ଦୁଇ ଜଣ ଯବାନ ସହିଦ ହୋଇଛନ୍ତି। ଏହି ସନ୍ତ୍ରାସବାଦୀ ଆକ୍ରମଣରେ ଅନ୍ୟ କେତେକ ଯବାନ ମଧ୍ୟ ଗୁରୁତର ଭାବେ ଆହତ ହୋଇଛନ୍ତି। ଯବାନମାନେ ନିୟମିତ ପାଟ୍ରୋଲିଂ କରୁଥିବା ସମୟରେ ପୂର୍ବରୁ ଛପି ରହିଥିବା ଉଗ୍ରବାଦୀମାନେ ସେମାନଙ୍କ ଉପରକୁ ଅତର୍କିତ ଗୁଳିବର୍ଷଣ କରିଥିଲେ। ମଣିପୁର ରାଜ୍ୟପାଳ ଏହି ବର୍ବରୋଚିତ ହିଂସାକାଣ୍ଡକୁ ତୀବ୍ର ନିନ୍ଦା କରିଛନ୍ତି।

# ପ୍ରବଳ ବର୍ଷାରେ ସୁଧୁରିଲା ନିଅଣ୍ଟିଆ ସ୍ଥିତି; ୪୫ରୁ ୨୮%କୁ ହ୍ରାସ

ନୂଆଦିଲ୍ଲୀ, ୬।୭(ଏଜେନ୍ସି): ଦେଶରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ପୁଣି ଥରେ ସକ୍ରିୟ ହୋଇଉଠିଛି। ବିଗତ କିଛି ସପ୍ତାହର ମନ୍ଥର ଗତି ପରେ ସମଗ୍ର ଭାରତର ବିଭିନ୍ନ ପ୍ରାନ୍ତରେ ପ୍ରବଳ ବର୍ଷା ଜାରି ରହିଛି। ଏହା ଫଳରେ ଦେଶରେ ଦେଖାଦେଇଥିବା ଋତୁଭିତ୍ତିକ ନିଅଣ୍ଟିଆ ବର୍ଷାର ପରିମାଣରେ ବଡ଼ ହ୍ରାସ ଘଟିଛି। ପାଣିପାଗ ବିଭାଗର ସଦ୍ୟତମ ତଥ୍ୟ ଅନୁଯାୟୀ, ବର୍ଷାର ନିଅଣ୍ଟ ପରିମାଣ ୪୫ ପ୍ରତିଶତରୁ କମି ଏବେ ୨୮ ପ୍ରତିଶତରେ ପହଞ୍ଚିଛି, ଯାହା ଚାଷ କାର୍ଯ୍ୟ ପାଇଁ ଏକ ଶୁଭ ସଙ୍କେତ ଆଣିଦେଇଛି। କିଛି ଦିନର ଶୁଷ୍କ ପାଗ ପରେ ଉପଗ୍ରହ ଚିତ୍ରରୁ ଜଣାପଡ଼ିଛି ଯେ




ପଶ୍ଚିମ, କେନ୍ଦ୍ରୀୟ ଏବଂ ପୂର୍ବ ଭାରତରେ ଘନ ମେଘମାଳା ସୃଷ୍ଟି ହୋଇଛି। ଆରବ ସାଗର ଓ ବଙ୍ଗୋପସାଗରରୁ ଆସୁଥିବା ପ୍ରଚୁର ଜଳୀୟବାଷ୍ପ ପୂର୍ଣ୍ଣ ବାୟୁ ଯୋଗୁଁ ଓଡ଼ିଶା, ମହାରାଷ୍ଟ୍ର, ଗୁଜରାଟ, ମଧ୍ୟପ୍ରଦେଶ, ଛତିଶଗଡ଼ ଏବଂ ତେଲେଙ୍ଗାନାରେ ବ୍ୟାପକ ବର୍ଷା ରେକର୍ଡ କରାଯାଇଛି। । ଦିଲ୍ଲୀ, ଉତ୍ତର ପ୍ରଦେଶ, ବିହାର, ଗୁଜରାଟ ଏବଂ ପଞ୍ଜାବ ପରି ରାଜ୍ୟରେ ଏବେ ମଧ୍ୟ ସ୍ୱାଭାବିକ ଠାରୁ ବହୁତ କମ୍ ବର୍ଷା ହୋଇଛି। ସବୁଠାରୁ ଚିନ୍ତାଜନକ ସ୍ଥିତି ପୂର୍ବୋତ୍ତର ଭାରତର ମେଘାଳୟ, ଆସାମ ଏବଂ ଅରୁଣାଚଳ ପ୍ରଦେଶରେ ଦେଖାଦେଇଛି, ଯେଉଁଠାରେ ବର୍ଷାର ଅଭାବ ଅଧିକ ରହିଛି। ଅପରପକ୍ଷରେ ରାଜସ୍ଥାନ, ମଧ୍ୟପ୍ରଦେଶ, ପଶ୍ଚିମବଙ୍ଗ, ତାମିଲନାଡୁ ଏବଂ ଜମ୍ମୁ-କାଶ୍ମୀରରେ ସ୍ୱାଭାବିକ କିମ୍ବା ଅଧିକ ବର୍ଷା ହୋଇଥିବା ଜଣାପଡ଼ିଛି।

## ବାରୁଇପୁରରେ ଉତ୍ତେଜନା
# ନାବାଳିକାକୁ ଦୁଷ୍କର୍ମ କରି ନଦୀରେ ଫିଙ୍ଗିଦେଇଥିଲେ

- ଅଭିଯୁକ୍ତକୁ ଧରାଇଲା ସିସିସିଟିଭି ଫୁଟେଜ
- ବିଜେପି-ଟିଏମ୍‌ସି ମୁହାଁମୁହିଁ

କୋଲକାତା, ୬।୭(ଏଜେନ୍ସି): ପଶ୍ଚିମବଙ୍ଗର ଦକ୍ଷିଣ ୨୪ ପ୍ରଗଣା ଜିଲ୍ଲାର ବାରୁଇପୁରଠାରେ ଜଣେ ୧୧ ବର୍ଷର ନାବାଳିକାକୁ ଦୁଷ୍କର୍ମ ଓ ହତ୍ୟା ଅଭିଯୋଗକୁ କେନ୍ଦ୍ର କରି ଉତ୍ତେଜନା ପ୍ରକାଶ ପାଇଛି। ଏହି ମାମଲାରେ ପୁଲିସ ୩ ଜଣଙ୍କୁ ଗିରଫ କରିଛି। ଅପରପକ୍ଷରେ, ଏହି ଘଟଣାରେ ସମ୍ପୃକ୍ତି ଥିବା ସନ୍ଦେହରେ ରବିବାର ଏକ ଉତ୍ତ୍ୟକ୍ତ ଜନତା ସମୂହ ଜଣେ ବ୍ୟକ୍ତିଙ୍କୁ ପିଟିପିଟି ହତ୍ୟା କରିଛନ୍ତି। ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ଏହି ଘଟଣା ନେଇ ଦୁଃଖ ପ୍ରକାଶ କରିବା ସହ ପୀଡ଼ିତାଙ୍କ ପରିବାରକୁ ନ୍ୟାୟ ପ୍ରଦାନ ଏବଂ ଦୋଷୀମାନଙ୍କୁ ଫାଶୀ ଦଣ୍ଡ ଦେବା ପାଇଁ ଉଦ୍ୟମ କରିବେ ବୋଲି କହିଛନ୍ତି। ଏହା ସହିତ ଘଟଣାକୁ ସାମ୍ପ୍ରଦାୟିକ ରୂପ ନ ଦେବାକୁ ସେ ବିରୋଧୀଙ୍କୁ କହିଛନ୍ତି। ମୁଖ୍ୟମନ୍ତ୍ରୀ ମଙ୍ଗଳବାର ପୀଡ଼ିତାଙ୍କ ପରିବାରକୁ ଭେଟିବେ। ମାମଲାରେ ପୁଲିସର ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ



ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେଇଛନ୍ତି। ଶନିବାରରୁ ନିଖୋଜ ଥିବା ନାବାଳିକାର ମୃତଦେହ ରବିବାର ଏକ ପୋଖରୀରୁ ମିଳିଥିଲା। ଫଳର ସ୍ଥାନୀୟ ଲୋକେ ଉତ୍ତ୍ୟକ୍ତ ହୋଇ ପୁଲିସ ଗାଡ଼ି ଜାଳିଦେବା ସହ ରେଳପଥ ଅବରୋଧ କରିଥିଲେ। ପରିସ୍ଥିତିକୁ ନିୟନ୍ତ୍ରଣ କରିବା ପାଇଁ ବାରୁଇପୁର ସମେତ ସୋନାରପୁର ଏବଂ ନରେନ୍ଦ୍ରପୁର ଅଞ୍ଚଳରେ ୧୪୪ ଧାରା ଜାରି କରାଯାଇ କେନ୍ଦ୍ରୀୟ ସୁରକ୍ଷା ବଳ ମୁତୟନ କରାଯାଇଛି। ପୁଲିସ ଏହି ଘଟଣାରେ ଜଣେ ବିଜେପି କର୍ମୀଙ୍କୁ ଗିରଫ କରିବା ସହିତ ପ୍ରଭାଷ ମଣ୍ଡଳ, ଦିବାକର ସର୍ଦ୍ଦାର ଏବଂ ମୁଖ୍ୟ ଅଭିଯୁକ୍ତ ଆନନ୍ଦ ସରକାରଙ୍କୁ ଗିରଫ କରିଛି। ସିସିଟିଭି ଫୁଟେଜରୁ ଅଭିଯୁକ୍ତଙ୍କ ସନ୍ଧାନ ମିଳିଥିବା ଜଣାପଡ଼ିଛି। ଏବେ ଏସ୍‌ଆଇଟି ଦଳ ପକ୍ସୋ ଆଇନରେ ମାମଲାର ଯାଞ୍ଚ କରୁଛି। ତୃଣମୂଳ କଂଗ୍ରେସ ଓ ସିପିଏମ୍ ଭଳି ବିରୋଧୀ ଦଳର ନେତାମାନେ ପୀଡ଼ିତାଙ୍କ ପରିବାରକୁ ଭେଟି ସମବେଦନା ଜଣାଇଛନ୍ତି। ଏହି ଘଟଣା ବଙ୍ଗଳା ରାଜନୀତିର ତାତିକୁ ହାୱା ଦେଇଛି। ବିରୋଧୀ ଏହି ଘଟଣାରୁ ଫାଇଦା ଉଠାଇବା ଲକ୍ଷ୍ୟରେ ରହିଥିବା ବେଳେ ସରକାର ଅଭିଯୁକ୍ତଙ୍କ ଉପରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ତତ୍ପର ହୋଇଛି।

## କୁଖ୍ୟାତ ଆନ୍ତଃରାଜ୍ୟ ଅପରାଧୀ ଏମ୍‌ଡି ନାଫିସ୍‌କୁ ଏନ୍‌କାଉଣ୍ଟର

ଚମ୍ପୁଆ,୬।୭(ସମିସ): କେନ୍ଦୁଝର ଜିଲ୍ଲା ଚମ୍ପୁଆ ଥାନା ଅନ୍ତର୍ଗତ ପତଳା ଜଙ୍ଗଲରେ ସୋମବାର ଭୋର ସମୟରେ ଚମ୍ପୁଆ ପୁଲିସ କୁଖ୍ୟାତ ଆନ୍ତଃରାଜ୍ୟ ଅପରାଧୀ ଏମ୍‌ଡି ନାଫିସ୍‌କୁ ଏନ୍‌କାଉଣ୍ଟର କରିଛି। ଏଥିରେ ନାଫିସ୍‌ର ଡାହାଣ ଗୋଡ଼ର ଆଣ୍ଠୁରେ ଗୁଳି ବାଜି ସେ ଆହତ ହୋଇଛି। ପୁଲିସ ସୂଚନା ଅନୁସାରେ, ଏମ୍‌ଡି ନାଫିସ୍ ବିରୋଧରେ କେନ୍ଦୁଝର, ମୟୂରଭଞ୍ଜ ସମେତ ବିଭିନ୍ନ ଜିଲ୍ଲାରେ ୩୦ରୁ ଅଧିକ ଚୋରି ମାମଲା ରହିଛି। ଗତ ରବିବାର ତାକୁ ମୟୂରଭଞ୍ଜ ଜିଲ୍ଲାର ବହଳଦା ଅଞ୍ଚଳରୁ ଚମ୍ପୁଆ ପୁଲିସ ଗିରଫ କରିଥିଲା। ତଦନ୍ତ ସମୟରେ ଚୋରି ସାମଗ୍ରୀ ଉଦ୍ଧାର ପାଇଁ ପୁଲିସ ନାଫିସ୍‌କୁ ପତଳା ଜଙ୍ଗଲକୁ ନେଇଥିଲା। ସେଠାରେ ଲୁଚାଇ ରଖିଥିବା ସାମଗ୍ରୀ ଦେଖାଇବା ବେଳେ ସେ ହଠାତ୍ ଏକ ଦେଶୀ ପିସ୍ତଲରେ ପୁଲିସ ଉପରକୁ ଗୁଳି ଚଳାଇ ଫେରାର



ହେବାକୁ ଉଦ୍ୟମ କରୁଥିବାବେଳେ ପୁଲିସ ପକ୍ଷରୁ ପାଲଟା ଗୁଳି ଚଳାଯାଇଥିଲା। ଯେଉଁଥିରେ ନାଫିସ୍‌ର ଡାହାଣ ଗୋଡ଼ରେ ଗୁଳି ବାଜିଥିଲା। ଆହତ ନାଫିସ୍‌କୁ ପ୍ରଥମେ ଚମ୍ପୁଆ ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ପରେ ଉନ୍ନତ ଚିକିତ୍ସା ପାଇଁ ତାକୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ଘଟଣାସ୍ଥଳରେ ସାଇଣ୍ଟିଫିକ ଟିମ୍ ପହଞ୍ଚି ତଦନ୍ତ କରିଥିବା ବେଳେ ସେଠାରୁ ସୁନା ଓ ରୁପା ଅଳଙ୍କାର ସହ ଏକ ଦେଶୀ ପିସ୍ତଲ ଜବତ କରାଯାଇଛି। ଏହି ଘଟଣାକୁ ନେଇ ଚମ୍ପୁଆ ଥାନାରେ କେସ୍ ନଂ୨୫୭/୨୬ ରୁଜୁ କରାଯାଇଛି। ଅନ୍ୟପକ୍ଷରେ ନାଫିସ୍‌ର ଅନ୍ୟ ସହଯୋଗୀ ଏବଂ ତାହାର ଆନ୍ତଃରାଜ୍ୟ ଅପରାଧିକ ନେଟୱର୍କର ସନ୍ଧାନ ପାଇଁ ତଦନ୍ତକୁ ଅଧିକ ଜୋରଦାର କରାଯାଇଥିବା ଚମ୍ପୁଆ ଥାନାଧିକାରୀ ସ୍ୱରୂପ ରଞ୍ଜନ ନାୟକ ସୂଚନା ଦେଇଛନ୍ତି।

### ପୁରୀ-କୋରାପୁଟ ଏକ୍ସପ୍ରେସର ଶୁଭାରମ୍ଭ

## ଶ୍ରୀକ୍ଷେତ୍ର ସହ ଯୋଡ଼ିହେଲା ଶାବର ଶ୍ରୀକ୍ଷେତ୍ର

ପୁରୀ,୬।୭(ସମିସ): ଶ୍ରୀକ୍ଷେତ୍ର ସହ ଯୋଡ଼ି ହୋଇଛି ଶାବର ଶ୍ରୀକ୍ଷେତ୍ର। ପୂର୍ବରୁ ଶାବର ଶ୍ରୀକ୍ଷେତ୍ର ବା କୋରାପୁଟକୁ ଭୁବନେଶ୍ୱରରୁ ଗୋଟିଏ ଟ୍ରେନ୍ ଚଳାଚଳ କରୁଥିଲା। ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପୂର୍ବରୁ ସୋମବାର ପୁରୀରୁ କୋରାପୁଟ ଗଡ଼ିଛି ନୂଆ ଟ୍ରେନ୍। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ କେନ୍ଦ୍ର ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ସବୁଜ ପତାକା ଦେଖାଇ ଏହି ଟ୍ରେନ୍‌ର ଶୁଭାରମ୍ଭ କରିଥିଲେ। ଏହି ଅବସରରେ ସୂଚନା ଦେଇ କେନ୍ଦ୍ର ରେଳମନ୍ତ୍ରୀ ଶ୍ରୀ ବୈଷ୍ଣବ କହିଥିଲେ, ରେଳ ବିଭାଗ ଉପକୂଳ ଓଡ଼ିଶାରୁ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାକୁ ଯୋଡ଼ିବ। ରାଜ୍ୟର ସମସ୍ତ ୩୦ଟି ଜିଲ୍ଲାକୁ ଟ୍ରେନ୍ ଚଳାଚଳ କରିବ। ଓଡ଼ିଶାର ରେଳ ସଂଯୋଗକୁ ଆହୁରି ସୁଦୃଢ଼ କରିବା ପାଇଁ ଓଡ଼ିଶାରେ ବର୍ତ୍ତମାନ ସୁଦ୍ଧା ୯୭ ହଜାର କୋଟି ଟଙ୍କା ଖର୍ଚ୍ଚ କରାଯାଉଛି। ପୁରୀ ବିଶ୍ୱସ୍ତରୀୟ ରେଳ ଷ୍ଟେସନରେ ପରିଣତ ହୋଇଛି। ରାଜ୍ୟରେ ୫୦ଟି ଷ୍ଟେସନର ପୁନଃନିର୍ମାଣ ଓ ନବୀକରଣ କରାଯାଉଛି। ସେ ପୁରୀ ରେଳ ଷ୍ଟେସନ ସହ ନବୀକରଣ ଓ ପୁନଃନିର୍ମିତ ହେବାକୁ ଥିବା ରାଜ୍ୟର ପ୍ରମୁଖ ଷ୍ଟେସନଗୁଡ଼ିକର ଫଟୋଚିତ୍ର ଦେଖାଇଥିଲେ।



ଓଡ଼ିଶାରେ ଅଧିକ ରେଳ ଲାଇନ୍ କରାଯାଉଛି। ଏହା ଫଳରେ ଓଡ଼ିଶାର ରେଳ ମ୍ୟାପ୍ ସମ୍ପୂର୍ଣ୍ଣ ପରିବର୍ତ୍ତିତ ହେବ। ମୁଖ୍ୟମନ୍ତ୍ରୀ ଉତ୍ତର ଓଡ଼ିଶାକୁ ଯୋଗାଯୋଗ କରିବା ପାଇଁ ଏକ ଟ୍ରେନ୍ ଚଳାଚଳ କରିବା ଲାଗି ପ୍ରସ୍ତାବ ଦେଇଥିଲେ। କେନ୍ଦ୍ର ରେଳ ମନ୍ତ୍ରୀ ତୁରନ୍ତ ଏହି ପ୍ରସ୍ତାବ ଗ୍ରହଣ କରି ଉତ୍ତର ଓଡ଼ିଶାକୁ ମଧ୍ୟ ଖୁବ୍‌ଶୀଘ୍ର ରେଳ ଚଳାଚଳ କରିବ ବୋଲି ଘୋଷଣା କରିଥିଲେ। ପୁରୀ-କୋରାପୁଟ ଏକ୍ସପ୍ରେସ ଶୁଭାରମ୍ଭ ପରେ ମୁଖ୍ୟମନ୍ତ୍ରୀ ଓ କେନ୍ଦ୍ର ରେଳମନ୍ତ୍ରୀ ଏକ ସ୍ୱତନ୍ତ୍ର ଟ୍ରେନ୍ ଯୋଗେ ବ୍ରହ୍ମପୁର ଯାତ୍ରା କରିଥିଲେ। ଏହି ନୂତନ ଟ୍ରେନ୍ ଶୁଭାରମ୍ଭ ଉତ୍ସବରେ କଳାହାଣ୍ଡି ସାଂସଦ ମାଳବିକା ଦେବୀ, ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର, ସତ୍ୟବାଦୀ, ବ୍ରହ୍ମଗିରି ଓ ପିପିଲି ବିଧାୟକଙ୍କ ସହ ପୂର୍ବତଟ ରେଳବାଇ ଜେନେରାଲ ମ୍ୟାନେଜର, ଡିଭିଜନାଲ୍ ମ୍ୟାନେଜର ପ୍ରମୁଖ ଉପସ୍ଥିତ ଥିଲେ।

ସୂଚନାଥାଉ କି, ପୁରୀ-କୋରାପୁଟ ଏକ୍ସପ୍ରେସ୍ ପୁରୀ, ଖୋର୍ଦ୍ଧା ରୋଡ୍, ଭୁବନେଶ୍ୱର, ଅନୁଗୋଳ, ସମ୍ବଲପୁର, ବଲାଙ୍ଗୀର, ଟିଟିଲାଗଡ଼, ରାୟଗଡ଼ା ଓ ଦାମନଯୋଡ଼ି ଦେଇ କୋରାପୁଟକୁ ସଂଯୋଗ କରିବ। ଏହି ନୂତନ ରେଳ ସେବା ଦକ୍ଷିଣ ଓ ପଶ୍ଚିମ ଓଡ଼ିଶାର ଯାତ୍ରୀ, ପର୍ଯ୍ୟଟକ, ଛାତ୍ରଛାତ୍ରୀ, ବ୍ୟବସାୟୀ ଓ ରୋଗୀମାନଙ୍କ ପାଇଁ ବେଶ୍ ଉପକାରୀ ହେବ ବୋଲି ଆଶା କରାଯାଉଛି।

### ଟାର୍ଗେଟ୍‌ରୁ କମ୍ ଧାନ ସଂଗ୍ରହ

## ଟୋକନ ଅଛି ଧାନ କିଣିଲେନି ସରକାର

ଭବାନୀପାଟଣା,୬।୭(ସମିସ): ଟୋକନ ଅଛି କିନ୍ତୁ ଦାନ କିଣିଲେନି ସରକାର। ରାଜ୍ୟ ସରକାରଙ୍କ ନିଷ୍ପତ୍ତିକ୍ରମେ ଚଳିତ ମାସ ୩ ତାରିଖରୁ ଧାନ ମଣ୍ଡି ବନ୍ଦ ହୋଇଯାଇଛି। ଫଳରେ କଳାହାଣ୍ଡି ଜିଲ୍ଲାର ସମସ୍ତ ମଣ୍ଡିରୁ ଧାନ କ୍ରୟ ପ୍ରକ୍ରିୟାକୁ ବନ୍ଦ କରିଦିଆଗଲା। ପ୍ରାୟ ୨ଲକ୍ଷ ୬୯ହଜାର କ୍ୱିଣ୍ଟାଲ ଧାନ ବିକ୍ରି ନହୋଇ ଚାଷୀଙ୍କ ନିକଟରେ ରହିଯାଇଛି।

ଖରିଫ ଧାନ ସଂଗ୍ରହ ଠାରୁ ରବିରେ ସରକାରଙ୍କ ଧାନ କିଣା ବ୍ୟବସ୍ଥା, ମଣ୍ଡିରେ ନାହିଁ ନ ଥିବା ସମସ୍ୟା ଏବଂ ୭ କେଜି କଟ୍‌ନୀ ଛଟ୍‌ନୀ ଚାଷୀଙ୍କୁ ଅସ୍ତବ୍ୟସ୍ତ କରିଛି। ବିଶେଷଭାବେ ଦଲାଙ୍କ ଦୌରାତ୍ମ୍ୟ ପୂର୍ବବର୍ଷମାନଙ୍କଠାରୁ ବଳିପଡ଼ିଛି। ଏଥର ସବୁଠାରୁ ରୋଚକପୂର୍ଣ୍ଣ ବିଷୟ ଏହା ଯେ, ସରକାର ଚାଷୀଙ୍କ ସ୍ୱାର୍ଥ ପ୍ରତି ଆଦୌ ବ୍ୟସ୍ତ ବିବ୍ରତ ନୁହନ୍ତି। ବରଂ ମିଲର୍ସମାନଙ୍କ ସହିତ ଉତ୍ତମ ବୁଝାମଣା ଭିତରେ ସବୁ ଚାଲିଥିବା ଅନେକ ଚାଷୀ କହିଛନ୍ତି। ରାଜ୍ୟରେ ବିଜେପି ସରକାର ଚାଷୀ କଥା କହି ଶାସନକୁ ଆସିଲେ ସତ କିନ୍ତୁ ଧାନ ସଂଗ୍ରହରେ ନୀତି ନୈତିକତାକୁ ଦଳି ମକଚି ଦେଲେ। ବିଭିନ୍ନ ଅଞ୍ଚଳରେ ଚାଷୀ ସରକାରଙ୍କୁ ନିନ୍ଦିବା ସହ ରାଜରାସ୍ତାକୁ ଓହ୍ଲାଇଲେ ଓ କେତେକ ସ୍ଥାନରେ ଜୀବନ ବି ହାରିଲେ। କାରଣ ଚଳିତ ରବି ଋତୁରେ ତରବରିଆ ଧାନ ସଂଗ୍ରହ ନୀତି ଭିତରେ ରବି ଧାନ ସଂଗ୍ରହ ଟାର୍ଗେଟ ତ ପୂରଣ ହେଲାନାହିଁ ଏବେ ଜିଲ୍ଲାରେ ୩୮ ଲକ୍ଷ ୭୧ ହଜାର ୨୧୨ କୁଇଣ୍ଟାଲ ଧାନ ବିକ୍ରି ପରେ ମଣ୍ଡି ବନ୍ଦ। ଅନ୍ୟପକ୍ଷରେ ମଣ୍ଡିମାନଙ୍କରେ ଚାଷୀଙ୍କ ପ୍ରାୟ ୨ ଲକ୍ଷ ୬୯ ହଜାର କୁଇଣ୍ଟାଲ ଧାନ ବଳକା ରହିଲା। ସେ ଧାନ ଚାଷୀ ଶାଗ ମାଛ ଦରରେ

■ ବଳକା ୨ଲକ୍ଷ ୬୯ ହଜାର କୁଇଣ୍ଟାଲ ଧାନ ଦଲାଲକୁ ଟେକିଦେବେ ଚାଷୀ
■ କ୍ରୟ ପରେ ମଣ୍ଡିରେ ପଡ଼ିଛି ୮ ଲକ୍ଷ ୮୬ହଜାର ୮୫୩ କ୍ୱିଇଣ୍ଟାଲ ଧାନ

ଦଲାଲ ହାତକୁ ଟେକିଦେବା ଛଡ଼ା ଅନ୍ୟଗତି ନାହିଁ।

ଜିଲ୍ଲାରେ ଚଳିତ ରବିରେ ଧାନ ସଂଗ୍ରହ ପାଇଁ ୪୦ଲକ୍ଷ ୬୧ ହଜାର ୫ଶହ କୁଇଣ୍ଟାଲ ଟାର୍ଗେଟ ଆସିଥିଲା। ସେଥିମଧ୍ୟରୁ ଶୁକ୍ରବାର ସୁଦ୍ଧା ୫୯ ହଜାର ୨୬୫ ଚାଷୀଙ୍କ ୩୮ ଲକ୍ଷ ୭୧ହଜାର ୨୧୨ କୁଇଣ୍ଟାଲ ଧାନ କ୍ରୟ କରାଯାଇଛି। ଜିଲ୍ଲାର ୪୬ହଜାର ୧୯୯ ଚାଷୀଙ୍କୁ ୨୯ ଲକ୍ଷ ୮୪ ହଜାର ୩୫୭ କୁଇଣ୍ଟାଲ ଧାନ ପାଇଁ ୬୮୯ କୋଟି ୮୨ଲକ୍ଷ୨୭ ହଜାର୭୦୯ ପ୍ରାପ୍ୟ ଟଙ୍କା ପ୍ରଦାନ କରାଯାଇଥିବା ଜଣାପଡ଼ିଛି। ତେବେ କ୍ରୟ ହୋଇଥିବା ସମୁଦାୟ ଧାନରୁ ଆଉ ୮ ଲକ୍ଷ ୮୬ହଜାର ୮୫୩ ଧାନ ବିକ୍ରି ପ୍ରାପ୍ୟ ଚାଷୀଙ୍କୁ କେବେ ମିଳିବ? ଆଇ ସ୍କାନ କରି ଧାନ କ୍ରୟ କାର୍ଯ୍ୟକୁ ତରବରିଆ ହୋଇ ସାରିଦେଲେ। ଚାଷୀ ଟଙ୍କା ପାଇଁ ଅପେକ୍ଷା କରିଛି ଘରେ ସେପଟେ ଖୋଲା ଆକାଶ ତଳେ ଧାନ ପଡ଼ିଛି ମଣ୍ଡିରେ।

ଅନ୍ୟପକ୍ଷରେ ଗତ ୫ ଦିନ ହେବ ଜିଲ୍ଲାରେ ଲଘୁଚାପଜନିତ ଲଗାଣ ବର୍ଷା ଯୋଗୁଁ ମଣ୍ଡି ଗୁଡିକରେ ଥିବା ଧାନ ଗଜା ହେବାକୁ ଯାଉଛି। ଯଦିଓ ଧାନ ବିକ୍ରି କରି ଚାଷୀ ନିଶ୍ଚିନ୍ତରେ ଅଛି; ଏବେ ଯୋଗାଣ ବିଭାଗ ତଥା ପ୍ରଶାସନ ଆଦ୍ରତା ପ୍ରତିଶତ ଅଧିକ ଥିବା ଧାନକୁ ମିଲର୍ସଙ୍କୁ ଧରାଇବେ କେମିତି। ଯଦି ସେହି ଧାନକୁ ଗ୍ରହଣ କରିବାରେ ମିଲର୍ସ ବିନାଦ୍ୱିଧାରେ ରାଜି ହେଉଛନ୍ତି ତାହାହେଲେ ପ୍ରଥମରୁ ଚାଷୀଙ୍କ ଧାନ ଦେଖି ନାକଟେକି କଟନି ଛଟନି ପାଇଁ ମୂଳଚାଲ କରିବାରେ ମୂଲ୍ୟ କଣ ? ଏବେ ସ୍ପଷ୍ଟ ହୋଇଛି ଯେ, ମିଲର୍ସ ଓ ସରକାରଙ୍କ ଭିତରେ ଭିତିରି ବୁଝାମଣା ପ୍ରବଳ କାମ କରୁଛି। ଚାଷୀ କେବଳ ସବୁ ପ୍ରକାର ସମସ୍ୟାକୁ ମୁଣ୍ଡାଇ ଘାଣ୍ଟି ହେଉଛି।

■ ଶୃଙ୍ଖଳିତ ରଥଯାତ୍ରା ଉପରେ ଗୁରୁତ୍ୱ

## ୪୭୫ ସିସିଟିଭି ନଜରରେ ରହିବ ରଥଯାତ୍ରା

ପୁରୀ,୬।୭(ସମିସ): ଏଥର ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହି ଭିଡ଼ ଭିତରେ କୌଣସି ପ୍ରକାର ଅଘଟଣକୁ ଏଡ଼ାଇବା ସହ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ସୋମବାର ଅନୁଷ୍ଠିତ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ସୂଚନା ଦେଇଥିଲେ। ସେ କହିଥିଲେ ଯେ, ଭକ୍ତଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ ଏବଂ ଟ୍ରାଫିକ୍ ସୁପରିଚାଳନା ଉପରେ ପୁଲିସର ପ୍ରାଥମିକତା ରହିଛି। ସୁରକ୍ଷା ଦୃଷ୍ଟିରୁ ପୁରୀରେ ପ୍ରାୟ ୧୨ ହଜାର ପୁଲିସ କର୍ମଚାରୀ ମୁତୟନ ହେଉଥିବାବେଳେ ୪୭୫ ସିସିଟିଭି କ୍ୟାମେରା ନଜରରେ ରହିବ ରଥଯାତ୍ରା।

**ନିୟୋଜିତ ହେବେ ୧୨ ହଜାର ପୁଲିସ ଫୋର୍ସ**

ଗତବର୍ଷ ବ୍ୟବସ୍ଥାରେ କିଛିଟା ତ୍ରୁଟି ପରିଲକ୍ଷିତ ହୋଇଥିଲା। ଏଥିରେ ଆବଶ୍ୟକ ସୁଧାର ଅଣାଯାଇଛି। ରଥଯାତ୍ରାକୁ ଶୃଙ୍ଖଳିତ ଏବଂ ଶାନ୍ତିପୂର୍ଣ୍ଣ ଭାବେ ସମ୍ପନ୍ନ କରିବା ପାଇଁ ପୁଲିସ ବିଭାଗର ପ୍ରସ୍ତୁତି ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ତୀର୍ଥଯାତ୍ରୀଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ, ଭିଡ଼ ନିୟନ୍ତ୍ରଣ, ଟ୍ରାଫିକ୍ ପରିଚାଳନା ଏବଂ ସୁରକ୍ଷିତ ରଥଟଣା ଉପରେ ପୁଲିସ ବିଶେଷ ଧ୍ୟାନ ଦେବ। ଚଳିତ ବର୍ଷର ସୁରକ୍ଷା ବ୍ୟବସ୍ଥାର ତଦାରଖ ସୌମେନ୍ଦ୍ର ପ୍ରିୟଦର୍ଶୀ କରୁଥିବାବେଳେ ସୁଚାରୁ ପରିଚାଳନା ପାଇଁ ଟେକ୍ନୋଲୋଜିର ବ୍ୟବହାର ଉପରେ ବିଶେଷ ଗୁରୁତ୍ୱ ଦିଆଯାଇଛି। ଶ୍ରୀମନ୍ଦିର, ତିନି ରଥ, ବଡ଼ଦାଣ୍ଡ, ପୁରୀ ବେଳାଭୂମି ଏବଂ ରେଳ ଷ୍ଟେସନର ସୁରକ୍ଷାକୁ ପ୍ରାଥମିକତା ଦିଆଯିବ। ଜରୁରୀକାଳୀନ ପରିସ୍ଥିତିର ମୁକାବିଲା କରିବା ପାଇଁ ସମଗ୍ର ସହରକୁ ସିସିଟିଭି ନଜରରେ ରଖାଯିବ। ଏହି ବୃହତ୍ ଧାର୍ମିକ ସମାବେଶ ପାଇଁ ୧୯ ଜଣ ବରିଷ୍ଠ ଆଇପିଏସ୍ ଅଧିକାରୀ, ୨୩ ଜଣ ଏସ୍‌ପି, ୪୯ ଆଡିସନାଲ ଏସ୍‌ପି, ୧୦୧ ଡିଏସ୍‌ପି, ୯୦୦ରୁ ଊର୍ଦ୍ଧ୍ୱ ଅଫିସର, ୧ ହଜାରରୁ ଅଧିକ କନଷ୍ଟେବଳ ନିୟୋଜିତ ହେବେ। ଭିଡ଼ ନିୟନ୍ତ୍ରଣ ଓ ପାର୍କିଂ ବ୍ୟବସ୍ଥାରେ ସହାୟତା ପାଇଁ ପ୍ରାୟ ୨,୫୦୦ରୁ ଅଧିକ ହୋମ୍‌ଗାର୍ଡଙ୍କୁ ମଧ୍ୟ ନିୟୋଜିତ କରାଯିବ। ଏତଦ୍‌ବ୍ୟତୀତ ସିଆର୍‌ପିଏଫ୍, ବିଏସ୍‌ଏଫ୍, ଆର୍‌ଏଏଫ୍ ସମେତ ୧୦ କମ୍ପାନୀ କେନ୍ଦ୍ରୀୟ ସଶସ୍ତ୍ର ପୁଲିସ ବଳ (ସିଆଇଏସ୍‌ଏଫ୍) ମୁତୟନ ହେବେ। ଏହାଛଡ଼ା ଓଡ଼ିଶା ସ୍ୱତନ୍ତ୍ର ସଶସ୍ତ୍ର ପୁଲିସ (ଓଏଏସ୍‌ପି), ଆଇଆର୍‌ବିଏନ୍ ଏବଂ ଟ୍ରାଫିକ୍ ଫୋର୍ସର ପ୍ରାୟ ୨୨୦ ପ୍ଲାଟୁନ୍ ପୁରୀରେ ସୁରକ୍ଷା ଦାୟିତ୍ୱ ତୁଲାଇବେ।

### ଅଙ୍ଗନବାଡ଼ି କର୍ମୀଙ୍କୁ ମିଳିଲା ୪-ଜି ମୋବାଇଲ ହ୍ୟାଣ୍ଡସେଟ୍

## କାମ କରୁନି ପୋଷଣ ଟ୍ରାକର୍

### ୬ ମୌଳିକ ସମସ୍ୟାକୁ ନେଇ ମୟୂରଭଞ୍ଜ ସଂଘରେ ଅସନ୍ତୋଷର ଦାନା

ବାରିପଦା, ୬।୭(ସମିସ): ଶିଶୁ ଓ ମାଆ ମୃତ୍ୟୁହାର ରୋକିବା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଅଙ୍ଗନବାଡ଼ି କର୍ମୀଙ୍କୁ ଦିଆଯାଇଥିବା ମୋବାଇଲ ହ୍ୟାଣ୍ଡସେଟ ସମସ୍ୟା ମୟୂରଭଞ୍ଜ ଜିଲ୍ଲା ଅଲ୍ ଓଡ଼ିଶା ଅଙ୍ଗନବାଡ଼ି କର୍ମୀ ଓ ସହାୟିକା ସଂଘର ଅସନ୍ତୋଷ ନିଆଁରେ ଘିଅ ଢାଳିବା ଭଳି ହୋଇଛି। ସୋମବାର ସଂଘର ଶତାଧିକ ସଦସ୍ୟା ୬ ଦଫା ଦାବି ନେଇ ମୟୂରଭଞ୍ଜ ଜିଲ୍ଲାପାଳଙ୍କୁ ଏକ ବିସ୍ତୃତ ସ୍ମାରକପତ୍ର ଦେଇ ଦାବି ଉପସ୍ଥାପନ କରିଛନ୍ତି। ଜିଲ୍ଲାର ୨୬ଟି ବ୍ଲକ୍‌ରେ ୫୧୫୩ଟି ଅଙ୍ଗନବାଡି କେନ୍ଦ୍ର କାର୍ଯ୍ୟ କରୁଛି। ସମସ୍ତ କର୍ମୀଙ୍କୁ ସରକାର ପୋଷଣ ଟ୍ରାକର୍ ମୋବାଇଲ୍ ହ୍ୟାଣ୍ଡସେଟ ପ୍ରଦାନ କରିଛନ୍ତି। ତେବେ ସେଗୁଡିକ ୪-ଜି ମୋବାଇଲ ହୋଇଥିବାରୁ ଆବଶ୍ୟକ କାର୍ଯ୍ୟ ଉକ୍ତ ହ୍ୟାଣ୍ଡସେଟ ଦ୍ୱାରା ସମ୍ପାଦିତ ହେଉନାହିଁ। ସେହିପରି ବିଭାଗୀୟ ନିର୍ଦ୍ଦେଶ ଅନୁଯାୟୀ ମୋବାଇଲ୍ ବ୍ୟକ୍ତିଗତ ବ୍ୟବହାର ନିଷିଦ୍ଧ ହୋଇଥିବା ସତ୍ତ୍ୱେ ସରକାରୀ ସିମ୍ କାର୍ଡ ଓ ନେଟ୍ ପ୍ୟାକ୍ ପ୍ରଦାନ କରାଯାଇନାହିଁ। ଅପରପକ୍ଷରେ ମୋବାଇଲ ଭାଙ୍ଗିଗଲେ ବା ଖରାପ ହେଲେ କର୍ମୀ ଦାୟୀ ବୋଲି ଏକ ସ୍ୱୀକାରୋକ୍ତି ଅଣ୍ଡରଟେକିଂ ଲେଖା ନିଆଯାଉଥିବାରୁ ବ୍ୟବହାର ଓ ମରାମତି ବ୍ୟବସ୍ଥା ସ୍ପଷ୍ଟ ନ ହେବା ପର୍ଯ୍ୟନ୍ତ କର୍ମୀ ନିଜ ବ୍ୟକ୍ତିଗତ ମୋବାଇଲ୍ ବ୍ୟବହାର କରିବେ ବୋଲି ସଂଘ ପକ୍ଷରୁ ନିଷ୍ପତ୍ତି ନେଇଛନ୍ତି।



ତତ୍‌ସହିତ ଦୀର୍ଘଦିନ ଧରି ତାଙ୍କର ଅନ୍ୟ ୫ଟି ମୌଳିକ ଦାବି ନେଇ କୁହୁଳୁଥିବା ଅସନ୍ତୋଷରେ ଏହି ମୋବାଇଲ ପ୍ରସଙ୍ଗ ଇନ୍ଧନ ଯୋଗାଇଛି। ୨୦୨୨ରୁ ୨୦୨୫ ମଧ୍ୟରେ ବିଭିନ୍ନ ବ୍ଲକ୍‌ରେ ଅନେକ କର୍ମୀଙ୍କ ଦରମା ଖାତାକୁ ଆସୁନାହିଁ। ବାରମ୍ବାର ମୌଖିକ ଓ ଲିଖିତ ଅନୁରୋଧ ସତ୍ତ୍ୱେ ସମାଧାନ ହୋଇନାହିଁ। ୨୦୨୩ ନଭେମ୍ବରରୁ ମିନି ଅଙ୍ଗନବାଡ଼ି ମୁଖ୍ୟ ଅଙ୍ଗନବାଡ଼ିରେ ସାମିଲ ହୋଇଥିଲେ ମଧ୍ୟ ୨୦୨୪ ଫେବୃଆରୀରେ ହୋଇଥିବା ଭତ୍ତା ବୃଦ୍ଧି (୭,୫୦୦ରୁ ୧୦,୦୦୦ ଟଙ୍କା) ୨୦୨୩ ନଭେମ୍ବରରୁ ୨୦୨୪ ମେ' ପର୍ଯ୍ୟନ୍ତ ପ୍ରଦାନ କରାଯାଇନାହିଁ। ବଜାରରେ ଅଣ୍ଡା ମୂଲ୍ୟ ୮ ଟଙ୍କାରୁ ଊର୍ଦ୍ଧ୍ୱ ଥିବାରୁ ସପ୍ତାହରେ ୫ଟି ପରିବର୍ତ୍ତେ ୪ଟି ଅଣ୍ଡା ପ୍ରଦାନ ସହିତ ଟିଏଚଆର ବକେୟା, କିଶୋରୀ ବାଳିକାଙ୍କ ପୁରୁଣା ଓ ନୂତନ ଭତ୍ତା, ଅଗ୍ରୀମ ୩ ମାସ ଏସଏନପି ଟଙ୍କା ପ୍ରଦାନ କରିବାକୁ ଦାବି କରାଯାଇଛି। ୨୦୨୩ରୁ ଅବସରକାଳୀନ ଭତ୍ତା ଓ ଆକସ୍ମିକ ଦୁର୍ଘଟଣାଜନିତ ମୃତ୍ୟୁ ସହାୟତା ପ୍ରଦାନ କରାଯାଉନାହିଁ। ଅନଲାଇନ୍ କାର୍ଯ୍ୟର ଅଧିକ ଚାପ ସହିତ ଅଫଲାଇନ୍ ୧୧ ଖଣ୍ଡ ଖାତା ରଖିବାକୁ ପଡୁଛି, ଯାହା ଅଡିଟ୍ ସମୟରେ କର୍ମୀଙ୍କୁ ଅନେକ ଅସୁବିଧାରେ ପକାଉଛି। ଅଫଲାଇନ୍ କାର୍ଯ୍ୟ ହ୍ରାସ କରିବାକୁ ମଧ୍ୟ ଅନୁରୋଧ କରାଯାଇଛି। ଅଲ ଓଡ଼ିଶା ଅଙ୍ଗନବାଡି କର୍ମୀ ଓ ସହାୟିକା ମହାସଂଘ ରାଜ୍ୟ ସଭାନେତ୍ରୀ ନନ୍ଦିନୀ ପଣ୍ଡା, ମୟୂରଭଞ୍ଜ ଶାଖାର ସଭାନେତ୍ରୀ ସୌଭାଗ୍ୟ ମଞ୍ଜରୀ କରଣ ଓ ସମ୍ପାଦିକା ନନ୍ଦିତା ଦତ୍ତ କହିଛନ୍ତି ଯେ, ଉପରୋକ୍ତ ସମସ୍ୟାର ଶୀଘ୍ର ସମାଧାନ ପାଇଁ ଦାବି କରିଛନ୍ତି। ଅନ୍ୟଥା ଜିଲ୍ଲାରେ କର୍ମୀଙ୍କ ମଧ୍ୟରେ କୁହୁଳୁଥିବା ଅସନ୍ତୋଷ ଆନ୍ଦୋଳନ ରୂପ ଧାରଣ କରିବାରେ ସନ୍ଦେହ ନାହିଁ। ସମସ୍ୟା ସମାଧାନ ହେଲେ ସଭିଏଁ ଆହୁରି ଉତ୍ସାହର ସହିତ ସରକାରୀ ଯୋଜନା କାର୍ଯ୍ୟକାରୀ କରିପାରିବେ। ଜିଲ୍ଲାପାଳ ଏହି ଦାବିଗୁଡ଼ିକୁ ଗୁରୁତ୍ୱ ଦେଇ ଶୀଘ୍ର ପଦକ୍ଷେପ ନେବେ ବୋଲି ସେମାନେ ଆଶା ପ୍ରକାଶ କରିଛନ୍ତି।

### ଅଚାନକ ମାଡ଼ି ଆସିଲା ବନ୍ୟାପାଣି

## ଗଛ ଉପରେ ରାତି କାଟିଲେ ୧୪ ଶ୍ରମିକ





ନୂଆପଡ଼ା/ସିନାପାଲି, ୬।୭(ସମିସ): ମୁହୂର୍ତ୍ତକେ ପାଣି ମାଡ଼ି ଆସିଲା। ଜୀବନ ବଞ୍ଚାଇବାକୁ ଭରସା ହେଲା ଗୋଟିଏ ଗଛ। ସେହିଠାରେ ହିଁ ରାତି କଟିଲା ୧୪ ଶ୍ରମିକଙ୍କର। ଏପରି ଏକ ଲୋମହର୍ଷଣକାରୀ ଘଟଣା ଘଟିଛି ଓଡ଼ିଶା-ଛତିଶଗଡ ସୀମାନ୍ତ ଗରିଆବନ୍ଧ ଜିଲ୍ଲା ଛୁରା ଥାନା ଅନ୍ତର୍ଗତ ବିଜୟପାଲ ଗାଁ ନିକଟରେ।

ସୂଚନା ଅନୁଯାୟୀ, ଓଡ଼ିଶା-ଛତିଶଗଡ଼ ସୀମାନ୍ତ ବିଜୟପାଲ ଗାଁ ନିକଟ ବଗନଇ ନଦୀ ଉପରେ ଛତିଶଗଡ଼ ସରକାରଙ୍କ ପକ୍ଷରୁ ଏକ ବ୍ରିଜ୍ ନିର୍ମାଣ କାର୍ଯ୍ୟ ଚାଲୁଥିଲା। ଗରିଆବନ୍ଧ ଜିଲ୍ଲାରେ ଲଗାଣ ବର୍ଷା ଯୋଗୁଁ ହଠାତ୍ ବଗନଇ ନଦୀରେ ବନ୍ୟା ପାଣି ଚାଲି ଆସିଥିଲା। ପାଣିର ସ୍ରୋତ ଏତେ ପ୍ରଖର ଥିଲା ଯେ, ନଦୀ କୂଳରେ ରହୁଥିବା ୧୪ ଜଣ ଶ୍ରମିକଙ୍କ ଅସ୍ଥାୟୀ କୁଡ଼ିଆ ମୁହୂର୍ତ୍ତକ ମଧ୍ୟରେ ଭାସିଗଲା। ପ୍ରାଣ ଭୟରେ ଶ୍ରମିକମାନେ ନିକଟସ୍ଥ ଏକ ଉଚ୍ଚ ଗଛରେ ଚଢ଼ିଯାଇ ରାତି କଟାଇଥିଲେ। ଖାଦ୍ୟ, ପାଣି ବିନା ଅନ୍ଧାର ରାତି ସେମାନଙ୍କ ପାଇଁ ଭୟଙ୍କର ଥିଲା।

ଘଟଣା ସମ୍ପର୍କରେ ସୂଚନା ପାଇବା ମାତ୍ରେ ଗରିଆବନ୍ଧ ଜିଲ୍ଲାପାଳ ଭଗବାନ ସିଂହ ଉଇକେ ଓ ଏସ୍‌ପି ଦେବ୍ରତ ସିରମୋର ତୁରନ୍ତ ଘଟଣାସ୍ଥଳରେ ପହଞ୍ଚିଥିଲେ। ଗରିଆବନ୍ଧ ଓ ମହାସମୁନ୍ଦ ଜିଲ୍ଲାର ଏସ୍‌ଡିଆର୍‌ଏଫ୍ ଟିମ୍‌କୁ ଡକାଯାଇଥିଲା। ଯବାନମାନେ ଉଦ୍ଧାରକାରୀ ନୌକା ସହାୟତାରେ ଗଛ ଉପରେ ଅଟକି ରହିଥିବା ସମସ୍ତ ୧୪ ଶ୍ରମିକଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରିଥିଲେ। ସମସ୍ତ ୧୪ ଜଣ ଶ୍ରମିକ ବର୍ତ୍ତମାନ ସୁରକ୍ଷିତ ଅଛନ୍ତି ବୋଲି ଗରିଆବନ୍ଧ ଅତିରିକ୍ତ ପୁଲିସ ଅଧୀକ୍ଷକ ଜିତେଶ ସିଂହ ସ୍ପଷ୍ଟ କରିଛନ୍ତି। ଉଦ୍ଧାର ପରେ ସେମାନଙ୍କୁ ପ୍ରାଥମିକ ଚିକିତ୍ସା ଓ ଖାଦ୍ୟ ଯୋଗାଇ ଦିଆଯାଇଛି। ଘଟଣା ପରେ ପ୍ରଶାସନ ପକ୍ଷରୁ ବ୍ରିଜ୍ ନିର୍ମାଣ କାର୍ଯ୍ୟରେ ନିୟୋଜିତ ଶ୍ରମିକମାନଙ୍କ ପାଇଁ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

## ୪୯୪ଟି ସହରାଞ୍ଚଳ ବିକାଶ ପ୍ରକଳ୍ପର ଶୁଭାରମ୍ଭ

### ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ନାଁରେ ଓଡ଼ିଶାର ୭ଟି ପାର୍କ ଓ ରାସ୍ତା ଉତ୍ସର୍ଗୀକୃତ

ପୁରୀ,୬।୭(ସମିସ): ଓଡ଼ିଶାର ସହରଗୁଡ଼ିକରେ ସହରାଞ୍ଚଳ ଭିତ୍ତିଭୂମିକୁ ସୁଦୃଢ଼ କରିବା ଏବଂ ନାଗରିକଙ୍କ ଜୀବନଧାରଣର ମାନରେ ସୁଧାର ଆଣିବା ଦିଗରେ ଏକ ବଡ଼ ପଦକ୍ଷେପ ସ୍ୱରୂପ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡ. କୃଷ୍ଣଚନ୍ଦ୍ର ମହାପାତ୍ର ସୋମବାର 'ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା'(ଏମ୍‌ଏସ୍‌ଵିୱାଇ) ଅଧୀନରେ ୩୭ଟି ପୌରାଞ୍ଚଳରେ ୪୯୪ଟି ନଗର ଉନ୍ନୟନ ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି। ପୁରୀ ଜିଲ୍ଲା ଓସ୍ୱାନ ହଲ୍‌ଠାରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଏହି ସମସ୍ତ ପ୍ରକଳ୍ପର ଶୁଭାରମ୍ଭ କରାଯାଇଛି।

ଏହି ଅବସରରେ, ଦେଶ ଗଠନରେ ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଅବଦାନ ଓ ସ୍ମୃତିକୁ ସମ୍ମାନ ଜଣାଇ ରାଜ୍ୟର ୭ଟି ପାର୍କ ଏବଂ ରାସ୍ତାକୁ ତାଙ୍କ ନାମରେ ଉତ୍ସର୍ଗ କରାଯାଇଛି। ମନ୍ତ୍ରୀଙ୍କ ଦ୍ୱାରା ଏହି ୪୯୪ଟି ପ୍ରକଳ୍ପର ଉଦ୍‌ଘାଟନ ଓ ଶିଳାନ୍ୟାସ ସହିତ ସେହି ୭ଟି ପାର୍କ ଏବଂ ରାସ୍ତାର ନାମକରଣ କରାଯାଇଥିଲା। ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ନାମରେ ନାମିତ ହୋଇଥିବା ପ୍ରକଳ୍ପଗୁଡ଼ିକ ମଧ୍ୟରେ ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ ନିକଟସ୍ଥ ବେହେରା ସାହି ରାସ୍ତାର ଉନ୍ନତୀକରଣ, ବାରିପଦାର ଫରେଷ୍ଟ କଲୋନୀ ପାର୍କ, କଟକର ଟାଉନ୍ ହଲ୍ ନିକଟସ୍ଥ ପାର୍କ, ବ୍ରହ୍ମପୁର ନୀଳକଣ୍ଠ ନଗରର ପ୍ରେମ ନଗରରୁ ମାଙ୍ଗୋ ମାର୍କେଟ ପର୍ଯ୍ୟନ୍ତ ସଂଯୋଗୀକରଣ ରାସ୍ତା, ରାଉରକେଲାର ସିଭିଲ୍ ଟାଉନସିପ୍ ପାର୍କ, ଢେଙ୍କାନାଳ ବସ୍‌ଷ୍ଟାଣ୍ଡରୁ କୋର୍ଟ ଛକ ପର୍ଯ୍ୟନ୍ତ ମୁଖ୍ୟ ରାସ୍ତା ଏବଂ ଜଟଣୀର ସରସ୍ୱତୀ ଶିଶୁମନ୍ଦିରରୁ ଶ୍ରୀହରି ବିହାର ପର୍ଯ୍ୟନ୍ତ ରାସ୍ତା ସାମିଲ୍ ରହିଛି।

ଏହି ସମାବେଶକୁ ସମ୍ବୋଧିତ କରି ମନ୍ତ୍ରୀ ଡ. ମହାପାତ୍ର ଯୋଜନାବଦ୍ଧ ସହରାଞ୍ଚଳ ବିକାଶକୁ ତ୍ୱରାନ୍ୱିତ କରିବା ଏବଂ ସମସ୍ତ ସହରାଞ୍ଚଳର ନାଗରିକମାନଙ୍କ ପାଖରେ ଉନ୍ନତ ଭିତ୍ତିଭୂମି ଓ ନାଗରିକ ସୁବିଧାସୁଯୋଗ ପହଞ୍ଚାଇବା ପାଇଁ ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତା ଉପରେ ଗୁରୁତ୍ୱାରୋପ କରିଥିଲେ। ସେ କହିଥିଲେ ଯେ, ସ୍ଥାନୀୟ ଭିତ୍ତିଭୂମିର ଆବଶ୍ୟକତା ପୂରଣ କରିବା ଏବଂ ସହରାଞ୍ଚଳରେ ଉନ୍ନତ ଜନସାଧାରଣଙ୍କ ସୁବିଧା ସୁଯୋଗ ସୃଷ୍ଟି କରିବାରେ ଏମ୍‌ଏସ୍‌ଵିୱାଇ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛି। ନାଗରିକଙ୍କ ଆବଶ୍ୟକତା ଓ ପ୍ରାଥମିକତା ଆଧାରରେ ଏହି ବିକାଶମୂଳକ ପ୍ରକଳ୍ପଗୁଡ଼ିକର କାର୍ଯ୍ୟାନ୍ୱୟନ ଓଡ଼ିଶାର ସହରଗୁଡ଼ିକୁ ଅଧିକ ବାସୋପଯୋଗୀ, ସମାବେଶୀ ଏବଂ ସ୍ଥାୟୀ କରିବାରେ ସହାୟକ ହେବ ବୋଲି ସେ ପ୍ରକାଶ କରିଛନ୍ତି। ଏଥିସହ ପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି ସମସ୍ତ ପୌରସଂସ୍ଥାଗୁଡ଼ିକୁ ପ୍ରସ୍ତୁତ ରହିବାକୁ କହିଥିଲେ। ଏହି କାର୍ଯ୍ୟକ୍ରମରେ ସାଂସଦ, ବିଧାୟକ ଓ ବିଭିନ୍ନ ପୌରସଂସ୍ଥାର ଅଧ୍ୟକ୍ଷ ଆଭାସୀ ମାଧ୍ୟମରେ ଯୋଗଦେଇଥିଲେ।

କାର୍ଯ୍ୟକ୍ରମ ଆରମ୍ଭରେ ପୌର ପ୍ରଶାସନ ନିର୍ଦ୍ଦେଶକ ଅରିନ୍ଦମ ଡାକୁଆ ସ୍ୱାଗତ ଭାଷଣ ଦେବା ପରେ ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା ଅଧୀନରେ ସହରାଞ୍ଚଳ ବିକାଶର ସଫଳତାକୁ ନେଇ ଏକ ଭିଡିଓ ପ୍ରଦର୍ଶିତ ହୋଇଥିଲା। ଅତିରିକ୍ତ ଶାସନ ସଚିବ ରବୀନ୍ଦ୍ର କୁମାର ସାହୁ ଯୋଜନାର ଉଦ୍ଦେଶ୍ୟ, କାର୍ଯ୍ୟାନ୍ୱୟନ ଏବଂ ପ୍ରଗତି ସମ୍ପର୍କରେ ଏକ ଉପସ୍ଥାପନା କରିଥିଲେ। ଏହି ଅବସରରେ ବିଭିନ୍ନ ପୌରାଞ୍ଚଳରୁ ଆସିଥିବା ପ୍ରତିନିଧିମାନଙ୍କ ସହ ଆଲୋଚନା ମଧ୍ୟ କରାଯାଇଥିଲା। ୩୭ଟି ପୌରାଞ୍ଚଳରେ ୪୯୪ଟି ପ୍ରକଳ୍ପର ଶୁଭାରମ୍ଭ ସହରାଞ୍ଚଳ ଭିତ୍ତିଭୂମିକୁ ମଜଭୁତ କରିବା ଏବଂ ନାଗରିକମାନଙ୍କୁ ଉନ୍ନତ ନାଗରିକ ସେବା ଯୋଗାଇବା ଦିଗରେ ଆଉ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ମୁଖ୍ୟମନ୍ତ୍ରୀ ସହରୀ ବିକାଶ ଯୋଜନା ମାଧ୍ୟମରେ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ଓଡ଼ିଶାରେ ଗୁଣାତ୍ମକ ସାର୍ବଜନୀନ ଭିତ୍ତିଭୂମିର ବିକାଶ ଏବଂ ସମୃଦ୍ଧ, ସମାବେଶୀ ତଥା ଜନକଲ୍ୟାଣକାରୀ ସହରାଞ୍ଚଳ ସୃଷ୍ଟି କରିବା ଉପରେ ଲଗାତାର ଧ୍ୟାନ କେନ୍ଦ୍ରୀଭୂତ କରୁଛି। କାର୍ଯ୍ୟକ୍ରମରେ ପୁରୀ ମହାନଗର ନିଗମର କମିସନର ସ୍ନେହା ଅରୁଗୁଳା ଯୋଗଦେଇଥିଲେ। ଏହି ଅବସରରେ ମନ୍ତ୍ରୀ ଡ. ମହାପାତ୍ର ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ଯୋଜନାର ରୂପରେଖ ଓ ସହରାଞ୍ଚଳ ବିକାଶ ସମ୍ପର୍କରେ ସୂଚନା ଦେଇଥିଲେ। ପୁରୀରେ ୨ ହଜାର ସଂଖ୍ୟା ବିଶିଷ୍ଟ ଏକ ବହୁମୁଖୀ ଅଡିଟୋରିୟମ୍ କରାଯିବା ସହ ଅଠରନଳାର ସୌନ୍ଦର୍ଯ୍ୟକରଣ କରାଯିବ ବୋଲି ସୂଚନା ଦେଇଥିଲେ। ଶେଷରେ ପୁରୀ ପୌରପାଳିକାର ଯୁଗ୍ମ କମିସନର ଅଭିମନ୍ୟୁ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ଆମ୍ବପାଳ ପଞ୍ଚାୟତରେ ଜନଶୁଣାଣି



କିଶୋରନଗର,୬।୭(ସମିସ): କିଶୋରନଗର ବ୍ଲକ ଆମ୍ବପାଳ ପଞ୍ଚାୟତରେ ବ୍ଲକ ପ୍ରଶାସନ ପକ୍ଷରୁ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ବିଡିଓ ଶୁଭକାନ୍ତ ନାଏକ ଯୋଗଦେଇ ଲୋକଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରି ତାହାର ସମାଧାନ କରିଥିଲେ। ସ୍ଥାନୀୟ ସରପଞ୍ଚ ସୁଲୋଚନା ବୀର, ବିଏସଏସଓ ଝସକେତନ ସାହୁ, ଡିଇଓ (ଆରସିଏମ୍) ସରୋଜ ପ୍ରଧାନ, ବିପିସି (ଆରଏଚ) ସୌମ୍ୟରଞ୍ଜନ ପ୍ରଧାନ, ଆର୍‌ଡବ୍ଲ୍ୟୁଏସଏସ୍ କନିଷ୍ଠ ଯନ୍ତ୍ରୀ ମନୋରଞ୍ଜନ ପ୍ରଧାନଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ।

## କଂଗ୍ରେସ ତରଫରୁ ୯ ନଂ ୱାର୍ଡରୁ ଡଙ୍ଗାଭସା କାର୍ଯ୍ୟକ୍ରମ ଆରମ୍ଭ



ଅନୁଗୋଳ,୬।୭(ସମିସ): ଅନୁଗୋଳ ସହରରେ ବର୍ଷାଜଳ ନିଷ୍କାସନ ଦିଗରେ ସରକାରଙ୍କ ସମ୍ପୂର୍ଣ୍ଣ ବିଫଳତା ସାମ୍ନାକୁ ଆସିଛି। ଏକ ଅଭିନବ ପ୍ରତିବାଦ ସ୍ୱରୂପ ଅନୁଗୋଳ ନଗର କଂଗ୍ରେସ ତରଫରୁ ସୋମବାର ୯ ନଂ ୱାର୍ଡରୁ ଡଙ୍ଗାଭସା କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। ୱାର୍ଡର ବଣିଆବାହଲ ଓ ମିଶ୍ରପଡ଼ାକୁ ସଂଯୋଗ କରିଥିବା ମୁଖ୍ୟ କଂକ୍ରିଟ ରାସ୍ତା ଜଳମଗ୍ନ ହୋଇ ଯୋଗାଯୋଗ ବିଚ୍ଛିନ୍ନ ହୋଇଥିବାରୁ ଉଭୟ ମିଶ୍ରପଡ଼ା ଓ ବଣିଆବାହଲବାସୀ ହନ୍ତସନ୍ତ ହେଉଛନ୍ତି। ଏଥିସହ ସମଗ୍ର ୯ ନଂ ୱାର୍ଡ ଜଳମଗ୍ନ ହୋଇ ବନ୍ୟାର ଭ୍ରମ ସୃଷ୍ଟି କରୁଛି। ଅନୁଗୋଳ ନଗର କଂଗ୍ରେସ ସଭାପତି ରଶ୍ମିରଞ୍ଜନ ସାହୁଙ୍କ ନେତୃତ୍ୱରେ ସମ୍ପାଦକ ପ୍ରତାପ କୁମାର ସେଠୀଙ୍କ ସହଯୋଗରେ ଉପସଭାପତି ସୁଶୀଲ ମିଶ୍ର, କୋଷାଧ୍ୟକ୍ଷ ରାକେଶ ସାହୁ, ରାଜେନ୍ଦ୍ର ଦାସ, ପ୍ରଶାନ୍ତ ସେଠୀ, ପ୍ରମୁଖ ଉପସ୍ଥିତ ରହି ଉକ୍ତ କଂକ୍ରିଟ ରାସ୍ତାରେ ଡଙ୍ଗା ଭସାଇ ପ୍ରତିବାଦ କରିଛନ୍ତି। ଅଗାମୀ ଦିନରେ ଏପରି ଡଙ୍ଗା ଭସାଇ ପ୍ରତିବାଦ ଜାରି ରହିବ ବୋଲି ନଗର କଂଗ୍ରେସ ସଭାପତି ସାହୁ କହିଛନ୍ତି।

## ଜିଲ୍ଲାସ୍ତରୀୟ ଜନଶୁଣାଣି କାର୍ଯ୍ୟକ୍ରମ



ଅନୁଗୋଳ,୬।୭(ସମିସ): ଅନୁଗୋଳ ଜିଲ୍ଲାପାଳ ଅବଦାଲ ମୁହମ୍ମଦ ଅଖତରଙ୍କ ଅଧ୍ୟକ୍ଷତାରେ ପାଲଲହଡ଼ା ଉପଜିଲ୍ଲାପାଳଙ୍କ ସଭାଗୃହରେ ସୋମବାର ଜିଲ୍ଲାସ୍ତରୀୟ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଶିବିରରେ ଏସ୍‌ପି ରାହୁଲ ଜୈନ ଯୋଗଦେଇଥିଲେ। ଶିବିରରେ ସମୁଦାୟ ୫୪ ଅଭିଯୋଗ ଗ୍ରହଣ କରାଯାଇଥିଲା। ସେଥିମଧ୍ୟରୁ ୪୭ଟି ବ୍ୟକ୍ତିଗତ ଓ ୭ଟି ସାମୂହିକ ଅଭିଯୋଗର ଶୁଣାଣି ହୋଇଥିଲା। ୩ ଜଣଙ୍କୁ ରେଡକ୍ରସ ପାଣ୍ଠିରୁ ୨୦ ହଜାର ଟଙ୍କା ଚିକିତ୍ସା ସହାୟତା ରାଶି ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଦେବଦତ୍ତ ମହନ୍ତ, ପାଲଲହଡ଼ା ଉପଜିଲ୍ଲାପାଳ ରବୀନ୍ଦ୍ର କୁମାର ପଟେଲ, ପାଲଲହଡ଼ା ତହସିଲଦାର ଆକାଂକ୍ଷା ମହାପାତ୍ର, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରିଣୀ ପ୍ରତିଭା ବାରିକ, ଜିଲ୍ଲା ମଙ୍ଗଳ ଅଧିକାରୀ ଦିଲୀପ କୁମାର ମିଶ୍ର, ଜିଲ୍ଲା ଯୋଗାଣ ଅଧିକାରୀ ଶ୍ରୀନିବାସ ସାହୁ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ପୁଷ୍ପାଞ୍ଜଳି ଶତପଥୀ, ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ବିନୋଦ କୁମାର ଦଲାଇ, ଜିଲ୍ଲା ମୁଖ୍ୟପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସତ୍ୟନାରାୟଣ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ଓ ବ୍ଲକ୍‌ସ୍ତରୀୟ ଅଧିକାରୀ ଯୋଗଦେଇଥିଲେ।

## ଜିଲ୍ଲା କାର୍ଯ୍ୟାଳୟରେ ଅଭିଯୋଗ ଶୁଣାଣି

ଅନୁଗୋଳ,୬।୭(ସମିସ): ଜିଲ୍ଲା କାର୍ଯ୍ୟାଳୟରେ ଅନୁଗୋଳ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟଙ୍କ ଅଧ୍ୟକ୍ଷତାରେ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ୩୦ ଅଭିଯୋଗ ଗ୍ରହଣ କରାଯାଇଥିଲା। ସେଥିମଧ୍ୟରୁ ୨୭ଟି ବ୍ୟକ୍ତିଗତ ଓ ୩ଟି ସାମୂହିକ ଅଭିଯୋଗର ଶୁଣାଣି ହୋଇଥିଲା। ୨ଟି ଅଭିଯୋଗର ତୁରନ୍ତ ଫଇସଲା କରାଯାଇଛି। ଜଣଙ୍କୁ




ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୭ ହଜାର ୫୦୦ ଟଙ୍କା ଓ ୪ ଜଣଙ୍କୁ ରେଡକ୍ରସ ପାଣ୍ଠିରୁ ୨୦ହଜାର ଟଙ୍କା ଚିକିତ୍ସା ସହାୟତା ରାଶି ପ୍ରଦାନ କରାଯାଇଛି।

## ତାଳଚେର ପୌରପରିଷଦ ପାଲଟିଛି ଦୁର୍ନୀତିର ଗନ୍ତାଘର

# ପାର୍କ ସୌନ୍ଦର୍ଯ୍ୟକରଣ ନାଁରେ କୋଟି କୋଟି ଟଙ୍କା ଲୁଟ୍ !

ତାଳଚେର ସହର,୬।୭(ଦୁର୍ଗା ପ୍ରସାଦ ସ୍ୱାଇଁ):

ତାଳଚେର ପୌରପରିଷଦ ଏବେ ପାଲଟିଛି ଦୁର୍ନୀତିର ଗନ୍ତାଘର। ମାଲ ମାଲ ଦୁର୍ନୀତି ଅଭିଯୋଗ ସତ୍ତ୍ୱେ ତଦନ୍ତ ଶୂନ। କେଉଁଠି ନିମ୍ନ ମାନର କାର୍ଯ୍ୟ ତ କେଉଁଠି ଗୋଟିଏ ପ୍ରକାର କାମ ପାଇଁ ବାରମ୍ବାର ଟେଣ୍ଡର ଆହ୍ୱାନ ଆଉ ତା' ସହ ଅଧିକାରୀମାନଙ୍କର ହାତଗଣତି କିଛି ଠିକାଦାର ପ୍ରେମ ଏବେ ତାଳଚେରବାସୀଙ୍କ ବିରୋଧର ମୁଖ୍ୟ ପ୍ରସଙ୍ଗ ପାଲଟିବାକୁ ବସିଲାଣି। ଜଗନ୍ନାଥ ପାର୍କ ସୌନ୍ଦର୍ଯ୍ୟକରଣ ନାଁରେ ଚାଲିଛି କୋଟି କୋଟି ଟଙ୍କାର ହରିଲୁଟ୍।



ତାଳଚେର ପୌର ପରିଷଦ ୧ ନମ୍ବର ୱାର୍ଡରେ ଥିବା ଜଗନ୍ନାଥ ପାର୍କର ପୁନରୁଦ୍ଧାର ଓ

- ଟେଣ୍ଡର ପ୍ରକ୍ରିୟାରେ ଅନିୟମିତତା
- ଭିଜିଲାନ୍ସ ତଦନ୍ତ ଦାବିକଲେ ବିଧାୟକ

ସୋନ୍ଦର୍ଯ୍ୟକରଣ କାର୍ଯ୍ୟ ପାଇଁ ପୂର୍ବ ବର୍ଷ ସହର ବିକାଶ ଯୋଜନା ପାଣ୍ଠିରୁ ପ୍ରାୟ ୪୮ ଲକ୍ଷ ୧୮ ହଜାର ଟଙ୍କା ବ୍ୟୟ ଅଟକଳ କରାଯାଇ କାର୍ଯ୍ୟ ଆରମ୍ଭ କରାଯାଇଥିଲା। କିନ୍ତୁ ନିର୍ଦ୍ଧାରିତ ସମୟ ମଧ୍ୟରେ କାର୍ଯ୍ୟ ଶେଷ କରିବା ପରିବର୍ତ୍ତେ ସମ୍ପୃକ୍ତ ଠିକାସଂସ୍ଥା କେବଳ ସମୟ ଗଡ଼ାଇ ଚାଲିଲେ। ଜନ ଅସନ୍ତୋଷ ଏବଂ ଅଭିଯୋଗ ପରେ ନିର୍ବାହୀ ଯନ୍ତ୍ରୀ ଶୀଘ୍ର କାର୍ଯ୍ୟ ଶେଷ କରିବାକୁ ତାଗିଦ୍ କରିଥିଲେ। ଫଳରେ ଚଳିତ ବର୍ଷ ଜୁନ୍‌ରେ ତରବରିଆ ଭାବେ କାମ ଶେଷ କଲା ଠିକାସଂସ୍ଥା। ହେଲେ ଅତ୍ୟନ୍ତ ନିମ୍ନମାନର କାମ କରାଯାଇଥିବାରୁ ସ୍ଥାନୀୟ ଲୋକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଦୁର୍ନୀତିର କାହାଣୀ ଏତିକିରେ ସରିନାହିଁ। ଚଳିତ ବର୍ଷ ପୁନଶ୍ଚ ସେହି ପାର୍କର ଉନ୍ନତୀକରଣ ଏବଂ ସୌନ୍ଦର୍ଯ୍ୟକରଣ ପାଇଁ ଜିଲ୍ଲା ଖଣିଜ ପାଣ୍ଠିରୁ ୯୮ ଲକ୍ଷ ୧୩ ହଜାର ଟଙ୍କା ବ୍ୟୟ ଅଟକଳ କରାଗଲା। ଗତ ମାର୍ଚ୍ଚ ୩୦ରେ ଟେଣ୍ଡର ଆହ୍ୱାନ କରାଯାଇ ଏପ୍ରିଲ ୧୬ ଶେଷ ତାରିଖ ରହିଥିଲା। କିନ୍ତୁ କୌଣସି କାରଣ ନ ଥାଇ ଏହି ଟେଣ୍ଡରକୁ ବାତିଲ କରିଦିଆଗଲା। ପୁଣି ମେ ୨୯ରେ ସମାନ ଅର୍ଥରାଶିର ଟେଣ୍ଡର ବାହାରିଲା ଏବଂ ଟେଣ୍ଡର ଆବେଦନ ଅବଧି ଜୁନ୍ ୯ ତାରିଖ ପର୍ଯ୍ୟନ୍ତ ରହିଲା। ଜୁନ୍ ୧୦ରେ ଟେଣ୍ଡର ଖୋଲାଯିବା ପରେ ଏଚଏସ ମାଇନିଂ ସର୍ଭିସ ନାମକ ସଂସ୍ଥା କାର୍ଯ୍ୟାଦେଶ ପାଇଲା। କିନ୍ତୁ ଏହି ପ୍ରକ୍ରିୟାରେ ହୋଇଛି ବଡ଼ ଘୋଟାଲା। ଟେଣ୍ଡର ନିୟମ ଅନୁସାରେ ବାର୍ଷିକ ଟର୍ଣ୍ଣଓଭର ୧୦ କୋଟି ଟଙ୍କା ଥିବା ବାଧ୍ୟତାମୂଳକ। ଏହି ଆଧାରରେ ୨ଟି ସଂସ୍ଥାକୁ ବାଦ୍ ଦିଆଗଲା। ହେଲେ ଅନ୍ୟତମ ଆବେଦନକାରୀ ସଞ୍ଜୀବ ଭୂତିଆଙ୍କ ବାର୍ଷିକ ଟର୍ଣ୍ଣଓଭର ୮ କୋଟି ୯୮ ଲକ୍ଷ ଥିବା ସତ୍ତ୍ୱେ କେଉଁ ନିୟମ ବଳରେ ତାଙ୍କୁ ଟେଣ୍ଡର ପ୍ରକ୍ରିୟାରେ ସାମିଲ କରାଗଲା ତାହାକୁ ନେଇ ଅଞ୍ଚଳରେ ଚର୍ଚ୍ଚା ଜୋର୍ ଧରିଛି। ତାଳଚେର ପୌରପରିଷଦରେ ବିଭିନ୍ନ ସମୟରେ ଏଭଳି ବଡ଼ ଧରଣର ଦୁର୍ନୀତି ସାମ୍ନାକୁ ଆସୁଥିଲେ ମଧ୍ୟ କୌଣସି ତଦନ୍ତ କରାଯାଉନାହିଁ। ସମସ୍ତେ ସବୁ ଜାଣି ଚୁପ୍ ରହୁଥିବା ଅଭିଯୋହ ହେଉଛି। କେବଳ ଅଧିକାରୀ ଓ ଠିକାଦାରଙ୍କ ମଧୁଚନ୍ଦ୍ରିକାରେ ଚାଲିଛି ସରକାରୀ ପାଣ୍ଠିର ହରିଲୁଟ୍। ଏବେ ଦେଖିବାକୁ ବାକି ରହିଲା ଏହି ସମ୍ବେଦନଶୀଳ ଘଟଣା ଉପରେ ପ୍ରଶାସନ କେବେ ଆଖି ଖୋଲୁଛି ଏବଂ ଦୋଷୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁଛି।



କେବଳ ଏହି ଗୋଟିଏ କାମ ନୁହେଁ, ବିନା ଟେଣ୍ଡରରେ ଅନେକ କାର୍ଯ୍ୟ ହେଉଛି। ହାତଗଣତି କିଛି ଠିକାଦାରଙ୍କୁ କାମ ଯୋଗାଇ ଜୋରଦାର ପିସି କାରବାର ଚାଲିଛି। ଜିଲ୍ଲାପାଳଙ୍କଠାରୁ ଆରମ୍ଭ କରି ଭିଜିଲାନ୍ସ ପର୍ଯ୍ୟନ୍ତ ସମସ୍ତେ ନିରବଦ୍ରଷ୍ଟା। ଅଭିଯୋଗ କଲେ ସୁଫଳ ମିଳୁନି। ମିଳିଭଗତରେ ଚାଲିଛି ଲୁଟ୍।

ସୁଧୀର ଚନ୍ଦ୍ର ସିଂ ସାମନ୍ତ, ୧ନଂ ୱାର୍ଡ ବାସିନ୍ଦା



ତାଳଚେର ମ୍ୟୁନିସିପାଲିଟିରେ ଦୁର୍ନୀତିର ଲମ୍ବା ଧାଡ଼ି। ଟେଣ୍ଡର ପ୍ରକ୍ରିୟାରେ ଅନିୟମିତତା। ହାତଗଣତି ଠିକାଦାର କାମ ନ ପାଇବା ପର୍ଯ୍ୟନ୍ତ ଟେଣ୍ଡର ବିନା କୌଣସି କାରଣରେ ବାତିଲ ହେଉଛି। ନିର୍ବାହୀ ଅଧିକାରୀ ଟେଣ୍ଡର ଆବେଦନ ପାଇଁ ନିୟମ ବାହାରେ କ୍ରାଇଟେରିଆ ଦେଉଛନ୍ତି। ଏ ଘଟଣା ଥରେ ନୁହେଁ ବାରମ୍ବାର ଘଟୁଛି। ଅଭିଯୋଗ କଲେ କେହି କର୍ଣ୍ଣପାତ କରୁନାହାନ୍ତି। ବାରମ୍ବାର ଟେଣ୍ଡର ବାତିଲ କରି ହଇରାଣ କଲେ ଆଗାମୀ ଦିନରେ କେହି ଠିକାଦାର ଟେଣ୍ଡର ଆବେଦନ କରିବେ ନାହିଁ, ଏହା ସେ ଚାହୁଁଛନ୍ତି।

ସୁଶୀଲ ନାଥ, ଠିକାଦାର



ଚଳିତ ସରକାରରେ ଯିଏ ଦୁର୍ନୀତି କରେ ତାକୁ ପୁରସ୍କାର ପ୍ରଦାନ କରାଯାଏ। ତାଳଚେର ମ୍ୟୁନିସପାଲିଟି ଅଞ୍ଚଳରେ ଅନେକ ସମସ୍ୟା ଥିବା ବେଳେ କେବଳ ଗୋଟିଏ ପାର୍କ ସୌନ୍ଦର୍ଯ୍ୟକରଣ ନାଁରେ କୋଟି କୋଟି ଟଙ୍କା ଟେଣ୍ଡର ଆହ୍ୱାନ କରାଯାଇ ହରିଲୁଟ୍ ଚାଲିଛି। ଲୋକଙ୍କୁ ଲଣ୍ଠନ ଦେଖେଇ ଲୋକଙ୍କ ଟଙ୍କାକୁ ଲୁଟି ନେଉଛନ୍ତି ଠିକାଦାର ଏବଂ ମ୍ୟୁନିସିପାଲିଟିର ଦୁର୍ନୀତିଖୋର ଅଧିକାରୀ। ଯେତେ ଅଭିଯୋଗ କଲେ ବି ଫଳ ଶୂନ। ଓଲଟା ଦୁର୍ନୀତିଖୋରଙ୍କୁ ମିଳୁଛି ପୁରସ୍କାର। ଦେଖିବାକୁ ବାକି ରହିଲା ଲୋକ କେବେ ସଜାଗ ହେଉଛନ୍ତି।

ରାଜକିଶୋର ସାହୁ, କଂଗ୍ରେସ ନେତା



ଜିଲ୍ଲା ଖଣିଜ ପାଣ୍ଠିର ପୂରା ଲୁଟ୍ ଚାଲିଛି। ଲୋକଙ୍କୁ ଲଲିପପ୍ ଧରେଇ ବିଭିନ୍ନ ଉପାୟରେ ଚାଲିଛି ଲୁଟତରାଜ। କେବଳ ପାର୍କ ସୌନ୍ଦର୍ଯ୍ୟକରଣ ନାଁରେ ଦୁର୍ନୀତି ନୁହେଁ ପ୍ରତି କାମରେ ରହିଛି ଦୁର୍ନୀତିର ଗନ୍ଧ। ଅନେକ କାମରେ ଦୁର୍ନୀତି ହେଉଥିବା ଅଭିଯୋଗ ଏବେ ସାମ୍ନାକୁ ଆସୁଛି। ତଦନ୍ତକାରୀ ସଂସ୍ଥାଗୁଡ଼ିକ କେଉଁ ସ୍ୱାର୍ଥ ବଳରେ ନିରବଦ୍ରଷ୍ଟା ସାଜିଛନ୍ତି ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ପ୍ରତି କାମରେ ଟେଣ୍ଡର ପ୍ରକ୍ରିୟାରେ ଅନିୟମିତତା ସାମ୍ନାକୁ ଆସୁଛି। ଟେଣ୍ଡର ଆବେଦନ କରାଯାଉଛି, ମନ ପସନ୍ଦ ଠିକାଦାରଙ୍କୁ କାମ ନ ମିଳିଲେ ବାତିଲ କରାଯାଉଛି। ନିର୍ବାହୀ ଅଧିକାରୀ ଏକଛତ୍ରବାଦ ଚଳାଇଛନ୍ତି। ଜିଲ୍ଲାପାଳ, ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ଏବଂ ଭିଜିଲାନ୍ସ ବିଭାଗ ନିରବଦ୍ରଷ୍ଟା ସାଜିଛନ୍ତି।

ବ୍ରଜକିଶୋର ପ୍ରଧାନ, ବିଧାୟକ




ସବୁ ଅଭିଯୋଗ ମୁଁ ପାଇଛି। ପୂର୍ବ ବର୍ଷ ରାଜ୍ୟ ସରକାରଙ୍କ ସହର ବିକାଶ ଯୋଜନାରେ ଟଙ୍କା ଖର୍ଚ୍ଚ ହୋଇ ପାର୍କ ସୌନ୍ଦର୍ଯ୍ୟକରଣ ଏବଂ ପୁନରୁଦ୍ଧାର କାର୍ଯ୍ୟ କରାଯାଇଥିଲା। ଏବେ ଆଉ ୯୮ ଲକ୍ଷ ଟଙ୍କା ଖର୍ଚ୍ଚ କରାଯାଇ ବାକି ଥିବା କାର୍ଯ୍ୟ କରାଯିବ। ପ୍ରଥମ ଟେଣ୍ଡର ବାତିଲ ହୋଇଥିଲା, ଦ୍ୱିତୀୟ ଟେଣ୍ଡର ଖୋଲାଯିବା ପରେ ଯେଉଁ ଥିକାସଂସ୍ଥା କମ ବିଡ୍ କରିଥିବ ତାକୁ କାର୍ଯ୍ୟାଦେଶ ଦିଆଯାଇ କାମ କରାଯିବ।

ପ୍ରଦୀପ କୁମାର ଶାହା, ନିର୍ବାହୀ ଅଧିକାରୀ

## ସ୍ୱତନ୍ତ୍ର ସଂଘନ ସଂଶୋଧନ

# ଖସଡ଼ା ଭୋଟର ତାଲିକା ପ୍ରକାଶ

ପାଲଲହଡ଼ା,୬।୭(ସମିସ): ପାଲଲହଡ଼ା ବିଧାନସଭା ନିର୍ବାଚନ ମଣ୍ଡଳୀ ପାଇଁ ରବିବାର ସ୍ୱତନ୍ତ୍ର ସଘନ ସଂଶୋଧନ-୨୦୨୬ (ଏସ୍‌ଆଇଆର୍) ଖସଡ଼ା ଭୋଟର ତାଲିକା ପ୍ରକାଶ ପାଇଛି। ଉପଜିଲ୍ଲାପାଳ ତଥା ନିର୍ବାଚନ ପଞ୍ଜୀକରଣ ଅଧିକାରୀ ରବୀନ୍ଦ୍ର କୁମାର ପଟେଲଙ୍କ ସଭାପତିତ୍ୱରେ ତାଲିକା ଉନ୍ମୋଚନ କରାଯାଇଥିଲା। କାର୍ଯ୍ୟକ୍ରମରେ ବିଡିଓ ତଥା ସହକାରୀ ନିର୍ବାଚନ ଅଧିକାରୀ ନିଶାନ ମିଶ୍ର, ତହସିଲଦାର ତଥା ସହକାରୀ ନିର୍ବାଚନ ପଞ୍ଜୀକରଣ ଅଧିକାରୀ ଆକାଂକ୍ଷା ମହାପାତ୍ର, ଡେପୁଟି କଲେକ୍ଟର ସୌମ୍ୟାଶ୍ରୀ ପରିଡ଼ା ଓ ବିଦୁସ୍ମିତା ସାହୁ, ସହକାରୀ ଜିଲ୍ଲାପାଳ ଗିରୀଶ ଚନ୍ଦ୍ର ସିଂହଙ୍କ ସମେତ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧି ଉପସ୍ଥିତ ଥିଲେ। ବିଜେପିର ଲିଙ୍ଗରାଜ ଦାଶ, ବିଜେଡିର ଦିଲୀପ କୁମାର ଉଦାବଳ, କଂଗ୍ରେସର ସରୋଜ କୁମାର ସାହୁ ଏବଂ ଆମ ଆଦମୀ ପାର୍ଟିରୁ ଯୁଗଳ କିଶୋର ଜିତ ପ୍ରତିନିଧି ଭାବେ



ଯୋଗଦେଇଥିଲେ। ପ୍ରକାଶିତ ତାଲିକା ଅନୁଯାୟୀ ନିର୍ବାଚନ ମଣ୍ଡଳୀରେ ମୋଟ ଭୋଟର ସଂଖ୍ୟା ୧,୭୪,୭୬୬। ସେଥିମଧ୍ୟରୁ ୧,୬୨,୮୨୮ ଭୋଟରଙ୍କ ତଥ୍ୟ ଡିଜିଟାଇଜ କରାଯାଇସାରିଛି। ବିଭିନ୍ନ କାରଣରୁ ୧,୯୩୮ ଭୋଟରଙ୍କ ନାମ ସଂଗ୍ରହ ହୋଇପାରିନାହିଁ। ଏହାବ୍ୟତୀତ ୨୪,୦୬ ଜଣ ଅସଙ୍ଗତିଯୁକ୍ତ ଭୋଟର ଏବଂ ୮,୭୫୬ ଜଣ ଅଚିହ୍ନିତ ଭୋଟର ଚିହ୍ନଟ ହୋଇଛନ୍ତି। ଖସଡ଼ା ତାଲିକା ଉପରେ ଦାବି ଓ ଆପତ୍ତି ଶୁଣାଣି ତାରିଖ ଜୁଲାଇ ୫ରୁ ଅଗଷ୍ଟ ୪ ପର୍ଯ୍ୟନ୍ତ ଚାଲିବ। ଏଥିପାଇଁ ନିର୍ଦ୍ଦିଷ୍ଟ ଶୁଣାଣିସ୍ଥଳ ଭାବେ ପାଲଲହଡ଼ା ପଞ୍ଚାୟତ ସମିତି ସଭାଗୃହ, ଖମାର ଉତ୍କଳମଣି ଗୋପବନ୍ଧୁ ମହାବିଦ୍ୟାଳୟ, କଣିହାଁ ବ୍ଲକ ସମ୍ମିଳନୀ କକ୍ଷ ଏବଂ ରେଙ୍ଗାଳି ମହାବିଦ୍ୟାଳୟକୁ ଚୟନ କରାଯାଇଛି। ସମସ୍ତ ଯୋଗ୍ୟ ନାଗରିକ ଏବଂ ରାଜନୈତିକ ଦଳର ପ୍ରତିନିଧିମାନଙ୍କୁ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଖସଡ଼ା ତାଲିକା ଯାଞ୍ଚ କରି ଯଦି କୌଣସି ତ୍ରୁଟି ଥାଏ ତେବେ ଦାବି ବା ଆପତ୍ତି ଦାଖଲ କରିବାକୁ ନିର୍ବାଚନ ଅଧିକାରୀ ଅନୁରୋଧ କରିଛନ୍ତି। କାର୍ଯ୍ୟକ୍ରମରେ ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି ଉପସ୍ଥିତ ଥିଲେ।

## ପ୍ରକୃତି ପର୍ଯ୍ୟଟନ ପ୍ରକଳ୍ପର ଭିତ୍ତି ସ୍ଥାପନ କଲେ ଉପମୁଖ୍ୟମନ୍ତ୍ରୀ

କଣିହାଁ,୬।୭(ସମିସ): ଉପମୁଖ୍ୟମନ୍ତ୍ରୀ ତଥା ପର୍ଯ୍ୟଟନ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଦୁଇଦିନିଆ ଅନୁଗୋଳ ଓ ଦେବଗଡ଼ ଜିଲ୍ଲା ଗସ୍ତର ଦ୍ୱିତୀୟ ଦିନରେ ରବିବାର ସନ୍ଧ୍ୟାରେ ରେଙ୍ଗାଳି ଡ୍ୟାମରେ ପହଞ୍ଚିଥିଲେ। ରେଙ୍ଗାଳିକୁ ଏକ ଆକର୍ଷଣୀୟ ପର୍ଯ୍ୟଟନସ୍ଥଳୀ ଭାବେ ଗଢ଼ି ତୋଳିବା ଉଦ୍ଦେଶ୍ୟରେ ବନ ବିଭାଗ ପକ୍ଷରୁ ପ୍ରାୟ ଅଢ଼େଇ କୋଟି ଟଙ୍କା ବ୍ୟୟ ଅଟକଳରେ ପ୍ରକୃତି ପର୍ଯ୍ୟଟନ ପାର୍କ, ବୋଟିଂ ସୁବିଧା, ବଣଭୋଜି ପିଣ୍ଡି ଓ ନିରୀକ୍ଷଣ ମିନାର ନିର୍ମାଣ ପାଇଁ ରେଙ୍ଗାଳି ବନ୍ଧର ଉପର ପାଶ୍ୱର୍ରେ ଉପମୁଖ୍ୟମନ୍ତ୍ରୀ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। କାର୍ଯ୍ୟକ୍ରମରେ ଢେଙ୍କାନାଳ ସାଂସଦ ରୁଦ୍ରନାରାୟଣ ପାଣି, ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି, ସାତକୋଶିଆ ବ୍ୟାଘ୍ର ପ୍ରକଳ୍ପର ଆର୍‌ସିସିଏଫ୍ ତଥା କ୍ଷେତ୍ର ନିର୍ଦ୍ଦେଶକ ଡ. ସଞ୍ଜୟ କୁମାର ସ୍ୱାଇଁ, ଅନୁଗୋଳ ବନଖଣ୍ଡ ଅଧିକାରୀ ନୀତୀଶ କୁମାର, କଣିହାଁ ବିଡିଓ ତ୍ରିବିକ୍ରମ କୁମୁରା ପ୍ରମୁଖ ଉପସ୍ଥିତ ଥିଲେ। ପରେ ରେଙ୍ଗାଳି କଲେଜ ପଡ଼ିଆରେ ରେଙ୍ଗାଳି ପ୍ରୋଜେକ୍ଟ ୱେଲଫେୟାର ଆଣ୍ଡ ଚାରିଟେବଲ ଟ୍ରଷ୍ଟ ପକ୍ଷରୁ ଆୟୋଜିତ ଚାରାରୋପଣ କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ଯୋଗଦେଇଥିଲେ। ଏହାପରେ ସେ ଓଏଚପିସି ଅତିଥି ଭବନରେ ବିଭାଗୀୟ ଅଧିକାରୀମାନଙ୍କ ସହ ସମୀକ୍ଷା ବୈଠକରେ ଯୋଗଦେଇ ପ୍ରକୃତି ପର୍ଯ୍ୟଟନ ପାର୍କ ନିର୍ମାଣ କାର୍ଯ୍ୟକୁ ସ୍ୱଚ୍ଛତାର ସହ ନିର୍ଦ୍ଧାରିତ ସମୟ ୬ ମାସ ଭିତରେ ସମ୍ପୂର୍ଣ୍ଣ କରିବାକୁ ସମ୍ପୃକ୍ତ ନିର୍ଦ୍ଦେଶ ଦେଇଥିଲେ। ଏହି ଅବସରରେ ବରିଷ୍ଠ ବିଜେପି ନେତା ନୃସିଂହ ବରାଳ, ଧ୍ରୁବ ଧୀର, ମଣ୍ଡଳ ସଭାପତି ହରେକୃଷ୍ଣ ପ୍ରଧାନ, ତ୍ରିପୁରାରୀ ପ୍ରଧାନ, ବିନାୟ ପ୍ରଧାନ, ପ୍ରହ୍ଲାଦ ସାମଲ ପ୍ରମୁଖ ଉପସ୍ଥିତ ଥିଲେ।



## ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଜୟନ୍ତୀ ପାଳିତ

ଖମାର,୬।୭(ସମିସ): ପାଲଲହଡ଼ା ବ୍ଲକ ଖମାର ପଞ୍ଚାୟତର ଓଡ଼ଶଠାରେ ବିଜେପି ଖମାର ମଣ୍ଡଳ ଓ ପବିତ୍ରନଗର ମଣ୍ଡଳ ପକ୍ଷରୁ ମିଳିତ ପ୍ରଶିକ୍ଷଣ ଶିବିର ସହ ଭାରତୀୟ ଜନସଂଘର ପ୍ରତିଷ୍ଠାତା ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଜୟନ୍ତୀ ସୋମବାର ପାଳନ କରାଯାଇଛି। ଜିଲ୍ଲା ଯୋଜନା କମିଟି ଅଧ୍ୟକ୍ଷ ତଥା ପାଲଲହଡ଼ା ବିଧାୟକ ଅଶୋକ ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ଡ. ମୁଖାର୍ଜୀଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ପ୍ରଶିକ୍ଷଣ ଶିବିରରେ ଉଭୟ ମଣ୍ଡଳର ବୁଥ ସଭାପତି, ଶକ୍ତିକେନ୍ଦ୍ର ପ୍ରମୁଖ, ମଣ୍ଡଳ ପଦାଧିକାରୀ ଏବଂ ଜିଲ୍ଲାସ୍ତରୀୟ ନେତୃବୃନ୍ଦ ଯୋଗଦେଇ ସଂଗଠନର ଆଗାମୀ କାର୍ଯ୍ୟଯୋଜନା, ବୁଥ ପରିଚାଳନା, ଜନସମ୍ପର୍କ ଏବଂ ସାଙ୍ଗଠନିକ ସମନ୍ୱୟ ସମ୍ପର୍କରେ ଆଲୋଚନା କରିଥିଲେ। ଏସ୍‌ଆଇଆର୍ ପ୍ରକ୍ରିୟା ପରେ ପ୍ରକାଶିତ ସଂଶୋଧିତ ଖସଡ଼ା ଭୋଟର ତାଲିକାକୁ ପ୍ରତ୍ୟେକ ବୁଥରେ ଗୁରୁତ୍ୱର ସହ ଯାଞ୍ଚ କରିବା ଆବଶ୍ୟକ। ଜଣେ ହେଲେ ବି ଯୋଗ୍ୟ ଭୋଟର ଯେପରି ତାଲିକାରୁ ବାଦ ନ ପଡ଼ନ୍ତି ଏବଂ ଆବଶ୍ୟକ ସଂଶୋଧନ ସମୟ ମଧ୍ୟରେ ସମ୍ପନ୍ନ ହୁଏ ସେଥିପ୍ରତି ପ୍ରତ୍ୟେକ କାର୍ଯ୍ୟକର୍ତ୍ତା ସତର୍କ ଓ ସକ୍ରିୟ ରହିବାକୁ ସେ ଆହ୍ୱାନ ଜଣାଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଜେପି ଜିଲ୍ଲା ସମ୍ପାଦକ ପ୍ରହ୍ଲାଦ ସାମଲ, ରେଙ୍ଗାଳି ମଣ୍ଡଳ ପ୍ରଭାରୀ ଗୌରଚନ୍ଦ୍ର ପ୍ରଧାନ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସରୋଜ ସାହୁ, ପବିତ୍ରନଗର ମଣ୍ଡଳ ସଭାପତି ମନୋଜ କୁମାର ବିଶ୍ୱାଳ, ଖମାର ମଣ୍ଡଳ ସଭାପତି କାର୍ତ୍ତିକ ହୃଦୟ ଚନ୍ଦନ ପ୍ରଧାନଙ୍କ ସମେତ ବହୁ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।



## ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀ କଲ୍ୟାଣ ସମିତି ବୈଠକ

ଅନୁଗୋଳ,୬।୭(ସମିସ):

ଜିଲ୍ଲାର ଜନସାଧାରଣଙ୍କୁ ସ୍ୱଚ୍ଛ, ଶୃଙ୍ଖଳିତ ଏବଂ ଉନ୍ନତ ମାନର ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ନିମନ୍ତେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀ କଲ୍ୟାଣ ସମିତିର ପରିଚାଳନା କମିଟି ବୈଠକ ଅନୁଷ୍ଠିତ ହୋଇଛି। ଢେଙ୍କାନାଳ ସାଂସଦ ରୁଦ୍ରନାରାୟଣ ପାଣିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଅନୁଗୋଳ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ, ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା, ଜିଲ୍ଲା ପରିଷଦ ଅଧ୍ୟକ୍ଷା ବବିତା ପ୍ରଧାନ, ଜିଲ୍ଲାପାଳ ଅବ୍‌ଦାଲ୍ ମହମ୍ମଦ୍ ଅଖତର,




ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହନ୍ତ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ମଦନ ମୋହନ ପ୍ରଧାନଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ, ଡାକ୍ତର, ରୋଗୀ କଲ୍ୟାଣ ସମିତି ସଦସ୍ୟ ଉପସ୍ଥିତ ଥିଲେ। ବୈଠକରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଏବଂ ଏହା ସଂଲଗ୍ନ ମାତୃ ଓ ଶିଶୁ ସ୍ୱାସ୍ଥ୍ୟକେନ୍ଦ୍ରର ବିଭିନ୍ନ ଉନ୍ନୟନ କାର୍ଯ୍ୟ ଏବଂ ସ୍ୱାସ୍ଥ୍ୟସେବାର ଅଗ୍ରଗତି ସମ୍ପର୍କରେ ଆଲୋଚନା ହୋଇଥିଲା। ଚିକିତ୍ସାଳୟର ବର୍ଜ୍ୟବସ୍ତୁ ପରିଚାଳନାକୁ ସୁଦୃଢ଼ କରିବା ପାଇଁ ଇଫ୍ଲୁଏଣ୍ଟ ଟ୍ରିଟମେଣ୍ଟ ପ୍ଲାଣ୍ଟ (ଇଟିପି) ଏବଂ ସ୍ୱେରେଜ୍ ଟ୍ରିଟମେଣ୍ଟ ପ୍ଲାଣ୍ଟ (ଏସ୍‌ଟିପି)ର କାର୍ଯ୍ୟକ୍ଷମ ହସ୍ତାନ୍ତର ପ୍ରକ୍ରିୟା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ସେହିଭଳି ବିଶ୍ରାମ ଗୃହର ସଫଳ ପରିଚାଳନା, ଚିକିତ୍ସାଳୟ ଭିତ୍ତିଭୂମି ମରାମତି ଓ ରଙ୍ଗ କାର୍ଯ୍ୟ, ଟ୍ରକ ଆସୋସିଏସନ କେବିନର ନବୀକରଣ, ଅନଲାଇନ୍ ଇ-ଓପିଡି ଟିକେଟ ବ୍ୟବସ୍ଥା ସହ ସିସିଟିଭି ସୁରକ୍ଷା ବ୍ୟବସ୍ଥା ଉପରେ ଆଲୋଚନା ହୋଇଥିଲା। ପ୍ରସ୍ତାବିତ କାର୍ଯ୍ୟଗୁଡ଼ିକୁ ନିର୍ଦ୍ଧାରିତ ସମୟରେ ଶେଷ କରିବାକୁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ।

## ପୁଣି ଘାଟିରୁ ଖସିଲା ଅତଡ଼ା, ବର୍ତ୍ତିଲେ ବାଇକ ଆରୋହୀ

ବଇଣ୍ଡା,୬।୭(ସମିସ): ଆଠମଲ୍ଲିକ ବ୍ଲକ ଝରଝରି ଘାଟିରୁ ସୋମବାର ପୁଣି ଅତଡ଼ା ଖସିଛି। ସକାଳେ ଅତଡ଼ା ଖସିଥିବା ବେଳେ ସେହି ବାଟ ଦେଇ ଆସୁଥିବା ଜଣେ ବାଇକ ଆରୋହୀ ଅଳ୍ପକେ ବର୍ତ୍ତିଯାଇଛନ୍ତି। ଲଗାଣ ବର୍ଷା ହେଉଥିବା ବେଳେ ବୁଧବାର ମଧ୍ୟ ଅତଡ଼ା ଖସିଥିଲା। ପୁଣି ଅତଡ଼ା ଖସିବାରୁ ସାଧାରଣରେ ଭୟର ବାତାବରଣ ସୃଷ୍ଟି ହୋଇଛି। ବିଶେଷକରି ବଇଣ୍ଡା-ଆଠମଲ୍ଲିକ ପୂର୍ତ୍ତ ବିଭାଗ ରାସ୍ତାରେ ଏହି ଘାଟି ପଡୁଥିବା ବେଳେ ସାମାନ୍ୟ ବର୍ଷା ହେଲେ ପାହାଡ଼ରୁ ପଥର ସହ ମାଟି ଅତଡ଼ା ବାରମ୍ବାର ଖସୁଛି। ଫଳରେ ଏହି ରାସ୍ତା ଦେଇ ଯାଉଥିବା ଲୋକେ ନିଜକୁ ନିରାପଦ ମନେକରୁ ନାହାନ୍ତି। ପୂର୍ବରୁ ମଧ୍ୟ ୫/୬ ଥର ଅତଡ଼ା ଖସିଥିଲେ ବି ପ୍ରଶାସନ ପକ୍ଷରୁ କୌଣସି ସ୍ଥାୟୀ ପ୍ରତିକାର କରାଯାଇନାହିଁ। ଏହି ଘାଟି ରାସ୍ତା ଦେଇ ପ୍ରତ୍ୟେକ ଦିନ ଶହ ଶହ ଗାଡ଼ି ଯାତାୟାତ କରୁଛି। ହେଲେ ଅତଡ଼ା ଖସିବାକୁ ନେଇ ଲୋକେ ଭୟଭୀତ ହୋଇପଡ଼ିଛନ୍ତି।



ତୁରନ୍ତ ଏ ଦିଗରେ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହୋଇଛି।

## ମିଳିତ ଜନଅଭିଯୋଗ ଶୁଣାଣି ଶିବିର

# ୭ଟି ଅଭିଯୋଗର ତୁରନ୍ତ ସମାଧାନ

କେନ୍ଦ୍ରାପଡ଼ା/ଆଳି, ୬।୭ (ସମିସ)



ଜନସାଧାରଣଙ୍କ ଅଭିଯୋଗର ତ୍ୱରିତ ସମାଧାନ ସହ ପ୍ରଶାସନିକ ସେବାକୁ ଲୋକଙ୍କ ନିକଟରେ ପହଞ୍ଚାଇବା ଉଦ୍ଦେଶ୍ୟରେ ସୋମବାର ଆଳି ବ୍ଲକ କାର୍ଯ୍ୟାଳୟରେ ଜିଲ୍ଲାପାଳ ରଘୁରାମ ଆର୍. ଆୟରଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ସିଦ୍ଧାର୍ଥ କାଟାରିଆଙ୍କ ଉପସ୍ଥିତିରେ ମିଳିତ ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଛି। ଏହି ଶିବିରରେ ଜିଲ୍ଲାର ବିଭିନ୍ନ ଅଞ୍ଚଳରୁ ଆସିଥିବା ଅଭିଯୋଗକାରୀ ସେମାନଙ୍କର ବ୍ୟକ୍ତିଗତ ଓ ସାମୂହିକ ସମସ୍ୟା ଉପସ୍ଥାପନ କରିଥିଲେ। ଏଥିରୁ ୭ଟି ଅଭିଯୋଗର ତୁରନ୍ତ ସମାଧାନ କରାଯାଇଛି। ଆଜି ଶିବିରରେ ୬୯ଟି ଅଭିଯୋଗ ଗ୍ରହଣ କରାଯାଇଥିଲା। ସେଥିମଧ୍ୟରୁ ୪୬ଟି ବ୍ୟକ୍ତିଗତ ଓ ୨୩ଟି ସାମୂହିକ ଅଭିଯୋଗ ଥିଲା। ପାନୀୟଜଳ ଯୋଗାଣ, ଶିକ୍ଷା, ସ୍ୱାସ୍ଥ୍ୟସେବା, କୃଷି, ବିଦ୍ୟୁତ ସେବା, ଜଳସେଚନ, ବ୍ୟାଙ୍କିଂ ସେବା, ରାସ୍ତାଘାଟ, ରାଜସ୍ୱ ଓ ବିଭିନ୍ନ ସରକାରୀ କଲ୍ୟାଣମୂଳକ ଯୋଜନା ସମ୍ପର୍କିତ ଅଭିଯୋଗ ଥିଲା। ଏଥିମଧ୍ୟରୁ ୭ଟି ଅଭିଯୋଗର ଘଟଣାସ୍ଥଳରେ ତୁରନ୍ତ ସମାଧାନ କରାଯାଇଥିଲା। ସେହିପରି ୩ ଜଣ ହିତାଧିକାରୀଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ମୋଟ ୧୫,୦୦୦ ଟଙ୍କାର ଆର୍ଥିକ ସହାୟତା ମଞ୍ଜୁର କରାଯାଇଥିଲା। ଅବଶିଷ୍ଟ ଅଭିଯୋଗର ଶୀଘ୍ର ଓ ପ୍ରଭାବଶାଳୀ ସମାଧାନ ପାଇଁ ସମ୍ପୃକ୍ତ ବିଭାଗକୁ ପ୍ରେରଣ କରାଯାଇଥିଲା। ଏ ଅବସରରେ ଜିଲ୍ଲାପାଳ ରଘୁରାମଆର୍. ଆୟରଅଭିଯୋଗର ଗୁରୁତ୍ୱ ଅନୁଧ୍ୟାନ କରି ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଧାରିତ ସମୟ ମଧ୍ୟରେ ସମାଧାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଶିବିରରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ଅଜାମ୍ବର ମହାନ୍ତି, ଅତିରିକ୍ତ ଜିଲ୍ଲାପାଳ ନବକୃଷ୍ଣ ଜେନା, ଉପଜିଲ୍ଲାପାଳ ଅରୁଣ ନାୟକ, ଆଳି ବିଡିଓ ଅଭିଜୀତ ସେଠୀ, ତହସିଲଦାର ସୁମନ ଘୋଷ, ଡେପୁଟି କଲେକ୍ଟର ସରୋଜ ବେହେରାଙ୍କ ସମେତ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ଉପସ୍ଥିତ ରହି ଜନସାଧାରଣଙ୍କ ଅଭିଯୋଗ ଶୁଣିଥିଲେ। ପରବର୍ତ୍ତୀ ଶିବିର ୧୩ ତାରିଖରେ ମାର୍ଶାଘାଇ ବ୍ଲକରେ ଅନୁଷ୍ଠିତ ହେବ।

**୩ ହିତାଧିକାରୀଙ୍କୁ ସିଏମଆରଏଫରୁ ୧୫ ହଜାର ସହାୟତା**

## ମାମୁଘର ଗାଁରେ ଭଣଜା ହାତକୁ ହାଣିଦେଲା ଯୁବକ

ରାଜକନିକା, ୬।୭ (ସମିସ): ବରୁଣାଡିହା ଗ୍ରାମରେ ଆଜି ସକାଳେ ମାମୁ ଘରକୁ ଆସିଥିବା ଜଣେ ଭଣଜାର ଡାହାଣ ହାତକୁ ଭୁଜାଲିରେ ହାଣି ଦେଇଛନ୍ତି ଜଣେ ଯୁବକ। ନୂଆଆସ ଗାଁର ଗୋଲେଖ ଥାଟୋଇଙ୍କ ପୁଅ ସୌରଭ ଥାଟୋଇ (୨୧) ଆଜି ସକାଳେ ମାମୁଁଘର ବରୁଣାଡିହା ଯାଇଥିଲେ। ମାମୁଁଘର ପାଖରେ ବୁଲୁଥିବାବେଳେ ସେହି ଗାଁର ବାପୁନା ନାୟକ (୩୫) ନାମକ ଯୁବକ ତାଙ୍କୁ ଅତର୍କିତ ଭାବେ ଭୁଜାଲିରେ ହାଣିବାରୁ ସୌରଭ ବଞ୍ଚିବା ପାଇଁ ଡାହାଣ ହାତ ଦେଖାଇ ଦେବାରୁ ହାତର ମଣିବନ୍ଧ ପାଖରୁ ହାତ ଓ ପାପୁଲିର ୮୦ ଭାଗ କଟିଯାଇଛି। ମୁମୂର୍ଷୁ ଅବସ୍ଥାରେ ସୌରଭଙ୍କୁ ଗାଁ ଲୋକେ ଉଦ୍ଧାର କରି ରାଜକନିକା ମେଡିକାଲ ଅଣାଯିବା ପରେ ଅବସ୍ଥା ଗୁରୁତର ଥିବାରୁ ପ୍ରାଥମିକ ଚିକିତ୍ସା ପରେ କଟକ ପଠାଯାଇଛି। ଏହି ଘଟଣା ପରେ ଗାଁରେ ଉତ୍ତେଜନା ଦେଖା ଦେବା ସହ ପୁଲିସ ବରୁଣାଡିହା ଯାଇ ଯୁବକକୁ ଖୋଜିବା ବେଳେ ସେ ଚମ୍ପଟ ମାରିଥିଲା। ପୁଲିସ ତାକୁ ଧରିବାକୁ ପିଛା କରି ପତରପୁର ଯାଏ ଗୋଡ଼ାଇ ବିଫଳ ହୋଇଥିଲା। ତେବେ ବାପୁନା ମାନସିକ ଭାବେ ସାମାନ୍ୟ ଅସୁସ୍ଥ ଥାଇ ଗାଁରେ ସମୟ ସମୟରେ ବିକୃତ ଆଚରଣ କରିଥାଏ ବୋଲି ସୂଚନା ମିଳିଛି।



## ମିଳୁନି ଭତ୍ତା, ବ୍ଲକ୍‌ରେ ବୃଦ୍ଧାଙ୍କ ଧାରଣା



ରାଜକନିକା, ୬।୭ (ସମିସ): ଦିନକୁ ଦିନ ବଢ଼ିବାରେ ଲାଗିଛି ବ୍ଲକର ଭତ୍ତା ସମସ୍ୟା। ପ୍ରତିଦିନ ଭତ୍ତାରୁ ବଞ୍ଚିତ ହୋଇଥିବା ବୃଦ୍ଧବୃଦ୍ଧା ବ୍ଲକ୍‌କୁ ଆସି ସେମାନଙ୍କ ସମସ୍ୟା କହି ଭତ୍ତା ପାଇଁ ନେହୁରା ହେଉଛନ୍ତି। ଆଜି ସକାଳେ ବରୁଣାଡିହା ପଞ୍ଚାୟତର କେତେକ ବୃଦ୍ଧା ବ୍ଲକର ଭତ୍ତା ସେକ୍ସନ ଆଗରେ ବସି ରହି ଭତ୍ତା ଦେବାକୁ ଦାବି କରିଥିଲେ। ଦାୟିତ୍ୱରେ ଥିବା ଅଧିକାରୀ ବୁଝାସୁଝା କରି ବ୍ୟାଙ୍କକୁ ବିଦା କରିଛନ୍ତି। ୩ ମାସ ଧରି ଅଧିକାଂଶ ଭତ୍ତାଧାରୀ ବୃଦ୍ଧବୃଦ୍ଧା, ଭିନ୍ନକ୍ଷମ ଅଫଲାଇନ ଓ ଅନଲାଇନ ଭତ୍ତା ପାଇବାରୁ ବିଳମ୍ବ ପରେ ଏବେ ପ୍ରାୟ ଭତ୍ତା ପାଇଛନ୍ତି। ପ୍ରାୟ ପ୍ରତି ପଞ୍ଚାୟତରେ ଲାଗି ରହିଥିବା ଭତ୍ତା ସମସ୍ୟା ସୁଧାର ପାଇଁ ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ବ୍ୟାଙ୍କ ମାଧ୍ୟମରେ ଭତ୍ତା ପାଉଥିବା ବ୍ୟକ୍ତିଙ୍କ ଡିବିଟି କରାଇବାକୁ ପରାମର୍ଶ ଦେବା ପରେ ଅନେକ ଭତ୍ତା ପାଇଥିଲେ ହେଁ ଆହୁରି ବହୁତ ହିତାଧିକାରୀ ଭତ୍ତା ନ ପାଇ ବ୍ଲକରେ ଆସି ବସି ରହୁଛନ୍ତି। ଭତ୍ତା ପ୍ରଦାନରେ ଦେଖା ଦେଇଥିବା ସମସ୍ୟା ସୁଧାର ପାଇଁ ଜିଲ୍ଲାପାଳ ପଦକ୍ଷେପ ନେବାକୁ ଦାବି ହୋଇଛି।

## ୮ରୁ ରାଜସ୍ୱ ଅଭିଯୋଗ ଶୁଣାଣି

କେନ୍ଦ୍ରାପଡ଼ା, ୬।୭ (ସମିସ): ଜିଲ୍ଲାର ବିଭିନ୍ନ ତହସିଲରେ ରାଜସ୍ୱ ସମ୍ପର୍କିତ ଅଭିଯୋଗର ଶୀଘ୍ର ସମାଧାନ ଓ ସାଧାରଣ ଲୋକଙ୍କୁ ସୁବିଧା ଯୋଗାଇବା ଉଦ୍ଦେଶ୍ୟରେ ଜୁଲାଇ ମାସ ପାଇଁ ବରିଷ୍ଠ ଅଧିକାରୀଙ୍କ ଦ୍ୱାରା ତହସିଲ ସ୍ତରୀୟ ରାଜସ୍ୱ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ନିର୍ଦ୍ଧାରଣ କରାଯାଇଛି। ୮ ତାରିଖ ପୂର୍ବାହ୍ନ ୧୦.୩୦ ମିନିଟ୍‌ରେ ଆଳି ତହସିଲରେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ନବକୃଷ୍ଣ ଜେନା, ୧୪ ତାରିଖରେ ଗରଦପୁର ତହସିଲରେ ଜିଲ୍ଲାପାଳ ରଘୁରାମ ଆର୍. ଆୟର ଅଭିଯୋଗ ଶୁଣାଣି କରିବେ। ୧୫ ତାରିଖରେ ମାର୍ଶାଘାଇ ତହସିଲରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ରବୀନ୍ଦ୍ର ମଲ୍ଲିକ, ୨୨ ତାରିଖରେ କେନ୍ଦ୍ରାପଡ଼ା ତହସିଲ, ୨୩ ତାରିଖରେ ଡେରାବିଶ ତହସିଲରେ ଉପଜିଲ୍ଲାପାଳ ଅରୁଣ କୁମାର ନାୟକ ଅଭିଯୋଗ ଶୁଣାଣି କରିବେ। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପକ୍ଷରୁ ସମସ୍ତ ତହସିଲଦାରଙ୍କୁ ଅଭିଯୋଗ ଶୁଣାଣି ସମ୍ପର୍କରେ ବ୍ୟାପକ ପ୍ରଚାର-ପ୍ରସାର କରିବା, ସମ୍ପୃକ୍ତ ଅଭିଯୋଗକାରୀଙ୍କୁ ପୂର୍ବରୁ ସୂଚନା ପ୍ରଦାନ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି।

## ବିଦ୍ୟୁତ୍ ଆଘାତରେ କର୍ମଚାରୀ ସଂଘର ପୂର୍ବତନ ସମ୍ପାଦକଙ୍କ ମୃତ୍ୟୁ



ଗରଦପୁର, ୬।୭ (ସମିସ): ଗରଦପୁର ଉଠାଜଳସେଚନ ସବ୍‌ଡିଭିଜନ କାର୍ଯ୍ୟାଳୟ କର୍ମଚାରୀ ସଂଘର ପୂର୍ବତନ ସମ୍ପାଦକ ରଞ୍ଜନ କୁମାର ପାଣି (୬୨)ଙ୍କ ରବିବାର ସକାଳେ ବିଦ୍ୟୁତ୍ ଆଘାତରେ ମୃତ୍ୟୁ ଘଟିଛି। ଏ ନେଇ ଗରଦପୁର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଶ୍ରୀ ପାଣି ଘରେ ପାଣି ମୋଟର ଚାଲୁ କରୁଥିବାବେଳେ ବିଦ୍ୟୁତ୍ ଆଘାତର ଶିକାର ହୋଇଥିଲେ । ପରିବାର ଲୋକ ଓ ସ୍ଥାନୀୟ ବାସିନ୍ଦା ତାଙ୍କୁ ପାଟକୁରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପାଟକୁରା ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇ ପୁଲିସ ତଦନ୍ତ ଆରମ୍ଭ କରିଛି। ମୃତଦେହକୁ ବ୍ୟବଚ୍ଛେଦ ପାଇଁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଥିଲା। ବ୍ୟବଚ୍ଛେଦ ପରେ ମରଶରୀରକୁ ଗ୍ରାମକୁ ଅଣାଯାଇ ଶୋଭାଯାତ୍ରାରେ ଚିତ୍ରୋପ୍ତଳା ନଦୀକୂଳ ଶ୍ମଶାନକୁ ନିଆଯାଇ ଶେଷକୃତ୍ୟ କରାଯାଇଛି। ବଡ଼ପୁଅ ପ୍ରଶାନ୍ତ ପାଣି ମୁଖାଗ୍ନି ଦେଇଥିଲେ। ସମିତି ସଭ୍ୟ ତଥା ବିଜେଡି ନେତା ଦିଲ୍ଲୀପ ପଣ୍ଡା, ବିଧାୟକଙ୍କ ପ୍ରତିନିଧି କ୍ଷିତୀଶ ଦାସ, ପାଖଡ଼ ସରପଞ୍ଚଙ୍କ ପ୍ରତିନିଧି ପ୍ରତାପ ସ୍ୱାଇଁ, ଗରଦପୁର ସରପଞ୍ଚଙ୍କ ପ୍ରତିନିଧି ରମାକାନ୍ତ ବେହେରା, ଭବାନୀ ପାଣି, ଶିବପ୍ରସାଦ ପଣ୍ଡା, ଗୌରାଙ୍ଗ ରଥ, ରାଜା ସାହୁ ପ୍ରମୁଖ ଶୋଭାଯାତ୍ରାରେ ସାମିଲ ଥିଲେ। ସ୍ୱର୍ଗତ ପାଣି ଜଣେ ମିଷ୍ଟଭାଷୀ, ପରୋପକାରୀ ଓ ସମାଜମଙ୍ଗଳ କାର୍ଯ୍ୟରେ ସକ୍ରିୟ ବ୍ୟକ୍ତି ଭାବେ ଅଞ୍ଚଳରେ ପରିଚିତ ଥିଲେ।

## ପ୍ରେମିକାଠାରୁ ୩୦ ହଜାର ଟଙ୍କା ନେଇ ପ୍ରେମିକ ଚମ୍ପଟ

ରାଜକନିକା, ୬।୭ (ସମିସ): ଇନଷ୍ଟାଗ୍ରାମରୁ ପ୍ରେମ। ପ୍ରେମିକ ପ୍ରବର ପ୍ରେମର ନାଟକ କରି ପ୍ରେମିକାଠାରୁ ମାଆ ଦେହ ଖରାପ କହି ୩୦ ହଜାର ଟଙ୍କା ନେଇ ଏବେ ଆଉ ଧରାଚୁଆଁ ଦେଉ ନ ଥିବାରୁ ପ୍ରେମିକା ଏବେ ଟଙ୍କା ଫେରିପାଇବାକୁ ଥାନାର ଦ୍ୱାରସ୍ଥ ହୋଇଛନ୍ତି। ଚାନ୍ଦବାଲି ଥାନା ଅନ୍ତର୍ଗତ ବାଲୁକୁଡି ଅଞ୍ଚଳର ଜଣେ ନାବାଳିକା ଯୁବତୀ ଇନଷ୍ଟାଗ୍ରାମରେ ରାଜକନିକା ଥାନାଞ୍ଚଳର ଜଣେ ଯୁବକଙ୍କ ସହ ପ୍ରେମରେ ପଡ଼ିଥିଲେ। ଉଭୟଙ୍କ ମଧ୍ୟରେ ୮ ମାସର ପ୍ରେମ ଚାଲିଥିବାବେଳେ ୧୫ ଦିନ ପୂର୍ବରୁ ପ୍ରେମିକ ତା'ର ମାଆ ଦେହ ଖରାପ ଥିବା କହି ଚିକିତ୍ସା ପାଇଁ ପ୍ରେମିକାଠାରୁ ୩୦ ହଜାର ଟଙ୍କା ଚାନ୍ଦବାଲି ପୋଲ ନିକଟରେ ଆଣିଥିଲେ। ସାଥିରେ ପ୍ରେମିକର ସାଙ୍ଗ ଥିଲା। ଟଙ୍କା ନେବା ପରେ ପ୍ରେମିକ ଆଉ ପ୍ରେମିକାର ଫୋନ ଉଠାଇ ନ ଥିଲେ। ଫଳରେ ପ୍ରେମିକା ଟଙ୍କା ଫେରି ପାଇବାକୁ ଆଜି ସନ୍ଧ୍ୟାରେ ମାଆ ସହ ରାଜକନିକା ଥାନାକୁ ଆସି ଏତଲା ଦେଇଛନ୍ତି। ପୁଲିସ ଏତଲା ପାଇବା ପରେ ପ୍ରେମିକ ଓ ତା'ର ସାଙ୍ଗ ଘରକୁ ଯାଇ ଥାନାକୁ ଡାକିଥିବାବେଳେ ଏହି ଖବର ଏବେ ବେଶ ଚର୍ଚ୍ଚାରେ ରହିଛି।

## ମୂଳୁଗାଇଁ ବିଦ୍ୟାଳୟରେ ବନ ମହୋତ୍ସବ



ପଟ୍ଟାମୁଣ୍ଡାଇ, ୬।୭ (ସମିସ): 'ବୃକ୍ଷ ହିଁ ଜୀବନ' ଉକ୍ତିକୁ କାର୍ଯ୍ୟରେ ସଫଳ ରୂପାୟନ କରିବା ନିମନ୍ତେ ପଟ୍ଟାମୁଣ୍ଡାଇ ବ୍ଲକ ମୂଳୁଗାଇଁ ପ୍ରକଳ୍ପ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ପରିବେଶକୁ ସରସ ସୁନ୍ଦର ରଖିବା ସକାଶେ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରକୃତିବନ୍ଧୁ କବି ଅନ୍ତର୍ଯ୍ୟାମୀ ବେଜଙ୍କ ନେତୃତ୍ୱରେ ସହକାରୀ ଶିକ୍ଷକ ରଶ୍ମିରଞ୍ଜନ ଓଝାଙ୍କ ସମେତ ସ୍କୁଲ ଶିକ୍ଷକଙ୍କ ସହଯୋଗରେ ବ୍ୟାପକ ଚାରା ଗଛ ରୋପଣ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଉକ୍ତ ଚାରା ରୋପଣ କାର୍ଯ୍ୟକ୍ରମରେ ବୃକ୍ଷର ପରିବେଶ ସୁରକ୍ଷାରେ ଥିବା ଗୁରୁତ୍ୱପୂର୍ଣ୍ଣ ଭୂମିକା ସମ୍ପର୍କରେ ପ୍ରଧାନଶିକ୍ଷକ ଛାତ୍ରଛାତ୍ରୀଙ୍କୁ ବୁଝାଇବା ସହିତ ପରିବେଶ ସୁରକ୍ଷା ଦିଗରେ ସେମାନେ କାର୍ଯ୍ୟ କରିବାକୁ ପରାମର୍ଶ ଦେବା ସହିତ ପରିବେଶ ସୁରକ୍ଷା ସଚେତନତା ବାର୍ତ୍ତା ଦେଇଥିଲେ। ପ୍ରଧାନଶିକ୍ଷକ, ଶିକ୍ଷକ ଓ ଛାତ୍ରଛାତ୍ରୀ ଚାରା ଗଛ ରୋପଣ କରିଥିଲେ।

### ବାପପୁଅଙ୍କ ଶାବଳ ଆକ୍ରମଣରେ ବ୍ୟବସାୟୀ ଗୁରୁତର

## ଆଇସିୟୁରେ ଶଶୀକାନ୍ତ; ମୁଖ୍ୟ ଅଭିଯୁକ୍ତ ଫେରାର

କେନ୍ଦ୍ରାପଡ଼ା/ଡେରାବିଶ, ୬।୭ (ସମିସ): କେନ୍ଦ୍ରାପଡ଼ା ସଦର ଥାନା ଅଧୀନ ନରଣପଡ଼ା ଗ୍ରାମରେ ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ବାପପୁଅଙ୍କ ମରଣାନ୍ତକ ଶାବଳ ଆକ୍ରମଣରେ ଜଣେ ବ୍ୟବସାୟୀ ଗୁରୁତର ଆହତ ହୋଇ ଭୁବନେଶ୍ୱରର ଏକ ଘରୋଇ ଚିକିତ୍ସାଳୟର ଆଇସିୟୁରେ ମୃତ୍ୟୁ ସହ ସଂଗ୍ରାମ କରୁଛନ୍ତି। ଏହି ଘଟଣାକୁ ନେଇ ଅଞ୍ଚଳରେ ଉତ୍ତେଜନା ପ୍ରକାଶ ପାଇଥିବାବେଳେ ଅଭିଯୁକ୍ତଙ୍କ ତୁରନ୍ତ ଗିରଫ ଦାବିରେ ଗ୍ରାମବାସୀ ସଦର ଥାନା ଘେରଉ କରିଥିଲେ।

ସୂଚନା ମୁତାବକ, ବ୍ୟବସାୟୀ ଶଶୀକାନ୍ତ ଦାଶ ଚାନ୍ଦୋଳ ବଜାରରେ ତେଜରାତି ଦୋକାନ କରି ପରିବାର ପ୍ରତିପୋଷଣ କରୁଛନ୍ତି। ରବିବାର ରାତିରେ ତାଙ୍କ ପତ୍ନୀ ସଂଘମିତ୍ରା ଦାଶଙ୍କୁ ପଡ଼ୋଶୀ ପ୍ରଦୀପ୍ତ କିଶୋର ଦାଶ ଓ ତାଙ୍କ ପୁଅ ନିଳାଦ୍ରୀ ଦାଶ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିବା ସହ ଘର ଉପରକୁ ଟେକାପଥର ଫିଙ୍ଗିଥିଲେ। ପରେ ଶାବଳରେ ଘରର ଲୁହା ଗେଟ୍ ଓ ଗ୍ରିଲ୍ ଭାଙ୍ଗି ଘର ଭିତରକୁ ପଶିବାକୁ ଉଦ୍ୟମ କରିଥିଲେ। ଏ ସମ୍ପର୍କରେ ସଂଘମିତ୍ରା ଫୋନ୍ ଯୋଗେ ସ୍ୱାମୀ ଶଶୀକାନ୍ତଙ୍କୁ ଜଣାଇଥିଲେ। ଶଶୀକାନ୍ତ ବାଇକ୍‌ରେ ଫେରୁଥିବାବେଳେ ଘର ନିକଟରେ ପୂର୍ବରୁ ଛକି ରହିଥିବା ପ୍ରଦୀପ ଓ ନିଳାଦ୍ରୀ ତାଙ୍କ ଉପରେ ଶାବଳରେ ଅତର୍କିତ ଆକ୍ରମଣ କରିଥିଲେ। ମୁଣ୍ଡରେ ଶାବଳ ପ୍ରହାର ହେବାରୁ ସେ ଗୁରୁତର ଆହତ ହୋଇ ରକ୍ତାକ୍ତ ଅବସ୍ଥାରେ ଘଟଣାସ୍ଥଳରେ ପଡ଼ିଯାଇଥିଲେ। ପ୍ରଥମେ ତାଙ୍କୁ ନିଶ୍ଚିନ୍ତକୋଇଲି ଡାକ୍ତରଖାନା, ପରେ କଟକ ଓ



ସେଠାରେ ଅବସ୍ଥା ସଙ୍କଟାପନ୍ନ ହେବାରୁ ଭୁବନେଶ୍ୱରର ଏକ ଘରୋଇ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ବର୍ତ୍ତମାନ ସେ ଆଇସିୟୁରେ ଚିକିତ୍ସାଧୀନ ଅଛନ୍ତି। ଶଶୀକାନ୍ତଙ୍କ ପତ୍ନୀ ସଂଘମିତ୍ରା ସଦର ଥାନାରେ ଦେଇଥିବା ଏତଲାରେ ଦର୍ଶାଇଛନ୍ତି ଯେ, ପୂର୍ବରୁ ମଧ୍ୟ ପ୍ରଦୀପ ଓ ନିଳାଦ୍ରୀ ତାଙ୍କ ପରିବାର ଉପରେ ଅନେକଥର ଆକ୍ରମଣ କରିଛନ୍ତି। ଶଶିକାନ୍ତ ସଦର ଥାନାରେ ୮ରୁ ଅଧିକ ଥର ଅଭିଯୋଗ କରିଥିଲେ ମଧ୍ୟ ପୁଲିସ ପ୍ରଭାବଶାଳୀ ପଦକ୍ଷେପ ନେଇ ନ ଥିବାରୁ ଅଭିଯୁକ୍ତମାନେ ସାହସ ପାଇ ଏଭଳି ମରଣାନ୍ତକ ଆକ୍ରମଣ କରିଥିବା ସେ ଅଭିଯୋଗ କରିଛନ୍ତି। କିଛିଦିନ ପୂର୍ବରୁ ଶଶୀକାନ୍ତଙ୍କ ପୁଅଙ୍କୁ ମଧ୍ୟ ଛୁରିମାଡ଼ କରାଯାଇଥିବା ସେ କହିଛନ୍ତି। ଘଟଣା ପରେ ଅଭିଯୁକ୍ତଙ୍କ ତୁରନ୍ତ ଗିରଫ ଓ ଆହତ ଶଶୀକାନ୍ତଙ୍କ ପରିବାରକୁ କ୍ଷତିପୂରଣ ଦାବିରେ ଗ୍ରାମବାସୀ ସଦର ଥାନା ଘେରଉ କରିଥିଲେ। ଖବର ପାଇ ଅତିରିକ୍ତ ଏସ୍‌ପି ସୁଧାକର ସାହୁ, କେନ୍ଦ୍ରାପଡ଼ା ଏସ୍‌ଡିପିଓ ଜ୍ୟୋତିରଞ୍ଜନ ଗୌଡ଼, ସଦର ଥାନା ଅଧିକାରିଣୀ ପଦ୍ମାଳୟା ପ୍ରଧାନ ଓ ଚାନ୍ଦୋଳ ଫାଣ୍ଡି ଅଧିକାରୀ ହରେକୃଷ୍ଣ ନନ୍ଦ ପହଞ୍ଚି ଆନ୍ଦୋଳନକାରୀଙ୍କୁ ବୁଝାସୁଝା କରିବା ସହ ନରଣପଡ଼ା ଗ୍ରାମରେ ତଦନ୍ତ କରିଥିଲେ। ପୁଲିସ ପ୍ରଦୀପ୍ତଙ୍କ ସ୍ତ୍ରୀ ଓ ସାନପୁଅଙ୍କୁ ପଚରାଉଚରା ପାଇଁ ଅଟକ ରଖିଥିବାବେଳେ ମୁଖ୍ୟ ଅଭିଯୁକ୍ତ ପ୍ରଦୀପ ଓ ନିଳାଦ୍ରୀ ଫେରାର ହୋଇଯାଇଥିଲେ। ସେମାନଙ୍କୁ ଧରିବା ପାଇଁ ସଦର ଥାନା ଅଧିକାରିଣୀ ପଦ୍ମାଳୟା ପ୍ରଧାନଙ୍କ ନେତୃତ୍ୱରେ ତିନୋଟି ସ୍ୱତନ୍ତ୍ର ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ଉ କରିଥିଲା। ପରେ ପୁଲିସ ଭୁବନେଶ୍ୱରରୁ ପ୍ରଦୀପ୍ତ ଦାଶଙ୍କୁ ଗିରଫ କରିଥିବାବେଳେ ନିଳାଦ୍ରୀ ଦାଶଙ୍କୁ ଧରିବା ପାଇଁ ତଲାସି ଜାରି ରହିଛି। ସଦର ଥାନାରେ ସଂଘମିତ୍ରାଙ୍କ ଏତଲା ଆଧାରରେ ମାମଲା ରୁଜୁ କରାଯାଇଛି।

**ଅଭିଯୁକ୍ତଙ୍କ ଗିରଫ ଦାବିରେ ସଦର ଥାନା ଘେରଉ**

## ଚୋରାମଦ ଜବତ, ୬ ଗିରଫ

କେନ୍ଦ୍ରାପଡ଼ା, ୬।୭ (ସମିସ): ଜିଲ୍ଲାପାଳ ରଘୁରାମ ଆୟରଙ୍କ ନିର୍ଦ୍ଦେଶକ୍ରମେ ଅବକାରୀ ଅଧୀକ୍ଷକ ବିପ୍ରଚରଣ ମଣ୍ଡଳଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଜିଲ୍ଲାର ଜମ୍ବୁ ମେରାଇନ ଓ ମାର୍ଶାଘାଇ ଥାନା ଅଧୀନସ୍ଥ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇ ପ୍ରଭାକରପୁର ଗ୍ରାମର ଚନ୍ଦା ଖିଲରଙ୍କଠାରୁ ୨୭ ଲିଟର ଦେଶୀ ରନ୍ଧା ମଦ, ବଉଳକଣି ଗ୍ରାମର ରବି ଖିଲରଙ୍କଠାରୁ ୮୫୦ କିଗ୍ରାର ଗୁଡ ପୋଚ ମଦ, ଗୌରାଙ୍ଗ ରାଉତଙ୍କଠାରୁ ୬୫୦ କିଗ୍ରାର ଗୁଡ ପୋଚ ମଦ, ବଡପାଳ ଗ୍ରାମର ଶୋଭ ବେହେରାଙ୍କଠାରୁ ୭୧ ଲିଟର ବିଦେଶୀ ମଦ, ତିଖିରି ଗ୍ରାମର ତୁନିଲତା ପଲାଇଙ୍କଠାରୁ ୬୨ ଲିଟର ବିଦେଶୀ ମଦ ଓ ଡେକାନୀ ଗ୍ରାମର ନୃସିଂହ ପ୍ରଧାନଙ୍କଠାରୁ ୩୫୪ ଲିଟର ଗୁଡପୋଚ ମଦ ଜବତ କରାଯାଇ ଏମାନଙ୍କୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି। ଏହି ଚଢ଼ଉରେ ଅବକାରୀ ଉପନିରୀକ୍ଷକ ପ୍ରିୟଦର୍ଶୀ ମାନସ ମିଶ୍ର ଓ ଅନ୍ୟ କର୍ମଚାରୀ ସାମିଲ ଥିଲେ।

### ଅଧାରେ ଅଟକିଛି ରାସ୍ତା ଓ ପୋଲ କାମ

## ଘଣ୍ଟ ବଜାଇ ଯୁବକଙ୍କ ଅଭିନବ ପ୍ରତିବାଦ

କେନ୍ଦ୍ରାପଡ଼ା, ୬।୭ (ସମିସ): ଗ୍ରାମର ଦୀର୍ଘଦିନର ସମସ୍ୟା ପ୍ରତି ପ୍ରଶାସନର ଦୃଷ୍ଟି ଆକର୍ଷଣ କରିବା ପାଇଁ ଜଣେ ଯୁବକଙ୍କ ଅଭିନବ ପ୍ରତିବାଦ ଆଜି କେନ୍ଦ୍ରାପଡ଼ା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଦେଖିବାକୁ ମିଳିଛି। ବେକରେ ଉତ୍ତରୀୟ, ଫୁଲମାଳ ଓ ହାତରେ ଘଣ୍ଟ ଧରି ପ୍ରଶାସନର 'ଶୋଇଥିବା ନିଦ ଭାଙ୍ଗିବା' ପାଇଁ ଘଣ୍ଟ ବଜାଇ ପ୍ରତିବାଦ କରିଛନ୍ତି ଡେରାବିଶ ବ୍ଲକ ଖୁମଳ ପଞ୍ଚାୟତ ଜହ୍ନିମୂଳ ଗ୍ରାମର ଯୁବକ ବାପିନ ମଲ୍ଲ। ଜହ୍ନିମୂଳ ଗ୍ରାମରେ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ପ୍ରାୟ ଦୁଇବର୍ଷ ତଳେ ଏକ ରାସ୍ତା ଓ ପୋଲ ନିର୍ମାଣ କାମ ଆରମ୍ଭ କରାଯାଇଥିଲା। କାମ ଆଗକୁ ବଢ଼ି ନ ଥିବାବେଳେ ଚଳିତ ବର୍ଷ ଜାନୁଆରୀ ମାସରେ ଠିକାଦାର ପୁରୁଣା ପୋଲକୁ ଭାଙ୍ଗିଦେଇଥିଲେ। ସେହିଦିନଠାରୁ ନୂଆ



ପୋଲ ନିର୍ମାଣ କାମ ଅଧାରେ ଅଟକି ରହିଛି। ଜହ୍ନିମୂଳ ସମେତ ଆଖପାଖ ଅଞ୍ଚଳର ଲୋକେ ଦୈନିକ ଯାତାୟାତ ପାଇଁ ପ୍ରାୟ ୫ କିଲୋମିଟର ବୁଲିଯିବାକୁ ବାଧ୍ୟ ହେଉଛନ୍ତି। ସ୍କୁଲ ଛାତ୍ରଛାତ୍ରୀ, ଚାଷୀ, ରୋଗୀ ଓ ସାଧାରଣ ଲୋକ ଏଥିପାଇଁ ବିଶେଷ ହଇରାଣ ହେଉଥିବା ଅଭିଯୋଗ ହୋଇଛି। ବାରମ୍ବାର ଗ୍ରାମ୍ୟ ଉନ୍ନୟନ ବିଭାଗ ଓ ଜିଲ୍ଲାପାଳଙ୍କୁ ଏ ସମ୍ପର୍କରେ ଅବଗତ କରାଯାଇଥିଲେ ମଧ୍ୟ କୌଣସି ଫଳପ୍ରଦ ପଦକ୍ଷେପ ନିଆଯାଇ ନ ଥିବାରୁ ବାପିନ ମଲ୍ଲ ଏହି ଅଭିନବ ଉପାୟରେ ପ୍ରତିବାଦ କରିଛନ୍ତି। ଘଣ୍ଟ ବଜାଇ ସେ କହିଛନ୍ତି, ଗ୍ରାମବାସୀଙ୍କ ଦୀର୍ଘଦିନର ସମସ୍ୟା ପ୍ରତି ପ୍ରଶାସନ ଆଉ ବିଳମ୍ବ ନକରି ତୁରନ୍ତ ଦୃଷ୍ଟି ଦେବା ସହ ଅଧାପନ୍ତରିଆ ରାସ୍ତା ଓ ପୋଲ ନିର୍ମାଣ କାମ ଶୀଘ୍ର ଶେଷ କରନ୍ତୁ। ଏହି ଅଭିନବ ପ୍ରତିବାଦ ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଥିବାବେଳେ ଗ୍ରାମବାସୀ ମଧ୍ୟ ତୁରନ୍ତ କାର୍ଯ୍ୟ ଆରମ୍ଭ କରିବାକୁ ପ୍ରଶାସନ ନିକଟରେ ଦାବି କରିଛନ୍ତି।

## ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ଶକ୍ତିଶ୍ରୀ ପ୍ରଶିକ୍ଷଣ ଶିବିର

ରାଜନଗର, ୬।୭ (ସମିସ): ରାଜନଗରସ୍ଥ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ଶକ୍ତିଶ୍ରୀ ପ୍ରଶିକ୍ଷଣ ଶିବିର ଉଦଘାଟିତ ହୋଇଛି। ଏହି ଶିବିର ୧୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଶିବିରରେ କିପରି ଛାତ୍ରୀମାନେ ନିଜକୁ ସୁରକ୍ଷା ଦେଇପାରିବେ, ସେ ନେଇ ସେମାନଙ୍କୁ ବିଭିନ୍ନ କୌଶଳ ପ୍ରଶିକ୍ଷଣ ଦିଆଯାଉଛି। ଅଧ୍ୟକ୍ଷ ଅମୀୟ କୁମାର ଦାସ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ଛାତ୍ରୀ ଆତ୍ମସୁରକ୍ଷାର ଆବଶ୍ୟକତା ଓ କାର୍ଯ୍ୟକାରିତା ଉପରେ କହିଥିଲେ। ଶକ୍ତିଶ୍ରୀ ପ୍ରଶିକ୍ଷଣ ସଂଯୋଜିକା ପ୍ରାଣୀ ବିଜ୍ଞାନ ଅଧ୍ୟାପିକା ଅନସୂୟା ବେହେରା ଆସନ୍ନ ପରିସ୍ଥିତି ଅନୁଯାୟୀ ଛାତ୍ରୀମାନେ କିପରି ବିଭିନ୍ନ ସୁରକ୍ଷା କୌଶଳ ପ୍ରୟୋଗ କରିବେ, ସେ ବିଷୟରେ ସଚେତନ କରାଇଥିଲେ। ଶିବିରରେ ୫୦ ଜଣ ଛାତ୍ରୀ ଭାଗ ନେଇଛନ୍ତି। ଏହି କାର୍ଯ୍ୟକ୍ରମରେ ଉଦ୍ଭିଦ ବିଜ୍ଞାନର ଅଧ୍ୟାପିକା ରାଜଶ୍ରୀ ସାମନ୍ତ, ପ୍ରଣତୀ ନାୟକ ଓ ଶୈକ୍ଷିକ କୋଷାଧ୍ୟକ୍ଷ ଅଧ୍ୟାପକ ବିଚିତ୍ରାନନ୍ଦ ପାଣି, ଅଧ୍ୟାପକ ପର୍ଶୁରାମ ନାଥ ପ୍ରମୁଖ ଯୋଗଦେଇ ଛାତ୍ରୀମାନେ କିପରି ନିଜର ଆତ୍ମରକ୍ଷା କରିପାରିବେ, ତା'ର ବିଭିନ୍ନ ଦିଗ ସମ୍ପର୍କରେ ମତ ରଖିଥିଲେ। ରାଜନୀତି ବିଜ୍ଞାନ ଅଧ୍ୟାପକ ପ୍ରତାପ ସ୍ୱାଇଁ ମଞ୍ଚ ପରିଚାଳନା କରିଥିଲେ। ପ୍ରଶିକ୍ଷିକା ଭାବେ ପ୍ରୀତିପ୍ରଭା ରାଉତ ଆତ୍ମରକ୍ଷା କୌଶଳ ଶିକ୍ଷା ପ୍ରଦାନ କରୁଥିବାବେଳେ ଗଣିତ ବିଭାଗ ଅଧ୍ୟାପକ ସନ୍ଦୀପ ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।




## ନିର୍ମାଣ ଶ୍ରମିକ ସଂଘର କାର୍ଯ୍ୟକାରୀ କମିଟି ବୈଠକ

ଡେରାବିଶ, ୬।୭ (ସମିସ): ଚାନ୍ଦୋଳସ୍ଥ ନିଖିଳ ଓଡ଼ିଶା ନିର୍ମାଣ ଶ୍ରମିକ ସଂଘର ମୁଖ୍ୟ କାର୍ଯ୍ୟାଳୟ ପରିସରରେ କେନ୍ଦ୍ରାପଡ଼ା ବ୍ଲକ୍ ଶାଖାର କାର୍ଯ୍ୟକାରୀ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ଶେଖ ରିଆଜୁଦ୍ଦିନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ମୁଖ୍ୟଅତିଥି ଭାବେ ନିଖିଳ ଓଡ଼ିଶା ନିର୍ମାଣ ଶ୍ରମିକ ସଂଘର ସାଧାରଣ ସମ୍ପାଦକ ଅଶୋକ ତ୍ରିପାଠୀ ଯୋଗ ଦେଇଥିଲେ। ଏ ଅବସରରେ ଶ୍ରୀ ତ୍ରିପାଠୀ କେନ୍ଦ୍ରାପଡ଼ା ଜିଲ୍ଲାରେ ନିର୍ମାଣ ଶ୍ରମିକଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ କହିବା ସହ ଶ୍ରମ କାର୍ଯ୍ୟାଳୟରେ ଶ୍ରମିକଙ୍କ ବିଭିନ୍ନ ସହାୟତା ରାଶି ତୁରନ୍ତ ମିଳୁ ନ ଥିବାରୁ କ୍ଷୋଭ ପ୍ରକାଶ କରିଥିଲେ। ସଂଘ ପକ୍ଷରୁ ଶ୍ରମ ଅଧିକାରୀଙ୍କୁ ବାରମ୍ବାର ଅବଗତ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳୁ ନ ଥିବା ଶ୍ରୀ ତ୍ରିପାଠୀ କହିଥିଲେ। ତେବେ ନିର୍ମାଣ ଶ୍ରମିକଙ୍କ ଦାବିକୁ ହାସଲ କରିବା ପାଇଁ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରିବାକୁ ଶ୍ରୀ ତ୍ରିପାଠୀ ଆହ୍ୱାନ ଦେଇଥିଲେ। ଶ୍ରୀ ତ୍ରିପାଠୀଙ୍କ ମତକୁ ସମର୍ଥନ କରି ମହେଶ୍ୱର ନାୟକ, ଜଗନ୍ନାଥ ବେହେରା, ପ୍ରଦୀପ୍ତ ସାମଲ, ନିତ୍ୟାନନ୍ଦ ସାମଲ, ଜଗଦୀଶ କଟାଳ ପ୍ରମୁଖ ସେମାନଙ୍କ ବକ୍ତବ୍ୟ ରଖିଥିଲେ। ସୁବାସ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

# ପାଟକୁରା ବିଜେପିର ଅତଡ଼ା ଧସୁଛି

ଗରଦପୁର, ୬।୭ (ସମିସ)

ରାଜ୍ୟସଭା ନିର୍ବାଚନରେ ପାଟକୁରା ବିଜେଡି ନିଲମ୍ବିତ ବିଧାୟକ ଅରବିନ୍ଦ ମହାପାତ୍ର ବିଜେପି ସମର୍ଥିତ ରାଜ୍ୟସଭା ପ୍ରାର୍ଥୀ ଦିଲ୍ଲୀପ ରାୟଙ୍କୁ କ୍ରସ୍ ଭୋଟିଂ କରିବା ପରେ ବସ୍ତୁତଃ ବିଜେପି ନିକଟତର ହୋଇଥିବା ନେଇ ଜଣାପଡୁଛି। ଏହାଛଡ଼ା ସରକାରଙ୍କ ଦୁଇବର୍ଷ ପୂର୍ତ୍ତି ପାଳନ ଅବସରରେ ବିଧାୟକ ନିଜ ବାସଭବନ ତଳକୁସମାଠାରେ ନିଜର ଦୁଇବର୍ଷ ସଫଳତାର ରିପୋର୍ଟ କାର୍ଡ ସାମ୍ବାଦିକ ସମ୍ମିଳନୀ କରି ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶଂସା କରିବା ନେଇ ପାଟକୁରା ବିଜେପି ସହଜରେ ହଜମ କରିପାରୁନି। ଏ ନେଇ ପାଟକୁରା ବିଜେପିରେ ପ୍ରଚଣ୍ଡ ଭାବେ ଅସନ୍ତୋଷ ତେଜୁଥିବା ଦେଖାଦେଇଛି। ଏହି କିଛିଦିନ ମଧ୍ୟରେ ସଂଗଠନ ଓ ସରକାରଙ୍କୁ ମଜଭୁତ କରିବାକୁ ଜିଲ୍ଲା ବିଜେପି ସଭାପତି ପାଟକୁରା ଆସି ଡିଜିଟାଲ ରନଙ୍ଗି ନାମରେ ବିଭିନ୍ନ ମଣ୍ଡଳରେ ଘନଘନ ବୈଠକ କରୁଥିଲେ ହେଁ ଅସନ୍ତୋଷ ନିଆଁକୁ ପ୍ରଶମିତ କରିବାକୁ ଚେଷ୍ଟା କରୁଥିଲେ ମଧ୍ୟ ତାହା ଲିଭିବାର ନାଁ ଧରୁନି। ତଳ ସ୍ତରର କର୍ମୀ କାମ ନ ପାଇବା ଓ ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାରେ ଅଣଦେଖା ହେବା ନେଇ ଏବେ ପାଟକୁରାରେ ବିଜେପି ଅତଡ଼ା ଧିରେ ଧିରେ ପଡ଼ିବାକୁ ଲାଗିଲାଣି। ସେପଟେ ବିଧାୟକ ମୁଖ୍ୟମନ୍ତ୍ରୀ ଓ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କ ନାମ କହି ନିଜର ବିଧାୟକ ପାଣ୍ଠି ୫ କୋଟି ସହ ସରକାର ଦେଇଥିବା ସ୍ପେଶାଲ ଫଣ୍ଡ ବାବଦକୁ ଅତିରିକ୍ତ ୫ କୋଟି ଓ ବିକଶିତ ଗାଁ ବିକଶିତ ଓଡ଼ିଶା କାମ ବାବଦରେ ୧୧୮ ଟି କାମରୁ ନିଜେ ୯୨ଟି କାମ ନେଇଥିବାବେଳେ ବିଜେପିକୁ ମାତ୍ର ୨୬ଟି କାମ ପ୍ରଦାନ କରାଯାଇଛି ବୋଲି ବିଜେପି ଜିଲ୍ଲା ଉପସଭାପତି ବିଜୟ ନାୟକ ଓ ପୂର୍ବତନ ମଣ୍ଡଳ ସଭାପତି ଚିତ୍ତରଞ୍ଜନ ଚୌଧୁରୀ ଅସନ୍ତୋଷ ପ୍ରକାଶ କରିବା ସହ ଶତାଧିକ କର୍ମୀ ଏଥିରେ ମଧ୍ୟ ଏକମତ ହୋଇ କେହି କାମ କରିବେ ନାହିଁ ବୋଲି ରୋକଠୋକ ଶୁଣାଇ ସରକାର ଓ ସାଂସଦଙ୍କ ଉପରେ ମଧ୍ୟ ଉପରେ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ସରକାର ଓ ସଂଗଠନର ଏଭଳି ଏତାଦୃଶ କାର୍ଯ୍ୟକଳାପ ଓ ବିଧାୟକଙ୍କୁ ପ୍ରାଧାନ୍ୟ ପ୍ରଦାନ ନେଇ ବିଜେପି କର୍ମୀ ପାଟକୁରାରେ ମୁହଁ ଲୁଚାଇ ବୁଲୁଥିବା ନେଇ ଜଣେ ବରିଷ୍ଠ କର୍ମୀ କହିଛନ୍ତି।

କେବଳ ଏତିକି ନୁହେଁ, ଆସନ୍ତା ବିଧାନସଭା ନିର୍ବାଚନରେ ବିଧାୟକ ଅରବିନ୍ଦ ବିଜେପି ବିଧାୟକ ପ୍ରାର୍ଥୀ ହୋଇପାରନ୍ତି ବୋଲି ବିଧାୟକ କର୍ମୀ ପ୍ରଚାର କରୁଥିବାବେଳେ ଏହି ପ୍ରଚାର କଟା ଘା'ରେ ଚୂନ ଦେଲା ଭଳି ଲାଗୁଛି। ଏହି ଘଡ଼ିସନ୍ଧି ମୁହୂର୍ତ୍ତରେ ବିଜେପି ରାଜ୍ୟ ପ୍ରବକ୍ତା ତଥା ପାଟକୁରା ବିଜେପି ନେତା ତେଜେଶ୍ୱର ପରିଡ଼ା କିଂ କର୍ତ୍ତବ୍ୟ ବିମୂଢ଼ ହୋଇ କେବଳ ଜଳଜଳ ହୋଇ ଚାହିଁ ରହିବା ସହ କର୍ମୀଙ୍କ ଆକ୍ରୋଶର ଶିକାର ହେଉଛନ୍ତି। ତେଜେଶ୍ୱରଙ୍କ ବ୍ୟତୀତ ଗତ କିଛିଦିନ ତଳେ ରାଜ୍ୟ ବିଜେପିର ସାମାଜିକ ଗଣମାଧ୍ୟମ ଅଧ୍ୟକ୍ଷ ତଥା ପାଟକୁରା ବିଜେପି ନେତା ଉମାକାନ୍ତ ପଟ୍ଟନାୟକ ପାଟକୁରା ଆସି ଗରଦପୁର ବ୍ଲକ ବିଡିଓଙ୍କୁ ନାଲି ଆଖି ଦେଖାଇ ବିଧାୟକ କିଏ, ସେ ବାଲିମାଫିଆଙ୍କ ସହ ସମ୍ପର୍କ ରଖିଛନ୍ତି। ଏହାଛଡା ନିଜେ ପାଟକୁରାର ବିଭିନ୍ନ ବାଲି ସଇରାତକୁ ଯାଇ ଫଟୋ ଉଠାଇ ବାଲି ଚୋରି ହେଉଥିବା କଥା କହି ସାମାଜିକ ଗଣମାଧ୍ୟମରେ ଖୁବ୍ ଭାଇରାଲ ହୋଇଥିଲେ ବି ତାଙ୍କ ନାଲି ଆଖିକୁ ବ୍ଲକ ପ୍ରଶାସନ ଓ ଖଣି ବିଭାଗ ବେଖାତିରି କରି ଅଣଦେଖା କରୁଥିବା ଦେଖିବାକୁ ମିଳୁଛି। ତେବେ ଉମାକାନ୍ତଙ୍କ ଏଭଳି ବାଲି ଖାଦାନ ବୁଲିବା ନେଇ କେତେକ ବିଜେପି ନେତା ନାପସନ୍ଦ କରିବା ସହ ଗୋଟିଏ ଗୋଷ୍ଠୀ ବିରୋଧ କରିବା ନେଇ ବିଧାୟକ ଓ ବିଭାଗୀୟ ଅଧିକାରୀ ବେଶ ଖୁସି ଥିବା ନେଇ ବିଧାୟକଙ୍କ କର୍ମୀ ଓ କେତେକ କର୍ମଚାରୀ କହୁଥିବା ନେଇ ମଧ୍ୟ ଶୁଣିବାକୁ ମିଳୁଛି। ଏପରି ଦ୍ୱନ୍ଦ୍ୱ ଓ ରାଜ୍ୟ ପଦାଧିକାରୀ, ସରକାର ବିଧାୟକଙ୍କୁ ପ୍ରାଧାନ୍ୟ ଦେବା ଦେଖି ଅରିବିନ୍ଦ ବିଜେପିରେ ମିଶିବା ନେଇ ତାଙ୍କ କର୍ମୀ ପ୍ରଚାର ଆରମ୍ଭ କରିଦେଲେଣି। ଏହି ପ୍ରଚାର ଶୁଣି କେତେକ ବିଜେପିକୁ ଭୋଟ ଦେଇଥିବା ସାଧାରଣ ଲୋକ ବିଜେପିଠାରୁ ମୁହଁ ବୁଲାଇ ବିଜେଡି ଆଡ଼କୁ ଢଳୁଥିବା ଦେଖିବାକୁ ମିଳୁଛି। ସର୍ବୋପରି ଏବେବି ପାଟକୁରାରେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ପ୍ରତି ଭରସା ଥିବା ଦେଖିବାକୁ ମିଳୁଛି। ତେବେ ପଞ୍ଚାୟତ ନିର୍ବାଚନ ଆଉ ମାତ୍ର କେଇ ମାସ ବାକି ଥିବାବେଳେ ବିଜେପିର ଗୋଷ୍ଠୀ କନ୍ଦଳ ଓ ଅସନ୍ତୋଷ କି ପ୍ରଭାବ ପକାଇବ; ତାହା ଏବେଠାରୁ ଜଣାପଡ଼ିଲାଣି ବୋଲି ପାଟକୁରାରେ ଚର୍ଚ୍ଚା ଜୋର ଧରିଛି।

- **ମୁଖ୍ୟମନ୍ତ୍ରୀଙ୍କୁ ପ୍ରଶଂସା କରି ହାତପାଣ୍ଠି ହାତେଇନେଲେ ବିଧାୟକ**
- **ଶୀର୍ଷ କର୍ମୀ ବି ଖପ୍ପା, ଅଡୁଆରେ ଜିଲ୍ଲା ସଭାପତି**
- **ବିଜେପି କର୍ମୀଙ୍କୁ ମିଳୁନି ଠିକା କାମ, ବିଧାୟକଙ୍କ ଲୋକଙ୍କୁ ଏକାଧିକ କାମ**

# ସମ୍ପାଦକୀୟ



ଭବିଷ୍ୟତର କାଳଖଣ୍ଡକୁ ଆମେ ଦେବାକୁ ଚାହୁଁଥିବା
ଜୀବନ୍ତ ସନ୍ଦେଶର ଅନ୍ୟ ନାମ ହେଉଛି 'ଶିଶୁ'!
-ଜନ୍ ଏଫ୍ କେନେଡ଼ି

ସକାଳ
THE SAKALA

## ପ୍ରଦୂଷଣ ବନାମ ପରିବେଗ

ସାମ୍ପ୍ରତି ଭାରତରେ ଇ-୨୦ ଇନ୍ଧନ ବିତର୍କ ଓ ବିରୋଧାଭାସ ସୃଷ୍ଟି କରିଛି। ଇ-୨୦ ପେଟ୍ରୋଲ୍(୧ ଲିଟରରେ ୮୦ ଭାଗ ବା ୮୦୦ ମିଲିଲିଟର ପେଟ୍ରୋଲ୍ ଓ ୨୦ ଭାଗ ବା ୨୦୦ ମିଲିଲିଟର ଇଥାନଲ୍) ଉତ୍ପାଦନ ଓ ବିକ୍ରି ଉଦ୍ୟମର ସଫଳତା ପରେ ଇ-୧୫ ଡିଜେଲ୍(୧ ଲିଟରରେ ୮୫ ଭାଗ ଡିଜେଲ୍ ଓ ୧୫ ଭାଗ ଇଥାନଲ୍) ଉତ୍ପାଦନ ଓ ବିକ୍ରି ପାଇଁ ସରକାର ସଜବାଜ ହେଉଛନ୍ତି। ଇ-ଇନ୍ଧନ ବା ଇଥାନଲ୍ ଯୁକ୍ତ ଇନ୍ଧନ ବ୍ୟବହାର ପ୍ରକୃତି ଓ ପରିବେଶ ପାଇଁ ହିତକର ହେବା ସହିତ ମୋଟରଯାନର ଯାନ୍ତ୍ରିକ ଆୟୁବର୍ଦ୍ଧକ ବୋଲି ସରକାର ଯୁକ୍ତି କରୁଥିବା ବେଳେ ଏହାଦ୍ୱାରା ମାଇଲେଜ୍ ବା ପରିବେଗ ମନ୍ଥର ହେଉଛି ବୋଲି ବ୍ୟବହାରକାରୀ ଅଭିଯୋଗ କରୁଛନ୍ତି।

ଏହା ନିଃସନ୍ଦେହ ଯେ ବାୟୁମଣ୍ଡଳକୁ ନିର୍ଗତ ହେଉଥିବା ବିଷାକ୍ତ ଉପାଦାନରେ ମୋଟରଯାନରୁ ନିର୍ଗତ ଧୂଆଁ ବା ଇନ୍ଧନ ଦହନ ଜନିତ ବର୍ଜ୍ୟ ବା ପ୍ରଦୂଷଣ ସର୍ବାଧିକ। ଏବେ ଆମେ ଏଭଳି ଏକ ଜଗତ ଓ ସମୟରେ ପହଞ୍ଚିସାରିଛୁ ଯେ ପରିବେଶ ସୁରକ୍ଷା ପାଇଁ ଗାଡ଼ିମୋଟର ସଂଖ୍ୟା ହ୍ରାସ କରିବା ପ୍ରାୟତଃ ଅସମ୍ଭବ। ତେଣୁ ଇନ୍ଧନରୁ ନିର୍ଗତ ବିଷାକ୍ତ ବାଷ୍ପକୁ ଯଥାସମ୍ଭବ ହ୍ରାସ କରିବା ପାଇଁ ସେଥିରେ ଇଥାନଲ୍ ମିଶ୍ରଣ ସପକ୍ଷରେ ମତ ପ୍ରକାଶ ପାଉଛି। ଦୀର୍ଘବର୍ଷ ଧରି ଏ ଦିଗରେ ପରୀକ୍ଷା ନିରୀକ୍ଷା ପରେ ଏବେ ଏହାର ପରୀକ୍ଷାମୂଳକ ପ୍ରୟୋଗ ହୋଇ ସଫଳ ହୋଇଥିବା ଦାବି କରାଯାଉଛି। କିନ୍ତୁ ସତରେ କ'ଣ ଇ-ଇନ୍ଧନ ବ୍ୟବହାର ପରିବେଶ ପାଇଁ ହିତକର ଏବଂ ଆର୍ଥିକ ଦୃଷ୍ଟିରୁ ମିତବ୍ୟୟୀ? ଏହି ପ୍ରସଙ୍ଗରେ ପୁଣି ଏକ ନୂଆ ବିତର୍କ ଆରମ୍ଭ ହୋଇଛି।

ଇଥାନଲ୍ ମୁଖ୍ୟତଃ ଶ୍ୱେତସାରଯୁକ୍ତ ଶସ୍ୟ ଯଥା ଚାଉଳ, ମକା, ଆଖୁ, ସୋୟାବିନ୍ ଆଦିରୁ ପ୍ରସ୍ତୁତ ହେଉଛି। ଏ ସବୁ ଶସ୍ୟ ଜଳବହୁଳ ନିର୍ଭରଶୀଳ। ତେଣୁ ସରକାର ଏ ସବୁ ଶସ୍ୟ ମଧ୍ୟରୁ ତୁଳନାତ୍ମକ ଭାବେ କମ୍ ଜଳ ଆବଶ୍ୟକ କରୁଥିବା ଧାନ ବା ଚାଉଳକୁ ଇଥାନଲ୍ ଉତ୍ପାଦନ ପାଇଁ ଅଧିକରୁ ଅଧିକ ଗୁରୁତ୍ୱ ଦେଉଥିବା କୁହାଯାଉଛି। ଏହା ପଛରେ କିନ୍ତୁ ସରକାରଙ୍କର ଯେଉଁ ପ୍ରଚ୍ଛନ୍ନ ଉଦ୍ଦେଶ୍ୟ ରହିଛି ରହିଛି ତାହା ସାମ୍ନାକୁ ଆସୁନାହିଁ। ଦେଶର ଇନ୍ଧନ ଚାହିଦା ପୂରଣ ପାଇଁ ଆବଶ୍ୟକ ଇଥାନଲ୍ ଉତ୍ପାଦନରେ ଆମ ଦେଶର ଚାଉଳ କେତେ ସକ୍ଷମ ଏବଂ ଏହା ଅର୍ଥନୀତି ପ୍ରତି କିଭଳି ଅନୁକୂଳ ତାହା ଦେଖାଯାଉ।

ଭାରତ ଏବେ ବିଶ୍ୱର ସର୍ବବୃହତ୍ ଧାନ ଉତ୍ପାଦନକାରୀ ଓ ରପ୍ତାନୀକାରୀ ରାଷ୍ଟ୍ର। ୨୦୨୫-୨୬ କୃଷି ବର୍ଷରେ ଭାରତ ମୋଟ ୧୫୪ ନିୟୁତ ଟନ୍ ଧାନ ଉତ୍ପାଦନ କରିଥିବା ବେଳେ ୨୪.୫ ନିୟୁତ ଟନ୍ ବା ବିଶ୍ୱ ଚାଉଳ ବାଣିଜ୍ୟର ୪୦% ଚାଉଳ ରପ୍ତାନୀ କରିଛି। ଏଥିସହିତ ଖାଦ୍ୟ ନିରାପତ୍ତା ଯୋଜନାରେ ଦେଶର ୮୦ କୋଟି ପରିବାରକୁ ମାସିକ ବ୍ୟକ୍ତି ପିଛା ୫ କେଜି ଲେଖାଏଁ ଚାଉଳ ମାଗଣାରେ ବଣ୍ଟାଯାଉଛି। ମୋଟ ଚାଉଳ ଉତ୍ପାଦନର ଏହା ଦୁଇ-ତୃତୀୟାଂଶ। ଏହାସତ୍ତ୍ୱେ ଭାରତୀୟ ଖାଦ୍ୟ ନିଗମର ଭଣ୍ଡାରରେ ବିପୁଳ ପରିମାଣର ଚାଉଳ ପଡ଼ି ରହିଛି। ଗତ ଏପ୍ରିଲ ୧ ତାରିଖ ସୁଦ୍ଧା ନିଗମ ପାଖରେ ବଫର ଷ୍ଟକ୍(ନିର୍ଦ୍ଧାରିତ ସର୍ବାଧିକ ପରିମାଣ)ଠାରୁ ପାଞ୍ଚଗୁଣ ଅଧିକ ଚାଉଳ ଗଚ୍ଛିତ ରହିଛି। ଏହାର ଭଣ୍ଡାରଣ ଓ ରକ୍ଷାବେକ୍ଷଣ ପାଇଁ ନିଗମକୁ ଅତିରିକ୍ତ ୧୦, ୭୧୨ କୋଟି ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି। ତେଣୁ ଏହି ବଳକା ଚାଉଳକୁ ଇଥାନଲ୍ ଉତ୍ପାଦନ ପାଇଁ ବ୍ୟବହାର କରି ଗୋଟିଏ ଗୁଳିରେ ଦୁଇଟି ଶିକାର କରିବାକୁ ସରକାର ଯୋଜନା କରିଛନ୍ତି। ଗୋଟିଏପକ୍ଷରେ ଅତିରିକ୍ତ ଭଣ୍ଡାରଣର ଖର୍ଚ୍ଚ କମିବ ଏବଂ ଅପରପକ୍ଷରେ ସରକାରଙ୍କ ଶୁଭଦୃଷ୍ଟିରେ ଥିବା ଶିଳ୍ପପତିମାନଙ୍କ ବ୍ୟବସାୟ ବଢ଼ିବ। ଏ ପର୍ଯ୍ୟନ୍ତ ଇଥାନଲ୍ ଉତ୍ପାଦନ କେବଳ ଘରୋଇ ଶିଳ୍ପାନୁଷ୍ଠାନ ଅଧୀନରେ ରହିଥିବାରୁ ଏଥିରେ କାହାର ଫାଇଦା ହେବ ତାହା ବୁଝାଇ କହିବା ଅନାବଶ୍ୟକ।

ଇ-ଇନ୍ଧନ ପରିବେଶ-ଅନୁକୂଳ ବୋଲି ସରକାର ଯୁକ୍ତି କରୁଥିବା ବେଳେ ଏଥିପାଇଁ ସରକାରୀ ରାଜକୋଷ କେତେ କ୍ଷତି ମୁଣ୍ଡାଇବ ତା'ଉପରେ ଥରେ ଦୃଷ୍ଟି ପକାଯାଉ। ସର୍ବନିମ୍ନ ସହାୟକ ମୂଲ୍ୟ(ଏମ୍ଏସ୍ପି)ରେ ସରକାର ଧାନ କିଣିବାର ଏକ ଅଲିଖିତ ବାଧ୍ୟବାଧକତା ରହିଆସିଛି। ଏଥିସହିତ ଭୋଟ ରାଜନୀତି ଜଡ଼ିତ ଥିବାରୁ ଧାନ କିଣା ଜଞ୍ଜାଳରୁ କୌଣସି ସରକାର ବର୍ତ୍ତି ପାରିବେ ନାହିଁ। ଅଧିକନ୍ତୁ ଓଡ଼ିଶା, ଛତିଶଗଡ଼, ତେଲଙ୍ଗାନା, ପଞ୍ଜାବ, ହରିଆଣା ଆଦି କେତେକ ରାଜ୍ୟ ଏମ୍ଏସ୍ପି ବାଦ୍ କ୍ୱିଣ୍ଟାଲ୍ ପିଛା ପ୍ରାୟ ୨୦ ରୁ ୪୦ ପ୍ରତିଶତ ଯାଏଁ ବୋନସ୍ ପ୍ରଦାନ କରିଆସୁଛନ୍ତି। ଏହାବାଦ୍ ମୁକ୍ତ ବା ରିହାତିଯୁକ୍ତ ବିଜୁଳି ଶକ୍ତି, ସର୍ବାଧିକ ବ୍ୟବହୃତ ୟୁରିଆ ଖର୍ଚ୍ଚର ୯୦% ସରକାର ବହନ କରୁଛନ୍ତି। ଦେଶରେ ସର୍ବାଧିକ ଧାନ ଚାଷ ହେଉଥିବା ପଞ୍ଜାବରେ ୨୦୨୩-୨୪ରେ ହୋଇଥିବା ଏକ ଆକଳନ ଅନୁଯାୟୀ ୧ ହେକ୍ଟର ଧାନଚାଷ ପାଇଁ ବିଜୁଳି, ଜଳସେଚନ, ସାର ଆଦିକୁ ମିଶାଇ ହାରାହାରି ୪୦ ହଜାର ଟଙ୍କା ସରକାର ପରୋକ୍ଷରେ ବହନ କରୁଛନ୍ତି।

ଏ ସବୁକୁ ମିଶାଇଲେ ମିଲରଙ୍କ ଜରିଆରେ ଚାଷୀଙ୍କଠାରୁ ୧ କେଜି ଚାଉଳ ସଂଗ୍ରହ ବା କିଣିବା ପାଇଁ ନିଗମ ୪୪ ଟଙ୍କା ଖର୍ଚ୍ଚ କରୁଛି; ଅଥଚ ଇଥାନଲ୍ ପ୍ଲାଣ୍ଟକୁ କେଜି ପିଛା ୨୩ ଟଙ୍କାରେ ଚାଉଳ ବିକ୍ରି କରିଛି। ୨୦୨୫-୨୬ ଆର୍ଥିକ ବର୍ଷରେ ଭାରତୀୟ ଖାଦ୍ୟ ନିଗମର ୫ ନିୟୁତ ଟନ୍ ଚାଉଳ ଇଥାନଲ୍ ଉତ୍ପାଦନ ପାଇଁ ବ୍ୟବହାର ହୋଇଥିଲା। ଏଣୁ କେଜି ପିଛା ୨୧ ଟଙ୍କା କ୍ଷତିରେ ୧ ଲିଟର ଇଥାନଲ୍ ଉତ୍ପାଦନ ପାଇଁ ୩ କେଜି ଚାଉଳ ବ୍ୟବହାର କଲେ ଲାଭ କାହାର? ପୁଣି ଗୋଟିଏ କେଜି ଚାଉଳ ଉତ୍ପାଦନ ପାଇଁ ହାରାହାରି ୪ ହଜାର ଲିଟର ଜଳ ଆବଶ୍ୟକ। ହେକ୍ଟର ପିଛା ଆବଶ୍ୟକ ୨୫୦ କେଜି ରାସାୟନିକ ସାରରୁ ୫ ଟନ୍ ଅଙ୍ଗାରକାମ୍ଳ ନିର୍ଗମନ ହୋଇ ବାୟୁ ଓ ଭୂତଳ ଜଳକୁ ପ୍ରଦୂଷିତ କରୁଛି। ୧ ହେକ୍ଟର ପିଛା ଧାନ କ୍ଷେତ ୫ ଟନ୍ ଅଙ୍ଗାରକାମ୍ଳ ଓ ଏହାର ୨୫ ଗୁଣ ମିଥେନ୍ ଗ୍ୟାସ୍ ନିର୍ଗମନ କରେ। ଏଣୁ ଇ-ଇନ୍ଧନ ପରିବେଶ ଓ ଆର୍ଥିକ ଅନୁକୂଳ ହେବ କେମିତି?

ଏକପକ୍ଷରେ ଇଥାନଲ୍ ଦ୍ୱାରା ପ୍ରତ୍ୟକ୍ଷ ପରିବେଗ ହ୍ରାସ ପାଉଥିବା ବେଳେ ପରୋକ୍ଷରେ ପ୍ରଦୂଷଣ ମଧ୍ୟ ବଢୁଛି। ଭାରତରେ ଇ-ଇନ୍ଧନ ପରୀକ୍ଷଣ ସ୍ତରରେ ରହିଥିବା ସତ୍ତ୍ୱେ ଏହାକୁ ବିଧିବଦ୍ଧ ଅନୁମୋଦନ କରିବା କେତେଦୂର ଯଥାର୍ଥ ତାହା ସୁଧୀ ପାଠକ ଚିନ୍ତା କରିବେ।

# ଚାଷ ତରତର ବଣିଜ ମଠ

**ବିଦ୍ୟାଧର ମହାରଣା**



ଚାଷ ତରତର, ବଣିଜ ମଠ। ଓଡ଼ିଆ କୃଷି ସଂସ୍କୃତିର ଏହି ଲୋକପ୍ରିୟ ଓ ଗୁରୁତ୍ୱପୂର୍ଣ୍ଣ ପ୍ରବାଦର ଅର୍ଥ ହେଉଛି ଚାଷ କାମ ସବୁବେଳେ ସମୟାନୁସାରେ ଓ ତତ୍ପରତାର ସହିତ କରିବା ଆବଶ୍ୟକ। ଅପରପକ୍ଷରେ ବ୍ୟବସାୟ କରିବା ବେଳେ ଧୈର୍ଯ୍ୟ, ବିଚାର ଓ ସତର୍କତା ଦରକାର। ଏହା ସମୟ ପରିଚାଳନା ଓ ସଠିକ ନିଷ୍ପତ୍ତିର ଗୁରୁତ୍ୱକୁ ଦର୍ଶାଏ, ଯାହା ଚାଷୀ ଓ ବ୍ୟବସାୟୀଙ୍କୁ ସଫଳତା ପ୍ରଦାନ କରିଥାଏ।

ଚାଷ କାର୍ଯ୍ୟ ପ୍ରକୃତି ଉପରେ ନିର୍ଭରଶୀଳ। ପାଗଯୋଗ ଠିକ୍ ନରହିଲେ ଫସଲର ଅଭିବୃଦ୍ଧି ଅନୁକୂଳ ହୋଇନଥାଏ। ପ୍ରତ୍ୟେକ ଫସଲର କେତେକ ନିର୍ଦ୍ଦିଷ୍ଟ ଅବସ୍ଥା ଥାଏ। ଯେପରିକି ଶସ୍ୟରେ ଅଙ୍କୁରୋଦଗମ, ତଳିରୁଆ, ପିଲ, ଗର୍ଭ ସଞ୍ଚାର, ଫୁଲ, ଦାନା ଗଠନ ଓ ଅମଳ ଇତ୍ୟାଦି। ଡାଲି ଓ ତୈଳବୀଜ ଫସଲରେ ବୁଣା, ବୀଜପତ୍ର, ଅଙ୍ଗୀୟ ବୃଦ୍ଧି, ପ୍ରଜନନ ଓ ଅମଳ ସ୍ଥିତି ଆଦି ଥାଏ। ପ୍ରତି ଅବସ୍ଥା ନିର୍ଦ୍ଦିଷ୍ଟ ଦିନରେ ସମାପନ ହୁଏ। ଏଥିପାଇଁ ନିର୍ଦ୍ଦିଷ୍ଟ ପରିମାଣର ଜଳ, ଉତ୍ତାପ ଓ ଆର୍ଦ୍ରତା ଆବଶ୍ୟକ ହୁଏ। ସୁତରାଂ ଚାଷୀମାନେ ଅବହେଳା ନକରି ତରତର ହୋଇ କୃଷି କର୍ମ ସମ୍ପାଦନା କରିବା ଆବଶ୍ୟକ। ଫଳରେ ଫସଲରେ ରୋଗପୋକ ଆକ୍ରମଣ କମିଥାଏ ଏବଂ ଅମଳ ବୃଦ୍ଧିପାଏ। ଏହାଛଡ଼ା କୃଷି ନିମନ୍ତେ ଜମି ପ୍ରସ୍ତୁତି, ବିହନ ବୁଣା, ରୁଆ, ଘାସ ବଛା, ସାର ଓ ଔଷଧ ପ୍ରୟୋଗ ଓ ଅମଳ ସମୟରେ ବ୍ୟତିକ୍ରମ ହେଲେ ଚାଷୀ କ୍ଷତିସହିବା ନିଶ୍ଚିତ।

ଅପରପକ୍ଷରେ ବ୍ୟବସାୟ ଏକ ଦୀର୍ଘମିଆଦୀ ପ୍ରକ୍ରିୟା। ଏଥିରେ ଅଧିକ ଅର୍ଥ ଲଗାଣ ଓ ବିଭିନ୍ନ ଅଂଶୀଦାର ଆବଶ୍ୟକ ହୋଇଥାଏ। ବ୍ୟବସାୟରେ କ୍ଷତିର ଆଶଙ୍କା ଅଧିକ ଥିବାରୁ ପ୍ରତି ପଦକ୍ଷେପକୁ ଭାବିଚିନ୍ତି ପରିଚାଳନା କରିବାକୁ ହୁଏ। ବ୍ୟବସାୟ ବା ବଣିଜ କରିବା ସମୟରେ ବଜାର ଦର, ଗ୍ରାହକଙ୍କ ଚାହିଦା, ଲାଭ-କ୍ଷତି ଆଦି ବିଷୟରେ ଚିନ୍ତା କରି ଧୀରେ ସୁସ୍ଥେ ପଦକ୍ଷେପ ନେବା ଉଚିତ। ତରବରିଆ ନିଷ୍ପତ୍ତି ବ୍ୟବସାୟରେ କ୍ଷତି ଘଟାଇପାରେ। ବ୍ୟବସାୟ କରିବା ପୂର୍ବରୁ ବିଶ୍ଳେଷଣ (ଶକ୍ତି, ଦୁର୍ବଳତା, ସୁଯୋଗ, ବିପଦ) ଭଲ ଭାବେ କରାଯିବା ଆବଶ୍ୟକ। ବ୍ୟବସାୟର ଅସଲ ଉଦ୍ଦେଶ୍ୟ ପ୍ରଥମରୁ ସ୍ଥିର ହେବା ଆବଶ୍ୟକ। ଏଥିପାଇଁ ସ୍ମାର୍ଟ ସୂଚୀ(ସଠିକ, ମାପଯୋଗ୍ୟ, ସଫଳତା, ବାସ୍ତବ ଓ ସମୟ ଅନୁଯୋଗୀ) ବ୍ୟବହାର କରାଗଲେ ଉଦ୍ଦେଶ୍ୟ ସଠିକ ହୋଇଥାଏ।

ଚଳିତ ବର୍ଷ ଓଡ଼ିଶାରେ ବର୍ଷାଋତୁ ସାଧାରଣଠାରୁ କିଛି କମ୍ ରହିପାରେ ବୋଲି ପ୍ରାରମ୍ଭିକ ଅନୁମାନ ଦେଖାଉଛି। ଭାରତୀୟ ପାଣିପାଗ ବିଭାଗଙ୍କ ଦୀର୍ଘମିଆଦୀ ପୂର୍ବାନୁମାନ ଅନୁସାରେ ୨୦୨୬ ରେ ଏଲ୍-ନିନୋ ପ୍ରଭାବରେ ଦେଶର କେତେକ ଅଞ୍ଚଳରେ କମ୍ ବର୍ଷା ହେବାର ସମ୍ଭାବନା ରହିଛି। ଓଡ଼ିଶା ମଧ୍ୟ ତାହାର ପ୍ରଭାବ ଭୋଗିପାରେ। ସାଧାରଣତଃ ଓଡ଼ିଶାରେ ଜୁନ୍ ଦ୍ୱିତୀୟ ସପ୍ତାହରୁ ମୌସୁମୀ ପ୍ରବେଶ କରେ ଏବଂ ବର୍ଷର ତେଇଶ ସପ୍ତାହ ଠାରୁ ଛୟାଳିଶ ସପ୍ତାହ ପର୍ଯ୍ୟନ୍ତ ରହେ। ଏବର୍ଷ ଉପକୂଳ ଓଡ଼ିଶାରେ ସାଧାରଣ କିମ୍ବା ଭଲ ବର୍ଷା ହୋଇପାରେ। କିନ୍ତୁ ପଶ୍ଚିମ ଓଡ଼ିଶାର କେତେକ ଜିଲ୍ଲାରେ ବର୍ଷାର ବିଚ୍ଛିନ୍ନତା ଦେଖାଯାଇପାରେ। ଏହାକୁ ବିଚାର କରି ଧାନଚାଷ ପାଇଁ ବର୍ଷା ଆଧାରିତ ଅଞ୍ଚଳରେ ଅପେକ୍ଷାକୃତ କମ୍ ଅବଧିର ବିହନ ବ୍ୟବହାର କରାଯିବା ଉଚିତ। ପାଣିପାଗ ବିଭାଗର ସାପ୍ତାହିକ ସୂଚନା ଅନୁସାରେ କୃଷି କର୍ମ କରିବା ଆବଶ୍ୟକ। କଥାରେ ଅଛି 'ହାଟୁଆ ହୁଡ଼ିଲେ ହାଟ ପାଳିଏ, ଚାଷୀ ହୁଡ଼ିଲେ ବରଷେ।'

ଏହି ପ୍ରସଙ୍ଗଟି ଉପସ୍ଥାପନ କରିବାର ଅସଲ ଉଦ୍ଦେଶ୍ୟ ହେଉଛି ସରକାର କୃଷି ଓ ଶିଳ୍ପ ତଥା ପୁଞ୍ଜି ନିବେଶ ପାଇଁ ଯେଉଁ ନିଷ୍ପତ୍ତି ଗ୍ରହଣ କରୁଛନ୍ତି ତାହା କିପରି କରାଯିବା ଆବଶ୍ୟକ ସେ ବିଷୟରେ ଗଭୀର ଚିନ୍ତା କରିବା ଆବଶ୍ୟକ। କୃଷି ଖାଦ୍ୟଶସ୍ୟ ଉତ୍ପାଦନ ପାଇଁ କରାଗଲେ ନିଷ୍ପତ୍ତିଗୁଡ଼ିକ ତୁରନ୍ତ ହେବା ଆବଶ୍ୟକ। ସରକାର ଆଗତୁରା ବିହନ, ସାର ଓ ଯନ୍ତ୍ରପାତି ବିକ୍ରୟ କେନ୍ଦ୍ରଗୁଡ଼ିକରେ ଗଚ୍ଛିତ କରି ରଖିବା ଆବଶ୍ୟକ। ଅପରପକ୍ଷରେ କୃଷି ଯଦି ବ୍ୟବସାୟିକ ହିସାବରେ ବା ଉଦ୍ୟୋଗ ହିସାବରେ କରାଯାଏ, ତେବେ ଏଗୁଡ଼ିକୁ ଭାବିଚିନ୍ତି ନିଷ୍ପତ୍ତି ନେବାକୁ ହେବ। ଆବଶ୍ୟକସ୍ଥଳେ ବିଶେଷଜ୍ଞମାନଙ୍କ ପରାମର୍ଶ ଗ୍ରହଣ କରିବା ଆବଶ୍ୟକ। ସେହିପରି କୃଷି ଭିତ୍ତିଭୂମି ପାଇଁ ପୁଞ୍ଜି ନିବେଶ କରିବା ପୂର୍ବରୁ ବିଭିନ୍ନ ଦୃଷ୍ଟିକୋଣରୁ ବିଚାର କରିବାକୁ ହେବ। ଉଦାହରଣ ସ୍ୱରୂପ ନୂତନ ଜଳସେଚନ ପ୍ରକଳ୍ପ ସ୍ଥାପନ ପୂର୍ବରୁ ଏହାର ବ୍ୟୟ ଅଟକଳ, ବିସ୍ଥାପନ ସମସ୍ୟା, ପ୍ରକଳ୍ପ ଦ୍ୱାରା ଲାଭକ୍ଷତି, ପରିବେଶ ସମସ୍ୟା ଓ ଅନ୍ୟାନ୍ୟ ବିକଳ୍ପ ବିଷୟରେ ଗଭୀର ଭାବରେ ଚିନ୍ତାକରି ନିଷ୍ପତ୍ତି ନେବାକୁ ହେବ।

କୃଷି କ୍ଷେତ୍ରରେ ହଠାତ୍ କୌଣସି ସମସ୍ୟା ଦେଖାଗଲେ ଏହାକୁ କାଳବିଳମ୍ବ ନକରି ସମାଧାନ କରିବାକୁ ହେବ। କାରଣ ଏଥିରେ ବିଳମ୍ବ କରିବା ଅର୍ଥ ସମସ୍ୟାକୁ ଅଧିକ ବଢ଼ାଇବା ସହ ସମାନ। ମନେକରାଯାଉ କ୍ଷେତ୍ରରେ ହଠାତ୍ ରୋଗପୋକ ଆକ୍ରମଣ ଦେଖାଗଲା। ତେବେ ଏପରି ପରିସ୍ଥିତିରେ ସମସ୍ତ ସମ୍ବଳ ଏକାଠି କରି ଏହାର ନିରାକରଣ ବ୍ୟବସ୍ଥା ଗ୍ରହଣ କରିବା ଜରୁରୀ। ସେହିପରି ନିର୍ମାଣ, ଭିତ୍ତିଭୂମି ସ୍ଥାପନ ଓ ବିଭିନ୍ନ ଶିଳ୍ପୋଦ୍ୟୋଗ ପାଇଁ ପୁଞ୍ଜିନିବେଶ କରିବା ପୂର୍ବରୁ ବିଶେଷଜ୍ଞମାନଙ୍କ ପରାମର୍ଶ ଅନୁଯାୟୀ ଗଭୀର ଅନୁଧ୍ୟାନ କରି ପରିବେଶ, ଜନସାଧାରଣଙ୍କ ଉପରେ ଏଗୁଡ଼ିକର ପ୍ରଭାବ ଇତ୍ୟାଦି ଉପରେ ଅନୁଶୀଳନ କରିବା ପରେ ପ୍ରକଳ୍ପ ରିପୋର୍ଟ ପ୍ରସ୍ତୁତ କରିବା ଏବଂ ପୁଞ୍ଜିନିବେଶ କରିବା ଆବଶ୍ୟକ। କାରଣ ତରତର ହୋଇ ପ୍ରକଳ୍ପ ସ୍ଥାପନ କଲେ ବହୁ ଅସମାହିତ ସମସ୍ୟାକୁ ଏଡ଼ାଇ ଦିଆଯାଇ ପାରିବନାହିଁ। ଚାଷରେ ତତ୍ପରତା ଏବଂ ବ୍ୟବସାୟରେ ଧୈର୍ଯ୍ୟ ଅବଲମ୍ବନ କଲେ ସଫଳତା ଲାଭ କରାଯାଇପାରେ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

# ପଖାଳର ଅଭିସାର

**ଗୌରୀ ପ୍ରସାଦ ମହାପାତ୍ର**

ବିଗତ ଶତାବ୍ଦୀର ଷାଠିଏ ଦଶକର ଶେଷ ଓ ସତୁରୀ ଦଶକର ଆଦ୍ୟଭାଗରେ ତତ୍କାଳୀନ ଓଡ଼ିଶା ସରକାରଙ୍କ ପ୍ରୌଢ଼ଶିକ୍ଷା ଅଭିଯାନ ଅନ୍ତର୍ଗତ 'କାଳିଆ ବଳଦ ଗଲା ଗଲା' ପୁସ୍ତକରେ ଉପଦେଶ ଛଳରେ ଲିଖିତ 'ଚା' ଆଉ ପଖାଳ' ଗୀତଟିକୁ ଯେଉଁମାନେ ମନେ ରଖିଥିବେ ସେମାନଙ୍କ ପାଇଁ ଆଜିର 'ପଖାଳ ପାଇଁ ୨ କୋଟି ଖର୍ଚ୍ଚ' ଶୀର୍ଷକ ସମ୍ବାଦଟି ଭାବାନ୍ତର ଆଣିଥିବ। ସଂକ୍ଷେପରେ 'ଚା' ଆଉ ପଖାଳ' ଗୀତୋପଦେଶର ସାରାଂଶ ଏହିପରି -

କୌଣସି ଏକ ପରିବାରରେ ଦିନେ ସକାଳୁ ସକାଳୁ ଟେବୁଲ୍ ଉପରେ ବସିଥିବା ଚା' ଚଟାଣରେ ଥିବା ପଖାଳକୁ ଭର୍ତ୍ସନା କରିଚାଲିଛି। ଅସୂୟା ଓ ଅହଂକାରଭରା ଶବ୍ଦରେ ଚା' କହିଛି - 'ଗୁରୁତ୍ୱ ଦୃଷ୍ଟିରୁ ଓ ଉଚ୍ଚଶ୍ରେଣୀକୁ ପ୍ରତିନିଧିତ୍ୱ କରୁଥିବାରୁ ମୁଁ ସବୁବେଳେ ଟେବୁଲ୍ ଉପରେ ସମ୍ମାନିତ ସ୍ଥାନ ପାଉଛି; ମୋ ପାଖରେ ସୁନ୍ଦର ଫୁଲଦାନୀ, ଖବରକାଗଜ, ପତ୍ରିକା ଆଦି ଆଭିଜାତ୍ୟର ଉପାଦାନମାନ ରହିଛି। ଅଥଚ ମାମୁଲି ପଦବାଚ୍ୟ ହୋଇଥିବାରୁ ତୋର ସ୍ଥାନ କେବଳ ଚଟାଣ ଉପରେ।' ପ୍ରତ୍ୟୁତ୍ତରରେ ପଖାଳ ଅତି ସରଳ ଭାବରେ ନିଜର ହିତକାରୀ ଗୁଣ ଆଉ ଚା'ର ଅପକାରୀ ପ୍ରଭାବ ବଖାଣିଛି। ଶେଷରେ ପରିବାରର ସାନ ପୁଅ ଆସି ଚା' ପିଇବା ବଦଳରେ ପଖାଳ ଖାଇଛି। ଏଥିରୁ କିଏ ବଡ଼ କିଏ ଛୋଟ(ଉପକାରୀ ଓ ଅପକାରୀ) ପ୍ରମାଣିତ ହୋଇଛି।

ଏବେ ପଖାଳର ମନସ୍ତତ୍ତ୍ୱକୁ ପଢ଼ାଯାଉ। ପଖାଳ ସିନା ସେଦିନ ଚା'ଠାରୁ ତର୍କରେ ଜିତିଗଲା, କିନ୍ତୁ ତା' ମନ ଭିତରର କେଉଁ ଏକ ନିଭୃତ କୋଣରେ ନିଶ୍ଚୟ ଏକ ଅବସୋସ ରହିଯାଇଥିବ ଯେ ବିପୁଳ ପୌଷ୍ଟିକତା ଓ ହିତକାରୀ ଗୁଣ ସତ୍ତ୍ୱେ 'ଗରିବର ଖାଦ୍ୟ' ଭଳି ଅଲୋଡ଼ା ଓ ଅପରିହାର୍ଯ୍ୟ ପରିଚୟ(ଅପଖ୍ୟାତି)ଟିଏ ତା'ସହିତ ଚିରଦିନ ଯୋଡ଼ି ହୋଇଯାଇଛି। ହୁଏତ ସେଦିନ ତା'ମନରେ ମଧ୍ୟ ଟେବୁଲ୍ ଉପରେ ସ୍ଥାନ ପାଇବାର ଆକାଂକ୍ଷାଟିଏ ଜନ୍ମ ନେଇଥିବ। ଶ୍ରମଣା ପ୍ରଭୁ ଶ୍ରୀରାମଚନ୍ଦ୍ରଙ୍କ ସ୍ୱାଗତ ପାଇଁ ଯେଉଁଳି ନିତିଦିନ ଅଗଣାକୁ ସଫା କରି ପାଣି ଛିଞ୍ଚି ଫୁଲ ବିଞ୍ଚି ଚାହିଁ ବସୁଥିଲା, ପଖାଳ ମଧ୍ୟ ସେଭଳି ଚାହିଁ ରହିଥିବ କେବେ କେଉଁ ସମ୍ଭ୍ରାନ୍ତର ହାତ ଓ ମୁଖ ତା'କୁ ସ୍ପର୍ଶ କରିବ! ପୁଣି ସେ ପାଷାଣୀ ଅହଲ୍ୟା ଭଳି ଅପେକ୍ଷା କରି ରହିଥିବ କେବେ କେଉଁ ଜଣେ ମର୍ଯ୍ୟାଦାପୁରୁଷଙ୍କ ସ୍ପର୍ଶରେ 'ଗରିବର ଖାଦ୍ୟ' ଅଭିଶାପରୁ ସେ ମୁକ୍ତ ହେବ!

ପଖାଳର ସେହି ଶ୍ରମଣା-ଅହଲ୍ୟା ସୁଲଭ ଆକାଂକ୍ଷା ଓ ଅପେକ୍ଷାର ଅନ୍ତ ଘଟିଛି ଏବଂ ସେହି ଅଭିସାରର ସ୍ୱପ୍ନ ବିଧିବଦ୍ଧ ଭାବେ ବାସ୍ତବ ରୂପ ନେଇଛି ୨୦୨୬ ମାର୍ଚ୍ଚ ୨୦ ତାରିଖରେ। ସେଦିନ ରାଜଧାନୀ ଭୁବନେଶ୍ୱରର କୌଣସି ଏକ ଆଭିଜାତ୍ୟସମ୍ପନ୍ନ ଆଡ଼ମ୍ବରପୂର୍ଣ୍ଣ ଭୋଜନାଳୟରେ ଜଣେ ଭୋଜନପ୍ରିୟ ଶାସନମୁଖ୍ୟ ଓ ତାଙ୍କ ଧନାଢ଼୍ୟ ସତୀର୍ଥମାନଙ୍କ କର ଓ ମୁଖ ସ୍ପର୍ଶରେ ପଖାଳ କେବଳ ଧନ୍ୟ ହୋଇନାହିଁ, 'ଗରିବର ଖାଦ୍ୟ' ଅପଖ୍ୟାତିରୁ ମୁକ୍ତି ପାଇଛି। ସତେଯେମିତି ସୀତାଙ୍କ ସନ୍ଧାନରେ ପ୍ରଭୁ ଶ୍ରୀରାମଚନ୍ଦ୍ର ଶ୍ରମଣାର କୁଟୀରକୁ ଆସିଛନ୍ତି ଏବଂ ଅଇଁଠା କୋଳି ଖାଇ ତା'ର ଶବରୀ ଜୀବନକୁ ଧନ୍ୟ କରିଛନ୍ତି। ଶ୍ରମଣା ଓ ପଖାଳ ଭିତରେ ତଫାତ୍ କେବଳ ଏତିକି ଯେ ସେମାନଙ୍କୁ ଉଦ୍ଧରିତ କରିଥିବା ପ୍ରଭୁମାନଙ୍କର ନାମ ଯୁଗାବତାର ଅନୁଯାୟୀ ଭିନ୍ନ। ପଖାଳ ଆହୁରି ମଧ୍ୟ ଉତ୍ଫୁଲ୍ଲିତ ହୋଇଥିବ 'ଗିନିସ୍ ବୁକ୍ ଅଫ୍ ୱାଲର୍ଡ ରେକର୍ଡ'ରେ ସ୍ଥାନିତ ହେବାର ଗର୍ବ ନେଇ, ଯାହାର ସାମଗ୍ରିକ ଆୟୋଜନ ପାଇଁ ଖର୍ଚ୍ଚ ହୋଇଛି ୨ କୋଟିରୁ ଅଧିକ ଟଙ୍କା।

ଗରିବ-ଓଡ଼ିଶାର ଭାତକଂସାର ସୀମା ଭିତରେ ବାନ୍ଧି ହୋଇ ରହିଥିବା ପଖାଳର ଏ ଉତ୍ତରଣରେ ଚା' ବୋଧହୁଏ ଆଜି ମ୍ରିୟମାଣ ହୋଇଯାଇଥିବ। କାରଣ ଓଡ଼ିଶା ଭଳି ଗରିବ ରାଜ୍ୟରେ ଚା'ଭୋଜିରେ ଏତେ ଟଙ୍କା ଖର୍ଚ୍ଚ ହୋଇଥିବା କେବେ ରେକର୍ଡଭୁକ୍ତ ହୋଇନାହିଁ କି ଏଭଳି ସରକାରୀ ସ୍ୱୀକୃତି ପାଇନାହିଁ। ଜାତିସଂଘରେ ଶ୍ରୀଅନ୍ନର ସ୍ୱୀକୃତି ପାଇଥିବା ଓଡ଼ିଶାର ଆଉ ଏକ ଗରିବର ଖାଦ୍ୟ ମାଣ୍ଡିଆ ମଧ୍ୟ ପଖାଳର ଏହି ଉପଲବ୍ଧିରେ ଈର୍ଷ୍ୟାକ ହୋଇଯାଇଥିବ। ପୂର୍ବ ସରକାର ଅମଳରେ ରାଜ୍ୟ ଓ ଜାତୀୟସ୍ତରରେ 'ମାଣ୍ଡିଆ ଦିବସ' ପାଳନ କରି ଏହାକୁ ବିଶ୍ୱାଦୃତ କରାଯାଇଥିଲେ ମଧ୍ୟ ଏଭଳି ବହ୍ୱାଡ଼ମ୍ବର ଓ ଖର୍ଚ୍ଚବହୁଳ ଆୟୋଜନର ଅନୁପସ୍ଥିତିରେ ମାଣ୍ଡିଆ ମନରେ ହୀନମନ୍ୟତା ଜନ୍ମ ନେଇସାରିଥିବ। ଆଜିର ଦିନରେ ଯଦି 'କାଳିଆ ବଳଦ ଗଲା ଗଲା' ଶୀର୍ଷକ ବହିଟିର ସଂଶୋଧିତ ସଂସ୍କରଣ ପ୍ରକାଶିତ ହୁଅନ୍ତା(ସାମ୍ପ୍ରତିକ ଏନ୍ସିଇଆରଟି ପାଠ୍ୟକ୍ରମ ଭଳି) ତେବେ ପଖାଳ ସେଦିନର ପ୍ରତିଦ୍ୱନ୍ଦ୍ୱୀ ଚା'କୁ ଦେଖେଇ ହୋଇ କହିବାର ସୁଯୋଗଟିଏ ପାଇଯାଆନ୍ତା।

ଉପରୋକ୍ତ ବ୍ୟଙ୍ଗ-ଶ୍ଳେଷଧର୍ମୀ ଆଲୋଚନାରୁ କିଛିସମୟ ପାଇଁ ଅବ୍ୟାହତି ନେଇ ବାସ୍ତବ ଦୁନିଆକୁ ଆସିବା। ମାର୍ଚ୍ଚ ୨୦ ତାରିଖରେ 'ପଖାଳ ଦିବସ'ର ଉତ୍ଥାନ ସହିତ ସମାଜର ବିଭିନ୍ନ ସ୍ତର ଏବଂ ଅର୍ଥନୀତିର ବିଭିନ୍ନ ବର୍ଗରେ 'ପଖାଳଖିଆ ଉତ୍ସବ'ମାନ ଗତ କିଛିବର୍ଷ ହେଲା ବିଭିନ୍ନ ସ୍ଥାନରେ ବିଭିନ୍ନ ଢଙ୍ଗରେ ଆୟୋଜନ ହୋଇଆସୁଛି। ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ବାସଭବନରେ ପୂର୍ବତନ ରାଷ୍ଟ୍ରପତିଙ୍କ ପରି ମାନ୍ୟଗଣ୍ୟ ବ୍ୟକ୍ତିତ୍ୱ ମଧ୍ୟ ପଖାଳ ଖାଇଛନ୍ତି। ତେଣୁ ୨୦୨୬ ମାର୍ଚ୍ଚ ୨୦ ତାରିଖ ସେଭଳି ଅନନ୍ୟ ନଥିଲେ ମଧ୍ୟ ସରକାରୀ ସ୍ତରରେ 'ପଖାଳ ଦିବସ' ପାଳନ ପାଇଁ ଗରିବ ଓଡ଼ିଶାର ଲୋକଙ୍କ ଟିକସ ପଇସାରେ ଗଠିତ ରାଜ୍ୟ ରାଜକୋଷରୁ ୨ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ଖର୍ଚ୍ଚ ହେବା ଅଭୂତପୂର୍ବ ନିଶ୍ଚୟ। ଏହା ଓଡ଼ିଶାର ଗରିବ ବର୍ଗ ପ୍ରତି ଉପହାସ ନୁହେଁ ତ? ପୁଣି ଓଡ଼ିଆ ଜନଜୀବନର ପ୍ରାଣ ଓ ଜୀବଧନ ପଖାଳର ଉତ୍ତରଣ ପାଇଁ କୁଆଡ଼େ ଅଣଓଡ଼ିଆଙ୍କ ସାହଚାର୍ଯ୍ୟ ଏକାନ୍ତ ଅପରିହାର୍ଯ୍ୟ ଥିଲା। ତେଣୁ ସରକାରଙ୍କ 'ପଖାଳଖିଆ କାର୍ଯ୍ୟକ୍ରମ'ରେ ଦଳଦଳ ଅଣଓଡ଼ିଆ ନିମନ୍ତ୍ରିତ ହୋଇ ପଞ୍ଚତାରକା ହୋଟେଲ୍‌ରେ ଆତିଥେୟ ଲଭିଲେ। ପୁଣି ଓଡ଼ିଆ ଅସ୍ମିତାର ଅନ୍ୟତମ ପରିଚୟ ପଖାଳକୁ ରାନ୍ଧିବା ଓ ପରସିବା ଦାୟିତ୍ୱ ନେଲେ ଅଣଓଡ଼ିଆ ନାମୀଦାମୀ ରୋଷେୟାମାନେ। ଶ୍ରୀଜଗନ୍ନାଥ ସଂସ୍କୃତିର ପ୍ରଚାରପ୍ରସାରକୁ ବିଶ୍ୱାଦୃତ କରିବା ଲକ୍ଷ୍ୟରେ ଆମେରିକା/ରୁଷ ରାଷ୍ଟ୍ରପତିଙ୍କ ଦ୍ୱାରା ରଥରେ ଛେରାପହଁରା ଦାୟିତ୍ୱ ସମର୍ପି ଦେଲା ଭଳି କଥା ଏ ହେଲା। 'ପଖାଳ ଦିବସ'ର ଏଭଳି ଖର୍ଚ୍ଚବହୁଳ ଆୟୋଜନ ଦେଖି ଏବେ ପଖାଳ ବୋଧହୁଏ କହୁଥିବ ମୁଁ ତ ଗରିବର ଖାଦ୍ୟର ଅପଯଶ ଅର୍ଜିଛି। କିନ୍ତୁ ମନ୍ତ୍ରୀ-ନେତା-ବାବୁମାନେ ମଧ୍ୟ କ'ଣ ଏତେ ଗରିବ ଯେ ନିଜ ପକେଟ୍‌ରୁ ଖର୍ଚ୍ଚ କରି ପଖାଳ ଖାଇବା ପାଇଁ ସେମାନଙ୍କ ପାଖରେ ପଇସା ନ ଥିଲା!

ପଖାଳର ଆଭିଜାତ୍ୟ-ଅଭିସାରର ସ୍ୱପ୍ନ ସାକାର ହୋଇଛି ସତ; କିନ୍ତୁ ଏବେ ଯଦି ତା'ର ମନସ୍ତତ୍ତ୍ୱ ପଢ଼ି ହୁଅନ୍ତା ତେବେ ଜଣାପଡ଼ନ୍ତା - ହୁଏତ ପୁଣି ସେ ଫେରିଯିବାକୁ ଚାହୁଁଥିବ ସେହି ପୁରୁଣା ଗାଁଗହଳିର ଚାଳଛପର ଘରକୁ, ଯେଉଁଠି ଲେଖାଯାଇଥିବ ତା' ଷଠିଘର; ଯେଉଁଠି ନ ଥିବ ଆଭିଜାତ୍ୟର ଅହଂକାର; ଥିବ କେବଳ ଅନ୍ନକୁ ବ୍ରହ୍ମ ଜ୍ଞାନ କରୁଥିବା ଅପାଠୁଆ ନିପଟ ଓଡ଼ିଆଙ୍କ ଅମୂଲ୍ୟ ଆତ୍ମୀୟତା। ପଞ୍ଚତାରକାର ଅଭିସାରିଣୀ ପଖାଳ ଏବେ କହୁଥିବ - ସେହି ପତ୍ରକୁଡ଼ିଆ ମୋ ପାଇଁ ଶତଗୁଣେ ଶ୍ରେୟସ୍କର, ଯେଉଁଠି ମାଟିଖପରାରେ ଲଙ୍କା, ଲୁଣ, ତେନ୍ତୁଳି ହେଉ ପଛେ ନିଜ କଷ୍ଟାର୍ଜିତ ପଇସାରେ ଲୋକେ ପଖାଳ ଖାଉଛନ୍ତି, ରାଜସ୍ୱ ଲୁଟି ନାହାନ୍ତି। ପଖାଳ ଆଜି ପୁଣି ଆତଙ୍କିତ ହୋଇଯାଇଥିବ ଯେ ତା'ର ଟେବୁଲ୍-ଅଭିସାରର ଖର୍ଚ୍ଚବହୁଳ ଆଡ଼ମ୍ବର ପରେ ଟିକସ-ସର୍ବସ୍ୱ ଭାରତରେ ହୁଏତ 'ପଖାଳ କର' ଓ 'ଉପକର' ଆଦି ଲାଗୁ ହୋଇ ଗରିବର ପଖାଳକଂସାକୁ ଆଉ ମହଙ୍ଗା କରିଦେବ ନାହିଁ ତ! ଯଦି ସେଭଳି କେବେ ହୁଏ ତେବେ ପଖାଳର ଅଭିସାର ଅଭିଶାପ ହୋଇଯିବ ଆଉ ତା'ର ଏହି ମହାର୍ଘ ଉପଲବ୍ଧି ତା'କୁ ପଶ୍ଚାତାପ ପାଇଁ ବାଧ୍ୟ କରିବ।

ଭୁବନେଶ୍ୱର, ମୋ: ୯୩୩୮୦୮୭୯୦୦

# ରହସ୍ୟମୟ ଶ୍ରୀଜଗନ୍ନାଥ

## ତତ୍ତ୍ୱ ଓ ତଥ୍ୟରେ ଶ୍ରୀଜଗନ୍ନାଥ

**ଡଃ ସମୀର କୁମାର ନନ୍ଦ**



ଭାରତରେ ଚାରିଧାମ ରହିଛି। ବଦ୍ରିନାଥ ଧାମରେ ବଦ୍ରିନାରାୟଣ, ଦ୍ୱାରିକାଧାମରେ ଦ୍ୱାରିକାଧୀଶ ଓ ରାମେଶ୍ୱରଧାମରେ ରାମେଶ୍ୱରମ ବିରାଜିତ ଓ ପୂଜିତ। କିନ୍ତୁ ପୁରୀ ଧାମରେ ସେ ନା ପୁରୀନାଥ, ନା ଓଡ଼ିଶାନାଥ, ନା ଭାରତନାଥ। ସେ ଜଗତରନାଥ ଜଗନ୍ନାଥ ନାମରେ ପରିଚିତ। ସମଗ୍ର ଜଗତର କଲ୍ୟାଣ ପାଇଁ ସେ ଜଗତକର୍ତ୍ତା, ଜଗତହର୍ତ୍ତା, ଜଗତବିଧାତା ଓ ଜଗତରକ୍ଷାକର୍ତ୍ତା। ଯେତେବେଳେ ଯିଏ ଜଗତପିତା ଓ ଜଗତମାତାଙ୍କୁ ଆରାଧନା କରେ ସେତେବେଳେ ସେ ହୋଇଯାଏ ଜଗତଜିତା। ବେଦର ଆଦିପୁରୁଷ ଜଗତର ନାଥ ଜଗନ୍ନାଥ। ତାଙ୍କର ଅନନ୍ତ ମସ୍ତକ, ଅନନ୍ତ ଚକ୍ଷୁ ଓ ଅନନ୍ତ ପାଦ। ଭୌତିକ ଓ ଆଦିଭୌତିକ ଜଗତରେ ପରିବ୍ୟାପ୍ତ ସେ ପରାତ୍ପର। ଚରାଚରର ସମସ୍ତ ଦୃଷ୍ଟ ଓ ଅଦୃଷ୍ଟ ସୃଷ୍ଟି ତାଙ୍କର ଚେତନାର ସୌନ୍ଦର୍ଯ୍ୟରେ ରସାଣିତ। ମହାଜାଗତିକ ସମସ୍ତ ପ୍ରକାଶର ଊର୍ଦ୍ଧ୍ୱରେ ସେ ସୀମାହୀନ କର୍ତ୍ତା, କାର୍ଯ୍ୟ ଓ କାରଣ। ସେ ସମସ୍ତ ଅତୀତ, ବର୍ତ୍ତମାନ ଓ ଭବିଷ୍ୟତର କର୍ଣ୍ଣଧାର। ସୃଷ୍ଟି ଓ ବିବର୍ତ୍ତନର ସେ ନିୟାମକ। ଯନ୍ତ୍ରଣା-ଜର୍ଜରିତ ନିଖିଳ ମାନବର ପାର୍ଥିବ ଚେତନାର ସେ ସଦାଜାଗ୍ରତ ନିୟନ୍ତା। ସେ ସମସ୍ତ ଅସ୍ତିତ୍ୱର ରହସ୍ୟ। ସେ ଶେଷହୀନ ବାସ୍ତବତା। ସେ ତଦେୈକମ୍। ସେ ବିଧାତାର ବିଧାତା। ସେ ପରିଚିତ ଅପରିଚେୟ, ନାମହୀନ ସର୍ବନାମ। ମହାଜାଗତିକ ବିବର୍ତ୍ତନରେ ସେ ଦେବମୁହୂର୍ତ୍ତମାନଙ୍କର ଉତ୍ସ। ଭଗବତ ଗୀତାର ସେ ପୁରୁଷୋତ୍ତମ। ସେ ପୂର୍ଣ୍ଣ ଚେତନାର ବାସ୍ତବତା, ସ୍ଥିର ଓ ଅସ୍ଥିର। ଭଙ୍ଗୁର ଓ ଚିରନ୍ତନର ଊର୍ଦ୍ଧ୍ୱରେ ତାଙ୍କର ଗତି। ସେ ଅନତିତମ ଦୂରତା, ପୂର୍ଣ୍ଣତମ ରହସ୍ୟ।

ସେ ସମସ୍ତଙ୍କୁ ହାତ ଦେଇଦେଇ ହସ୍ତହୀନ। ଯିଏ ତାଙ୍କୁ ହସ୍ତ ପ୍ରସାରଣ କରି ଆଲିଙ୍ଗନ କରେ ସେ ହୁଏ ନିଜର। ସେ ବିଲୀନ ହୋଇଯାଏ ଅନନ୍ତ ପିଣ୍ଡମୟ ବ୍ରହ୍ମରେ। ସେ ସମସ୍ତ କାଳକୁ ଅତିକ୍ରମ କରି କାଳାଧୀଶ। ତେଣୁ ସେ ଅପଲକ ନେତ୍ର, ସେ ଅନନ୍ତ ଗତିହୀନ ଗତିଶୀଳତା। ଏଣୁ ସେ ପାଦବିହୀନ, ସ୍ଥାଣୁ, ସେ ଅକ୍ଷର, ସେ ବାଙ୍ମୟ। ଓଡ଼ିଶାର ଆଦିବାସୀ ଶବରମାନଙ୍କ ସହିତ ତାଙ୍କର ସଂଯୋଗ ମାନବିକ ବିଭୁତିର ଏକ ମହନୀୟ ଉପାଖ୍ୟାନ। ଶବରମାନେ ତାଙ୍କ ଦେବତାକୁ ବନ୍ଧୁ ଓ ଜ୍ଞାତି ହିସାବରେ ଗ୍ରହଣ କରି ନେଇଛନ୍ତି। ସେମାନଙ୍କ ଆଖିରେ ଜଗନ୍ନାଥ ମଣିଷ, ଅତିମାତ୍ରାରେ ମଣିଷ। ଯିଏ ସେମାନଙ୍କ ସହିତ ହସନ୍ତି, ଖେଳନ୍ତି ଓ ସେମାନଙ୍କ ସୁଖ-ଦୁଃଖରେ ଭାଗ ନିଅନ୍ତି।

ଶ୍ରୀଜଗନ୍ନାଥଙ୍କ ଲୀଳା ମାନବ ସ୍ୱରୂପୀ। ଶ୍ରୀଜଗନ୍ନାଥଙ୍କ ଆଦି ଓ ଅନ୍ତ କେଉଁଠି ତାହା ରହସ୍ୟାବୃତ୍ତ। ଓଡ଼ିଆଙ୍କ ଭାବମାନସରେ ସେ ମନୁଷ୍ୟ ପରି ଖାଆନ୍ତି, ଶୁଅନ୍ତି, ଧୂଳିଧୂସରିତ ହୁଅନ୍ତି। ଓଡ଼ିଆଙ୍କ ପିଠା ଓ ମିଠା ଏବଂ ମାଉସୀଙ୍କ ଘରେ ପୋଡ଼ପିଠା ମଧ୍ୟ ଖାଆନ୍ତି। ଭାବରେ ବାଇଗଣ କିଆରିରେ ଖଣ୍ଡିଆଖାବରା ହୋଇ ବୁଲନ୍ତି। ପୁଣି ବନ୍ଧୁ ବୋଲି କହି କାହାକୁ ରାତିରେ ଖାଇବାକୁ ଆଣିଦେଇ ଅତିଥି ଚର୍ଚ୍ଚା କରନ୍ତି। ଭକ୍ତଙ୍କ ସାଙ୍ଗରେ ମେଳା ମଉଛବ କରନ୍ତି। ମାନ-ଅଭିମାନ, ରାଗ-ରୁଷା ଓ ଥଟ୍ଟା-ପରିହାସରେ ନିଜକୁ ମଜ୍ଜାଇ ଦିଅନ୍ତି। ଆମ ପରି ପଖାଳ ଖାଆନ୍ତି। ଖାଇସାରି ପାନ ମଧ୍ୟ ଗ୍ରହଣ କରନ୍ତି। ପ୍ରାତଃରୁ ଉଠି ମୁଖ ପ୍ରକ୍ଷାଳନ, ଦନ୍ତମାର୍ଜନ, ସ୍ନାନଶୌଚ, ପୋଷାକ ପରିଧାନ କରନ୍ତି। ରାତିରେ ପହଡ଼ ପାଇଁ ଗୀତଗୋବିନ୍ଦ ଶୁଣନ୍ତି।

ଜଗନ୍ନାଥ କେବଳ ଏକ ପୂଜିତ ପ୍ରତିମୂର୍ତ୍ତି ନୁହନ୍ତି। ସେ ପୁରୁଷମାନଙ୍କ ମଧ୍ୟରେ ପୁରୁଷୋତ୍ତମ, ବେଦମାନଙ୍କ ମଧ୍ୟରେ ସାମବେଦ ଓ ଦେବତାମାନଙ୍କ ମଧ୍ୟରେ ଜଗନ୍ନାଥ।

ଦେବଗଡ଼, ମୋ: ୯୪୩୭୨୧୮୯୧୭

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପୂର୍ବତନ ବିଧାୟକ ବିକ୍ରମଙ୍କ ପରିବାର ବର୍ଗଙ୍କୁ ଭେଟିଲେ ବିଜେଡିର ବରିଷ୍ଠ ନେତୃମଣ୍ଡଳୀ

### ବରିଷ୍ଠ ନେତା ଦେବୀ ଓ ଅତନୁଙ୍କ ସହ ସାମିଲ ହେଲେ ଚନ୍ଦ୍ରଶେଖର, ଚ୍ୟାଉପଟ୍ଟନାୟକ



ବ୍ରହ୍ମପୁର,୬।୭(ସମିସ): ପୂର୍ବତନ ବିଧାୟକ ତଥା ଗଞ୍ଜାମ ଜିଲ୍ଲା ବିଜୁ ଜନତା ଦଳର ସଭାପତି ବିକ୍ରମ କୁମାର ପଣ୍ଡାଙ୍କ ପରିବାର ସଦସ୍ୟଙ୍କ ସହ ତାଙ୍କ ବାସଭବନରେ ସାକ୍ଷାତ ଆଲୋଚନା କରିଛନ୍ତି ବିଜେଡିର ବରିଷ୍ଠ ନେତୃମଣ୍ଡଳୀ। ରାଜନୈତିକ ଆକ୍ରୋଶର ଶୀକାର ହୋଇଥିବା ଯୁବ ନେତା ବିକ୍ରମଙ୍କ ସହିତ ଦଳ ସଦାସର୍ବଦା ରହିଛି ଏବଂ ରହିବ ମଧ୍ୟ। ଏହି ବାର୍ତ୍ତା ଦେବା ପାଇଁ ବିଜେଡିର ନେତୃମଣ୍ଡଳୀ ତାଙ୍କ ପରିବାର ସଦସ୍ୟଙ୍କ ସହ ଭେଟି ଆଶ୍ୱାସନା ଦେଇଥିବା ଜଣାପଡିଛି। ବିଜେଡିର ବରିଷ୍ଠ ରାଜ୍ୟ ଉପ ସଭାପତି ତଥା ପୂର୍ବତନ ମନ୍ତ୍ରୀ ଦେବୀ ମିଶ୍ର ଓ ପୂର୍ବତନ ମନ୍ତ୍ରୀ ଅତନୁ ସବ୍ୟସଚୀ ନାୟକଙ୍କ ଦିନିକିଆ ଗଞ୍ଜାମ ଗସ୍ତ କାଳରେ ଏହି ସାକ୍ଷାତ ଆଲୋଚନା କରିଥିଲେ। ଏହି ଅବସରରେ ପୂର୍ବତନ ସାଂସଦ ତଥା ବରିଷ୍ଠ ରାଜ୍ୟ ଉପ ସଭାପତି ଚନ୍ଦ୍ରଶେଖର ସାହୁ, ପୂର୍ବତନ ବିଧାୟକ ଡାକ୍ତର ରମେଶ ଚନ୍ଦ୍ର ଚ୍ୟାଉପଟ୍ଟନାୟକ, ରାଜ୍ୟ କାଜୁ ନିଗମର ପୂର୍ବତନ ଅଧ୍ୟକ୍ଷ ସୁବାଷ ମହାରଣା, ଯୁବ ବିଜେଡି ଜୋନ ସଭାପତି ଜ୍ୟୋତିରଂଜନ ସାହୁଙ୍କ ସମେତ ବହୁ କର୍ପୋରେଟର ଓ ପୂର୍ବତନ କର୍ପୋରେଟର ଉପସ୍ଥିତ ଥିଲେ। ରାଜ୍ୟସ୍ତରୀୟ ନେତୃବୃନ୍ଦ ବିକ୍ରମଙ୍କ ଅନୁପସ୍ଥିତିରେ ତାଙ୍କ ବୃଦ୍ଧ ବାପା ଓ ମାଆଙ୍କୁ ଭେଟି ଆଲୋଚନା କରିଥିଲେ। ପ୍ରକାଶ ଯୋଗ୍ୟ ଯେ ଆଇନଜୀବୀ ପିତବାସ ପଣ୍ଡା ହତ୍ୟା ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡା ଗତ ଅକ୍ଟୋବର ୨୨ତାରିଖରୁ ଗିରଫ ହୋଇ ବ୍ରହ୍ମପୁର ଜେଲରେ ଅଛନ୍ତି।

## ବେଆଇନ ଖଣି ଖନନ ବିରୋଧରେ ପଦକ୍ଷେପ ଜଣାଇବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ,୬।୭(ସମିସ): ରାଜ୍ୟରେ ବେଆଇନ ଖଣି ଖନନ ରୋକିବା ଦିଗରେ କ'ଣ ପଦକ୍ଷେପ ନିଆଯାଇଛି ସେ ସମ୍ପର୍କରେ ଏକ ବିସ୍ତୃତ ସତ୍ୟପାଠ ଦାଖଲ କରିବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ହାଇକୋର୍ଟ। ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ୍. ଏସ୍. ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ପୁରୀ ଜିଲ୍ଲାର ପିପିଲି ତହସିଲ ଅନ୍ତର୍ଗତ ଗୋବର୍ଦ୍ଧନପୁର ଗ୍ରାମବାସୀଙ୍କ ତରଫରୁ ଦାଖଲ ଜନସ୍ୱାର୍ଥ ଆବେଦନର ଶୁଣାଣି କରି ଏପରି ନିର୍ଦ୍ଦେଶ ଦେଇଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ଅତିରିକ୍ତ ସରକାରୀ ଓକିଲ ହାଇକୋର୍ଟଙ୍କୁ ଅବଗତ କରିଥିଲେ ଯେ ବେଆଇନ ଖଣି ଖନନରେ ସମ୍ପୃକ୍ତ ବ୍ୟକ୍ତିମାନଙ୍କ ବିରୋଧରେ ପଦକ୍ଷେପ ଆରମ୍ଭ ହୋଇଛି ଏବଂ ସମଗ୍ର ରାଜ୍ୟରେ ବେଆଇନ ଖଣି ଖନନକୁ ସମ୍ପୂର୍ଣ୍ଣ ରୋକିବା ପାଇଁ ଆଇନ ଅନୁଯାୟୀ ସମସ୍ତ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯାଉଛି। ଉପଯୁକ୍ତ କର୍ତ୍ତୃପକ୍ଷଙ୍କ ଅନୁମତି ବିନା କୌଣସି ବ୍ୟକ୍ତିଙ୍କୁ ବେଆଇନ ଖଣି ଖନନ କରିବାକୁ କଦାପି ଅନୁମତି ଦିଆଯାଇପାରିବ ନାହିଁ ବୋଲି ଖଣ୍ଡପୀଠ କହିବା ସହ ଓଡ଼ିଶାରେ ବେଆଇନ ଖଣି ଖନନ ରୋକିବା ପାଇଁ ଏପର୍ଯ୍ୟନ୍ତ କି ପଦକ୍ଷେପ ନିଆଯାଇଛି ଏବଂ ଆଗାମୀ ଦିନରେ କେଉଁ ସବୁ ପଦକ୍ଷେପ ଗ୍ରହଣ କରାଯିବ, ସେ ସମ୍ପର୍କରେ ତିନି ସପ୍ତାହ ମଧ୍ୟରେ ଏକ ବିସ୍ତୃତ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଆବେଦନକାରୀଙ୍କୁ ପରବର୍ତ୍ତୀ ଏକ ସପ୍ତାହ ମଧ୍ୟରେ ପ୍ରତିଜବାବ ଦାଖଲ କରିବାକୁ କୁହାଯାଇଛି।

ମାମଲାରୁ ପ୍ରକାଶ ଯେ, ଗୋବର୍ଦ୍ଧନପୁର ନିକଟ ଦୟା ନଦୀରୁ କିଛି ଅସାମାଜିକ ଓ ପ୍ରଭାବଶାଳୀ ବ୍ୟକ୍ତି ବେଆଇନ ଭାବେ ବାଲି ଉତ୍ତୋଳନ ଏବଂ ପରିବହନ କରାଯାଉଥିବା ନେଇ ପ୍ରଭାବିତ ଗ୍ରାମବାସୀମାନେ ଗତ ୨୦୨୫ ଡିସେମ୍ବର୨୬ ତାରିଖରେ ପ୍ରଶାସନ ନିକଟରେ ଲିଖିତ ଅଭିଯୋଗ କରିଥିଲେ। ମାତ୍ର ଏ ନେଇ କୌଣସି ଫଳପ୍ରଦ ପଦକ୍ଷେପ ଗ୍ରହଣ କରାଯାଇନଥିଲା।

### ବହୁଚର୍ଚ୍ଚିତ ପିଲାଚୋର ଭିଡ଼ହିଂସା ମାମଲା

## ମୁଖ୍ୟ ଅଭିଯୁକ୍ତଙ୍କ ସହ ୨ ଗିରଫ

ବିଷମକଟକ/କଲ୍ୟାଣସିଂହପୁର, ୬।୭(ସମିସ): ବହୁଚର୍ଚ୍ଚିତ ରାୟଗଡ଼ ଜିଲ୍ଲା କଲ୍ୟାଣସିଂହପୁର ଥାନା ଅନ୍ତର୍ଗତ ଭିଡ଼ହିଂସା ମାମଲାର ମୁଖ୍ୟ ଅଭିଯୁକ୍ତ ଭଜରାନ ନାଇକ ସହ ରାଜେଶ ଉଲ୍ଲକାକୁ ପୁଲିସ ଗିରଫ କୋର୍ଟ ଚାଲାଣ କରିଛି। ଏଥିସହ ଗିରଫ ସଂଖ୍ୟା ୨୪କୁ ବୃଦ୍ଧି ପାଇଛି। ମୁଖ୍ୟ ଅଭିଯୁକ୍ତ ଭଜରାନଙ୍କ ଘର କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ ବ୍ଲକ ବିଜେପୁର ଥାନା ଦୁରିପଦର ଗ୍ରାମରେ ଏବଂ ଗୁଜୁରାଟ ସୁରତର ଅର୍ପିତା ସୂତାରିଆଙ୍କୁ ପିଲାଚୋର ବୋଲି ବିଭିନ୍ନ ଗ୍ରାମରେ ଭଜରାନ ଓ ରାକେଶ ଅପପ୍ରଚାର କରିଥିଲେ। ସୁମନ ଓ ଅର୍ପିତା ଦାଣ୍ଡପଦର, ସିଲେଟ, ବଣ୍ଡେଲି, କଲ୍ୟାଣସିଂହପୁର ବ୍ଲକ ତାଡିଝୋଲା, ଧାମୁଣିପଙ୍ଗା, କଟିକିନାଲ, ଇନ୍ତାଲିଗୁଡା ଗ୍ରାମ ଦେଇ ଆସୁଥିବା ବେଳେ ସାହିନଗର ନିକଟରେ ଯୁବକ ମାନେ ସଂଘବଦ୍ଧ ଭାବେ ଉଭୟଙ୍କୁ

**ବିଷମକଟକ ଉପକାରାଗାରରେ ୨୪ ଅଭିଯୁକ୍ତଙ୍କ ଟିଆଇ ପ୍ୟାରେଡ**



ରାଜେଶଙ୍କ ଘର ଧାମୁଣିପଙ୍ଗା ପଞ୍ଚାୟତ କଟିକିନାଳ ଗ୍ରାମରେ। ସୋମବାର ବିଷମକଟକ ଉପକାରାଗାରରେ ପୀଡ଼ିତାଙ୍କ ଉପସ୍ଥିତିରେ ଏହି ଅଭିଯୁକ୍ତମାନଙ୍କର ଟେଷ୍ଟ ଆଇଡେଣ୍ଟିଫିକେସନ୍ (ଟିଆଇ) ପ୍ୟାରେଡ୍ କରାଯାଇଛି। ସୋମବାର ସନ୍ଧ୍ୟାରେ ବିଷମକଟକ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍ ପୂଜା ଜୈନଙ୍କ ଉପସ୍ଥିତିରେ ଟିଆଇ ପ୍ୟାରେଡ୍ ପ୍ରାୟ ଦୁଇ ଘଣ୍ଟା ଧରି ଚାଲିଥିଲା। ଏହି ସମୟରେ ପୀଡ଼ିତା ଘଟଣା ସମ୍ପର୍କରେ ମାଜିଷ୍ଟ୍ରେଟଙ୍କ ସମ୍ମୁଖରେ ସୂଚନା ଦେଇଥିଲେ। ଘଟଣା ଦିନ ଭିଡ଼ହିଂସାରେ ସାମିଲ ଥିବା କିଛି ଅଭିଯୁକ୍ତଙ୍କୁ ପୀଡ଼ିତା ଟିଆଇ ପ୍ୟାରେଡ୍‌ରେ ଚିହ୍ନଟ କରିଥିବା ଜଣାପଡ଼ିଛି।

ଉଲ୍ଲେଖଯୋଗ୍ୟ, ଗତ ଜୁନ୍ ୧୬ ତାରିଖ ଫେଲୋସିପ କାର୍ଯ୍ୟରେ ଯାଉଥିବା ଦିଲ୍ଲୀ ଆଜାଦପୁର ଅଞ୍ଚଳର ସୁମନ ଝାପ ଓ ଆକ୍ରମଣ କରିଥିଲେ। ଯୁବତୀଙ୍କୁ ବିବସ୍ତ୍ର କରି ମାଡ଼ ମାରିବା ସହ ଅସଦାଚରଣ କରାଯାଇଥିବା ଅଭିଯୋଗ ହୋଇଥିଲା। ଏହି ଘଟଣାକୁ ନେଇ ସମଗ୍ର ଦେଶରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ସୋମବାର ସନ୍ଧ୍ୟାରେ ପୀଡ଼ିତା ବିଷମକଟକ ଥାନାରେ ପହଞ୍ଚିବା ପରେ ବିଷମକଟକ ଏସ୍‌ଡିପିଓ ସନ୍ତୋଷିନୀ ଓରାମ ଓ ଥାନା ଅଧିକାରୀ ସମର୍ପିତା ସ୍ୱାଇଁଙ୍କ ଉପସ୍ଥିତିରେ କଡ଼ା ସୁରକ୍ଷା ବଳୟ ମଧ୍ୟରେ ତାଙ୍କୁ ବିଷମକଟକ ଉପକାରାଗାରକୁ ନିଆଯାଇଥିଲା। ସେଠାରେ ମାଜିଷ୍ଟ୍ରେଟଙ୍କ ତତ୍ତ୍ୱାବଧାନରେ ଟିଆଇ ପ୍ୟାରେଡ୍ ସମ୍ପନ୍ନ ହୋଇଥିଲା। ପୁଲିସର ତଦନ୍ତ ଜାରି ରହିଥିବା ବେଳେ ଏହି ଟିଆଇ ପ୍ୟାରେଡ୍ ମାମଲାର ବିଚାର ପ୍ରକ୍ରିୟାରେ ଏକ ଗୁରୁତ୍ୱପୂର୍ଣ୍ଣ ସାକ୍ଷ୍ୟ ଭାବେ ବିବେଚନା କରାଯାଉଛି।

## ଚନ୍ଦ୍ରିକା ମୃତ୍ୟୁ ମାମଲାରେ ଜାମିନ ପାଇଁ ହାଇକୋର୍ଟରେ ଭୀମସେନ

କଟକ,୬।୭(ସମିସ): ଡାକ୍ତରୀ ଛାତ୍ରୀ ଚନ୍ଦ୍ରିକା ହେମ୍ବ୍ରମଙ୍କ ମୃତ୍ୟୁ ଘଟଣାରେ ଗିରଫ ହୋଇଥିବା ତାଙ୍କର ପୁରୁଷ ବନ୍ଧୁ ଭୀମସେନ ପ୍ରସାଦ ଟୁଡୁ ହାଇକୋର୍ଟରେ ଜାମିନ ଆବେଦନ କରିଛନ୍ତି। ଗତ ଜୁଲାଇ ୧ରେ କଟକ ଅତିରିକ୍ତ ଦୌରା ଜଜ୍ ତଥା ସ୍ୱତନ୍ତ୍ର ଭିଜିଲାନ୍ସ ଅଦାଲତ ଶ୍ରୀ ଟୁଡୁଙ୍କ ଜାମିନ ଆବେଦନକୁ ଖାରଜ କରିଥିଲେ। ଏହି ନିର୍ଦ୍ଦେଶ ବିରୋଧରେ ସେ ଜାମିନ ପାଇଁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ପ୍ରକାଶଥାଉକି ଚନ୍ଦ୍ରିକାଙ୍କ ମୃତଦେହ କାଠଯୋଡ଼ି କୂଳରୁ ମିଳିବା ପରେ ଗତ ଜୁନ ୪ରେ ବାରଙ୍ଗ ଥାନାରେ ଚନ୍ଦ୍ରିକାଙ୍କ ପରିବାର ତରଫରୁ ଏତଲା ଦିଆଯାଇଥିଲା। ବାରଙ୍ଗ ଥାନା ପୁଲିସ ମାମଲା ରୁଜୁ କରିବା ସହିତ ଅଭିଯୋଗ ଆଧାରରେ ଜୁନ ୧୩ରେ ଶ୍ରୀ ଟୁଡୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଗିରଫ ହେବା ପରେ ଗତ ଜୁନ ୨୭ରେ ଶ୍ରୀ ଟୁଡୁଙ୍କୁ ସରକାରୀ ଚାକିରିରୁ ବହିଷ୍କାର କରାଯାଇଥିଲା। ସେ ଓଡ଼ିଶା ଟାକ୍ସେସନ ଓ ଆକାଉଣ୍ଟସ ସର୍ଭିସର ଅଧିକାରୀ ଭାବେ ନିଯୁକ୍ତି ପାଇ କାର୍ଯ୍ୟରତ ଥିଲେ।


**RURAL WOMEN'S HIGHER SECONDARY SCHOOL**
At /PO.: Banpur, Dist.: Khordha, PIN-752031

**Walk-in-Interview**

Wanted Contractual Teaching Faculties for PGT ENGLISH. A walk-in-interview will be held on **21.07.2026(Tuesday)at 10.30 A.M.** in the office of the undersigned. Candidate having 55% marks in concerned subject are requested to send their resume, photo copies of original certificates and their testimonials (Having B.Ed. Preference will be given first) before **21.07.2026** through our E-mail: rwc.banpur@gmail.com. and produce all original documents at the time of Interview.

**Sd/- Principal Rural Women's Higher Secondary School, Banpur**

Office of the Principal
**KANSBAHAL HIGHER SECONDARY SCHOOL LAING, SUNDARGARH**
Mail-principalkblcollege@yahoo.in, Mobile No- 9439104355

**Walk-in-Interview**

A walk-in-interview for the selection a post of Lecturer in Odia (Management Post) will be held in the office of the undersigned on 14/07/2026 at 11:00 am. Interested candidates with 50% or above mark in the concerned subject may attend the interview with their bio-data,originals and a set of xerox copies of their educational documents. No TA/DA will be given.

**Principal**
**Kansbahal H.S School Laing Sundargarh**

GOVERNMENT OF ODISHA 25001/659/2627
**OFFICE OF THE EXECUTIVE ENGINEER**
**RURAL WORKS DIVISION-II, SUNDARGARH**
L.I. No. 4605 Dt. 01.07.2026

**CANCELLATION OF TENDER**

The tender for the work Sl. No. 06 – Maintenance and Repair of R.I. Office-cum-Residence at Santoshpur in the Tender Call Notice Bid Identification No. Online-EERKL-15 of 2026-27 invited by the Executive Engineer, Rural Works Division-II, Sundargarh is hereby cancelled due to technical issues.

OIPR-25001/25193/1/26-27/0034
**Executive Engineer**
**R.W. Division-II, Sundargarh**

**AFFIDAVIT**

I, JASPAL SINGH, S/O SOHAN SINGH BHOGAL resident of At - Nua Sahi First Lane, PO/PS - Jeypore, Dist - Koraput - 764001, Odisha declare by this Affidavit No. 2994, Dated - 06/07/2026, that now onwards I shall be known as **JASPAL SINGH BHOGAL** for all future purposes.

**ପଶ୍ଚିମ ରେଳବାଇ – ରତଲାମ ମଣ୍ଡଳ**

**ଇ-ଟେଣ୍ଡର ବିଜ୍ଞପ୍ତି**

ଟେଣ୍ଡର ନଂ.: SnT_RTM_W_26_15_Signal • ତାରିଖ: 02.07.2026 • କାର୍ଯ୍ୟର ନାମ: ରତଲାମ ମଣ୍ଡଳର ନାଗଦା–ଭୋପାଳ ସେକ୍ସନ୍‌ର ୯ଟି ଷ୍ଟେସନ (ଆକୋଡିଆ, ଶୁଜାଲପୁର, କାଲାପିପାଲ, ଜାବ୍ରି, ପରବତୀ, ବାକାଲ, ସେହୋର, ପଞ୍ଚାଡାନ ଏବଂ ବକାନିଆନ ଭାଉନ୍ତ୍ରୀ) ଠାରେ ବର୍ତ୍ତମାନର PI ସିଷ୍ଟମ୍‌କୁ ନୂତନ EI ସିଷ୍ଟମ୍‌ରେ ପରିବର୍ତ୍ତନ ସହିତ ସମ୍ବନ୍ଧିତ ବାହ୍ୟ ସିଗ୍ନାଲିଂ କାର୍ଯ୍ୟ ପାଇଁ S&T ସାମଗ୍ରୀର ଯୋଗାଣ, ସ୍ଥାପନ, ପରୀକ୍ଷଣ ଏବଂ କମିଶନିଂ କାର୍ଯ୍ୟ। • ଟେଣ୍ଡରର ଆନୁମାନିକ ମୂଲ୍ୟ: ଟ.33,02,93,402.53/- • ବିଡ୍ ସିକ୍ୟୁରିଟି/ଅର୍ନେଷ୍ଟ ମନି: ଟ.66,05,900.00/- • ବିଡ୍ ଦାଖଲର ଶେଷ ତାରିଖ ଓ ସମୟ: 31.07.2026 ତାରିଖ ଅପରାହ୍ନ 3.00 ଘଣ୍ଟା • ଟେକ୍ନିକାଲ୍ ବିଡ୍ ଖୋଲିବାର ତାରିଖ ଓ ସମୟ: 31.07.2026 ତାରିଖ ଅପରାହ୍ନ 3.30 ଘଣ୍ଟା ପରେ • କମର୍ସିଆଲ୍ ବିଡ୍ ଖୋଲିବାର ତାରିଖ ଓ ସମୟ: ଟେକ୍ନିକାଲ୍ ବିଡ୍‌ର ମୂଲ୍ୟାଙ୍କନ ପରେ ପୃଥକ ଭାବେ ସୂଚିତ କରାଯିବ। • କାର୍ଯ୍ୟ ସମାପ୍ତିର ଅବଧି: 24 ମାସ। • ଟେଣ୍ଡରିଂ ବିଭାଗର ଦାୟିତ୍ୱପ୍ରାପ୍ତ ଅଧିକାରୀ ଓ ବିଡ୍ ଖୋଲିବାର ସ୍ଥାନ: ଉପ ମୁଖ୍ୟ ସିଗ୍ନାଲ ଓ ଟେଲିକମ୍ ଇଞ୍ଜିନିୟର (କାର୍ଯ୍ୟ), ଡିଆରଏମ୍ କାର୍ଯ୍ୟାଳୟ, ରତଲାମ (ମଧ୍ୟପ୍ରଦେଶ)। ଟେଣ୍ଡରଟି www.ireps.gov.in ଇ-ଟେଣ୍ଡର ପୋର୍ଟାଲରେ ଦେଖିହେବ ଏବଂ ଅଫର୍ ସେହି ଇ-ଟେଣ୍ଡର ପୋର୍ଟାଲ ମାଧ୍ୟମରେ ହିଁ ଦାଖଲ କରିବାକୁ ପଡ଼ିବ। CRY/06/126

Like us on: facebook.com/WesternRly

**କବଲା ହଜିଛି**

ଏତଦ୍ୱାରା ଏକଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍, କଟକଙ୍କ ଇଜଲାସରେ ସତ୍ୟାପନ ହୋଇଥିବା ସତ୍ୟପାଠ ପ୍ରକାରେ ମୁଁ ଅମାୟିକ ଦେବାଶିଷ ପ୍ରଭୁପାଦ ସ୍ୱାଇଁ, ପିତା- ନକୁଳ ଚରଣ ସ୍ୱାଇଁ, ସା- ଜ୍ୟୋତ୍ସ୍ନା ବିହାର, ପୋ- ଭାଣପୁର, ଥାନା- କଟକ ସଦର, ଜିଲ୍ଲା- କଟକ-୭୫୩୦୦୧ ଏହା ଘୋଷଣା କରେକି ମୁଁ ଅଟୋରିକ୍ସାରେ କଟକ ଯାତ୍ରା କରିବା ସମୟରେ ସୁକାନ୍ତି ଦାସଙ୍କ ନାମରେ ପଞ୍ଜୀକୃତ ପ୍ଲଟ୍ ନଂ୧୮୬୮/୪୨୭୧, ଖାତା ନଂ.୧୧୬୨/୩୫୪୦, ମୌଜା- ଭାଣପୁର, ଥାନା- କଟକ ସଦର, ଜିଲ୍ଲା- କଟକର ଅସଲ ବିକ୍ରି କବଲା ସଂ୧୦୩୯୧୮୦୩୦୩୭ କେଉଁଠାରେ ହଜାଇ ଦେଇଛି, ଯାହାର ଅଶେଷ ପ୍ରୟାସ ସତ୍ତ୍ୱେ ସନ୍ଧାନ ମିଳୁନାହିଁ। ଯଦି ସନ୍ଧାନ ମିଳେ, ତେବେ ଯୋଗାଯୋଗ କରନ୍ତୁ: ସୋମନାଥ ପଟ୍ଟନାୟକ- 8420011985

**ODISHA MINING ADARSHA VIDYALAYA**
At- Phulbad, PO-Umuri, Jeypore, Dist-Koraput (Odisha) -764002
(An English Medium Secondary School under Ministry of S & M E,
Govt. of Odisha, Sponsored by Odisha Mining Corporation)
**Phone: 7978897651 | E-mail: principalomavjeypore@gmail.com**

**SHORT TENDER CALL NOTICE No. 01/26**

Sealed tenders are invited from registered firms having GST number and Tax Clearance for the supply of Grocery Items, Daily Use Toiletries, Perishable Items, Students' TLM, School Uniforms and Sports Items. The completed tender documents must reach The Principal, Odisha Mining Adarsha Vidyalaya, At-Phulbad, PO-Umuri, Dist-Koraput, PIN-764002 by Registered/Speed Post on or before **15 July 2026 at 5.00 P.M.** The envelope should be superscribed **"TENDER SUBMITTED FOR ______ ITEM."** The tender paper for each item along with the terms and conditions may be downloaded from the school website: https://oav.edu.in/OMAVRAY. The tenders will be opened in the presence of the tenderers or their duly authorised representatives at **11.00 A.M. on 17 July 2026.** The Principal, Odisha Mining Adarsha Vidyalaya, Jeypore, reserves the sole right to reject any or all tenders without assigning any reason and may also change the date of opening of the tender through notification on the above-mentioned website. Tenderers should not submit more than one item in a single envelope. Separate envelopes must be submitted for each item for which the tenderer wishes to apply.

**Sd/-Principal, OMAV, Jeypore**

GOVT. OF ODISHA 25001/661/2627
**OFFICE OF THE SUPERINTENDING ENGINEER**
**RURAL WORKS DIVISION, ANANDAPUR**
E-Mail: eerw_anandapur@yahoo.co.in
No. 5051 Date: 03.07.2026

**2nd Corrigendum Notice**

Under unavoidable circumstances, online availability of tender for **Annual Maintenance Plan of Rural Roads under Administrative Expenditure** of the tender invited vide **e-Procurement Notice No. 3998 dated 10.06.2026 & 1st Corrigendum Notice No. 4560 dated 25.06.2026 / Bid Identification No. NCB-Online 09/EE/RW/AND/2026-27** of the Executive Engineer, Rural Works Division, Anandapur is hereby rescheduled as below.

| Procurement Officer | Bid Identification No. | Availability of Tender Online for bidding | | Last Date & Time of Seeking Tender Clarification | Date & Time of Opening of Tender in: O/o the S. E.R.W. Division, Anandapur |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer, R.W. Division, Anandapur | NCB-Online 09/EE/RW/AND /2026-27 | 17.07.2026 at 10.00 A.M. | 27.07.2026 up to 5.00 P.M. | 24.07.2026 up to 5.00 P.M. | 28.07.2026 at 11.30 A.M. in the |

All other contents remain unchanged.
Sd/- Superintending Engineer
R.W. Division, Anandapur
OIPR-25001/25055/1/26-27/0012

**AFFIDAVIT**

By virtue of an affidavit sworn before the Notary Public, Rayagada, No. 7147 dated 06.07.2026, I, Kamala Kanta Dandasena, S/o- Nalini Ranjan Dandasena, At-Raiko Street, Kashipur, PO/PS-Kashipur, Dist-Rayagada, Odisha-765015, declare that my father's name is wrongly recorded as Nalini Dandasena instead of Nalini Ranjan Dandasena in my Passport. Henceforth, my father shall be known as **Nalini Ranjan Dandasena** for all purposes.

**TPWODL**
**TP WESTERN ODISHA DISTRIBUTION LIMITED**
(A Joint Venture of Tata Power and Government of Odisha)
Corporate Office : Burla, Dist.-Sambalpur (Odisha)-768017

**NOTICE INVITING TENDER**

TP Western Odisha Distribution Limited, invites tender quotations (in 2part bidding) from eligible vendors for the following packages :

1. **TPWODL/SD/O/SER/ 2500001236: Rate Contract for General Civil Works.**
2. **TPWODL/AK/O/SU/ 2500001237: Rate Contract for MCCB With enclosure of various ratings.**
3. **TPWODL/VP/O/SU/2500001233: Rate Contract for supply of Earthing Coil and Earthing Pipe.**
4. **TPWODL/SA/O/SITC/2500001232: Supply, Installation, Testing and Commissioning of 11 KV & 33KV Single circuit towers at river crossing locations under ODSSP-IV**

Interested bidders to submit Tender Participation Fee and Authorization Letter through email **before 18th July 2026, 15:00 Hrs.** for **SL. NO. 1,3 &4** and on and **before 14th July 2026** for **SL. No. 2** after which link from e-Tender system shall be shared.

For detailed tender documents of the above-mentioned tender, please visit Tender section of **www.tpwesternodisha.com.** All details for participating in tender is given in the tender document.

All future correspondence regarding the tender, bid submission, date extension etc. will take place with the participating bidders only through E-Tender system.

Sd/- **Chief-TS, Contracts & Stores**

GOVERNMENT OF ODISHA 25001/654/2627
**OFFICE OF THE EXECUTIVE ENGINEER**
**RURAL WORKS DIVISION-II, SUNDARGARH**
**L.I. No. 4678 / Dt. 04.07.2026**
1st Corrigendum to Bid Identification No. Online – EERKL-16/2026-27

Due to some unavoidable circumstances in respect of the tender for Building Works invited in Tender Call Notice **Bid Identification No. Online – EERKL-16/2026-27** by the Executive Engineer, Rural Works Division-II, Sundargarh, the date of online bidding and opening of the tender, which was scheduled from **30.06.2026 to 07.07.2026**, is hereby extended as follows:

| Availability of Tender Online for Bidding | | Last Date & Time of Seeking Tender Clarification | Date & Time of Opening of Tender (Technical Bid) |
|---|---|---|---|
| From: | To | | Online-EERKL-16/2026-27 |
| 06.07.2026 at 10.00 A.M. | 14.07.2026 up to 5.00 P.M. | 13.07.2026 up to 5.00 P.M. | 15.07.2026 at 11.00 A.M. |

Executive Engineer
R.W. Division-II, Sundargarh
OIPR-25001/25193/1/26-27/0033

**AFFIDAVIT**

I, Sandhyarani Dash, D/o. Late Umesh Chandra Dash, W/o. Manas Ranjan Mahapatra, resident of at 40/B, BDA HIG Duplex, Baramunda, Bhubaneswar, Ps- Bharatpur, Dist-Khurda, Odisha, hereby declare that, I have changed my name from **Sandhyarani Dash to Sandhyarani Mahapatra** is one and same person for all purpose, by way of vide affidavit No.20/ 18.02.2026 at Executive Magistrate Bhubaneswar.

25001/663/2627
E.Mail – rw_sundargarh@yahoo.co.in
Ph – 06622-272280 (off)

**OFFICE OF THE SUPERINTENDING ENGINEER**
**RURAL WORKS DIVISION: SUNDARGARH**

**1st Corrigendum to Bid Identification No Online-SESNG-07 of 2026-27**

In continuation to this office bid Identification No: Online-SESNG-07 of 2026-27 invited vide this office notice no. 4445 dt. 18.06.2026 is partially modified for the work TCN has been made as follows:-

| Sl No. | | Time Schedule as per original TCN | Time Schedule as per 1st Corrigendum Notice |
|---|---|---|---|
| 1 | Availability of tender online for bidding | 29.06.2026 at 11.00 A.M to 09.07.2026 up to 06.00 P.M | Extended up to 15.07.2026 up to 5.00 P.M |
| 2 | Last date of seeking clarification | 08.07.2026 at 11.00 A.M | Extended up to 14.07.2026 up to 11.00 A.M |
| 3 | Date of Opening of Tender | 10.07.2026 at 10.00 A.M | Extended up to 15.07.2026 at 05.10 P.M |

All other terms & conditions remain unchanged.
OIPR-25001/25046/1/26-27/0011
Superitending Engineer
R.W. Division, Sundargarh

ଖଣ୍ଡୀୟ ବନାଧିକାରୀଙ୍କ କାର୍ଯ୍ୟାଳୟ,ବାମରା ବନ୍ୟପ୍ରାଣୀ ବନଖଣ୍ଡ
**OFFICE OF THE DIVISIONAL FOREST OFFICER: BAMRA WILDLIFE DIVISION**
**AT/PO:** Bamra, **Dist:** Sambalpur, Odisha – 768221
**Mob. No.:** 9437960711
**E-mail ID:** dfo.bamrawl@odisha.gov.in
**EoI No. 04 Dated: 06.07.2026**
8001/187/2627

**INVITATION FOR EXPRESSION OF INTEREST (EoI)**

For engagement of scientific consultant NGO / Non-profit Organization / Agency for preparation of Zonal Master Plan of Eco Sensitive Zone (ESZ) around Khalasuni and Badrama Wildlife Sanctuaries under Bamra Wildlife Division.

The Divisional Forest Officer, Bamra Wildlife Division, Bamra, Sambalpur invites applications from NGOs / Non-profit organizations / agencies for preparation of the Zonal Master Plan of Eco Sensitive Zone (ESZ) of Khalasuni and Badrama Wildlife Sanctuaries.

NGOs / Non-profit organizations / Agencies fulfilling the eligibility requirements may submit their applications to the Divisional Forest Officer, Bamra Wildlife Division, Bamra, Sambalpur, latest by 05.00 P.M. on 30.07.2026, as per the EoI document.

The Technical Bids shall be opened on 31.07.2026 at 11.00 A.M. The detailed EoI is available on the following websites: www.sambalpur.odisha.gov.in, www.odishaforest.in

Divisional Forest Officer
Bamra Wildlife Division
OIPR-8001/8144/1/26-27/0004

**AFFIDAVIT**

By Virtue of an Affidavit before the Executive Magistrate, Bhadrak, vide Affidavit No.-7949, on dtd. 03.07.2026, I Sk. Hedatulla, aged 50 years, S/o Sk. Baraktulla, At-Bankamohalla, P.O./P.S.-Purunabazar, Dist- Bhadrak, Odisha, on behalf of my minor son SK. MAHEMOOD, in his Birth Certificate but wrongly it has been mentioned as SK. MAHIUDDIN in Aadhaar Card bearing No. 3205 2157 8158. SK. MAHEMOOD & SK. MAHIUDDIN is one and same. This Affidavit is for Aadhaar Correction.

**OFFICE OF THE PRINCIPAL**
**SINDHA DEVI HIGHER SECONDARY SCHOOL, NANDAPUR**
DIST.- KORAPUT, PIN: -764037
PH. NO.: 06868-273554, MOB.: 08763240445, Email: sdm.ndp@gmail.com
Letter No. 242/SDHSS/2026 Date: 06.07.2026

**ADVERTISEMENT**

Application with Bio-Data is invited from interested candidates along with relevant certificates and a passport size recent coloured photo by registered/speed post/in person for appointment for the academic session **2026-27**. Age as per the Govt. of Odisha norms. The last date of receipt of application is **Dt. 21.07.2026**. Applications received after the last date of application shall be summarily rejected. The candidates are requested to remain present at **11.00 A.M. on 29.07.2026** at **SDHSS, Nandapur, Dist.- Koraput** along with all the original certificates for verification & interview. **No TA/DA will be paid for attending the interview.**

| Post | Essential Qualification | Consolidated Remuneration per month |
|---|---|---|
| Guest Faculty in Odia, History and Commerce | Master's Degree in the subject concerned with at least **55% marks** or equivalent Grade. | Rs. 13,500/- (Thirteen Thousand Five Hundred) |
| Assistant Librarian (Contractual) | Graduation in Arts/Commerce/Science with Bachelor Degree in Library and Information Science. | Rs. 11,000/- (Eleven Thousand) |

**Principal-cum-Secretary**
Sindha Devi Higher Secondary School
Nandapur, Dist. Koraput
Odisha, Pin - 764037

**OFFICE OF THE SUPERINTENDING ENGINEER**
**EARTH DAM DIVISION, CHITRAKONDA**
**DISTRICT: MALKANGIRI**
**E-mail ID:** executiveengineereddckd@gmail.com
**e-Procurement Notice No. SE-EDD-CKD-03/2026-27**
32001/503/2627

1. **Type of Works:** River Bank Flood Protection Work
2. **Total No. of Works:** One (01) No.
3. **Estimated Cost:** Rs. 98.63 Lakh
4. **Period of Completion:** Six (6) Calendar Months
5. **Class of Contractor:** 'B' Class

| Procurement Officer | Bid Identification No. | Availability & Submission of Bids online | |
|---|---|---|---|
| | | From | To |
| 1 | 2 | 3 | 4 |
| Superintending Engineer, Earth Dam Division, Chitrakonda | SE-EDD-CKD-03(1)/2026-27 | 10.07.2026 at 10.00 A.M. | 24.07.2026 up to 5.00 P.M. |

**Date of Opening of Tender/Bid: 27.07.2026 at 10.30 A.M.** in the office of the **Superintending Engineer, Earth Dam Division, Chitrakonda.**
**Further details can be seen from the Government Website:** www.tendersodisha.gov.in

(Er. K. C. Sheti)
Superintending Engineer
Earth Dam Division, Chitrakonda, Malkangiri (Odisha)
OIPR-32001/32019/1/26-27/0005

**AFFIDAVIT**

By virtue of an affidavit sworn before Notary Public: Bargarh vide no.386 dtd.04.07.2026, I, Sabnam Khatun, W/o- Mohammad Jilani, D/o- Resau Chandra Behera, resident of At- Barahaguda Canal, Po.- Barahaguda, Ps.- Rural, Dist.- Bargarh state that, my father's original name is **Resau Chandra Behera** but in my Pass Port I.D.Card bearing no. L3220083 my father's name has been wrongly mentioned as Keshab Behera, whereas in my Voter's ID no. ACU1622745 my father's name reflected as Subal Sahu. That **Resau Chandra Behera, Keshab Behera** and **Subal Sahu** belongs to same and one person.

**AFFIDAVIT**

By virtue of an affidavit CF No. 46, dtd- 02.07.2026 sworn before The Executive Magistrate, Bhubaneswar. I, **Manas Kumar Mallik,** S/o Late Bira Kishore Mallik, resident of AT/PO-Khujenpali, PS: Balangir, Odisha, PIN: 767002 have changed my name & my wife name from (**M.K. Mallik** to **Manas Kumar Mallik**) & (**Janki Mallik** to **Janaki Mallik**) in my daughter's (**Arpita Mallik**) birth certificate vide Regd. No. 137, dtd- 28.02.2009.

# ଭୁଶୁଡ଼ିଲା ନିର୍ମାଣାଧୀନ ଜାତୀୟ ରାଜପଥ

ଜଗତସିଂହପୁର,୬।୭ (ସମିସ)

କଟକରୁ ଜଗତସିଂହପୁର ମଧ୍ୟ ଦେଇ ଏରସମା ବ୍ଲକ ନୂଆଗାଁ ପର୍ଯ୍ୟନ୍ତ ନିର୍ମାଣ ହେଉଥିବା ଜାତୀୟ ରାଜପଥ-୫୫ର ନିର୍ମାଣ କାର୍ଯ୍ୟ ୨୦୧୭-୧୮ ମସିହାରେ ଆରମ୍ଭ ହୋଇଥିଲେ ମଧ୍ୟ ୨୦୨୬ ପର୍ଯ୍ୟନ୍ତ ସରିବାରେ ନା ନେଉନାହିଁ। ଏହି ରାସ୍ତାର ବିଭିନ୍ନ ସ୍ଥାନରେ ୭ଟି ବାଇପାସ ନିର୍ମାଣ କରାଯାଉଛି। ତେବେ ନିର୍ମାଣଧୀନ ଏହି ଜାତୀୟ

## ଦୁଇ ଯନ୍ତ୍ରୀ ଓ ଠିକା ସଂସ୍ଥା ନାମରେ ଏତଲା ଦେଲେ ଉପଜିଲ୍ଲାପାଳ





ରାଜପଥ ୫୫ର ମଙ୍ଗଳପୁର ଠାରୁ ଯୋଗଧାରୀ ପର୍ଯ୍ୟନ୍ତ ବାଇପାସ ରାସ୍ତା ଖେରସ ନିକଟରେ ପ୍ରାୟ ୩୦ ଫୁଟ ଧସିଯାଇଛି। ଲଘୁଚାପ ଜନିତ ଲଗାଣ ବର୍ଷା ଯୋଗୁଁ ନିମ୍ନମାନର କାର୍ଯ୍ୟ କରାଯାଇଥିବାରୁ ପ୍ରାୟ ୩୦ ଫୁଟ ରାସ୍ତା ଧୋଇହୋଇ ଯାଇଥିବା ଅଭିଯୋଗ କରିଛନ୍ତି ସ୍ଥାନୀୟ ଜନସାଧାରଣ। ଖେରସ ନିକଟରେ ନିର୍ମାଣ ହୋଇଥିବା ଓଭରବ୍ରିଜଠାରୁ ଅଳ୍ପ ଦୂରରେ ଏହି ୩୦ ଫୁଟ ରାସ୍ତା ଧସିଯାଇ ବିଲ ଭିତରକୁ ଖସି ପଡିଛି। ଉକ୍ତ ରାସ୍ତା ଦେଇ ଟ୍ରକ୍ ଓ ଅନ୍ୟାନ୍ୟ ଗାଡି ଚଳାଚଳ ବ୍ୟାହତ ହୋଇଛି। ବିଭାଗୀୟ ଯନ୍ତ୍ରୀମାନେ ରାସ୍ତା କାମ ତଦାରଖ ଓ ମାନ ଯାଞ୍ଚ କରୁନାହାନ୍ତି ବୋଲି ମଧ୍ୟ ଲୋକମାନେ ଅଭିଯୋଗ ଉଠାଇଛନ୍ତି। ଏଭଳି ସ୍ଥିତିରେ ନିର୍ମାଣ ନ ସରୁଣୁ ଲଗାଣ ବର୍ଷାରେ ଜାତୀୟ ରାଜପଥ ଧସିଯିବା ଦୁର୍ଭାଗ୍ୟଜନକ ବୋଲି ସାଧାରଣରେ ଆଲୋଚିତ ହେଉଛି। ଆଜି ଉପଜିଲ୍ଲାପାଳ ପ୍ରଶାନ୍ତ କୁମାର ତରାଇ ଜାତୀୟ ରାଜପଥର କାର୍ଯ୍ୟ ତଦାରଖ ଦାୟିତ୍ୱରେ ଥିବା ଅଧିକ୍ଷଣ ଯନ୍ତ୍ରୀ ଆଦର୍ଶ ପାଣିଗ୍ରାହୀ, ସହକାରୀ ଯନ୍ତ୍ରୀ ଶେଖର ସାମଲ ଏବଂ ଠିକା ସଂସ୍ଥାର ପ୍ରକଳ୍ପ ପରିଚାଳକ କିଶୋର ପରିଡ଼ାଙ୍କ ନାମରେ ଜଗତସିଂହପୁର ସଦର ଥାନାରେ ଏତଲା ଦେଇଛନ୍ତି। ପୁଲିସ ୫୨୨/୨୬ ନମ୍ବରରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିବା ଆଇଆଇସି ସୁଶାନ୍ତ କୁମାର ସାହୁ ସୂଚନା ଦେଇଛନ୍ତି। ସେହିପରି ନିମ୍ନମାନର କାମ ଯୋଗୁଁ ଏହି ଜାତୀୟ ରାଜପଥର ଯୋଗଧାରୀ ଠାରୁ ପାକନପୁର ମଧ୍ୟରେ ରାସ୍ତାରେ ଫାଟ ସୃଷ୍ଟି ହୋଇଥିବା ଅଭିଯୋଗ କରାଯାଇଛି।

## ନ୍ୟାସନାଲ୍ ହ୍ୟୁମ୍ୟାନ୍ ରାଇଟ୍ସର ଜିଲ୍ଲା ସମ୍ମିଳନୀ

ତିର୍ତ୍ତୋଲ,୬।୭ (ସମିସ): ନ୍ୟାସନାଲ ହ୍ୟୁମାନ ରାଇଟସ୍ ସୋସିଆଲ ଜଷ୍ଟିସ କାଉନସିଲ୍ ଅଫ ଇଣ୍ଡିଆ ପକ୍ଷରୁ ତିର୍ତ୍ତୋଲ ବ୍ଲକ ମଣିଜଙ୍ଗା ପଞ୍ଚାୟତର କଲ୍ୟାଣ ମଣ୍ଡପ ପରିସରରେ ଏକ ଜିଲ୍ଲାସ୍ତରୀୟ ସମ୍ମିଳନୀ ଅନୁଷ୍ଠାନର ମହାନିର୍ଦ୍ଦେଶକ ଆଇନଜୀବୀ ଆଇଜି ଜରଗର ପଟାନଭିଙ୍କ ଦିଗଦର୍ଶନ ଓ ଜିଲ୍ଲା ସଭାପତି ଆଇନଜୀବୀ ଗଣେଶ ପ୍ରସାଦ ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି। ଲୋକନାଥ ମହାନ୍ତିଙ୍କ ପରିଚାଳନାରେ ଅନୁଷ୍ଠିତ ଏହି ସମ୍ମିଳନୀରେ ମୁଖ୍ୟଅତିଥି ଅବସରପ୍ରାପ୍ତ ବାୟୁସେନା ଅଧିକାରୀ ସୁଶାନ୍ତ ଚରଣ ସାହୁ, ସମ୍ମାନିତ ଅତିଥି ଅନୁଷ୍ଠାନର ଜାତୀୟ ଉପାଧ୍ୟକ୍ଷ ସମିମ୍ ଆରା ମୁସ୍ତାଫା, ଜାତୀୟ ସଂଯୋଜକ ମଞ୍ଜୁ ବେଗମ, ଜାତୀୟ ଆବାହକ ଶ୍ରଦ୍ଧାଞ୍ଜଳି ଦାସ, ରାଜ୍ୟ ସମ୍ପାଦିକା ମୁନତାକିମ ବକ୍ସ ପ୍ରମୁଖ ଉପସ୍ଥିତ ରହି ମାନବିକ ଅଧିକାର କ୍ଷୁଣ୍ଣ ହେଉଥିବା ବ୍ୟକ୍ତି ବିଶେଷଙ୍କୁ କିପରି ନ୍ୟାୟ ପ୍ରଦାନ କରାଯାଇ ପାରିବ ସେ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ଅତିଥି ମାନେ ଜିଲ୍ଲାର ନୂତନ ସଦସ୍ୟମାନଙ୍କୁ ପରିଚୟପତ୍ର ପ୍ରଦାନ ସହ ସମାଜରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ବ୍ୟକ୍ତି ବିଶେଷଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଅନୁଷ୍ଠାନର ଜିଲ୍ଲା ଓ ଜିଲ୍ଲା ବାହାରୁ ବହୁ ସଦସ୍ୟ ଯୋଗଦେଇଥିଲେ।

## ଦୁର୍ଗାବତୀ ବାରିକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

କୁଜଙ୍ଗ,୬।୭ (ସମିସ): କୁଜଙ୍ଗ ବ୍ଲକ ଅନ୍ତର୍ଗତ ଭଣ୍ଡୁଆ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଦୁର୍ଗାବତୀ ବାରିକଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସେବା ନିବୃତ୍ତ ପ୍ରଧାନ ଶିକ୍ଷକ ଶିକ୍ଷକ ନେତା ଅନାଦି ଚରଣ ଖଟୁଆଙ୍କ ସଭାପତିତ୍ୱରେ ଏହି ଉତ୍ସବରେ ମୁଖ୍ୟଅତିଥି ଶିକ୍ଷାବିତ୍ ଚିତ୍ତରଞ୍ଜନ ବାରିକ, ମୁଖ୍ୟ ବକ୍ତା ରୂପେ ଶିକ୍ଷକ ନେତା ଅଶୋକ କୁମାର ସ୍ୱାଇଁ, ସମ୍ମାନିତ ଅତିଥି ରୂପେ ସଞ୍ଜୟ କୁମାର ଜେନା, ମହେଶ୍ୱର ମହାନ୍ତି, ଖୁଲଣା ସୁନ୍ଦରୀ ଦେଇ, ରଞ୍ଜିତ ମାଝୀ, ଶ୍ରୀଚରଣ ସାହୁ, ସଂଜୀବ କୁମାର ଦାସ, ସୁଶାନ୍ତ କୁମାର ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ଶିକ୍ଷକ ନେତା ଶ୍ରୀଚରଣ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଉତ୍ସବ ପରିଚାଳନାରେ ବଳରାମପୁର ଉପ୍ରା ବିଦ୍ୟାଳୟ ଆଞ୍ଚଳିକ ସାଧନ କେନ୍ଦ୍ରର ଶିକ୍ଷକ ଶିକ୍ଷୟିତ୍ରୀ, ପରିଚାଳନା କମିଟିର ସଭ୍ୟ ଓ ସଭ୍ୟା, ଭଣ୍ଡୁଆ ଅଙ୍ଗନବାଡି କେନ୍ଦ୍ର ଦ୍ୱୟର କର୍ମୀ ଓ ସହାୟିକା ସହଯୋଗ କରିଥିଲେ।

## ରଘୁନାଥପୁରରେ ଯୁଗ୍ମଜନ ଅଭିଯୋଗ ଶୁଣାଣି ଶିବିର



ଜଗତସିଂହପୁର/ରଘୁନାଥପୁର, ୬।୭ (ସମିସ): ଆଜି ଜଗତସିଂହପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ଯୁଗ୍ମଜନ ଅଭିଯୋଗ ଶୁଣାଣି ଶିବିର ରଘୁନାଥପୁର ବ୍ଲକ୍ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ଅଭିଯୋଗ ଶିବିରରେ ଉପସ୍ଥିତ ରହି ଜିଲ୍ଲାପାଳ ଜେ. ସୋନାଲ ଜନସାଧାରଣଙ୍କ ବିଭିନ୍ନ ଆପତ୍ତି ଅଭିଯୋଗର ଶୁଣାଣି କରିଥିଲେ। ଆଜି ମୋଟ ୧୬୨ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିମଧ୍ୟରୁ ବ୍ୟକ୍ତିଗତ ସମସ୍ୟା ସମ୍ପର୍କୀୟ ୧୪୮ଟି ଏବଂ ଗୋଷ୍ଠୀଗତ ସମସ୍ୟା ସମ୍ପର୍କୀୟ/ଗ୍ରାମ୍ୟ ସମସ୍ୟା ସମ୍ପର୍କୀୟ ୧୪ଟି ଅଭିଯୋଗ ରହିଥିଲା। ବ୍ୟକ୍ତିଗତ ଅଭିଯୋଗ ମଧ୍ୟରୁ ରାସନ୍ କାର୍ଡ ସମସ୍ୟା ସମ୍ପର୍କୀୟ ୮ଟି, ଆବାସ ପାଇଁ ୬୭ଟି, ଜମିଜମା ସମସ୍ୟା ସମ୍ପର୍କୀୟ ୧୬ଟି, ଭତ୍ତା ପାଇବା ପାଇଁ ୧୫ଟି, ପୁଲିସ ସହାୟତା ପାଇଁ ୩ଟି ଏବଂ ଅନ୍ୟାନ୍ୟ ୩୧ଟି ଅଭିଯୋଗର ଶୁଣାଣି କରାଯାଇଥିଲା। ୮ଟି ଅଭିଯୋଗର ତତ୍କାଳ ଫଇସଲା କରାଯାଇଥିଲା। ଏହି ମିଳିତ ଜନ ଅଭିଯୋଗ ଶୁଣାଣି ଶିବିରରେ ଆରକ୍ଷୀ ଅଧିକ୍ଷକ ଅଙ୍କିତ କୁମାର ବର୍ମା, ଅତିରିକ୍ତ ଜିଲ୍ଲାପାଳ, ଜଗତସିଂହପୁର ଜ୍ୟୋତିଶଙ୍କର ରାୟ, ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ଅକ୍ଷୟ ପିଲ୍ଲେ, ଉପ ଜିଲ୍ଲାପାଳ ପ୍ରଶାନ୍ତ କୁମାର ତରାଇ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ରଘୁନାଥପୁର ବିରଞ୍ଚି ନାରାୟଣ ବେହେରା, ତହସିଲଦାର ରଘୁନାଥପୁର ରାଜଲକ୍ଷ୍ମୀ ନାୟକ, ଜସ୍ତରୀୟ ଅଧିକାରୀ, କ୍ଷେତ୍ରୀୟ ଅଧିକାରୀ ଏବଂ ବ୍ଲକସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ରହି ଜନସାଧାରଣଙ୍କର ଆପତ୍ତି ଅଭିଯୋଗର ଶୁଣାଣି କରିଥିଲେ।

## ରଘୁନାଥ ସାହୁଙ୍କ 'ବାପାଙ୍କ କାନ୍ଧ' ଉନ୍ମୋଚିତ



ପାରାଦୀପ,୬।୭ (ସମିସ): ମଣିଷ ପ୍ରାଚୁର୍ଯ୍ୟ ପଛରେ ଧାଇଁବାରେ ବ୍ୟସ୍ତ। ତେବେ ଆନନ୍ଦ ନିଜ ପାଖରେ ରହିଛି। ଜଣେ ବହିକୁ ନିଜର କରି ବହି ସହିତ ବଞ୍ଚିଲେ ଜୀବନରେ ଶ୍ରେଷ୍ଠ ଆନନ୍ଦ ମିଳିବ ବୋଲି ବିଶିଷ୍ଟ ସାହିତ୍ୟିକମାନେ ମତବ୍ୟକ୍ତ କରିଛନ୍ତି। ପାରାଦୀପ ନେହରୁ ବଙ୍ଗଳା ଠାରେ ଆଦିତ୍ୟ ଭାରତ ପ୍ରକାଶନୀ ସଂସ୍ଥା ଓ ପ୍ରିୟବନ୍ଧୁ ସାହିତ୍ୟ ଏକାଡେମୀ ପକ୍ଷରୁ ଆୟୋଜିତ ସାରସ୍ୱତ ଆସରରେ ରଘୁନାଥ ସାହୁଙ୍କ ଗପ ବହି "ବାପାଙ୍କ କାନ୍ଧ' ଅତିଥିମାନଙ୍କ ଦ୍ୱାରା ଉନ୍ମୋଚିତ ହୋଇଯାଇଛି। ଏହି ଅବସରରେ ଅତିଥି ଭାବେ ସାହିତ୍ୟିକ ଡ. ଗୌରହରି ଦାସ ଯୋଗଦେଇ ଉପରୋକ୍ତ ମତ ଦେବା ସହିତ ବହି ମଣିଷର ସବୁଠୁ ଭଲ ବନ୍ଧୁ ବୋଲି କହିଥିଲେ। କେନ୍ଦ୍ର ସାହିତ୍ୟ ଅକାଦେମୀ ପୂର୍ବାଞ୍ଚଳ ଆଞ୍ଚଳିକ ସଚିବ ଡ. ଦେବେନ୍ଦ୍ର କୁମାର ଦେବେଶ, ଓଡ଼ିଶା ସାହିତ୍ୟ ଏକାଡେମୀ ସଚିବ ଡ. ଚନ୍ଦ୍ରଶେଖର ହୋତା ଓ ଉତ୍କଳ ସାହିତ୍ୟ ସମାଜ ସାଧାରଣ ସମ୍ପାଦକ ରାଜୀବ କୁମାର ଷଡ଼ଙ୍ଗୀ ଯୋଗଦେଇ ଉନ୍ମୋଚିତ ବହିର ପ୍ରଶଂସା କରିଥିଲେ। ବିଶିଷ୍ଟ କବି ପୀତାମ୍ବର ତରାଇଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉନ୍ମୋଚନ ପର୍ବରେ ଅନ୍ୟମାନଙ୍କ ମଧ୍ୟରେ କଥାକାର ଡ. ଅରବିନ୍ଦ ରାୟ, ବିଷ୍ଣୁ ସାହୁ, ବ୍ରହ୍ମାନନ୍ଦ ବିଶ୍ୱାଳ, ନାଟ୍ୟକାର ଶ୍ରୀମନ ମିଶ୍ର, ସନ୍ତୋଷ ସାମଲ, ଆଦିତେଶ୍ୱର ମିଶ୍ର, ସବିତା ମହାପାତ୍ର, ଡ. କେଶବ ଦଳେଇ, ଶିକ୍ଷାବିତ ଡ. ଗଙ୍ଗାଧର ସାମନ୍ତରାୟ ଓ ବିଭୁତି ଭୂଷଣ ଦାସ ପ୍ରମୁଖ ଯୋଗଦେଇଥିଲେ। କବି ପ୍ରଭାତୀ ମାଝୀ ଧନ୍ୟବାଦ ଦେଇଥିଲେ। ସାମ୍ବାଦିକ ଶରତ ରାଉତ ଓ ସଞ୍ଜୟ କୁମାର ଓଝା ଉତ୍ସବ ପରିଚାଳନା କରିଥିଲେ।

## ଅବପାତ ପାଇଁ ଅଶାନ୍ତ ସମୁଦ୍ର

## ପାରାଦୀପରେ ଡେରା ପକାଇଛନ୍ତି ଆନ୍ଧ୍ର ମତ୍ସ୍ୟଜୀବୀ



ପାରାଦୀପ,୬।୭ (ସମିସ): ଲଘୁଚାପ ଯୋଗୁଁ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଅବପାତ କାରଣରୁ ସମୁଦ୍ର ଅଶାନ୍ତ ରହିଛି। ଫଳରେ ପାରାଦୀପ ଉପକୂଳରେ ମାଛ ଧରୁଥିବା ଯାନ୍ତ୍ରିକ ଡଙ୍ଗାଗୁଡିକୁ ବନ୍ଦର କର୍ତ୍ତୃପକ୍ଷ ଆଶ୍ରୟ ଦେଇଛନ୍ତି। ସେମାନଙ୍କ ଆଶ୍ରୟ ଓ ସୁରକ୍ଷା ସହାୟତା ପ୍ରଦାନ କରିବା ପାଇଁ ବନ୍ଦର କର୍ତ୍ତୃପକ୍ଷ ଜରୁରୀକାଳୀନ ବ୍ୟବସ୍ଥା ଯୋଗାଇ ଦେଇଛନ୍ତି।

ଆଜି ପାରାଦୀପ ବନ୍ଦରର ଏନ୍‌କ୍ୟୁ-୩ ଏବଂ ଇକ୍ୟୁ-୧ ବର୍ଥରେ ୩୬ଟି ମାଛ ଧରା ଡଙ୍ଗା ସୁରକ୍ଷିତ ଆଶ୍ରୟ ନେଇଛନ୍ତି। ଏଥିମଧ୍ୟରୁ ୩୨ଟି ଡଙ୍ଗା ବାହାର ଅଞ୍ଚଳର ହୋଇଥିବା ବେଳେ ୪ଟି ଡଙ୍ଗା ପାରାଦୀପ ଅଞ୍ଚଳର। ସେଥିମଧ୍ୟରୁ କିଛି ଆନ୍ଧ୍ରପ୍ରଦେଶର ଡଙ୍ଗା ରହିଛି। ସମୁଦ୍ରରେ ପ୍ରତିକୂଳ ପାଗ ପରିସ୍ଥିତି ଜାରି ରହିବାରୁ ଆଗାମୀ କିଛି ଘଣ୍ଟା ମଧ୍ୟରେ ବନ୍ଦରରେ ଅଧିକ ମାଛ ଧରିବା ଡଙ୍ଗା ଆସିବାର ଆଶା କରାଯାଉଛି। ଆନ୍ଧ୍ରପ୍ରଦେଶ ସରକାରଙ୍କ ମତ୍ସ୍ୟ ବିଭାଗ ପକ୍ଷରୁ ଏକ ଜରୁରୀକାଳୀନ ଅନୁରୋଧ ପରେ ପାରାଦୀପ ବନ୍ଦର ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି। ପାରାଦୀପ ଓ ଗୋପାଳପୁର ନିକଟରେ ମାଛ ଧରୁଥିବା ଅନେକ ଯାନ୍ତ୍ରିକ ଡଙ୍ଗା ପ୍ରବଳ ପବନ, ବର୍ଷା ଏବଂ ଅଶାନ୍ତ ସମୁଦ୍ର ପରିସ୍ଥିତି ଯୋଗୁଁ ବିଶାଖାପାଟଣା ମାଛଧରା ବନ୍ଦରକୁ ଫେରିପାରିଥିଲେ। ମତ୍ସ୍ୟଜୀବୀଙ୍କ ଜୀବନ ପ୍ରତି ସମ୍ଭାବ୍ୟ ବିପଦକୁ ଚିହ୍ନଟ କରି, ପାରାଦୀପ ବନ୍ଦର କର୍ତ୍ତୃପକ୍ଷ ତୁରନ୍ତ ମେରାଇନ୍ ପୁଲିସ ଓ ଭାରତୀୟ ତଟରକ୍ଷୀ ବାହିନୀ ସହାୟତାରେ ଡଙ୍ଗାଗୁଡ଼ିକୁ ଉଦ୍ଧାର କରି ସୁରକ୍ଷିତ ବର୍ଥ ଏବଂ ସମସ୍ତ ଆବଶ୍ୟକୀୟ ସହାୟତା ଯୋଗାଇ ଦେଇଛନ୍ତି। ପୁରୀ ଉପକୂଳରେ ଆଇଏନଡି-ଏପି-ଭିଏ-ଏମଏମ-୮୭୨ ନାମକ ଏକ ମାଛ ଧରା ଟ୍ରଲରର ଇଞ୍ଜିନ ଫେଲ୍ ହେବା ପରେ ତାହାକୁ ମଧ୍ୟ ଉଦ୍ଧାର କରାଯାଇଥିଲା। ଫଳରେ ୧୦ ଜଣ କ୍ରୁ ସଦସ୍ୟ ସୁରକ୍ଷିତ ଅଛନ୍ତି। ଫସି ରହିଥିବା ମତ୍ସ୍ୟଜୀବୀଙ୍କୁ ଅନ୍ୟ ଏକ ଆନ୍ଧ୍ର ପ୍ରଦେଶ ମାଛ ଧରିବା ଜାହାଜ ଆଇଏଫବି ସିଂହାଦ୍ରି ଅପନା ଦ୍ୱାରା ଉଦ୍ଧାର କରାଯାଇଥିଲା। ସମସ୍ତ ୨୦ ଜଣଙ୍କୁ ସୁରକ୍ଷିତ ଭାବରେ ଜାହାଜରେ ରଖି, ଭାରତୀୟ ତଟରକ୍ଷୀ ବାହିନୀ ଜାହାଜ ସି-୪୨୬ ଦ୍ୱାରା ପାରାଦୀପ ବନ୍ଦରକୁ ଅଣାଯାଇଥିଲା। ଜିଲ୍ଲା ଅପରେସନ୍ ଏବଂ ଯୋଜନା ଅଧିକାରୀ କମାଣ୍ଡର (ଓଡ଼ିଶା) ଡେପୁଟି କମାଣ୍ଡାଣ୍ଟ ଅଜୟ ଛେତ୍ରୀ ବିପଦଗ୍ରସ୍ତ ଜାହାଜ ଏବଂ ଏହାର କ୍ରୁ ପାଇଁ ପାରାଦୀପ ବନ୍ଦର କର୍ତ୍ତୃପକ୍ଷଙ୍କୁ ଅନୁରୋଧ କରି ସୁରକ୍ଷିତ ବର୍ଥ ଏବଂ ଲଜିଷ୍ଟିକ୍ ସହାୟତା ଯୋଗାଇଦେଇଛନ୍ତି।

## ଜରାନିବାସରେ ସେବାକାର୍ଯ୍ୟ

କୁଜଙ୍ଗ,୬।୭ (ସମିସ): ରୋଟାରୀ କ୍ଲବ ପାରାଦୀପର ଅନ୍ନପୂର୍ଣ୍ଣା ଦିବସ ଓ ଫ୍ରେଣ୍ଡସିପ ଫର୍ ଏଭର୍, କୁଜଙ୍ଗର ସ୍ୱନକ୍ଷତ୍ର ଦିବସ ପାଳନ ଅବସରରେ କୁଜଙ୍ଗ ବ୍ଲକ ଅନ୍ତର୍ଗତ ଦୁଆଡିଆଠା ସ୍ଥିତ ରଜନୀଦେବୀ ଜରାନିବାସ ପରିସରରେ ଅନୁଷ୍ଠିତ ହୋଇଯାଇଛି। ରୋଟାରୀ କ୍ଲବ ପାରାଦୀପର ସଭାପତି ଅକ୍ଷୟ ଚନ୍ଦ୍ର ସୂତାର ଏହାର ବିଶ୍ୱସ୍ତରୀୟ ସେବା ଭାବ ଉପରେ ଆଲୋକପାତ କରିଥିଲେ। ବରିଷ୍ଠ ରୋଟାରିଆନ୍ କୈଳାସ ଚନ୍ଦ୍ର ମହାରଣା ଅନ୍ନପୂର୍ଣ୍ଣା ଦିବସରେ ଅନାଥଶ୍ରମରେ ଥିବା ଶିଶୁ ଓ ଜରାନିବାସରେ ଥିବା ବୃଦ୍ଧବୃଦ୍ଧାଙ୍କୁ ପ୍ରତିବର୍ଷ ଖାଦ୍ୟ ବିତରଣ କରାଯାଏ ବୋଲି କହିଥିଲେ। ଫ୍ରେଣ୍ଡ ସିପ୍ ଫର୍ ଏଭରର ସଭାପତି ସେବା ନିବୃତ୍ତ ପ୍ରଧାନ ଶିକ୍ଷକ ସରୋଜ କୁମାର ବେହେରା ସଙ୍ଗଠନ ସ୍ୱନକ୍ଷତ୍ର ଦିବସରେ ଅନେକ ଜନକଲ୍ୟାଣମୂଳକ କାର୍ଯ୍ୟ କରିଆସୁଛି ବୋଲି କହିଥିଲେ। ଆଜି ଫ୍ରେଣ୍ଡ ସିପ୍ ଫର୍ ଏଭର୍ ତରଫରୁ ଜରାଶ୍ରମର ଅନ୍ତେବାସୀଙ୍କୁ ମଧ୍ୟାହ୍ନ ଭୋଜନ ପ୍ରଦାନ କରାଯାଇଥିବା ବେଳେ ରୋଟାରୀ କ୍ଲବ୍ ପାରାଦୀପ ତରଫରୁ ଅନ୍ତେବାସୀଙ୍କୁ ଗୋଟିଏ ମାସର ରାସନ୍ ସାମଗ୍ରୀ ପ୍ରଦାନ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ରୋଟାରିଆନ୍ ଡ. ପ୍ରଶାନ୍ତ ମହାପାତ୍ର, ସୁଦର୍ଶନ ସ୍ୱାଇଁ, ଦୀପକ ଷଡ଼ଙ୍ଗୀ, ଅକ୍ଷୟ ମିଶ୍ର, ବିପ୍ଳବ ଜେନା, ଡ ଆଲୋକ ଲେଙ୍କା, ପ୍ରତାପ ମଥାନ ଓ ଫ୍ରେଣ୍ଡ ସିପ୍ ଫର୍ ଏଭରର ସଭ୍ୟ ତଥା ସତ୍ୟସାଇ ସେବା ସଙ୍ଗଠନ ଜିଲ୍ଲା ସଭାପତି ଆଇନଜୀବୀ ଦାମୋଦର ସ୍ୱାଇଁ, କୁଜଙ୍ଗର ବରିଷ୍ଠ ବ୍ୟବସାୟୀ ଶିବ କୁମାର ସାହୁ, ପ୍ରଣୟ ପରିଜା, ସତ୍ୟ ନାରାୟଣ ଦାସ, ସତ୍ୟ ଶଙ୍କର ମିଶ୍ର, ରଜନୀକାନ୍ତ ଗୁରୁ, ହିରଣ୍ୟ ସ୍ୱାଇଁ, ରମେଶ ନାୟକ ପରିଚାଳନା କରିଥିଲେ। ପରିଶେଷରେ ରଜନୀ ଦେବୀ ଜରାଶ୍ରମର ତତ୍ତ୍ୱାବଧାରକ ଆଇନଜୀବୀ ମଞ୍ଜୁଲତା ରାଉତ ସମସ୍ତଙ୍କୁ ଧନ୍ୟବାଦ ପ୍ରଦାନ କରିଥିଲେ।

## ଭିତରକନିକାରେ ଭିଡ଼ ଜମାଇଲେଣି ଦେଶୀୟ ପକ୍ଷୀ



ରାଜନଗର, ୬।୭ (ସମିସ): ବିଶ୍ୱ ପ୍ରସିଦ୍ଧ ଭିତରକନିକା ଏବେ ଦେଶୀୟ ପକ୍ଷୀଙ୍କ କାକଳିରେ ଫାଟି ପଡୁଛି। ଦେଶରେ ମୌସୁମୀ ବାୟୁ ସକ୍ରିୟ ହେବା ପରଠାରୁ ଭିତରକନିକାରେ ଦେଶୀୟ ପକ୍ଷୀଙ୍କ ଭିଡ଼ ଜମିଛି। ମଠଆଡ଼ିଆ ଓ ଲକ୍ଷ୍ମୀପ୍ରସାଦଡ଼ିଆ ସମେତ ବାଲିଡିଆଠାରେ ଦେଶୀୟ ପକ୍ଷୀ ଭିଡ଼ ଜମାଇଥିବା ଦେଖିବାକୁ ମିଳିଛି। ଦେଶୀୟ ପକ୍ଷୀ ବସା କରିବା ଆରମ୍ଭ କରିଛନ୍ତି। ଦେଶୀୟ ପକ୍ଷୀଙ୍କ କାକଳିରେ ଭିତରକନିକା ଏବେ କୋଳାହଳମୟ ହୋଇଉଠିଛି। ଗେଣ୍ଡାଳିଆ, ପାଣିକୁଆ, ଅଞ୍ଜନା, ରାଣୀବଗ, ମଝିଆବଗ, ଖଇରା, ଅନ୍ଧାରିଆବଗ, କାପରଖାଇ, ସାନବଗ, ଦାବେଣ୍ଟିଆ ପ୍ରଭୃତି ଦେଶୀୟ ପକ୍ଷୀ ଭିଡ ଜମାଇଛନ୍ତି । ବନ ବିଭାଗ ପକ୍ଷରୁ ମିଳିଥିବା ସୂଚନା ମୁତାବକ ଖଇରା, ଅଞ୍ଜନା, ମଝିଆ ବଗ, ରାଣୀ ବଗ, ବଡ ବଗ, ଅନ୍ଧାରିଆ ବଗ ବସା ବାନ୍ଧିବା ଆରମ୍ଭ କଲେଣି। ପାଣି କୁଆ ଓ ଗେଣ୍ଡାଳିଆ ପକ୍ଷୀ ଉଡୁଥିବା ଦେଖିବାକୁ ମିଳିଥିଲେ ମଧ୍ୟ ବସା ବାନ୍ଧି ନ ଥିବା ଜଣାପଡିଛି।

ଭିତରକନିକାକୁ ଜୁନ୍ ଶେଷ ଭାଗରୁ ଦେଶୀୟ ପକ୍ଷୀଙ୍କ ଆଗମନ ହୋଇଥାଏ। ମାଆ ପକ୍ଷୀ ବସାରେ ଅଣ୍ଡା ଦେଇ ଛୁଆ ଫୁଟାଇବା ପରେ ଛୁଆମାନଙ୍କୁ ସାଥିରେ ଧରି ଅକ୍ଟୋବର ଶେଷ ସୁଦ୍ଧା ସେମାନଙ୍କ କର୍ମ ଭୂମିକୁ ଫେରି ଯାଇଥା'ନ୍ତି। ଚଳିତ ବର୍ଷ ମୌସୁମୀ ଠିକ୍ ସମୟରେ ଆସିଥିବାରୁ ଦେଶୀୟ ପକ୍ଷୀଙ୍କ ଆଗମନ ବଢିଛି। ଏହି ପକ୍ଷୀମାନେ ଖାଦ୍ୟ ସଂଗ୍ରହ, ବଂଶ ବିସ୍ତାର ଓ ଭିତରକନିକାରେ ରହିଯାଇଥିବା ବିଦେଶାଗତ ପକ୍ଷୀଙ୍କ ସହ ବନ୍ଧୁତ୍ୱ ସ୍ଥାପନ ପାଇଁ ଏଠାକୁ ଛୁଟି ଆସନ୍ତି। ଜଳବାୟୁ ପରିବର୍ତ୍ତନ ଓ ବିଶ୍ୱ ତାପନର ପ୍ରଭାବ ଯୋଗୁଁ ଭିତରକନିକାର ଜୈବ ବିବିଧତା ପ୍ରଭାବିତ ହୋଇଥିବାରୁ କ୍ରମାଗତ ଭାବେ ଭିତରକନିକା ଦେଶୀୟ ପକ୍ଷୀ ଠିକଣା ବଦଳାଇବାରେ ଲାଗିଛନ୍ତି। ପୂର୍ବରୁ ଲଗାତର ୨୦ ବର୍ଷ ଧରି ବଗଗହନରେ ଦେଶୀୟ ପକ୍ଷୀ ଭିଡ଼ ଜମାଉଥିଲେ। ଗତ ୧୦ ବର୍ଷ ହେଲା ବଗଗହନଠାରୁ ୩ କିମି ଦୂର ମଠଆଡିଆରେ ଦେଶୀୟ ପକ୍ଷୀଙ୍କ କଳରବ ଶୁଭୁଛି। ୨୦୧୯ରୁ ମଠଆଡିଆ ସହିତ ଲକ୍ଷ୍ମୀପ୍ରସାଦଡିଆରେ ଦେଶୀୟ ପକ୍ଷୀ ଭିଡ଼ ଜମାଉଛନ୍ତି। ଏଥିସହିତ ଗତ ତିନି ବର୍ଷ ହେଲା ଏକମାଣିଆର ବାଲିଡିଆ ଆଇଲ୍ୟାଣ୍ଡ ପକ୍ଷୀଙ୍କ ନୂତନ ଠିକଣା ପାଲଟିଛି। ଚଳିତବର୍ଷ ବଗଗହନରେ ପକ୍ଷୀ ବସା ବାନ୍ଧି ନ ଥିଲେ ମଧ୍ୟ ଦେଶୀୟ ପକ୍ଷୀ ବଗଗହନ ଉପରେ ଉଡ଼ିବା ଓ ଗଛରେ ବସୁଥିବା ଲକ୍ଷ୍ୟ କରାଯାଉଛି। ବଗଗହନ ଉପରେ ଦେଶୀୟ ପକ୍ଷୀ ଉଡୁଥିବାରୁ ଚଳିତ ବର୍ଷ ବଗଗହନରେ ପକ୍ଷୀ ବସା ବନ୍ଧିବା ନେଇ ଆଶା ପ୍ରକାଶ ପାଇଛି।

## ଏନ୍‌ଏଚ୍‌ଏଆଇର ବୈଷୟିକ ଜ୍ଞାନର ଅଭାବ

# ଯନ୍ତ୍ରଣା ଭୋଗୁଛନ୍ତି ପାରାଦୀପଗଡ଼ ଅଞ୍ଚଳବାସୀ

ପାରାଦୀପ,୬।୭ (ସମିସ)



କେନ୍ଦ୍ର ସରକାରଙ୍କ ଦ୍ୱାରା ସିଧାସଳଖ ପରିଚାଳିତ ନିଜସ୍ୱ ରାଜପଥ ନିର୍ମାଣକାରୀ ସଂସ୍ଥା ଭାରତୀୟ ଜାତୀୟ ରାଜପଥ ପ୍ରାଧିକରଣର ଦୂରଦୃଷ୍ଟିର ଅଭାବ ହେଉ କି ବୈଷୟିକ ଜ୍ଞାନର ଅଭାବ ହେଉ କିମ୍ବା କୌଶଳ ଜ୍ଞାନର ଅଭାବ ହେଉ ଅଥବା ଦକ୍ଷତାର ଅଭାବରୁ ରାଜପଥ ନିର୍ମାଣ କାର୍ଯ୍ୟ ମନ୍ଥର ଗତିରେ ଚାଲୁଥିବାରୁ ପାରାଦୀପ ଗଡ଼ ଅଞ୍ଚଳର ରାଜପଥ କଡ଼ରେ ଥିବା ଗ୍ରାମର ବାସିନ୍ଦାମାନେ ନର୍କର ଯନ୍ତ୍ରଣା ଅନୁଭବ କରୁଛନ୍ତି। ରାଜପଥ କଡ଼ରେ ଗଢ଼ିଉଠିଥିବା ସିଭିଲ ଟାଉନସିପର ବାସିନ୍ଦା, ଏହି ରାଜପଥ କଡ଼ରେ ନିର୍ମିତ ଅତ୍ୟାଧୁନିକ ହୋଟେଲ, ଗେଷ୍ଟ ହାଉସ, ଆଇସ୍ ପ୍ଲାଣ୍ଟ, ଫିଜିଓଥେରାପୀ ମେଡିକାଲ ସେଣ୍ଟର, ଶିଶୁ ମାନଙ୍କ ଚିକିତ୍ସା ପାଇଁ ଛୋଟ ଛୋଟ କ୍ଲିନିକକୁ ଆସୁଥିବା ପିଲାମାନେ ଓ ଏହି ରାସ୍ତାରେ ଯାତାୟାତ କରୁଥିବା ହଜାର ହଜାର ସାଧାରଣ ଜନତା ନର୍କର ଯନ୍ତ୍ରଣା ଅନୁଭବ କରୁଛନ୍ତି ବୋଲି ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ଗେଟ ବଜାରରୁ ଜିରୋ ପଏଣ୍ଟ ମଧ୍ୟରେ ରାସ୍ତା କଡ଼ରେ ନିଜସ୍ୱ ପଟ୍ଟା ଜମିରେ ଘର କରି ରହୁଥିବା ବାସିନ୍ଦାମାନେ ଏନ୍‌ଏଚଏଆଇର ଏପରି ଦାୟିତ୍ୱହୀନତା କାର୍ଯ୍ୟକୁ ନାପସନ୍ଦ କରିଛନ୍ତି। ଏଠାରେ ଥିବା ଏକ କ୍ଲିନିକର ମାଲିକ ଅଜିତ୍ କୁମାର ଦାସ କହିଛନ୍ତି ଯେ ଏହି ୮ ଲେନ୍ ବିଶିଷ୍ଟ ନିର୍ମାଣାଧୀନ ରାଜପଥର ଦୁଇ ପଟେ ସର୍ବସାଧାରଣଙ୍କ ଯାତାୟାତ ପାଇଁ ମାତ୍ର ୨୦ ଫୁଟର ରାସ୍ତା ଉଭୟ ପଟେ ନିର୍ମାଣ କରାଯାଇଥିବା ବେଳେ ମଝିରେ ଓଭର ବ୍ରିଜର ନିର୍ମାଣ କାର୍ଯ୍ୟ ଚାଲିଛି। ଶ୍ରୀ ଦାସ କହିଛନ୍ତି ଉଭୟ ପାର୍ଶ୍ୱରେ ନିର୍ମାଣ ହୋଇଥିବା ୨୦ ଫୁଟିଆ ରାସ୍ତାକୁ ଲାଗି ଜଳ ନିଷ୍କାସନ ପାଇଁ ଯେଉଁ ଡ୍ରେନ୍ ନିର୍ମାଣ କରାଯାଇଛି ତାର ଉଚ୍ଚତା ରାସ୍ତା ଲେଭୁଲ ଠାରୁ ୨ଫୁଟରୁ ଊର୍ଦ୍ଧ୍ୱ ଉଚ୍ଚତାରେ ରହିଥିବାରୁ ରାଜପଥ କଡ଼ରେ ଗଢ଼ିଉଠିଥିବା ବିଭିନ୍ନ ବାସଗୃହ, ହୋଟେଲ ଉଦ୍ୟୋଗ, ପ୍ଲାଣ୍ଟର ଗାଡ଼ି ମୋଟର ଓ ମେଡିକାଲ ପ୍ରଭୃତି ସଂସ୍ଥାକୁ ଯାତାୟାତ କରୁଥିବା ଲୋକମାନେ କିପରି ଯାତାୟାତ କରିବେ ବୋଲି କର୍ତ୍ତୃପକ୍ଷଙ୍କୁ ପ୍ରଶ୍ନ କରିଛନ୍ତି। ଆଉ ଜଣେ ଗ୍ୟାରେଜ ମାଲିକଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ରାସ୍ତା କାମ ଯୋଗୁ ଗ୍ୟାରେଜ ବନ୍ଦ ହେବାକୁ ବସିଲାଣି। କାରଣ ଡ୍ରେନ୍‌ର ଉଚ୍ଚତା ରାସ୍ତା ଠାରୁ ୨ ଫୁଟରୁ ଅଧିକ ଉଚ୍ଚା ରହିଥିବାରୁ ମୋଟର ସାଇକଲ ଯିବା ମଧ୍ୟ ସମ୍ଭବ ନୁହେଁ। ଆଉ ଟ୍ରକ୍, ବସ୍ କେମିତି ମରାମତି କାମ ପାଇଁ ଆସିବେ ବୋଲି ଅଭିଯୋଗ କରିଛନ୍ତି। ସେହିପରି ହୋଟେଲ ମାଲିକମାନଙ୍କ ମଧ୍ୟ ସମାନ ଅଭିଯୋଗ ହୋଇଛି। ଏହି ନବନିର୍ମିତ ରାସ୍ତା ଠାରୁ ଅଧିକ ଉଚ୍ଚତା ବିଶିଷ୍ଟ ଡ୍ରେନ୍ ନିର୍ମାଣକୁ ନେଇ ଏ ଅଞ୍ଚଳର ବାସିନ୍ଦାମାନେ ଜନସ୍ୱାର୍ଥ ମାମଲା ରୁଜୁ କରିବା ପାଇଁ ସଜବାଜ ହେଉଥିବା ନେଇ ବିଶେଷ ସୂତ୍ରରୁ ଖବର ମିଳିଛି। ଯଦି ଏପରି ହୁଏ କୋର୍ଟରେ କେଶ୍ ଚାଲିଥିବା ପର୍ଯ୍ୟନ୍ତ କମ୍ପାନୀକୁ କାମ ବନ୍ଦ ରଖିବାକୁ ଅଦାଲତ ନିଶ୍ଚିନ୍ତ ନିର୍ଦ୍ଦେଶ ଦେବେ ବୋଲି ଜିରୋ ପଏଣ୍ଟ ସ୍ଥିତ ସଚେତନ ନାଗରିକ ପରିଷଦର ସଭ୍ୟମାନେ ପ୍ରକାଶ କରିଛନ୍ତି।

## ହିନ୍ଦୋଳ ଉପଖଣ୍ଡରେ ବିପର୍ଯ୍ୟସ୍ତ ଶିକ୍ଷା ବ୍ୟବସ୍ଥା

# ପ୍ରାଥମିକ ବିଦ୍ୟାଳୟରେ ୯୨ରୁ ଊର୍ଦ୍ଧ୍ୱ ଶିକ୍ଷକ ପଦ ଖାଲି






**ହିନ୍ଦୋଳ,୬ ।୭ (ସମିସ)**

ଶିକ୍ଷାର ବିକାଶ ପାଇଁ ସରକାର ରାଜକୋଷରୁ କୋଟି କୋଟି ଟଙ୍କା ବ୍ୟୟ କରୁଛନ୍ତି । ପ୍ରଥମରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀଙ୍କୁ ମାଗଣାରେ ମଧ୍ୟାହ୍ନ ଭୋଜନ ଯୋଗାଇ ଦେଉଛନ୍ତି । ବିଦ୍ୟାଳୟ ସୌନ୍ଦର୍ଯ୍ୟକରଣ ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚ କରାଯାଇଛି । ହେଲେ ଶିକ୍ଷାର ବାସ୍ତବ ଚିତ୍ର କିନ୍ତୁ ଓଲଟା । କେଉଁଠି ବିଦ୍ୟାଳୟରେ ଶିକ୍ଷକ ନାହାନ୍ତି ତ କେଉଁଠି ଆନୁଷଙ୍ଗିକ ବ୍ୟବସ୍ଥା ପୂରା ଭୁଶୁଡ଼ିପଡ଼ିଛି । ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି ହିନ୍ଦୋଳ ଉପଖଣ୍ଡର ସମସ୍ତ ପ୍ରାଥମିକ ବିଦ୍ୟାଳୟରେ ।

ଉପଖଣ୍ଡରେ ସ୍କୁଲ ଓ ଗଣଶିକ୍ଷା ବିଭାଗରେ ଏବେ ସଙ୍କଟ ଦେଖାଦେଇଛି । ଶିକ୍ଷକ ଅଭାବ ସାଙ୍ଗକୁ ପ୍ରଶାସନିକ ଶୂନ୍ୟତା ଓ ପଦୋନ୍ନତି ପ୍ରକ୍ରିୟାରେ ଅଚଳାବସ୍ଥା ଲାଗି ବ୍ଲକର ଅନେକ ସରକାରୀ ନୂତନ ଶିକ୍ଷାବର୍ଷରୁ ପାଠପଢ଼ା ପ୍ରଭାବିତ ହୋଇଛି । ବ୍ଲକରେ ପ୍ରାୟ ୯୨ ଶିକ୍ଷକ ପଦବୀ ଦୀର୍ଘଦିନ ହେବ ଖାଲିପଡ଼ିଥିବା ବେଳେ ୪୩ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ନାହାନ୍ତି । ୧୫ରୁ ଊର୍ଦ୍ଧ୍ୱ ବିଦ୍ୟାଳୟ କେବଳ ଜଣେ ଶିକ୍ଷକଙ୍କ ଭରସାରେ ଚାଲିଛି । ସେହି ଜଣେ ଶିକ୍ଷକଙ୍କୁ ସମସ୍ତ ଶ୍ରେଣୀର ପାଠପଢ଼ା ସହିତ ମଧ୍ୟାହ୍ନ ଭୋଜନ, ସରକାରୀ ରିପୋର୍ଟ, ପ୍ରଶାସନିକ କାର୍ଯ୍ୟ ମଧ୍ୟ ସମ୍ଭାଳିବାକୁ ପଡୁଛି । ଫଳରେ ଶିକ୍ଷା ଗୁରୁତର ଭାବେ ବାଧାପ୍ରାପ୍ତ ହେଉଛି । ଅନେକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ନ ଥିବାରୁ ଭାରପ୍ରାପ୍ତ ଶିକ୍ଷକଙ୍କ ଦ୍ୱାରା ବିଦ୍ୟାଳୟ ପରିଚାଳିତ ହେଉଛି । ଫଳରେ ଶିକ୍ଷକ ଓ ପ୍ରଶାସନିକ ସ୍ତରକୁ ପ୍ରଭାବିତ କରୁଛି । ହିନ୍ଦୋଳ ବ୍ଲକରେ ୮୬ ପ୍ରାଥମିକ ବିଦ୍ୟାଳୟ, ୯୧ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ୪ ସେବାଶ୍ରମ ବିଦ୍ୟାଳୟ ଓ ଗୋଟିଏ ଆଦର୍ଶ ବିଦ୍ୟାଳୟ ରହିଛି । ଏବେ ପ୍ରାୟ ସମସ୍ତ ବିଦ୍ୟାଳୟରେ ବିଭିନ୍ନ ପ୍ରକାର ସମସ୍ୟା ଲାଗିରହିଛି । ଏହି କାରଣରୁ ଅଭିଭାବକମାନେ ନିଜ ପିଲାଙ୍କୁ ଏବେ ସରକାରୀ ବିଦ୍ୟାଳୟ ଛାଡ଼ି ଘରୋଇ ବିଦ୍ୟାଳୟ ଛାଡ଼ିବାକୁ ଆଗ୍ରହ ପ୍ରକାଶ କରୁଥିବା ଦେଖିବାକୁ ମିଳୁଛି । ଏପରି ସ୍ଥିତିରେ ଜୁଲାଇ ୮ରୁ ୧୭ ତାରିଖ ମଧ୍ୟରେ ସମସ୍ତ ବିଦ୍ୟାଳୟରେ ସ୍କୁଲ ପରିଚାଳନା କମିଟି, ୱାର୍କି କମିଟି ଓ ଶିକ୍ଷକ କମିଟି ଗଠନ ଲାଗି ସରକାରୀ ନିର୍ଦ୍ଦେଶ ଦେଇଥିବା ବେଳେ ବିଭାଗ ପ୍ରସ୍ତୁତି ଆରମ୍ଭ କରିଛି । ତେବେ ଶିକ୍ଷକ ଓ ପ୍ରଧାନଶିକ୍ଷକ ଅଭାବ ମଧ୍ୟରେ କେବଳ କମିଟି ଗଠନ ସହ ବିଦ୍ୟାଳୟର ସୌନ୍ଦର୍ଯ୍ୟକରଣରେ ଲକ୍ଷାଧିକ ଟଙ୍କା ବ୍ୟୟ କରି ଶିକ୍ଷା ବ୍ୟବସ୍ଥାର ସୁଧାର ସମ୍ଭବ ନୁହେଁ ବୋଲି ବୁଦ୍ଧିଜୀବୀ ମହଲରେ ମତ ପ୍ରକାଶ ପାଇଛି । ସରକାର ଓ ପ୍ରଶାସନ ଏଥିପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେଇ ଶିକ୍ଷା ବ୍ୟବସ୍ଥା ସୁଧାରିବା ପାଇଁ ଦାବି ହେଉଛି ।

- ୪୩ ବିଦ୍ୟାଳୟରେ ନାହାନ୍ତି ପ୍ରଧାନଶିକ୍ଷକ
- ଖାଲି ବିଦ୍ୟାଳୟ ସୌନ୍ଦର୍ଯ୍ୟକରଣ ନାଁରେ ଖର୍ଚ୍ଚ ହେଉଛି ଲକ୍ଷ ଲକ୍ଷ ଟଙ୍କା
- ସରକାରୀ ବିଦ୍ୟାଳୟରୁ ମୁହଁ ଫେରାଉଛନ୍ତି ଛାତ୍ରଛାତ୍ରୀ ଓ ଅଭିଭାବକ

## ପୁରୀ-କୋରାପୁଟ ନୂଆ ଟ୍ରେନ୍‌କୁ ଢେଙ୍କାନାଳରେ ସ୍ୱାଗତ



**ଢେଙ୍କାନାଳ,୬ ।୭ (ସମିସ):** ପୁରୀ ରେଳ ଷ୍ଟେସନଠାରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ପତାକା ଦେଖାଇ ନୂତନ ପୁରୀ-କୋରାପୁଟ ଏକ୍ସପ୍ରେସ୍ ଟ୍ରେନ୍‌ର ଶୁଭାରମ୍ଭ କରିଛନ୍ତି । ଏହି ପରିପ୍ରେକ୍ଷୀରେ ଢେଙ୍କାନାଳ ରେଳ ଷ୍ଟେସନରେ ଉକ୍ତ ଟ୍ରେନ୍‌କୁ ଭବ୍ୟ ସ୍ୱାଗତ କରାଯାଇଛି । ଆୟୋଜିତ କାର୍ଯ୍ୟକ୍ରମରେ ଖାଦ୍ୟ ଯୋଗାଣ, ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ଏହି ଟ୍ରେନ୍ ଢେଙ୍କାନାଳବାସୀଙ୍କ ପାଇଁ ଖୁବ ଲାଭଦାୟକ ହେବ ବୋଲି କହିଥିଲେ । ପୁରୀ-ଢେଙ୍କାନାଳ ମଧ୍ୟରେ ଏକ ନୂଆ ଟ୍ରେନ୍ ଚଳାଚଳ ପାଇଁ ସେ ମନ୍ତ୍ରୀଙ୍କୁ ଅନୁରୋଧ କରିଥିବା ପ୍ରକାଶ କରିଥିଲେ । ପରେ ପୁରୀ-କୋରାପୁଟ ଟ୍ରେନ୍‌କୁ ସବୁଜ ପତାକା ଦେଖାଇ ଢେଙ୍କାନାଳଠାରୁ ଏହାର ଶୁଭାରମ୍ଭ କରିଥିଲେ । କାର୍ଯ୍ୟକ୍ରମରେ ସାଂସଦଙ୍କ ପ୍ରତିନିଧି ନରେଶ ଚନ୍ଦ୍ର ମହାପାତ୍ର, ରେଳ ବିଭାଗ ଏଡିଇଏନ ପ୍ରଶାନ୍ତ କୁମାର ସାଥୁଆ, ସରକାରୀ ପ୍ଲିଡର ନବକିଶୋର ଗୁରୁ, ପୂର୍ବତନ ନଗରପାଳ ସୁନୀଲ ଶର୍ମା ପ୍ରମୁଖ ଉପସ୍ଥିତ ଥିଲେ ।

## ବିଦ୍ୟୁତ୍‌ପ୍ରଭା ଫାଉଣ୍ଡେସନ ତରଫରୁ ଚାରାରୋପଣ



**କାମାକ୍ଷାନଗର,୬ ।୭ (ସମିସ):** ବନ ମହୋତ୍ସବ ସପ୍ତାହ ପାଳନ ଅବସରରେ କାମାକ୍ଷାନଗର ସହରର ସାମାଜିକ ସଂଗଠନ ବିଦ୍ୟୁତପ୍ରଭା ଫାଉଣ୍ଡେସନ ତରଫରୁ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ବନବିଭାଗ ସହଯୋଗରେ ସ୍ଥାନୀୟ ବୁଦ୍ଧପାର୍କ ନିକଟରେ ଚାରାରୋପଣ କରାଯାଇଛି । ଫାଉଣ୍ଡେସନ ଅଧ୍ୟକ୍ଷା ଲିପ୍ସା ପ୍ରଧାନଙ୍କ ନେତୃତ୍ୱରେ କାର୍ଯ୍ୟକ୍ରମ ହୋଇଥିଲା । ଅନୁଷ୍ଠାନ ପକ୍ଷରୁ ୬ଶହ ଚାରାରୋପଣ କରାଯିବାକୁ ଲକ୍ଷ୍ୟ ରଖାଯାଇଥିବା ସେ ପ୍ରକାଶ କରିଥିଲେ । ଫାଉଣ୍ଡେସନର ସମ୍ପାଦକ ହୃଦୟବଲ୍ଲଭ ମିଶ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବିନୋଦ ବିହାରୀ ସେଠୀ, ସୁମନ୍ତ ଜେନା, ଉପେନ୍ଦ୍ର ରାଉତ, ହିମାଦ୍ରୀ ଦାସ, ସଙ୍ଗୀତା ମିଶ୍ର, ମଙ୍ଗୁତଲାଲ କଟରୁକାଙ୍କ ସମେତ କାମାକ୍ଷାନଗର ପଶ୍ଚିମାଞ୍ଚଳ ରେଞ୍ଜର ବନ କର୍ମଚାରୀ ଉପସ୍ଥିତ ଥିଲେ । ଫାଉଣ୍ଡେସନର ସଂଯୋଜକ ଚିରଞ୍ଜୀବ ମଲ୍ଲିକ ଧନ୍ୟବାଦ ଅର୍ପଣ କରିଥିଲେ ।

### ରାମମନ୍ଦିର ଅର୍ଥଲୁଟ୍ ଘଟଣା

## ତଦନ୍ତ ଦାବିକଲେ ପୂର୍ବତନ ସାଂସଦ

**ଢେଙ୍କାନାଳ,୬ ।୭ (ସମିସ):** ଅଯୋଧ୍ୟା ରାମ ମନ୍ଦିର ଅନୁଦାନ ଅର୍ଥ ଯେପରି ଭାବେ ଲୁଟ୍ କରାଯାଇଛି ଓ ସମଗ୍ର ଦେଶରେ ଯେଉଁଳି ଭାବେ ଲୋକଙ୍କ ଭାବାବେଗକୁ ଲୁଣ୍ଠନ କରାଯାଇଛି ତା'ର ଏକ ଉଚ୍ଚସ୍ତରୀୟ ତଦନ୍ତ ହେବା ସହ ଟ୍ରଷ୍ଟର ସମସ୍ତ ସଦସ୍ୟଙ୍କୁ ଗିରଫ କରାଯାଇ ଉଦାହରଣ ସୃଷ୍ଟି ପରି ଦଣ୍ଡ ଦିଆଯାଉ । ଅଦ୍ୟାବଧି ଚମ୍ପତି ରାୟଙ୍କୁ ଗିରଫ ନକରିଣ ମୁଖ୍ୟମନ୍ତ୍ରୀ ଓ ପ୍ରଧାନମନ୍ତ୍ରୀ ଆଡକୁ ଅଙ୍ଗୁଳି ନିର୍ଦ୍ଦେଶ ହେଉଛି । ଅଯୋଧ୍ୟା ରାମ ମନ୍ଦିର ପାଇଁ ଯେଉଁ ଯେଉଁ ସ୍ଥାନରୁ ଅର୍ଥ ଆସିଛି ତାହାକୁ ସାର୍ବଜନିନ କରାଯାଉ ଏବଂ ସେଥିରୁ ଜଣାପଡିବ କିଏ ଦେଇଛି ଏବଂ କାହାର ଗ୍ରହଣ ହୋଇଛି । ଅନେକ ଭକ୍ତ ଅର୍ଥ ଦେଇଛନ୍ତି ଓ ଅନେକ ଜିନିଷ ଆକାରରେ ଦେଇଛନ୍ତି । ଏହାର ସବିଶେଷ ତଦନ୍ତ ହୋଇ ଲୋକଲୋଚନକୁ ଆଣି ସମସ୍ତ ଘଟଣାର ଫର୍ଦ୍ଦାଫାସ କରିବା ପାଇଁ ସାହୁ ଏକ ପ୍ରେସ୍ ବିବୃତିରେ ଜଣାଇଛନ୍ତି ।

## ମାରଣାସ୍ତ୍ର ଦେଖାଇ ଔଷଧ ବ୍ୟବସାୟୀଙ୍କଠାରୁ ଲୁଟ୍

**ଭୁବନ,୬ ।୭ (ସମିସ):** ଢେଙ୍କାନାଳ ଜିଲ୍ଲା ଭୁବନ ବିଜ୍ଞାପିତ ଅଞ୍ଚଳ ଅନ୍ତର୍ଗତ ୬ନଂ ୱାର୍ଡର ଔଷଧ ବ୍ୟବସାୟୀ ଦିଲୀପ ବୈଶାଖୀ (୫୩)ଙ୍କଠାରୁ ରାଜରାସ୍ତାରେ ମାରଣାସ୍ତ୍ର ଦେଖାଇ ଟଙ୍କା ଲୁଟ କରିନେଇଛନ୍ତି । ଦିଲୀପ ପରଜଙ୍ଗ ଅଞ୍ଚଳରୁ ଔଷଧ ବିକ୍ରି କରି ଫେରିବା ସମୟରେ ଭୁବନ ଦେଇ ଯାଇଥିବା ୫୩ ନଂ ଜାତୀୟ ରାଜପଥ ବାଇପାସ ଛକ ନିକଟରୁ ଦୁଇଜଣ ମୁଖାପିନ୍ଧା ଦୁର୍ବୃତ୍ତ ଏକ ବାଇକ ଯୋଗେ ଆସି ଖଣ୍ଡା ଦେଖାଇ ଅଟକାଇଥିଲେ । ପାଖରେ ଯାହା ଟଙ୍କା ଅଛି ସବୁ ଦେବାକୁ କହିଥିଲେ । ପାଖରେ ଥିବା ପ୍ରାୟ ୩୦ ହଜାରରୁ ଊର୍ଦ୍ଧ୍ୱ ଟଙ୍କା ସହିତ ବ୍ୟାଗକୁ ଛଡାଇ ନେଇ ସେଠାରୁ ପଳାଇଯାଇଥିଲେ । ଏନେଇ ଦିଲୀପ ଭୁବନ ଥାନରେ ଲିଖିତ ଅଭିଯୋଗ କରିବା ପରେ ଭୁବନ ପୋଲିସ ଛାନଭିନ ଆରମ୍ଭ କରିଛି । ତେବେ ବର୍ଷା ପାଗ ଯୋଗୁଁ ରାସ୍ତା ନିଛାଟିଆ ଥିବାରୁ ଅନ୍ୟ କେହି ବ୍ୟକ୍ତି ସହଯୋଗର ହାତ ବଢ଼ାଇ ପାରି ନଥିଲେ । ଫଳରେ ଦୁର୍ବୃତ୍ତମାନେ ଟଙ୍କା ଛଡ଼ାଇ ନେଇ ଜାତୀୟ ରାଜପଥରେ ଫେରାର ହୋଇଯାଇଥିଲେ ।

## ପ୍ରାକ୍ତନ ଶିକ୍ଷକଙ୍କ ବିୟୋଗରେ ଶୋକ



**ଗଁଦିଆ,୬ ।୭ (ସମିସ):** ଗଁଦିଆ ବ୍ଲକର ସର୍ବ ପୁରାତନ ଶିକ୍ଷାନୁଷ୍ଠାନ ଗଁଦିଆ ସରକାରୀ ଉଚ୍ଚ ବିଦ୍ୟାଳୟରେ କଳା ଶିକ୍ଷକ ଭାବେ କାର୍ଯ୍ୟ କରି ଅବସର ଗ୍ରହଣ କରିଥିବା ଆଦର୍ଶ ଶିକ୍ଷକ ଅନ୍ତର୍ଯ୍ୟାମୀ ସାହୁଙ୍କ ବିୟୋଗରେ ଶୋକସଭା ଅନୁଷ୍ଠିତ ହୋଇଛି । ସେ ଜଣେ ସରଳ ମିଷ୍ଟଭାଷୀ, କର୍ତ୍ତବ୍ୟନିଷ୍ଠ ଶିକ୍ଷକ ଥିଲେ । ନିଜ ଶିକ୍ଷକତା ଜୀବନରେ ଅନେକ ଭଲ ଛାତ୍ରଛାତ୍ରୀଙ୍କୁ ଗଢ଼ି ସମସ୍ତଙ୍କ ହୃଦୟରେ ସ୍ଥାନ ପାଇଛନ୍ତି । ତାଙ୍କ ବିୟୋଗରେ ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଫୋରମ୍ ଓଡ଼ିଶାର ସଭାପତି ପ୍ରକୃତିବନ୍ଧୁ ହରିହର ସାହୁ ଶୋକ ପ୍ରକାଶ କରିବା ସହ ଆତ୍ମାର ସଦଗତି କାମନା କରି ପରିବାରକୁ ସମବେଦନା ଜଣାଇଛନ୍ତି ।

## ତହସିଲ ପକ୍ଷରୁ ପାଲ ବଣ୍ଟନ କାର୍ଯ୍ୟକ୍ରମ



**କାମାକ୍ଷାନଗର,୬ ।୭ (ସମିସ):** ବର୍ଷାଋତୁରେ ଅସହାୟ ଓ ଗରିବ ପରିବାରଙ୍କ ସହାୟତା ପାଇଁ କାମାକ୍ଷାନଗର ତହସିଲ ପକ୍ଷରୁ ଜରିପାଲ ବଣ୍ଟନ କରାଯାଇଛି । ତହସିଲ ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ବିଧାୟକ ଶତ୍ରୁଘ୍ନ ଜେନା ମୁଖ୍ୟଅତିଥି ଭାବେ ଯୋଗଦେଇ ହିତାଧିକାରୀଙ୍କୁ ପାଲ ବଣ୍ଟନ କରିଥିଲେ । ତହସିଲଦାର ତଥା ଏନଏସି ନିର୍ବାହୀ ଅଧିକାରୀ ପ୍ରଦତ୍ତ କୁମାର ସାହୁ ଉପସ୍ଥିତ ରହି ସରକାରଙ୍କ ପକ୍ଷରୁ ବିପଦ ସମୟରେ ଲୋକଙ୍କୁ ତୁରନ୍ତ ସହାୟତା ପହଞ୍ଚାଇବା ଦିଗରେ ପ୍ରଶାସନ ସଦା ତତ୍ପର ବୋଲି କହିଥିଲେ । ଅନ୍ୟମାନଙ୍କ ମଧ୍ୟରେ ସମାଜସେବୀ ସରୋଜକାନ୍ତ ବେହେରା, ରଣଜିତ ସାହୁ, ଶିଶିରକାନ୍ତ ନାୟକ, ବ୍ରଜେଶ୍ୱରୀ ଦାସ, କମଳିନୀ ଖୁଣ୍ଟିଆଙ୍କ ସମେତ ତହସିଲ କାର୍ଯ୍ୟାଳୟର ଅଧିକାରୀ ଉପସ୍ଥିତ ଥିଲେ ।

## ୭୭ତମ ବନ ମହୋତ୍ସବ ପାଳିତ

**ପଣ୍ଡୁଆ,୬ ।୭ (ସମିସ):** କାମାକ୍ଷାନଗର ଉପଖଣ୍ଡ ପଶ୍ଚିମ ବନାଞ୍ଚଳ ଅଁଳାବେରେଣୀଠାରେ ଏଫଇଏସ ତରଫରୁ ୭୭ତମ ବନ ମହୋତ୍ସବ ପାଳିତ ହୋଇଛି । ଏଫଇଏସର ସିଆରପି ତୃପ୍ତିମୟୀ ଦୁବେଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଗ୍ରାମର ୫୦ ଜନସାଧାରଣ, ସମାଜସେବୀ ପର୍ଶୁରାମ ମହାଭୋଇ, ଖଟୁଆହତା ଫରେଷ୍ଟ ବିଟ୍ କର୍ମଚାରୀ ମନସ୍ମିତା ବରାଳ, ଶୁଭ୍ରଜ୍ୟୋତି ବେହେରା, ରଞ୍ଜନ ବିଶ୍ୱାଳ ଯୋଗଦେଇ ୫୦ରୁ ଊର୍ଦ୍ଧ୍ୱ ବିଭିନ୍ନ ଚାରା ରୋପଣ କରିଥିଲେ ।




## ଆବାସ ତାଲିକାରୁ ବାଦ୍ ପଡ଼ିଲେ ୫୦ରୁ ଊର୍ଦ୍ଧ୍ୱ ହିତାଧିକାରୀ



**ଖଜୁରିଆକଟା,୬ ।୭ (ସମିସ):** ଢେଙ୍କାନାଳ ଜିଲ୍ଲାର ହିନ୍ଦୋଳ ନିର୍ବାଚନ ମଣ୍ଡଳୀ ହିନ୍ଦୋଳ ବ୍ଲକରୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରୁ ବାଦପଡ଼ିଥିବା ୫୦ରୁ ଊର୍ଦ୍ଧ୍ୱ ଗରିବ ହିତାଧିକାରୀମାନେ ବିଡିଓ କଲ୍ୟାଣସୌରଭ ଦାସଙ୍କୁ ଭେଟି ଲିଖିତ ଅଭିଯୋଗ କରିଛନ୍ତି । ତେବେ ସର୍ଭେ କରିଯାଇଥିବା କର୍ମଚାରୀ ଓ ପଞ୍ଚାୟତ କୁଜି ନେତାମାନଙ୍କୁ ଲାଞ୍ଚ ଦେଇ ନପାରିବାରୁ ସେମାନଙ୍କୁ ତାଲିକାରୁ ବାଦ ଦିଆଯାଇଥିବା ସାଙ୍ଘାତିକ ଅଭିଯୋଗ କରିଛନ୍ତି ଠୋକର ପଞ୍ଚାୟତର ଆବେଦନକାରି ସସ୍ମିତା ସାମଲ, ଶାରୀରିକ ବିକଳାଙ୍ଗ ମାନସ ମାଝିଙ୍କ ପତ୍ନୀ ସୁଜାତା ରାଉତ, ଠୋକର ପଞ୍ଚାୟତର ଜୁଲି ସାମଲ ପ୍ରମୁଖ । ତେବେ ସେମାନଙ୍କ କହିବା ଅନୁଯାୟୀ ସେମାନଙ୍କର କୌଣସି ଘର ନ ଥିବାବେଳେ ସେମାନଙ୍କର ହିତାଧିକାରୀ ପାଇଁ ସମସ୍ତ ଯୋଗ୍ୟତା ଥିଲେହେଁ ଧନୀକ ଶ୍ରେଣୀ, ଦୁଇମହଲା କୋଠାଥିବା ତଥା ସ୍ୱଚ୍ଛଳ ବର୍ଗର ଲୋକଙ୍କୁ ଟଙ୍କା ଲାଞ୍ଚନେଇ ଘର ଦିଆଯାଉଛି । ତେବେ ହିନ୍ଦୋଳ ବ୍ଲକ ଦୁର୍ନୀତିରେ ପୂରି ରହିଥିବାବେଳେ ଆବାସ କେଲେଙ୍କାରୀ ପାଇଁ ପଞ୍ଚାୟତରୁ ଆରମ୍ଭକରି ବ୍ଲକ ପର୍ଯ୍ୟନ୍ତ ସମ୍ପୃକ୍ତ କର୍ମଚାରୀ, ପ୍ରଭାବଶାଳୀ ନେତାଙ୍କ କୁଜିନେତାମାନଙ୍କ ପର୍ଯ୍ୟନ୍ତ ବିଧିବଦ୍ଧ ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ସହ ଯୋଗ୍ୟ ହିତାଧିକାରୀଙ୍କୁ ଯୋଜନାରେ ସାମିଲ କରିବାକୁ ଦାବି ହୋଇଛି । ଏ ସମ୍ପର୍କରେ ହିନ୍ଦୋଳ ବିଡିଓଙ୍କୁ ଅଭିଯୋଗ ପରେ ଏହାର ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି ।

## ଗଁଦିଆ ତହସିଲରେ ବିଭିନ୍ନ ସେବାକୁ ନେଇ ପ୍ରଶ୍ନବାଚୀ



**ଗଁଦିଆ,୬ ।୭ (ସମିସ):** ଗଁଦିଆ ତହସିଲ କାର୍ଯ୍ୟାଳରେ ସଠିକ ସମୟରେ ଜନତାଙ୍କୁ ସେବା ନ ମିଳିବାକୁ ନେଇ ଅସନ୍ତୋଷ ପ୍ରକାଶ କରିଛନ୍ତି ବରିଷ୍ଠ ସମାଜସେବୀ ରାମଚନ୍ଦ୍ର ପାତ୍ର । ମୃତ୍ୟୁ ପ୍ରମାଣପତ୍ରଠାରୁ ଆରମ୍ଭ କରି ଜମିଜମା ଚିହ୍ନଟ, ଜାଗାବାଡ଼ିଗୁଡ଼ିକର କିସମ ପରିବର୍ତ୍ତନ, ଦୁଇ ଖାନା ସଂଶୋଧନ ମ୍ୟୁଟେସନ ଆଦି କାର୍ଯ୍ୟଗୁଡ଼ିକ ସଠିକ ସମୟରେ ନ ହେବା ଫଳରେ ଲୋକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖିବାକୁ ମିଳିଛି । ଉକ୍ତ କାର୍ଯ୍ୟାଳୟରେ କର୍ମଚାରୀଙ୍କୁ ହାତଗୁଞ୍ଜା ଦେଲେ ସୁଦ୍ଧା ଠିକ ସମସ୍ୟାରେ କାମ ହୋଇପାରୁନାହିଁ । ଏହି ସବୁ ଘଟଣା ସମ୍ପର୍କରେ ସ୍ଥାନୀୟ ଲୋକେ ସମାଜସେବୀ ପାତ୍ରଙ୍କୁ ଜଣାଇଥିଲେ । ସମାଜସେବୀ ପାତ୍ର ତହସିଲ କାର୍ଯ୍ୟାଳରେ ପହଞ୍ଚି ତହସିଲଦାରଙ୍କୁ ଭେଟିବା ସହ ଲୋକଙ୍କ ସମସ୍ୟାଗୁଡ଼ିକ ତୁରନ୍ତ ସମାଧାନ ନିମନ୍ତେ ଆଲୋଚନା କରିଥିଲେ । ଲାଞ୍ଚୁଆ କର୍ମଚାରୀଙ୍କ ପ୍ରତି ଦୃଷ୍ଟି ଦେବାକୁ ପରାମର୍ଶ ଦେଇଥିଲେ । ଆଗାମୀ ଦିନରେ ଅବହେଳା ନଜରକୁ ଆସିଲେ କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନ କରିବା ସହ କାର୍ଯ୍ୟାଳୟକୁ ସମ୍ପୂର୍ଣ୍ଣ ତାଲା ପକାଇ ଦିଆଯିବ ବୋଲି ଚେତାବନୀ ଦେଇଥିଲେ । ଅପର ପକ୍ଷରେ ଦାୟିତ୍ୱରେ ଥିବା ତହସିଲଦାର ସତ୍ୟଜିତ ମହାପାତ୍ର ଲୋକଙ୍କ ଏହିସବୁ ଅଭିଯୋଗ ଉପରେ କୁହନ୍ତି ଯେ ବର୍ତ୍ତମାନ ବଦଳି ସମୟ ଚାଲିଛି । କାର୍ଯ୍ୟାଳରେ ଯେତିକି କର୍ମଚାରୀ ରହିବା କଥା ସେତିକି ନାହାନ୍ତି । ଏଣୁ ସ୍ୱଳ୍ପ କର୍ମଚାରୀଙ୍କୁ ନେଇ କାର୍ଯ୍ୟ ହେଉଥିବାରୁ ବିଳମ୍ବ ହେଉଛି । କୌଣସି କର୍ମଚାରୀ ଲାଞ୍ଚ ନେଉଥିବା ପ୍ରମାଣିତ ହେଲେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି ।

## କେରଜୋଳିରେ ମାଗଣା ସ୍ୱାସ୍ଥ୍ୟ ଶିବିର

**କାମାକ୍ଷାନଗର,୬ ।୭ (ସମିସ):** କଙ୍କଡାହାଡ଼ ବ୍ଲକ କେରଜୋଳି ପଞ୍ଚାୟତ କାର୍ଯ୍ୟାଳୟରେ ସେବାର୍ଥେ ଯୁବ ସମାଜ ପକ୍ଷରୁ ଜେବିଆର ହସ୍ପିଟାଲ ଆନୁକୂଲ୍ୟରେ ସୋମବାର ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଛି । ଶିବିରରେ ପଞ୍ଚାୟତର ବିଭିନ୍ନ ଗ୍ରାମର ୫୦ ଜଣ ଲୋକ ପଞ୍ଜୀକରଣ କରି ନିଜ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ । ସେମାନଙ୍କୁ ମାଗଣାରେ ଔଷଧ ବଣ୍ଟନ କରାଯାଇଥିଲା । ଶିବିରରେ ସେବାର୍ଥେ ଯୁବ ସମାଜ ପକ୍ଷରୁ ପ୍ରଦୀପ ବାରିକି, ସତ୍ୟବାନ ମହାନ୍ତ, ଚନ୍ଦନ ମୈତ୍ରୀ, ପ୍ରଭାତ ସାହୁ, ଯୀଶୁ ବିଶ୍ୱାଳ, ଶିବା ବେହେରା, ସଞ୍ଜୟ ନାୟକ, ଶଶିକାନ୍ତ ନାୟକ ପ୍ରମୁଖ ସହଯୋଗ କରିଥିଲେ ।

## କାଶିଆଡିହି ପଞ୍ଚାୟତରେ ବିକାଶର ନାଁ ନାହିଁ

**ଢେଙ୍କାନାଳ,୬ ।୭ (ସମିସ):** ଓଡ଼ାପଡ଼ା ବ୍ଲକ କାଶିଆଡିହି ପଞ୍ଚାୟତକୁ ୧୦ ବର୍ଷ ବିତିଯାଇଥିଲେ ମଧ୍ୟ ଏଠାରେ କୌଣସି ଉନ୍ନୟନ କାର୍ଯ୍ୟ ହୋଇ ନ ଥିବାରୁ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି । ନୂତନ ପଞ୍ଚାୟତ ଗଠନ ପରେ ଗ୍ରାମବାସୀ ବିକାଶ ଯେଉଁ ଆଶା ରଖିଥିଲେ ତାହ ଆଦୌ ପୂରଣ ହୋଇ ନ ଥିବା ପ୍ରକାଶ କରିଛନ୍ତି । ଏହି ପଞ୍ଚାୟତବାସୀ ସରକାରଙ୍କ ବିଭିନ୍ନ ଯୋଜନାରୁ ବଞ୍ଚିତ ରହିଛନ୍ତି । ପଞ୍ଚାୟତ ପକ୍ଷରୁ ଆର୍‌ଡି ରୋଡ୍‌ରୁ ଗ୍ରାମକୁ ଏକ ରାସ୍ତା ନିର୍ମାଣ କରାଯାଇଛି । ତେବେ ରାସ୍ତା ନିର୍ମାଣ କାର୍ଯ୍ୟରେ ବ୍ୟାପକ ଅନିୟମିତତା ହୋଇଥିବା ଅଭିଯୋଗ ହୋଇଛି । ଏହି ରାସ୍ତା ପ୍ଲଟ ନମ୍ବର ୨୨୮୭ ଓ ଖତିଆନ ନମ୍ବର ୯୨୧/୬୭୫ ତଥା ପ୍ଲଟ ନମ୍ବର ୨୨୮୯ ଓ ଖତିଆନ ନମ୍ବର ୮୨୪ରେ କରାଯାଇଛି । ଏହି ଜାଗାର ମାଲିକାନା ରଞ୍ଜନ ପାତ୍ର, ଲକ୍ଷ୍ମଣ ପାତ୍ର, ଦୁର୍ଯ୍ୟୋଧନ ପାତ୍ର, ଗଣେଶ୍ୱର ପାତ୍ର ଓ ପ୍ରସନ୍ନ ପାତ୍ର ଓ ଖୋଦ୍ ସମିତି ସଭ୍ୟା ରଞ୍ଜିତା ପାତ୍ରଙ୍କ ସମେତ ଏପରି ଆହୁରି ଅନେକଙ୍କ ନାମରେ ରହିଛି । ଏପରି ଘରୋଇ ଜାଗାରେ ସରକାରଙ୍କ ଅର୍ଥ କିପରି ବିନିଯୋଗ ହେଲା, ତାହା ତଦନ୍ତ ସାପେକ୍ଷ । ଗ୍ରାମ କମିଟିର କିଛି ସଭ୍ୟ ଓ ଗ୍ରାମବାସୀ ଏ ନେଇ ଜିଲ୍ଲାପାଳଙ୍କୁ ଲିଖିତ ଅଭିଯୋଗ କରିଛନ୍ତି ।



# ବିଦ୍ୟାଳୟ ପରିଚାଳନା କମିଟି ଗଠନରେ ଅନିୟମିତତା

**ଭୁବନ,୬ ।୭ (ସମିସ)**

ଭୁବନ ବ୍ଲକ ବାଲିବୋ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟରେ ପରିଚାଳନା କମିଟି ଗଠନ ନେଇ ଅନିୟମିତତା ଦେଖାଦେଇଛି । ସରକାରୀ ନିୟମକୁ ଉଲ୍ଲଂଘନ କରି କମିଟି ଗଠନ କରାଯାଇଥିବା ଅଭିଯୋଗ ହୋଇଛି । ଗୋଟିଏ ପରିବାରର ୨ ଶିଶୁଙ୍କ ଅଭିଭାବକ ଭାବେ ଉକ୍ତ ପରିବାରର ୨ ଜଣଙ୍କୁ ସଦସ୍ୟ ଚୟନ କରାଯାଇଛି । ଏହି ସଦସ୍ୟ ଚୟନକୁ ନେଇ ଚଞ୍ଚକତା ଦେଖାଦେଇଛି । ଜଣେ ଶିକ୍ଷାବିତ ତଥା ଗତ ପଞ୍ଚାୟତ ନିର୍ବଚନରେ ପରାଜୟ ବରଣ କରିଥିବା ବରିଷ୍ଠ ନାଗରିକ ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ହେବା ଲକ୍ଷରେ ଏସବୁ ଚଞ୍ଚକତା କରିଥିବାରୁ ଭୁବନ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ନିକଟରେ ଅଭିଭାବକ ଅଭିଯୋଗ କରିଛନ୍ତି । ଅଭିଯୋଗ ରୁ ଜଣାଯାଏ ଯେ ବାଲିବୋ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ କାର୍ତ୍ତିକ ପେଣ୍ଟଇଙ୍କ ଅଧ୍ୟକ୍ଷତରେ ଶନିବାର ଦିନ ନୂତନ ପରିଚାଳନା କମିଟି ଗଠନ କରାଯାଇଛି । ଯେଉଁଥିରେ ୧୫ ଜଣ ସଦସ୍ୟ ସଦସ୍ୟାଙ୍କୁ ଚୟନ କରାଯାଇଛି । ସେମାନେ ହେଲେ ପ୍ରତାପ ପାତ୍ର, ଯୁବରାଜ ଦେହୁରୀ, ସସ୍ମିତା ଜେନା (ସ୍ୱାମୀ ପ୍ରଭାତ ବରାଳ), ବିଜୟ ମିଶ୍ର, ଜ୍ୟୋତି ପ୍ରକାଶ ବରାଳ, ଯତୀନ ବେହେରା, ରିଙ୍କି ପାତ୍ର (ସ୍ୱାମୀ ଧୀରେନ ବାରିକ), ପୁଷ୍ପଲତା ପାତ୍ର (ସ୍ୱର୍ଗତ ରମେଶ ପାତ୍ର), ଶ୍ରୀକାନ୍ତ ଦେହୁରୀ, ଜୟନ୍ତୀ ରାଉତ (ସ୍ୱାମୀ ବିନୋଦ ରାଉତ), ଅଶାନ୍ତି ବାରିକ (ସ୍ୱାମୀ ଅକ୍ଷୟ ବାରିକ), ଗୋକୁଳାନନ୍ଦ ବାରିକ, ଦୁଃଶାସନ ବେହେରା, କବିତା ସାହୁ (ସ୍ୱାମୀ ତପନ ସାହୁ), ରୀନା ବେହେରା (ସ୍ୱାମୀ ଜୀବନାନନ୍ଦ ବେହେରା । କିନ୍ତୁ ଏହି ସଦସ୍ୟ ସଦସ୍ୟାଙ୍କ ମଧ୍ୟରୁ କ୍ରମାଙ୍କ ୭ ଓ ୧୨କୁ ନେଇ ଉଠିଛି ବିବାଦ । ନକୁଳ ବାରିକଙ୍କ ପୁଅ ଧୀରେନ ବାରିକଙ୍କ ୨ ପୁଅ ସାଇ ଓ ରାଇ । ରାଇ ପାଇଁ ଆଡମିନସନ ଖାତାରେ ଅଭିଭାବକ ହେଉଛନ୍ତି ଧୀରେନ ଓ ରିଙ୍କି । ସେହି ଅନୁଯାୟୀ ରିଙ୍କି ହିଁ ପ୍ରକୃତ ଅଭିଭାବକ ଭାବେ ଚୟନ ହୋଇଛନ୍ତି । କିନ୍ତୁ କ୍ରମାଙ୍କ ୧୨ରେ ଚୟନ ହୋଇଥିବା ଗୋକୁଳାନନ୍ଦ ବାରିକ ଜଣେ ଅବସରପ୍ରାପ୍ତ ଶିକ୍ଷକ । ଗତ ୨୦୨୨ ପଞ୍ଚାୟତ ନିର୍ବାଚନରେ ସରପଞ୍ଚ ଭାବେ ପ୍ରତିଦ୍ୱନ୍ଦ୍ୱିତା କରି ନିଜ ସାନ ଭାଇ ସହଦେହବ ବାରିକଙ୍କ ଝିଅ ଶୁଭସ୍ମିଗ୍ଧା ବାରିକଙ୍କଠାରୁ ପରାଜୟ ବରଣ କରିଥିଲେ । ସେ ବର୍ତ୍ତମାନ ବିଦ୍ୟାଳୟ ପରିଚାଳନା କମିଟି ସଭାପତି ହେବା ନିମନ୍ତେ ଅସାଧୁ ଉପାୟ ଅବଲମ୍ବନ କରି ନିଜ ସାନ ଭାଇ ନକୁଳ ବାରିକଙ୍କ ପୁଅ ଧୀରେନ ବାରିକ ଓ ରିଙ୍କି ବାରିକଙ୍କ ସାନ ପୁଅ ସାଇଙ୍କ ଅଭିଭାବକ ଭାବେ ନିଜକୁ ପ୍ରତିପାଦିତ କରି ବିଦ୍ୟାଳୟର ଅଭିଭାବକ ତାଲିକାରେ ଜୋରଜବରଦସ୍ତ ନିଜକୁ ସାବ୍ୟସ୍ତ କରାଇ ୧୫ ଜଣିଆ କମିଟିକୁ ଚୟନ ହୋଇଛନ୍ତି । ପରେ ନିଜ ରାଜନୈତିକ ଚାପ ବଳରେ ସଭାପତି ହେବା ନିମନ୍ତେ ଚେଷ୍ଟା ଜାରି ରଖିଥିବା ଅଭିଯୋଗ ହୋଇଛି । ତେବେ ଧୀରେନ ବାରିକ ନିଜେ ନିଜ ସନ୍ତାନର ଅଭିଭାବକ ଥିବା ବେଳେ ଅନ୍ୟ ଶିଶୁ ପାଇଁ କ'ଣ ଆବଶ୍ୟକ ପଡ଼ିଲା ନିଜ ବଡ଼ବାପାଙ୍କୁ ଅଭିଭାବକ କରିବା ପାଇଁ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି । ତେବେ ଗୋଟିଏ ବାପାଙ୍କର ୨ ସନ୍ତାନ ପାଇଁ ୨ ଅଭିଭାବକ ଚୟନ ହେବା ପଛରେ ରାଜନୈତିକ ଅଭିସନ୍ଧି ଭରି ରହିଥିବା ଜଳ ଜଳ ଦେଖାଯାଉଛି । ଏ ନେଇ ପ୍ରଧାନଶିକ୍ଷକ କୁହନ୍ତି, ଆବଶ୍ୟକ ସମର୍ଥନରେ ସଦସ୍ୟ/ସଦସ୍ୟା ଚୟନ କରାଯାଇଛି । କିଛି ବି ଅନିୟମିତତା ହୋଇନାହିଁ । ବିଇଓ ଆକାଂସୀତା ପ୍ରିୟଦର୍ଶିନୀ ପ୍ରଧାନ କୁହନ୍ତି, ନିର୍ଦ୍ଦିଷ୍ଟ ଅଭିଯୋଗ ହସ୍ତଗତ ହୋଇନାହିଁ । ହେଲେ ତଦନ୍ତ କରାଯିବ । ତେବେ ସରକାରୀ ଭାବେ କିଭଳି ଗୋଟିଏ ପରିବାରରୁ ୨ ଜଣଙ୍କୁ ଚୟନ କରାଯାଇଛି ତାହା ତଦନ୍ତ ସାପେକ୍ଷ ବୋଲି ଅଭିଯୋଗ ଉଠିଛି । ବିଦ୍ୟାଳୟର ଅଭିଭାବକ ସଂଖ୍ୟା ୨୨୬ । ମାତ୍ର ୪୩ ଅଭିଭାବକଙ୍କୁ ନେଇ କିଭଳି କମିଟି ଚୟନ କରାଗଲା ବୋଲି ମଧ୍ୟ ଅଭିଯୋଗ ହୋଇଛି ।

# ବିସ୍ଫୋରକ ସାମଗ୍ରୀ ଚୋରା କାରବାର ବେଳେ ମାଡ଼ି ବସିଲା ପୁଲିସ, ୩ ଗିରଫ

ଖୋର୍ଦ୍ଧା,୬।୭(ସମିସ): ଖୋର୍ଦ୍ଧାରେ ଦୀର୍ଘ ବର୍ଷ ବ୍ୟବଧାନ ପରେ ପୁଣି ଆରମ୍ଭ ହୋଇଛି ପାହାଡ ବିସ୍ଫୋରଣ ପାଇଁ ଯୋଜନା। ସମସ୍ତ ପାହାଡ, କ୍ରସର ବନ୍ଦ ଥିବା ବେଳେ ବେଆଇନ ଭାବେ ଜିଲୋଟିନ୍ ଏବଂ ଡିଟନେଟର ଆଣି ମୁଣ୍ଡିଆ ଫଟାଇବାକୁ ମସୁଧା ଚାଲୁଥିଲା। ସଦର ଥାନା ପୁଲିସ ବିଶ୍ୱସ୍ତ

- ୬.୮୦ ଲକ୍ଷ ଟଙ୍କା ସହ ଜିଲାଟିନ ଷ୍ଟିକ୍ ଓ ଡିଟୋନେଟର ଜବତ
- ପୁଣି ପାହାଡ ବିସ୍ଫୋରଣ ପାଇଁ ହେଉଥିଲା ଡିଲ୍

ସୂତ୍ରରୁ ଖବର ପାଇ ଏକ ବଡ଼ ଧରଣର ଚଢ଼ଉ କରି ବେଆଇନ ବିସ୍ଫୋରକ ସାମଗ୍ରୀ କାରବାରରେ ସମ୍ପୃକ୍ତ ଥିବା ୩ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ଢେଙ୍କାନାଳ ଜିଲ୍ଲା ଭୁବନ ଥାନା ପଳାଶପିଠିଆ ଗ୍ରାମର ବିଶ୍ୱନାଥ କଅଁର ଓରଫ୍ ବିଶୁ, ଗଞ୍ଜାମ ଜିଲ୍ଲା ଜକରାର ଫିଂଟୁ ପ୍ରଧାନ (୩୩) ଏବଂ ଖୋର୍ଦ୍ଧା ଶିଳ୍ପାଞ୍ଚଳ ଥାନା ଗଡନିଆଳର ରବିନାରାୟଣ ଖଟେଇ ଓରଫ୍ ରବି (୩୪)। ଚଢଉ ସମୟରେ ସେମାନଙ୍କ ନିକଟରୁ ୧୦୦ଟି ଡିଟୋନେଟର, ୨୦୦ଟି ଜିଲାଟିନ ଷ୍ଟିକ୍, ନଗଦ ୬ ଲକ୍ଷ ୮୦ ହଜାର ଟଙ୍କା, ୩ଟି ସ୍ମାର୍ଟ ଫୋନ୍, ୨ଟି ମୋଟରସାଇକେଲ ଏବଂ ଗୋଟିଏ ଅଶୋକ ଲେଲାଣ୍ଡ ଗାଡ଼ି ଜବତ କରାଯାଇଛି ବୋଲି ଆଜି ସନ୍ଧ୍ୟାରେ ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ପରମାର ସ୍ମିଥ୍ ପରଷୋତ୍ତମ ଦାସ କହିଛନ୍ତି।

ଏସ୍‌ପିଙ୍କ କହିବା ଅନୁସାରେ, ସଦର ଥାନା ଅନ୍ତର୍ଗତ



ଟାପଙ୍ଗ ସବୁଜ କୃତ୍ରିମ ହ୍ରଦ ନିକଟ ପାହାଡ ଅଞ୍ଚଳରେ କିଛି ବ୍ୟକ୍ତି ବେଆଇନ ଭାବେ ବିସ୍ଫୋରକ ସାମଗ୍ରୀ କାରବାର କରୁଥିବା ନେଇ ଗୁପ୍ତ ସୂଚନା ମିଳିଥିଲା। ସେମାନଙ୍କୁ ଧରିବା ଲାଗି ପରମାର ସ୍ମିଥ ପରଷୋତ୍ତମ ଦାସଙ୍କ ନିର୍ଦ୍ଦେଶକ୍ରମେ ଏସ.ଡି.ପି.ଓ ପଙ୍କଜ କୁମାର ମାଝୀ ଓ ସଦର ଥାନା ଆଇ.ଆଇ.ସି ବାସୁଦେବ ଜୟସିଂହଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍ ଏ.ଏସ.ଆଇ ପ୍ରଦୀପ ପ୍ରଧାନଙ୍କ ନେତୃତ୍ୱରେ ଗୁପ୍ତ ସୂଚନା ଆଧାରରେ ଗତ ରବିବାର ସନ୍ଧ୍ୟା ପ୍ରାୟ ୬.୧୫ଟାରେ ଏହି ଚଢ଼ଉ କରିଥିଲେ। ଚଢଉ ବେଳେ ବିଶୁ ଠାରୁ ଗୋଟିଏ ମୋଟରସାଇକେଲ୍ ଓ ଗୋଟିଏ ମୋବାଇଲ୍, ଫିଂଟୁ ନିକଟରୁ ନଗଦ ୬ ଲକ୍ଷ ୮୦ ହଜାର ଟଙ୍କା, ଗୋଟିଏ ମୋବାଇଲ୍ ଓ ଅଶୋକ ଲେଲାଣ୍ଡ ଗାଡ଼ି, ଏବଂ ରବି ନିକଟରୁ ଗୋଟିଏ ମୋବାଇଲ୍ ଓ ଏକ ମୋଟରସାଇକେଲ୍ ଜବତ କରିଥିଲା ପୁଲିସ। ଢେଙ୍କାନାଳ ଅଞ୍ଚଳରୁ ଏହି ବିସ୍ଫୋରକ ସାମଗ୍ରୀ ସବୁ ଅଣାଯାଇ ଏଠାରେ ବିଭିନ୍ନ ପାହାଡ ବିସ୍ଫୋରଣ ପାଇଁ ଯୋଗାଇ ଦେବାକୁ ବଡ ଧରଣର ଡିଲ୍ ଚାଲୁଥିଲା ବୋଲି ପ୍ରାରମ୍ଭିକ ପଚରାଉଚରା ବେଳେ ଅଭିଯୁକ୍ତମାନେ ସ୍ୱୀକାର କରିଥିବା ଏସ୍‌ପି କହିଥିଲେ। ଅଧିକ ଲାଭ ଆଶାରେ ବେଆଇନ ଭାବେ ବିସ୍ଫୋରକ ସାମଗ୍ରୀ ବିକ୍ରି ପାଇଁ ଯୋଜନା କରିଥିବା ସ୍ୱୀକାର କରିଥିବା ପୁଲିସ କହିଛି। ଏହି ଘଟଣାରେ ଖୋର୍ଦ୍ଧା ସଦର ଥାନା କେସ୍ ନଂ-୩୦୯/୨୬ ଅନୁଯାୟୀ ଭାରତୀୟ ନ୍ୟାୟ ସଂହିତା ଧାରା ୨୮୮/୬୧(୨) ଏବଂ ବିସ୍ଫୋରକ ପଦାର୍ଥ ଆଇନ, ୧୯୦୮ର ଧାରା ୫ ଅନୁଯାୟୀ ମାମଲା ରୁଜୁ କରାଯାଇଛି। ଏତେ ପରିମାଣର ଡେଟୋନେଟର ଓ ଜେଲାଟିନ ଷ୍ଟିକ୍ କେଉଁଠାରୁ ଆସିଥିଲା, କାହାକୁ ବିକ୍ରି କରିବା ପାଇଁ ଚୁକ୍ତି ହୋଇଥିଲା, ଏବଂ ଏହି କାରବାର ପଛରେ ଆଉ କେଉଁମାନେ ସମ୍ପୃକ୍ତ ଅଛନ୍ତି ସେ ଦିଗରେ ପୁଲିସ ତଦନ୍ତ ଚଳାଇଛି। ସେହିପରି ଏତେ ପରିମାଣ ର ଟଙ୍କା ଜବତ ପରେ ବେଆଇନ ବିସ୍ଫୋରଣ ସାମଗ୍ରୀ କାରବାର ପାଇଁ ଅର୍ଥ ଯୋଗାଉଥିବା କିଙ୍ଗ ପିନ କିଏ ସେ ସମ୍ପର୍କରେ ପୁଲିସ ତଦନ୍ତ କରି ମୁଖ୍ୟ ଆସାମୀକୁ ଗିରଫ କରିବା ପାଇଁ ସାଧାରଣରେ ଦାବି ହେଉଛି। ଏହି ବେଆଇନ୍ ବିସ୍ଫୋରଣ ପରେ କେବଳ ପାହାଡ ନୁହେଁ, ଆଖପାଖରେ ଥିବା ଅନେକ କୋଠାଘର ମଧ୍ୟ ଫାଟି କ୍ଷତିଗ୍ରସ୍ତ ହୁଏ। ପୁଲିସ ଏହି ଘଟଣାର ତଦନ୍ତ କରି ଖୁବ୍ ଶୀଘ୍ର ରାକେଟକୁ ଧରିବାରେ ସଫଳ ହେବ ବୋଲି ଏସ୍‌ପି ଶ୍ରୀ ଦାସ ଏହି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ମାମଲାର ତଦନ୍ତ ଉପନିରୀକ୍ଷକ ସୁଜାତା ପଲେଇ କରୁଛନ୍ତି।

## ବୈତରଣୀରେ ବନ୍ୟା ସ୍ଥିତି

# ସମୀକ୍ଷା କଲେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ



ଭୁବନେଶ୍ୱର,୬।୭(ସମିସ): ବୈତରଣୀ ନଦୀ ଅବବାହିକାରେ ଲଗାଣ ବର୍ଷାଜନିତ ଉଚ୍ଚ ଜଳସ୍ତର ଏବଂ ସେ ପ୍ରକାରରୁ ଆଶଙ୍କା କରାଯାଉଥିବା ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ବନ୍ୟା ସ୍ଥିତି ସମୀକ୍ଷା କରିଛନ୍ତି। ରାଜୀବ ଭବନଠାରେ ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଏହି ଉଚ୍ଚସ୍ତରୀୟ ସମୀକ୍ଷା ବୈଠକରେ ବୈତରଣୀ ନଦୀର ବର୍ତ୍ତମାନ ଜଳସ୍ତର, ଆଶଙ୍କା କରାଯାଉଥିବା ବନ୍ୟା ପରିସ୍ଥିତି, ସମ୍ଭାବ୍ୟ ପ୍ରଭାବିତ ଅଞ୍ଚଳ ଓ ଜନସଂଖ୍ୟା, ଜିଲ୍ଲା ପ୍ରଶାସନ ପକ୍ଷରୁ ଗ୍ରହଣ କରାଯାଇଥିବା ପ୍ରସ୍ତୁତି, ଉଦ୍ଧାର ଓ ସ୍ଥାନାନ୍ତରଣ ବ୍ୟବସ୍ଥା, ଆଶ୍ରୟସ୍ଥଳ ପରିଚାଳନା, ରିଲିଫ ସାମଗ୍ରୀର ମହଜୁଦ ଏବଂ ଉଦ୍ଧାରକାରୀ ଦଳର ନିୟୋଜନ ସମ୍ପର୍କରେ ସବିଶେଷ ସମୀକ୍ଷା କରାଯାଇଥିଲା।

**ଚାଷଜମି କ୍ଷୟକ୍ଷତି ଆକଳନ କରି କ୍ଷତିପୂରଣ ଦେବାକୁ ନିର୍ଦ୍ଦେଶ**

ସମୀକ୍ଷା ପରେ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, ଓଡ଼ିଶାରେ ସମ୍ଭାବ୍ୟ ବନ୍ୟା ପରିସ୍ଥିତି ସମ୍ପୂର୍ଣ୍ଣ ଭାବେ ନିୟନ୍ତ୍ରଣାଧୀନ ରହିଛି। କୌଣସି ପ୍ରକାର ବିପଦ ନିମନ୍ତେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଅଛନ୍ତି। କୌଣସି ଜଣେ ଲୋକଙ୍କୁ ମଧ୍ୟ ସ୍ଥାନାନ୍ତରଣ କିମ୍ବା ସହାୟତା ଆବଶ୍ୟକ ଥିଲେ ତାହାକୁ ଗୁରୁତ୍ୱ ସହିତ ଦୃଷ୍ଟିରେ ରଖି ସହଯୋଗ ଯୋଗାଇ ଦେବାକୁ ପ୍ରଶାସନକୁ ଦୃଢ଼ ନିର୍ଦ୍ଦେଶ ଦିଆଯାଇଛି। ଅନ୍ୟପଟେ ଲଗାଣ ବର୍ଷା ପ୍ରଭାବରେ କିଛି ଅଞ୍ଚଳରେ ଚାଷଜମି କ୍ଷତିଗ୍ରସ୍ତ ହେବାର ସୂଚନା ମିଳିଛି ବୋଲି ମନ୍ତ୍ରୀ କହିଥିବା ବେଳେ ଜିଲ୍ଲାପ୍ରଶାସନକୁ ତାହାର ସର୍ଭେ ଏବଂ କ୍ଷତି ଆକଳନ କରି ରିପୋର୍ଟ ଦେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏଥିସହିତ କ୍ଷୟକ୍ଷତିର ୨୪ ଘଣ୍ଟା ପୂରଣ ହେବା ପୂର୍ବରୁ ହିଁ କ୍ଷତିପୂରଣ ପ୍ରଦାନ କରିବାକୁ ମନ୍ତ୍ରୀ ଶ୍ରୀ ପୂଜାରୀ ସ୍ପଷ୍ଟ ନିର୍ଦ୍ଦେଶ ଦେଇଛନ୍ତି।

## ଭଦ୍ରକ ସହରରେ ବୁଲିଲା ବୁଲ୍‌ଡୋଜର

# ମାଟିରେ ମିଶିଲା ୫୦ରୁ ଅଧିକ କୋଠା ଓ ଅସ୍ଥାୟୀ ଘର

ଭଦ୍ରକ,୬।୭(ସମିସ): ଭଦ୍ରକ ସହରରେ ପୁଣି ବୁଲିଲା ବୁଲଡୋଜର। ସହରାଞ୍ଚଳର ୭ ନମ୍ବର ୱାର୍ଡ ଅଧୀନ ମାଠସାହି ହନୁମାନ ମନ୍ଦିର ନିକଟରେ ଦୀର୍ଘ ବର୍ଷ ହେବ ସରକାରୀ ଜମିରେ ରହିଥିବା କୋଠାଘର, ଅସ୍ଥାୟୀ ଘର ଓ ଦୋକାନ ଘର ସହ ଅସ୍ଥାୟୀ ଘରଗୁଡ଼ିକୁ ସୋମବାର ପ୍ରଶାସନ ଓ ପୁଲିସ ମିଳିତଭାବେ ଜେସିବି ଲଗାଇ ଭାଙ୍ଗି ମାଟିରେ ମିଶାଇ ଦେଇଛନ୍ତି। ସୂଚନାଯୋଗ୍ୟ, ଭଦ୍ରକ ସହର ପଞ୍ଚମୁଖୀ ହନୁମାନ ମନ୍ଦିର ନିକଟରେ ମଠସାହି ମୌଜାର ଖାତା ନମ୍ବର-୮୯୭ରେ ୧୭୨୨ ପ୍ଲଟ୍‌ରେ ଥିବା ପ୍ରାୟ ୧ଏକର ପତିତ କିସମ ସରକାରୀ ଜମିରେ ଦୀର୍ଘ ବର୍ଷ ହେବ ଜବରଦଖଲ କରି ୫୦ରୁ ଅଧିକ ବ୍ୟକ୍ତି କୋଠାଘର, ଦୋକାନ ଘର ଓ ଅସ୍ଥାୟୀ ଘର କରି ରହୁଥିଲେ। ତେବେ ଜବରଦଖଲ ଯୋଗୁଁ ବିଭିନ୍ନ ସମସ୍ୟା ଉପୁଜିବା ସହ



ସମ୍ପୃକ୍ତ ଅଞ୍ଚଳରେ ଡ୍ରଗ୍ସ କାରବାରଠାରୁ ଆରମ୍ଭ କରି ବିଭିନ୍ନ ଅନୈତିକ କାର୍ଯ୍ୟ ହେଉଥିବା ଅଭିଯୋଗ ହେଉଥିଲା। ପରେ ପ୍ରଶାସନ ପକ୍ଷରୁ ଏହାର ଉଚ୍ଛେଦ ଲାଗି ପୂର୍ବରୁ ନୋଟିସ ଜାରି କରାଯାଇଥିଲା। ଏହି ଉଚ୍ଛେଦ ବେଳେ ଉପ ଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀ, ତହସିଲଦାର ପ୍ରିୟଦର୍ଶୀ ସଂଗ୍ରାମ କେଶରୀ ଖୁଣ୍ଟିଆ, ଅତିରିକ୍ତ ଏସ୍‌ପି ଅଂଶୁମାନ ଦ୍ୱିବେଦୀ, ତହସିଲ ସୁପରଭାଇଜର ଜ୍ୟୋତିରଞ୍ଜନ ପଣ୍ଡା, ବିକାଶ ଦାସ, ଡିଏସ୍‌ପି ଅନିରୁଦ୍ଧ ବେହେରା, ଟାଉନ ଥାନା ଆଇଆଇସି ପ୍ରଭାଂଶୁ ଶେଖର ମିଶ୍ର, ଭଦ୍ରକ ଗ୍ରାମ୍ୟ ଦୟାନିଧି ଦାସ, ଭଦ୍ରକ ସଦର ଆର୍‌ଆଇ ଭଦ୍ରକ ସୌମ୍ୟ ସାମନ୍ତ, ଚରମ୍ପା ଆର୍‌ଆଇ ମନୋରମା ଧଳ, ବେକା ଆର୍‌ଆଇ ମଧୁସ୍ମିତା ସାହୁ, ସାତଭଉଣୀ ଆର୍‌ଆଇ ଗୌତମ ମଲ୍ଲିକ ଓ ସର୍ଭେୟର ସୁବାସ ପଲେଇ ପ୍ରମୁଖ ପୁଲିସ ଅଧିକାରୀ ତଥା ଫୋର୍ସ ସହ ପୌର କର୍ମଚାରୀମାନେ ସାମିଲ୍ ଥିଲେ।

## ଶିଶୁ ବାଟିକାରେ ନିଯୁକ୍ତ ହେବେ ୭,୨୩୪ ଶିକ୍ଷକ

ଭୁବନେଶ୍ୱର, ୬/୭ (ସମିସ) : ରାଜ୍ୟର ପ୍ରାୟ ୪୫ ହଜାର ପ୍ରାଥମିକ ବିଦ୍ୟାଳୟରେ ଶିଶୁ ବାଟିକା ଖୋଲିଛି। ଏସବୁ ଶ୍ରେଣୀରେ ଶିଶୁଙ୍କ ଯତ୍ନ ନେବା ପାଇଁ ପୂର୍ବରୁ ଶିଶୁ ସେବିକା ନିଯୁକ୍ତ ହୋଇଥିବା ବେଳେ ଏବେ ସେମାନଙ୍କୁ ଶିକ୍ଷାଦାନ ପାଇଁ ୭ହଜାର ୨୩୪ଜଣ ଶିକ୍ଷକ ନିଯୁକ୍ତି ହେବେ। ଏହାକୁ ଅର୍ଥ ବିଭାଗ ପକ୍ଷ୍ୟରୁ ଅନୁମୋଦନ ମିଳିଥିବା ବେଳେ ଖୁବ୍ ଶୀଘ୍ର ନିଯୁକ୍ତି ନେଇ ଆଶା ପ୍ରକାଶ ପାଇଛି। ସୂଚନା ଅନୁଯାୟୀ, ମୋଟ ୭ ହଜାର ୨୩୪ଟି ଶିକ୍ଷକ ପଦ ପାଇଁ ଅର୍ଥ ବିଭାଗ ପକ୍ଷରୁ ଅନୁମୋଦନ ଦିଆଯାଇଥିବା ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ଅବଗତ କରାଯାଇଛି। ପ୍ରତି ଶିକ୍ଷକଙ୍କୁ ମାସିକ ୨୬ ହଜାର ୨୦୦ ଟଙ୍କା ଲେଖାଏଁ ପାରିଶ୍ରମିକ ଦିଆଯିବ। ଏଥିପାଇଁ ସମଗ୍ର ଶିକ୍ଷା ପାଣ୍ଠିରୁ ବାର୍ଷିକ ୨୨୭ କୋଟି ୪୩ ଲକ୍ଷ ୬୯ ହଜାର ୬୦୦ ଟଙ୍କା ଖର୍ଚ୍ଚ ହେବ। ଜାତୀୟ ଶିକ୍ଷା ନୀତି ୨୦୨୦ ଅନୁଯାୟୀ ଶିଶୁମାନଙ୍କ ବୌଦ୍ଧିକ ବିକାଶ ସହିତ ସେମାନଙ୍କ ପାଠପଢ଼ାକୁ ସରକାର ଗୁରୁତ୍ୱ ଦେଇଛନ୍ତି। ପ୍ରାରମ୍ଭିକ ଶିଶୁ ଯତ୍ନ ଓ ଶିକ୍ଷାକୁ ସୁଦୃଢ଼ କରିବା ପାଇଁ ଏହି ନୂତନ ପଦ ସୃଷ୍ଟି କରିଛନ୍ତି। ଖୁବଶୀଘ୍ର ଏହି ନିଯୁକ୍ତି ପ୍ରକ୍ରିୟା ଆରମ୍ଭ ହୋଇପାରେ ବୋଲି ମଧ ଆଶା ପ୍ରକାଶ ପାଇଛି

# ଶିକ୍ଷୟିତ୍ରୀଙ୍କୁ ଅସଦାଚରଣ; ପ୍ରଧାନଶିକ୍ଷକ ଥାନାରେ ଅଟକ

ବାରିକପୁର,୬।୭(ସମିସ): ଭଣ୍ଡାରିପୋଖରୀ ଥାନା ଅନ୍ତର୍ଗତ ବାଲିପୋଖରୀ ପଞ୍ଚାୟତ ଶୁକଦେବ ଜେନା ହାଇସ୍କୁଲର ପ୍ରଧାନଶିକ୍ଷକଙ୍କ ନାମରେ ଗୁରୁତର ଅଭିଯୋଗ ଆସିଛି। ପ୍ରଧାନଶିକ୍ଷକ ଭଗବାନ ପ୍ରଧାନ ଜନୈକ ଶିକ୍ଷୟିତ୍ରୀଙ୍କୁ ଶାରୀରିକ ଓ ମାନସିକ ନିର୍ଯାତନା ସହିତ ବିଭିନ୍ନ ସମୟରେ ଅସଦାଚରଣ କରୁଥିଲେ। ପ୍ରଧାନଶିକ୍ଷକ ଯୌନ ଶୋଷଣ ଭଳି ବ୍ୟବହାର ପ୍ରଦର୍ଶନ କରୁଥିବାରୁ ଶିକ୍ଷୟିତ୍ରୀ ଜଣକ ବାରମ୍ବାର ଏହାକୁ ପ୍ରତିରୋଧ କରିଥିଲେ। ଏହାସତ୍ତ୍ୱେ ପ୍ରଧାନଶିକ୍ଷକ ନିଜ ବ୍ୟବହାରରେ ପରିବର୍ତ୍ତନ ଆଣୁ ନ ଥିଲେ। ପରିଶେଷରେ ଶିକ୍ଷୟିତ୍ରୀ ଜଣକ ଅତିଷ୍ଠ ହୋଇ ବିଭାଗୀୟ ଉଚ୍ଚ ପଦାଧିକାରୀଙ୍କ ସମେତ ସ୍ଥାନୀୟ ଥାନାରେ ଗତ ୩୦ ତାରିଖ ଦିନ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗର ୫ଦିନ ପରେ ପୁଲିସ ବିଦ୍ୟାଳୟରେ ପହଞ୍ଚି ତଦନ୍ତ ଆରମ୍ଭ କରିଥିବାବେଳେ ଖବର ପାଇ ସ୍ଥାନୀୟ ୨୦୦ରୁ ଅଧିକ ମହିଳା ସ୍କୁଲ ପ୍ରାଙ୍ଗଣରେ ପହଞ୍ଚିଥିଲେ। ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କ ବିରୋଧରେ ମହିଳାମାନେ ବିଭିନ୍ନ ନାରାବାଜି ଦେଇଥିଲେ। ପରିସ୍ଥିତିକୁ ଆୟତ କରିବା ପାଇଁ ପୁଲିସ ନାକେଦମ୍ ହୋଇଥିଲା। କିଛି ସମୟ ପରେ ପୁଲିସ ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କୁ ଥାନାକୁ ଆଣି ଅଟକ ରଖିଥିବା ଜଣାପଡ଼ିଛି। ଏନେଇ ପୁଲିସ ଉପଖଣ୍ଡ ଅଧିକାରୀଙ୍କ ମତାମତ ନେବାରୁ ଅଭିଯୋଗକୁ ନେଇ ସମ୍ପୃକ୍ତ ଶିକ୍ଷକ ଏବେ ପୁଲିସ ହେପାଜତରେ ଥିବାବେଳେ ଏନେଇ ଅଧିକ ତଦନ୍ତ ଜାରି ରହିଥିବା କହିଛନ୍ତି। ଘଟଣାଟି ଅଞ୍ଚଳରେ ଚର୍ଚ୍ଚାର ବିଷୟ ପାଲଟିଥିବାବେଳେ ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କୁ ଅଭିଭାବକଙ୍କ ସମେତ ପଞ୍ଚାୟତବାସୀ ତୀବ୍ର ବିରୋଧ କରୁଥିବା ଜଣାପଡ଼ିଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଶ୍ରୀଲଙ୍କା ଜେଲ୍‌ରେ...

ଯେ, ଘଟଣାର କାରଣ ଓ ପରିସ୍ଥିତିର ତଦନ୍ତ ପାଇଁ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ମାଜିଷ୍ଟ୍ରେଟଙ୍କ ତତ୍ତ୍ୱାବଧାନରେ ପ୍ରାରମ୍ଭିକ ତଦନ୍ତ ହୋଇଥିବା ବେଳେ, ଆଜି ପରିସ୍ଥିତି ସ୍ୱାଭାବିକ ରହିଛି।ଏହି ଘଟଣା ପରେ ଶ୍ରୀଲଙ୍କାର କାରାଗାରଗୁଡ଼ିକର ଅତ୍ୟଧିକ ଭିଡ଼, ସୁରକ୍ଷା ବ୍ୟବସ୍ଥାର ଦୁର୍ବଳତା ଏବଂ କାରାଗାର ଭିତରେ ବେଆଇନ ମାଦକ ଚକ୍ରର ପ୍ରଭାବ ପୁଣିଥରେ ଚର୍ଚ୍ଚାର ବିଷୟ ପାଲଟିଛି।

### ଆବେଦନ ଖାରଜ...

ଡିଭିଜନ ହାଇକୋର୍ଟ ସଞ୍ଜୟ ଭଣ୍ଡାରୀ ମାମଲାର ଉଦାହରଣ ଦେଇ ନୀରବ ମୋଦୀ କରିଥିବା ପୁନଃ ଶୁଣାଣି ଆବେଦନକୁ ଖାରଜ କରିଦେଇଥିଲେ। ଭାରତ ଗଲେ ତାଙ୍କୁ ନିର୍ଯାତନା ଦିଆଯିବ ବୋଲି ନୀରବ ଯୁକ୍ତି ବାଢ଼ିଥିଲେ, କିନ୍ତୁ ସିବିଆଇ ଅଧିକାରୀମାନେ କୋର୍ଟରେ ଏହି ଦାବିକୁ ଭୁଲ୍ ପ୍ରମାଣିତ କରିଥିଲେ। ବର୍ତ୍ତମାନ ସମସ୍ତ ଆଇନଗତ ବାଧା ଦୂର ହୋଇଥିବାରୁ ବ୍ରିଟେନ କର୍ତ୍ତୃପକ୍ଷ ତାଙ୍କୁ ଭାରତ ସରକାରଙ୍କୁ ହସ୍ତାନ୍ତର କରିବା ପ୍ରକ୍ରିୟା ଆରମ୍ଭ କରିଦେଇଛନ୍ତି ଏବଂ ଯେକୌଣସି ସମୟରେ ତାଙ୍କୁ ଭାରତ ଅଣାଯାଇପାରେ ବୋଲି କୁହାଯାଉଛି।

### ବଢୁଛି ଏସ୍‌ଆଇଆର୍...

କରୁନାହାନ୍ତି। ଏହାର ବଦଳରେ ସେମାନେ ବିଭିନ୍ନ କମ୍ୟୁନିଟି ହଲ୍, ଧର୍ମାନୁଷ୍ଠାନ ଏବଂ ନିଜ ବାସଭବନରେ ବସି ଭୋଟର ଫର୍ମ ପୂରଣ କରୁଛନ୍ତି। ଏଥିପାଇଁ ବିଭିନ୍ନ ହ୍ୱାଟସ୍‌ଆପ୍ ଗ୍ରୁପ୍ ମଧ୍ୟ ଖୋଲାଯାଇଛି। ଅନୁପ୍ରବେଶକାରୀଙ୍କ ନାମ ଭୋଟର ତାଲିକାରେ ସାମିଲ କରିବାକୁ କଂଗ୍ରେସ ପକ୍ଷରୁ ଶିବିରମାନ ଆୟୋଜନ କରୁଥିବା ବିରୋଧୀ ଦଳ ଦାବି କରିଛନ୍ତି। ଅପରପକ୍ଷରେ, ଉପମୁଖ୍ୟମନ୍ତ୍ରୀ ଡିକେ. ଶିବକୁମାର ଏହି ଅଭିଯୋଗକୁ ସମ୍ପୂର୍ଣ୍ଣ ପ୍ରତ୍ୟାଖ୍ୟାନ କରିଛନ୍ତି। ସେ କହିଛନ୍ତି ଯେ, ସରକାର ଏହି ନିର୍ବାଚନ ପ୍ରକ୍ରିୟାରେ କୌଣସି ହସ୍ତକ୍ଷେପ କରୁନାହାନ୍ତି। ସରକାରୀ ସ୍ତରରେ ଭୋଟର ସଚେତନତା ବ୍ୟାପକ କରାଯାଉଥିବାରୁ ବିରୋଧୀ ଦଳ ଭୟଭୀତ ହୋଇପଡ଼ିଛନ୍ତି।

### ଓଡ଼ିଶାରେ ନିର୍ବାଚନମଣ୍ଡଳୀ...

ମୟୂରଭଞ୍ଜରେ ୧୧୧୨୬୭, ଯାଜପୁରରେ ୧୦୫୦୧୪, ବଲାଙ୍ଗୀରରେ ୯୯୨୫୮, ବାଲେଶ୍ୱରରେ ୯୩୬୪୯, ପୁରୀରେ ୮୫୧୬୨, ସୁନ୍ଦରଗଡ଼ରେ ୮୪୬୯୨, ବରଗଡ଼ରେ ୭୪୪୦୫ ଜଣ ଲୋକଙ୍କ ନାମ ଭୋଟର ତାଲିକାରୁ ବାଦ୍ ଦିଆଯାଇଛି। କଳାହାଣ୍ଡିରେ ୭୪୫୪୬ ଜଣଙ୍କ ନାମ ବାଦ ଦିଆଯାଇଥିବା ବେଳେ ଭଦ୍ରକରେ ୬୮୩୩୭, ଖୋର୍ଦ୍ଧାରେ ୬୬୬୬୯, ଜଗତସିଂହପୁରରେ ୬୪୯୫୬, କେନ୍ଦୁଝରରେ ୬୪୪୦୯, କୋରାପୁଟରେ ୬୨୨୯୦, କେନ୍ଦ୍ରାପଡାରେ ୬୦୨୪୦, ଢେଙ୍କାନାଳରେ ୫୮୫୫୪, ନୟାଗଡରେ ୫୬୭୦୫, ସମ୍ବଲପୁରରେ ୫୬୮୦୧, ରାୟଗଡାରେ ୪୫୪୯୩, ନବରଙ୍ଗପୁରରେ ୪୫୭୫୭, ଅନୁଗୋଳରେ ୪୪୮୮୨, କନ୍ଧମାଳରେ ୩୮୯୯୯ ଓ ଗଜପତିରେ ୩୧୩୫୬ ଜଣଙ୍କର ନାମ ଭୋଟର ତାଲିକାରୁ ବାଦ୍ ଦିଆଯାଇଛି।

ଭୋଟର ତାଲିକାରେ ନାମ ବାଦ୍ ଯିବାକୁ ନେଇ ଅନେକ ଲୋକଙ୍କ ମନରେ ଛନକା ପଶିଛି। ବିଭିନ୍ନ ଜିଲ୍ଲାରେ ଏ ନେଇ ଅଭିଯୋଗ ମଧ୍ୟ ସାମ୍ନାକୁ ଆସିଛି। ଢେଙ୍କାନାଳରେ ଜଣେ ଭୋଟର କହିଛନ୍ତି ଯେ ମୋର ଦୁଇଜଣ ପିଲା ତଥା ସ୍ତ୍ରୀଙ୍କର ଚିଠା ଭୋଟର ତାଲିକାରେ ନାମ ଆସିଛି। ମାତ୍ର ମୋର ନାମ ନାହିଁ। ସେହିପରି ଅନ୍ୟଜଣେ ବ୍ୟକ୍ତିବିଶେଷ କହିଛନ୍ତି ଯେ ୧୯୭୪ ମସିହାରୁ ମୁଁ ଭୋଟ୍ ଦେଇ ଆସୁଛି। ମୋତେ ଆବାସ ଯୋଜନାରେ ଘର ସହ ଭତ୍ତା ମଧ୍ୟ ମିଳିଛି। ଏହାସତ୍ତ୍ୱେ ଭୋଟର ତାଲିକାରୁ ନାମ କଟିଛି। ଅପରପକ୍ଷେ କୌଣସି କାରଣରୁ ଯୋଗ୍ୟ ଭୋଟରଙ୍କ ନାମ କଟିଥିଲେ ଆପତ୍ତି, ଅଭିଯୋଗ କରାଗଲେ ସେମାନଙ୍କ ନାମ ପୁନର୍ବାର ନାମ ଭୋଟର ତାଲିକାରେ ସଂଯୋଗ କରାଯିବ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ କୁହାଯାଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ କହିଛନ୍ତି ଯେ ୩୦ ଜିଲ୍ଲାରେ ୩୧ ଜିଲ୍ଲା ନିର୍ବାଚନ ଅଧିକାରୀ, ୧୪୭ ଜଣ ଇଆରଓ, ୯୯୪ ଜଣ ଏଇଆରଓ, ୪୫୪୦ ଜଣ ବିଏଲଓ ସୁପରଭାଇଜର ଏବଂ ୪୫୨୫୦ ଜଣ ବିଏଲଓ ନିୟୋଜିତ ହୋଇଥିଲେ। ୧୯ ତାରିଖ ସୁଦ୍ଧା ଭୋଟର ତାଲିକାରେ ନାମ ଥିବା ସମସ୍ତ ଭୋଟରଙ୍କୁ ପରିଗଣନା ଫର୍ମ ବଣ୍ଟନ ପାଇଁ ବିଏଲଓମାନେ ଘରକୁ ଘର ପରିଦର୍ଶନ କରିଥିଲେ। ଏପରିକି ପରିଗଣନା ଫର୍ମ ହାସଲ ପାଇଁ ବିଏଲଓମାନେ ଅତି କମରେ ପ୍ରତ୍ୟେକ ବ୍ୟକ୍ତିବିଶେଷଙ୍କ ଘରକୁ ୩ ଥର ଯାଇଛନ୍ତି। ଏହାସତ୍ତ୍ୱେ ରାଜ୍ୟରେ ୨୦ ଲକ୍ଷ ୧୨ ହଜାରରୁ ଅଧିକ ପରିଗଣନା ଫର୍ମ ଫେରିନାହିଁ ବୋଲି ସେ କହିଛନ୍ତି।

### ହଟିଲେ ଚମ୍ପତ...

ଏବେ ଏଫ୍‌ଆଇଆର ହୋଇପାରେ ବୋଲି କୁହାଯାଉଛି। ଟ୍ରଷ୍ଟ ସେମାନଙ୍କ ଉପରେ ଏତେ କ୍ଷୁବ୍ଧ ଯେ ଆଜିର ବୈଠକକୁ ଆସିବା ଲାଗି ସେମାନଙ୍କୁ ଅନୁମତି ଦିଆଯାଇ ନଥିଲା। ବୈଠକ ପରେ ଟ୍ରଷ୍ଟର କୋଷାଧ୍ୟକ୍ଷ ସ୍ୱାମୀ ଗୋବିନ୍ଦ ଦେବ ଗିରି ସାମ୍ବାଦିକମାନଙ୍କୁ କହିଲେ ଯେ ଚାନ୍ଦା ଚୋରି କୋଟି କୋଟି ରାମଭକ୍ତଙ୍କୁ ଆଘାତ ଦେଇଛି। ଏହି ଘଟଣା ଟ୍ରଷ୍ଟ ପାଇଁ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିଛି। ଏହାର ସମ୍ମାନ କ୍ଷୁଣ୍ଣ ହୋଇଛି। ତେଣୁ ଏଥିରେ ଯେଉଁଯେଉଁମାନେ ସଂପୃକ୍ତ ଅଛନ୍ତି ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ହେବ। କାହାକୁ ଛଡ଼ାଯିବ ନାହିଁ। ଏସଂପର୍କରେ ଗଠିତ ଏସ୍‌ଆଇଟିକୁ ଟ୍ରଷ୍ଟ ସବୁପ୍ରକାର ସହାୟତା ଓ ସହଯୋଗ ଦେବ। ଆସନ୍ତା ୨୨ ତାରିଖରେ ଟ୍ରଷ୍ଟର ଆଉ ଏକ ବୈଠକ ବସିବ ଏବଂ ଏଥିରେ ଏସଆଇଟିର ଚୂଡ଼ାନ୍ତ ରିପୋର୍ଟର ସମୀକ୍ଷା କରାଯିବ। ସେ ଆହୁରି କହିଲେ ଯେ ଭକ୍ତମାନେ ଦାନ କରିଥିବା ସମସ୍ତ ୨୮୦୦ ମୁଲ୍ୟବାନ ଉପହାର ସୁରକ୍ଷିତ ରହିଛି। ସେଥିମଧ୍ୟରୁ କିଛି ଉପହାର ସାମଗ୍ରୀକୁ ସାମ୍ବାଦିକମାନଙ୍କ ପାଇଁ ପ୍ରଦର୍ଶିତ ରାଯାଇଥିଲା। ଏଥିରେ ସୁନାର ରାମଚରିତ ମାନସ ଓ କିଛି ସୁନା ହାର ମଧ ରହିଛି।

### ପାଣ୍ଡିଆନଙ୍କ ସହଯୋଗ...

ଓଡ଼ିଶାର ସମ୍ମାନ ପୁଣିଥରେ ଆନ୍ତର୍ଜାତୀୟ ମଞ୍ଚରେ ବୃଦ୍ଧି କରିଛି। ଭେନେଜୁଏଲା କାମଚଳା ରାଷ୍ଟ୍ରପତି ଡେଲସି ରୋଡ୍ରିଗୁଏଜଙ୍କ ଆଗ୍ରହ ଓ ନିମନ୍ତ୍ରଣ କ୍ରମେ ନବୀନଙ୍କ ସହଯୋଗୀ ତଥା ତତ୍କାଳୀନ ୫-ଟି ଅଧ୍ୟକ୍ଷ ଶ୍ରୀ ପାଣ୍ଡିଆନ ଭେନେଜୁଏଲା ଗସ୍ତ କରିଛନ୍ତି। ସେଠାରେ ସେ ଭୂକମ୍ପ ପୀଡ଼ିତଙ୍କ ଉଦ୍ଧାର ଓ ପୁନର୍ବାସ ସମ୍ପର୍କରେ ଭେନଜୁଏଲା ରାଷ୍ଟ୍ରପତିଙ୍କ ସହ ଆଲୋଚନା କରିଛନ୍ତି।

ଭୟାବହ ଭୂମିକମ୍ପରେ ଭେନଜୁଆଲା ଏକପ୍ରକାର ଧ୍ୱସ୍ତ ବିଧ୍ୱସ୍ତ ହୋଇଛ। ୩୦୦୦ରୁ ଉର୍ଦ୍ଧ୍ୱ ମୃତ୍ୟୁବରଣ କରିଛନ୍ତି ଓ ୫୦ ହଜାରରୁ ଉର୍ଦ୍ଧ୍ୱ ନିଖୋଜ ଅଛନ୍ତି। ଏବେ ବି ଧ୍ୱସ୍ତସ୍ତୁପ ତଳୁ ଲୋକମାନଙ୍କୁ ଉଦ୍ଧାର କରାଯାଉଛି। ଏହି କ୍ରମରେ ବିପର୍ଯ୍ୟୟ ମୁକାବିଲା ସମ୍ପର୍କରେ ଓଡ଼ିଶାର ଅଭିଜ୍ଞତାରୁ ଶିକ୍ଷା ଗ୍ରହଣ କରିବା ନିମନ୍ତେ ଭେନଜୁଆଲା ଆଗ୍ରହ ପ୍ରକାଶ କରିଛି। ୧୯୯୯ ମହାବାତ୍ୟାରୁ ଶିକ୍ଷା ନେଇ ନବୀନଙ୍କ ନେତୃତ୍ୱରେ ଓଡ଼ିଶା ବିପର୍ଯ୍ୟୟ ପରିଚାଳନାରେ କ୍ଷେତ୍ରରେ ଏକ ସର୍ବଶ୍ରେଷ୍ଠ ମଡେଲ ପ୍ରସ୍ତୁତ କରି ପାରିଥିଲା। ନବୀନଙ୍କ ମାର୍ଗଦର୍ଶନରେ ୫-ଟି ସଚିବ ଭି. କାର୍ତ୍ତିକ ପାଣ୍ଡିଆନଙ୍କ ନେତୃତ୍ୱରେ ଓଡ଼ିଶା ବିପର୍ଯ୍ୟୟ ମୁକାବିଲାରେ ଅକଳ୍ପନୀୟ ସଫଳତା ପାଇଥିଲେ। ବିପର୍ଯ୍ୟୟ ସମୟରେ ଓଡ଼ିଶା ସରକାରଙ୍କ ଦ୍ୱରିତ ପଦକ୍ଷେପ ଏବଂ 'ଶୂନ୍ୟ ଜୀବନ ହାନି' ନୀତିକୁ ସାରା ବିଶ୍ୱ ଗ୍ରହଣ କରିଛି। ବିଶେଷକରି ଫାଇଲିନଠାରୁ ଆରମ୍ଭ କରି ଫନି, ହୁଡୁହୁଡ, ଅମ୍ଫନ, ଗୁଲାବ, ୟସ୍ ପରି ବାତ୍ୟା ସମୟରେ ତତ୍କାଳୀନ ରାଜ୍ୟ ସରକାରଙ୍କ ବିପର୍ଯ୍ୟୟ ମୁକାବିଲାରେ ପାରଦର୍ଶିତାକୁ ଦେଶ, ବିଦେଶରେ ଉଚ୍ଚ ପ୍ରଶଂସା ମିଳିଥିଲା। ଅତି ଭୟଙ୍କର ରେଳ ଦୁର୍ଘଟଣା ସମୟରେ ସରକାରଙ୍କ ଦ୍ୱରିତ ପଦକ୍ଷେପ ଅନେକ ଜୀବନ ବଞ୍ଚାଇବାକୁ ସକ୍ଷମ ହୋଇଥିଲଶ। ତେଣୁ ବିପର୍ଯ୍ୟୟ ମୁକାବିଲାର ପ୍ରସ୍ତୁତି ଓ ବିପର୍ଯ୍ୟୟ ପରେ ଏହାର ପରିଚାଳନାର ଅନୁଭବ ଓ ଅଭିଜ୍ଞତାକୁ ଶ୍ରୀ ପାଣ୍ଡିଆନ ଭେନଜୁଆଲାର ରାଷ୍ଟ୍ରପତି ଓ ଅନ୍ୟ ବରିଷ୍ଠ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଏହାପୂର୍ବରୁ ଶ୍ରୀ ପାଣ୍ଡିଆନ ଭୂକମ୍ପ ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରି ପୀଡ଼ିତ ଏବଂ ଉଦ୍ଧାରକାର୍ଯ୍ୟରେ ନିୟୋଜିତ ଦଳ ସହିତ ଆଲୋଚନା କରିଥିଲେ। ଏଭଳି ଏକ ଆହ୍ୱାନପୂର୍ଣ୍ଣ ସମୟରେ ସେଠାରେ ସେବା ଯୋଗାଇ ଦେଉଥିବା ଭାରତୀୟ ସେନାର ଅତୁଳନୀୟ କାର୍ଯ୍ୟକୁ ସେ ଉଚ୍ଚ ପ୍ରଶଂସା କରିଥିଲେ। ଏଥିସହିତ ଦିନରାତି ଏକ କରି ଲୋକଙ୍କ ଜୀବନ ବଞ୍ଚାଉଥିବା ଡାକ୍ତରୀ ଦଳ ଏବଂ ସ୍ୱାସ୍ଥ୍ୟକର୍ମୀଙ୍କ ତ୍ୟାଗକୁ ମଧ୍ୟ ସେ ପ୍ରଶଂସା ଜଣାଇଛନ୍ତି।

ଶ୍ରୀ ପାଣ୍ଡିଆନ ତାଙ୍କ ସାମାଜିକ ଗଣମାଧ୍ୟମରେ ମଧ୍ୟ ଏ ସମ୍ପର୍କରେ ଉଲ୍ଲେଖ କରିଛନ୍ତି। ଭେନେଜୁଏଲାର ଭୂକମ୍ପ ପ୍ରଭାବିତ ଅଞ୍ଚଳ ପରିଦର୍ଶନ ସହ ଉଦ୍ଧାର ଓ ପୁନରୁଦ୍ଧାର କାର୍ଯ୍ୟରେ ନିୟୋଜିତ ବ୍ୟକ୍ତିବିଶେଷଙ୍କ ଭେଟିଥିବା ସେ କହିଛନ୍ତି। ଏହି ଭୟଙ୍କର ଆହ୍ୱାନପୂର୍ଣ୍ଣ ସମୟରେ ଲୋକଙ୍କ ସହ ଛିଡ଼ା ହୋଇଥିବାରୁ ସେମାନଙ୍କ ମଧ୍ୟରୁ ପ୍ରତ୍ୟେକଙ୍କୁ ଆନ୍ତରିକତାର ସହ ପ୍ରଶଂସା ସହ ପ୍ରଭାବିତ ଲୋକଙ୍କ ପାଇଁ ସେବା ଯୋଗାଇ ଦେଉଥିବା ଭାରତୀୟ ସେନା ଏବଂ ମେଡିକାଲ ଟିମକୁ ମଧ୍ୟ ସେ ଆନ୍ତରିକ ଶୁଭେଚ୍ଛା ଜଣାଇଛନ୍ତି। ତେବେ ଭେନଜୁଆଲା ପରି ଦେଶ ବିପର୍ଯ୍ୟୟ ପରିଚାଳନାର ଜ୍ଞାନ ସଂଗ୍ରହ ନିମନ୍ତେ ପାଣ୍ଡିଆନଙ୍କ ଅଭିଜ୍ଞତାକୁ ବ୍ୟବହାର କରିବା ସାମାଜିକ ଗଣମାଧ୍ୟମରେ ବେଶ୍ ଚର୍ଚ୍ଚା ଆଲୋଚନା ଆରମ୍ଭ ହୋଇଛି। ସଫଳତା, ନିଷ୍ଠାପର ଉଦ୍ୟମ ତଥା ଅଧ୍ୟବସାୟ କେବେ ନିରର୍ଥକ ଯାଏ ନାହିଁ ବୋଲି ଅନେକ ମତ ପ୍ରକାଶ କରିଛନ୍ତି।

### କେବଳ ଅଧିକୃତ...

କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ରଥଯାତ୍ରା କର୍ଡନ ପାସ୍ ସଂକ୍ରାନ୍ତରେ ଜିଲ୍ଲାପାଳଙ୍କୁ କଡ଼ା ନିର୍ଦ୍ଦେଶ ଦେଇଛନ୍ତି। ନିୟମ ଅନୁସାରେ ଗୋଟିଏ ବି ଅଧିକ କର୍ଡନ ପାସ୍ ଇସ୍ୟୁ ନ କରିବାକୁ କହିଛନ୍ତି। କେବଳ ଶ୍ରୀମନ୍ଦିର ନୀତିକାନ୍ତି ସହ ଜଡ଼ିତ ସେବକ ଓ କର୍ମଚାରୀଙ୍କ ବ୍ୟତୀତ ଆଉ କାହାକୁ ପାସ୍ ଦିଆଯିବ ନାହିଁ। ରଥଯାତ୍ରାର ସୁପରିଚାଳନା ପାଇଁ ସୋମବାର ଆୟୋଜିତ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ ସ୍ପଷ୍ଟ କରିଛନ୍ତି ଯେ, ବେନିୟମ ଭାବେ କର୍ଡନ ଅଞ୍ଚଳକୁ ପ୍ରବେଶ କରିବାକୁ ଚେଷ୍ଟା କରୁଥିବା ଲୋକଙ୍କୁ ଶାଳୀନତାର ସହ ବୁଝାଇ ବାରଣ କରିବାକୁ ଦାୟିତ୍ୱରେ ଥିବା ପୁଲିସ କର୍ମଚାରୀଙ୍କ ଉଦ୍ଦେଶ୍ୟରେ କହିଛନ୍ତି। ରଥଯାତ୍ରା ପାଇଁ ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ସମର୍ପଣ ଓ ସମନ୍ୱୟର ମନ୍ତ୍ର ଦେଇଛନ୍ତି ମୁଖ୍ୟମନ୍ତ୍ରୀ। ସମର୍ପଣ ଭାବ ନେଇ ସବୁ ବିଭାଗକୁ କାର୍ଯ୍ୟ କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ମହାପ୍ରଭୁ ହେଉଛନ୍ତି ଆମ ସମସ୍ତଙ୍କ ହୃଦୟର ଠାକୁର। ରଥଯାତ୍ରା କେବଳ ପୁରୀ ନୁହେଁ, ସାରା ଓଡ଼ିଶା ତଥା ସମଗ୍ର ଦେଶ ଓ ବିଶ୍ୱର ଜଗନ୍ନାଥ ଭକ୍ତଙ୍କ ପାଇଁ ସବୁଠାରୁ ପବିତ୍ର ଦିନ। ଏହି ପର୍ବ ଉପରେ ସମଗ୍ର ବିଶ୍ୱର ନଜର ରହିଛି। ଏକ ସୁରକ୍ଷିତ ରଥଯାତ୍ରା କେବଳ ଏକ ସରକାରୀ କର୍ତ୍ତବ୍ୟ ନୁହେଁ, ଏହା ଆମ ସମସ୍ତଙ୍କ ନୈତିକ ଦାୟିତ୍ୱ। ସମସ୍ତ ଅଧିକାରୀ ନିଜ ନିଜ କର୍ତ୍ତବ୍ୟକୁ ନିଷ୍ଠାର ସହିତ ମହାପ୍ରଭୁଙ୍କ ଆଦେଶ ମନେ କରି ସେବା ପ୍ରଦାନ କରିବେ ବୋଲି ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି। ସୁରକ୍ଷା ଓ ଭିଡ଼ ପରିଚାଳନା ପାଇଁ ବ୍ୟାପକ ପୁଲିସ ମୁତୟନ କରାଯାଇଛି। ସେହିପରି ସ୍ୱାସ୍ଥ୍ୟ, ପରିମଳ, ପାନୀୟ ଜଳ, ଗମନାଗମନ, ଟ୍ରାଫିକ୍ ନିୟନ୍ତ୍ରଣ ଆଦି ସମସ୍ତ ବ୍ୟବସ୍ଥା ହୋଇଛି। ଗତ ଦୁଇ ବର୍ଷରେ ଯେଉଁ ଅଭିଜ୍ଞତା ମିଳିଛି ସେସବୁକୁ ଦୃଷ୍ଟିରେ ରଖି ଉପଯୁକ୍ତ ସମନ୍ୱୟ ରକ୍ଷା କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ସମସ୍ତ କାର୍ଯ୍ୟର ଉପଯୁକ୍ତ ମନିଟରିଙ୍ଗ୍ ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି। ମହାପ୍ରଭୁଙ୍କ ସେବକମାନେ ସମୟାନୁବର୍ତ୍ତିତାର ସହ ସମସ୍ତ ନୀତିକାନ୍ତି ସମ୍ପନ୍ନ କରୁଥିବାରୁ ମୁଖ୍ୟମନ୍ତ୍ରୀ ସେମାନଙ୍କର ପ୍ରଶଂସା କରିଥିଲେ। ସଚେତନତା ପାଇଁ ବିଭିନ୍ନ ଗଣମାଧ୍ୟମ, ଡାକବାଜି ଯନ୍ତ୍ର ଓ ସାମାଜିକ ଗଣମାଧ୍ୟମ ବ୍ୟବହାର କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ମହାପ୍ରଭୁଙ୍କ ନୀତିକାନ୍ତି, ଅନ୍ୟାନ୍ୟ ସେବା, ଟ୍ରାଫିକ୍ ଚଳାଚଳର ସଦ୍ୟତମ ସ୍ଥିତି ଏବଂ ଅନ୍ୟାନ୍ୟ ଜରୁରୀ ସୂଚନା ଏଫ୍‌ଏମ୍ ରେଡିଓ, ସାମାଜିକ ଗଣମାଧ୍ୟମ, ବିଭାଗୀୟ ୱେବ୍‌ସାଇଟ୍ ତଥା ଟେଲିଭିଜନ ମାଧ୍ୟମରେ ପ୍ରଦାନ କରାଗଲେ ଅନେକ ସମସ୍ୟାକୁ ଏଡ଼ାଇ ହେବ ବୋଲି ସେ କହିଥିଲେ। ଗୁଜବ ସୃଷ୍ଟିକାରୀଙ୍କ ଉପରେ କଡ଼ା ନଜର ରଖି ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ମୁଖ୍ୟମନ୍ତ୍ରୀ କହିଥିଲେ।

ଶେଷରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ମହାପ୍ରଭୁ ହେଉଛନ୍ତି ଭାବର ଠାକୁର। ସେହି ଭାବର ସମ୍ପର୍କକୁ ସମ୍ମାନ ଦେଇ ସମସ୍ତେ ନିଜର କର୍ତ୍ତବ୍ୟ ସୁଚାରୁ ରୂପେ ପାଳନ କଲେ ରଥଯାତ୍ରା ଠିକ୍ ଭାବରେ ସମ୍ପନ୍ନ ହୋଇପାରିବ। ସେ କହିଥିଲେ ଯେ, ସମସ୍ତ ଭକ୍ତ ଯେପରି ଏକ ସୁଖଦ ଆଧ୍ୟାତ୍ମିକ ଅନୁଭବ ନେଇ ମହାପ୍ରଭୁଙ୍କ ଦର୍ଶନ କରି ଫେରିବେ, ସେଥିରେ ଆମ ସମସ୍ତଙ୍କର ସଫଳତା ଓ ଆମ ସମସ୍ତଙ୍କର ପୁଣ୍ୟ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ପୁରୀ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରକାଶିତ 'ରୂପରେଖ-ରଥଯାତ୍ରା ୨୦୨୬' ପୁସ୍ତିକାର ଉନ୍ମୋଚନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ, ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏବଂ ଅନ୍ୟ ବରିଷ୍ଠ ମନ୍ତ୍ରୀଗଣ, ସାଂସଦ ଓ ବିଧାୟକଗଣ ଉପସ୍ଥିତ ଥିଲେ। ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ସାମଗ୍ରିକ ପ୍ରସ୍ତୁତିର ବିବରଣୀ ପ୍ରଦାନ କରିଥିଲେ ଏବଂ ପୁଲିସ ମହାନିର୍ଦ୍ଦେଶକ ୱାଇ.ବି. ଖୁରାନିଆ ସୁରକ୍ଷା ସମ୍ପର୍କିତ ସମସ୍ତ ପ୍ରସ୍ତୁତି ସମ୍ପର୍କରେ ସୂଚନା ଦେଇଥିଲେ। ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ସମସ୍ତଙ୍କୁ ସ୍ୱାଗତ ସହ ରଥଯାତ୍ରା ପାଇଁ ଶ୍ରୀମନ୍ଦିର ପ୍ରଶାସନର ପ୍ରସ୍ତୁତି ସମ୍ପର୍କରେ ସୂଚନା ଦେଇଥିଲେ। ଶେଷରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ରାଜ୍ୟର ବରିଷ୍ଠ ଅଧିକାରୀ ବୃନ୍ଦ, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ, ମଠାଧୀଶ, ସେବାୟତ, ବୁଦ୍ଧିଜୀବୀ, ବରିଷ୍ଠ ନାଗରିକ, ଗଣମାଧ୍ୟମ ପ୍ରତିନିଧି ଓ ବିଭିନ୍ନ ବିଭାଗର ଅଧିକାରୀ ଯୋଗଦେଇଥିଲେ।

### ଇସ୍ତଫା ଦେଲେ...

କାରଣକୁ ହଜମ କରିପାରୁ ନାହିଁ। ୨୫ ଦିନ ତଳେ ଇସ୍ତଫାପତ୍ର ରାଜ୍ୟ ସରକାରଙ୍କୁ ପ୍ରଦାନ କରିଥିଲେ ହେଁ ଏହାର ସୁରାକ କେହି ପାଇ ନ ଥିଲେ। ଏବେ ୨୫ ଦିନ ପରେ ତାହା ଲୋକଲୋଚନକୁ ଆସିଛି। ନିଜ ପରିବାର, ସମ୍ପର୍କୀୟ ଓ ବନ୍ଧୁମାନଙ୍କ ସହ ଆଲୋଚନା କରି ସେ ଏପରି ନିଷ୍ପତ୍ତି ନେଇଥିବା ଓ ଆଇପିଏସ୍ ଛାଡ଼ି ଘରୋଇ କ୍ଷେତ୍ରରେ କାର୍ଯ୍ୟ କରିବାକୁ ସେ ମନସ୍ଥ କରିଥିବା ନିଜେ ଶ୍ରୀ ମୀନା କହିଛନ୍ତି। ଏହା ସହ ତାଙ୍କ ଇସ୍ତଫା ସହ କୌଣସି ଘଟଣା ସହ ନ ଯୋଡ଼ିବାକୁ ଶ୍ରୀ ମୀନାଙ୍କ ଟିପ୍ପଣୀ ଅନେକ ଦିଗକୁ ଇଙ୍ଗିତ କରିଛି। ସମ୍ଭବତଃ କୌଣସି (!) ଘଟଣା ହିଁ ତାଙ୍କ ଇସ୍ତଫା ପଛର କାରଣ ହୋଇଥାଇପାରେ ବୋଲି ଅନେକ ମନେ କରୁଛନ୍ତି। ଶ୍ରୀ ମୀନା ୨୦୧୩ ବ୍ୟାଚର ଓଡ଼ିଶା କ୍ୟାଡ଼ର ଆଇପିଏସ୍। ଗଞ୍ଜାମରୁ ସେ ନିଜର ବୃତ୍ତିଗତ ଜୀବନ ଆରମ୍ଭ କରି ପରବର୍ତ୍ତି ସମୟରେ କଳାହାଣ୍ଡି ଏସ୍‌ଡିପିଓ, ଅନୁଗୁଳ ଓ ଗଞ୍ଜାମ ଏସ୍‌ପି ଭାବେ କାମ କରିଛନ୍ତି। ପରେ କଟକ ଯୁପିଡି ଡିସିପି ଓ ଗତବର୍ଷ ମାର୍ଚ୍ଚ ୫ରୁ ଭୁବନେଶ୍ୱର ଡ଼ିସିପି ଭାବରେ କାର୍ଯ୍ୟ କରୁଥିଲେ। ଯଦିଓ ସେ ଇସ୍ତଫାର କାରଣ ସେ ସମ୍ପୂର୍ଣ୍ଣ ବ୍ୟକ୍ତିଗତ ଭାବେ ଦର୍ଶାଇଛନ୍ତି; ତଥାପି ଏହି ନିଷ୍ପତ୍ତି ଖୋଦ୍ ପୁଲିସ ବିଭାଗକୁ ବି ସନ୍ଦେହରେ ପକାଇଛି। ବୈଷୟିକ ଜ୍ଞାନକୌଶଳରେ ସେ ତାଙ୍କ ସମୟର ଅନ୍ୟତମ ଶ୍ରେଷ୍ଠ ଅଧିକାରୀ ରୂପେ ପରିଚିତ। ୨୦୨୫ରେ ଭୁବନେଶ୍ୱର ପୁଲିସ ଜିଲ୍ଲାରେ ରୁଜୁ ହୋଇଥିବା ୧୫୬୬୪ ମାମଲା ମଧ୍ୟରୁ ୧୪୪୯୭ ମାମଲାର ତଦନ୍ତ ଶେଷ ପଛରେ ତାଙ୍କର ବେଶ୍ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥିଲା। ସିସିଟିଏନ୍‌ରେ ମଧ୍ୟ ଫାଇନାଲ ଫର୍ମ ଅପଲୋଡ଼ କ୍ଷେତ୍ରରେ ମଧ୍ୟ ଉଲ୍ଲେଖନୀୟ ଅଗ୍ରଗତି ଘଟିଥିଲା ତାଙ୍କ ସମୟରେ ପ୍ରଗତି ଡ୍ୟାସବୋଡର୍‌ରେ ରାଜ୍ୟରେ ଭୁବନେଶ୍ୱର ପୁଲିସ ଜିଲ୍ଲା ଶ୍ରେଷ୍ଠସ୍ଥାନ ଅଧିକାର କରିଥିଲା। ମାତ୍ର ଉଚ୍ଚ ପ୍ରଶାସନିକ ଚାପ, ସରକାରୀସ୍ତରରେ ଦୁର୍ବ୍ୟବହାର ଓ ସାଧାରଣରେ ସମାଲୋଚନା ଯୋଗୁଁ ସେ ଚାକିରି ଛାଡ଼ିଥିବା କୁହାଯାଉଛି।

### ବୈତରଣୀରେ ଛୋଟ...

ଘଣ୍ଟା ପ୍ରତି ୨୫ କିମି ବେଗରେ ଏହା ଗତି କରୁଥିବା ବେଳେ ଆଗାମୀ ୨୪ ଘଣ୍ଟାରେ ଏହି ଉତ୍ତରପଶ୍ଚିମ ଦିଗରେ ଝାଡ଼ଖଣ୍ଡ, ଉତ୍ତର ଛାତିଶଗଡ ପାଶ୍ୱର୍ବର୍ତ୍ତୀ ପୂର୍ବ ମଧ୍ୟପ୍ରଦେଶ ଦେଇ ଗତିକରିବା ସମ୍ଭାବନା ରହିଛି। ଏହି ଅବପାତ ପ୍ରଭାବରେ ସୋନପୁରରେ ସର୍ବାଧିକ ୩୨୮.୪ ମିମି ବର୍ଷା ହୋଇଥିବା ବେଳେ ହୀରାକୁଦରେ ୨୦୦.୨ ମିମି, ସମ୍ବଲପୁର ରେ ୧୯୩.୪ମିମି ରେକର୍ଡ କରାଯାଇଛି। ଅନ୍ୟପଟେ ରାଜ୍ୟରେ ଗତ ୪୮ ଘଣ୍ଟା ଧରି ମୌସୁମୀ ଅତ୍ୟଧିକ ସକ୍ରିୟ ରହିବା ଯୋଗୁଁ ଦୈନିକ ହାରାହାରି ବର୍ଷାଠାରୁ ୪ଗୁଣା କିମ୍ବା ଏହାଠାରୁ ଅଧିକ ବର୍ଷା ରେକର୍ଡ ହୋଇଛି। ଏଥିପାଇଁ ଜୁନ୍ ମାସର ୪୭ ପ୍ରତିଶତ ନିଅଣ୍ଟିଆ ଭରଣ ସହ, ୧ଜୁନରୁ ୬ ଜୁଲାଇ ସୁଦ୍ଧା ରାଜ୍ୟରେ ୩୨୩.୪ମିମି ବର୍ଷା ରେକର୍ଡ ହୋଇଛି, ଯାହାକି ସ୍ୱାଭାବିକ ବର୍ଷା ୨୬୫.୮ ମିମି ତୁଳନାରେ ୨୨ ପ୍ରତିଶତ ଅଧିକ ବର୍ଷା ରେକର୍ଡ ହୋଇଛି। ଏହି ବର୍ଷା ଯୋଗୁଁ ଏବେ ରାଜ୍ୟର ବିଭିନ୍ନ ନଦୀ ମଧ୍ୟ ଫୁଲିଛି। ବିଶେଷ କରି ବୈତରଣୀ ସମେତ ମହାନଦୀରେ ଜଳସ୍ତର ବୃଦ୍ଧି ହୋଇଛି। ଏମିତି କି ବୈତରଣୀରେ ଏକ ଛୋଟ ଧରଣର ବନ୍ୟା ଆସିବା ନେଇ ଜଳସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି। ସେ କହିଛନ୍ତି ଯେ ବୈତରଣୀ ଜଳସ୍ତର ବଢ଼ୁଥିବାରୁ ଛୋଟ ବନ୍ୟା ଆଶଙ୍କା ରହିଛି। ଏଥିରେ ଯାଜପୁର ଜିଲ୍ଲାର ତଳିଆ ଅଞ୍ଚଳ ପ୍ରଭାବିତ ହୋଇପାରେ। ସେହିପରି ଆଖୁଆପଦାରେ ଅପରାହ୍ନ ୪ ଟା ସୁଦ୍ଧା ଜଳସ୍ତର ବିପଦ ସଙ୍କେତ ଟପିବାର ଆଶଙ୍କା ରହିଛି। ଏଥିପାଇଁ ବିଭିନ୍ନ ତଳିଆ ଅଞ୍ଚଳବାସୀଙ୍କୁ ସତର୍କ ରହିବାକୁ ପରାମର୍ଶ ରହିବାକୁ କୁହାଯାଇଛି। ଯାଜପୁର ଜିଲା ପ୍ରଶାସନ ପକ୍ଷରୁ ଆଗୁଆ ପଦକ୍ଷେପ ଗ୍ରହଣ କରାଯାଇଛି ସରକାର କହିଥିବା ବେଳେ ଭଦ୍ରକର ମଧ କିଛି ତଳିଆ ଅଞ୍ଚଳର ପ୍ରଭାବିତ ହେବା ଆଶଙ୍କା ରହିଛି।

### ୯ରେ ହୀରାକୁଦ...

ଜଳ ନିଷ୍କାସିତ ହେବ ବୋଲି ସ୍ଥିର ହୋଇଛି। ହୀରାକୁଦର ଜଳଭଣ୍ଡାର ଜଳସ୍ତରର ୬୦୪ ଫୁଟ ରହିଛି। ବର୍ତ୍ତମାନ ଅଧିକାଂଶ ଜଳାଶୟ ଖାଲି ରହିଥିବାରୁ ଏବେସୁଦ୍ଧା ବଡ଼ଧରଣର ବନ୍ୟା ହେବାର ସମ୍ଭାବନା ନାହିଁ ବୋଲି ଜଳ ସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି।

### ଲଗାଣ ବର୍ଷାରେ...

ଜେମାର ମୃତ୍ୟୁ ହୋଇସାରିଥିଲା। ମୃତକଙ୍କ ବାପା ଗୋବିନ୍ଦ ମୁଣ୍ଡା କାମ କରିବା ପାଇଁ ବାସୁଦେବପୁର ଯାଇଥିଲେ। ଆଜି ସ୍ଥାନୀୟ ବିଡିଓ ସ୍ୱପ୍ନେଶ୍ୱର ବେହେରା, ସରପଞ୍ଚ ଚମ୍ପାବତୀ ଟୁଡୁ, ସାତକୋଶିଆ ରାଜସ୍ୱ ନିରୀକ୍ଷକ ଅବିନାଶ କୁମାର ନାୟକ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ସରପଞ୍ଚଙ୍କ ଅଭିଯୋଗ କ୍ରମେ ମହୁଲଡିହା ଥାନା ଆଇଆଇସି ତୁଷାର ନାୟକଙ୍କ ନିର୍ଦ୍ଦେଶରେ ଏଏସଆଇ ବିଜୟକୃଷ୍ଣ ସାନ୍ତରା ଏକ ଅପମୃତ୍ୟୁ ମାମଲା ରୁଜୁ କରି ଅପରାହ୍ନରେ ଶବ ବ୍ୟବଚ୍ଛେଦ ପାଇଁ ଆନନ୍ଦପୁର ଉପଖଣ୍ଡ ଚିକିତ୍ସାଳୟକୁ ପଠାଇ ତଦନ୍ତ ଆରମ୍ଭ କରିଛନ୍ତି।

### ଶୋଇଥିବା କକାକୁ..

ଟାଙ୍ଗିଆରେ ହଠାତ୍ ତାଙ୍କୁ ଆକ୍ରମଣ କରିଥିଲା। ଘଟଣାସ୍ଥଳରେ କାଶୀନାଥଙ୍କ ମୃତ୍ୟୁ ହୋଇଥିଲା। ଖବର ପାଇ ପୁଲିସ ତୁରନ୍ତ ପହଞ୍ଚି ମୃତଦେହ ଜବତ କରିଛି। ଥାନା ଏସ୍‌ଆଇ ମନୋଜ କୁମାର ବେହେରା ତଦନ୍ତ ଆରମ୍ଭ କରିଛନ୍ତି। ଏ ନେଇ ଥାନାରେ ଏକ ମାମଲା ରୁଜୁ କରାଯାଇ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ଅଭିଯୁକ୍ତ ପୁତୁରା ଧେରେନଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

## ଆଜିର ରାଶିଫଳ

**ମେଷ:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଅନ୍ତୁନି। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ମାନ ସମ୍ମାନ ବୃଦ୍ଧି ପାଇବ। କଣ୍ଠଶିଳ୍ପୀଙ୍କ ପାଇଁ ଦିନଟି ଭଲ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ପୈତୃକ ସମ୍ପତ୍ତିକୁ ନେଇ ଭାଇ-ଭାଇଙ୍କ ମଧ୍ୟରେ ବିବାଦ ହୋଇପାରେ।

**କର୍କଟ:** ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଲୋକ ସମ୍ପର୍କ ବୃଦ୍ଧି ପାଇବ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିପାରନ୍ତି। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ଅତିଥି ସତ୍କାର କରିପାରନ୍ତି। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ନିଜ ଲୋକ ଶତ୍ରୁ ସାଜିପାରନ୍ତି।

**କନ୍ୟା:** ଆର୍ଥିକ ସମସ୍ୟା ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ହୋଇପାରେ। ଧୈର୍ଯ୍ୟ ରଖି ଚାଲନ୍ତୁ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତା ବଢ଼ିପାରେ। ଦାନ ଧର୍ମ କରିବେ।

**ତୁଳା:** ମନ ପ୍ରସନ୍ନ ରହିବ। ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାରା ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି।

**ବିଛା:** ଜମିବାଡ଼ିକୁ ନେଇ ବିବାଦ ଦେଖା ଦେଇପାରେ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ମହିଳାମାନେ ଘର କାର୍ଯ୍ୟରେ ବ୍ୟସ୍ତ ରହିପାରନ୍ତି।

**ଧନୁ:** ମହିଳାମାନେ ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିପାରନ୍ତି। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସଦସ୍ୟଙ୍କ ସହ ହସଖୁସିରେ ସମୟ ଅତିବାହିତ କରିବେ। ଯୋଜନା ମୁତାବକ କାର୍ଯ୍ୟ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ ସହକର୍ମୀଙ୍କ ସାହାଯ୍ୟ ମିଳିପାରେ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ମୀନ:** ଦିନଟି ମିଶ୍ରିତ ଫଳ ପ୍ରଦାନ କରିବ। ବ୍ୟବସାୟରେ ବାଧା ଆସିପାରେ । ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

## ଆଜିର ଇତିହାସ

- ୧୬୫୬- ଅଷ୍ଟମ ଶିଖ୍ ଗୁରୁ ହରକିଶନ୍‌ଙ୍କ ଜନ୍ମ।
- ୧୭୯୯- ମହାରାଜା ରଣଜିତ୍ ସିଂହ ଲାହୋର ଉପରେ କବ୍‌ଜା କଲେ।
- ୧୯୧୬- ନ୍ୟୁଜିଲ୍ୟାଣ୍ଡରେ ଲେବର ପାର୍ଟିର ଗଠନ।
- ୧୯୭୮- ସୋଲୋମୋନ ଦ୍ୱୀପ ସଂଯୁକ୍ତ ରାଷ୍ଟ୍ରରୁ ସ୍ୱାଧୀନ ହେଲା।
- ୧୯୮୦- ଇରାନ୍‌ରେ ସିରିଆ ଆଇନ ଲାଗୁ ହେଲା।
- ୧୯୯୬- ନେଲସନ୍ ମଣ୍ଡେଲା ଦକ୍ଷିଣ ଆଫ୍ରିକାର ରାଷ୍ଟ୍ରପତି ପଦରୁ ଇସ୍ତଫା ଦେଲେ।

## ଭଉଣୀ ଖୋଲିଲେ ଗୁମର

### ସୁଜେନ ନେଇ ନାହାନ୍ତି ୪୦୦ କୋଟି



ବଲିଉଡ୍ ସୁପରଷ୍ଟାର୍ ହ୍ରିତିକ୍ ରୋଶନ ନିଜର ବୃତ୍ତିଗତ ଜୀବନ ସହ ବ୍ୟକ୍ତିଗତ ଜୀବନକୁ ନେଇ ମଧ୍ୟ ଚର୍ଚ୍ଚାରେ ରହିଥାନ୍ତି। ସେ ସୁଜେନ ଖାନ୍‌ଙ୍କଠାରୁ ଅଲଗା ହେବା ପରେ ଏବେ ସବା ଆଜାଦଙ୍କୁ ଡେଟ୍ କରୁଛନ୍ତି। ଏବେ ହ୍ରିତିକ୍‌ଙ୍କ ଏକ ବ୍ୟକ୍ତିଗତ କଥା ସାମ୍ନାକୁ ଆସିଛି। ସେ ସୁଜେନଙ୍କୁ ବିବାହ କରିବାର ୧୪ ବର୍ଷ ପରେ ଏହି ସମ୍ପର୍କ ଭାଙ୍ଗିଯାଇଥିଲା। ଏହା ପରଠାରୁ ଅନେକ ଥର ଖବର ଆସିଛି ଯେ, ହ୍ରିତିକ୍ ସୁଜେନଙ୍କୁ ଛାଡ଼ପତ୍ର ପରେ ୪୦୦ କୋଟି ଟଙ୍କା ଭରଣପୋଷଣ ବାବଦରେ ଦେଇଥିଲେ। ହେଲେ ଏନେଇ ହ୍ରିତିକ୍ ଓ ସୁଜେନ କେବେବି କିଛି କହି ନାହାନ୍ତି। ଏବେ ବହୁ ବର୍ଷ ପରେ ସୁଜେନଙ୍କ ଭଉଣୀ ତଥା ଜୁଏଲାରୀ ଡିଜାଇନର୍ ଫରାହ ଅଲ୍ଲୀ ଖାନ୍ ଗଣମାଧ୍ୟମକୁ ଦେଇଥିବା ଏକ ସାକ୍ଷାତକାର ସମୟରେ ଏସମ୍ପର୍କରେ ବଡ଼ ଖୁଲ୍ଲାସା କରିଛନ୍ତି। ସେ କହିଛନ୍ତି ଯେ, 'ଏହି ଛାଡ଼ପତ୍ର ଆପୋଷ ବୁଝାମଣାରେ ହୋଇଥିଲା। ଏକଥା ଶୁଣି ସେତେବେଳେ ସମସ୍ତେ ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ବହୁତ ହଙ୍ଗାମା ମଧ୍ୟ ହୋଇଥିଲା। ସେମାନଙ୍କ ବ୍ୟକ୍ତିଗତ ଜୀବନକୁ ନେଇ ଲୋକଙ୍କର ଭିନ୍ନ ଭିନ୍ନ ମତ ଥିଲା, କିନ୍ତୁ ମୋତେ ଲାଗୁଛି ଯେ, ସେ ଦୁହେଁ ଏହାକୁ ବହୁତ ଭଲ ଭାବରେ ସମ୍ଭାଳିଥିଲେ।' ଏହାବାଦ୍ ସେ ସୁଜେନଙ୍କୁ ୪୦୦ କୋଟି ଭରଣପୋଷଣ ରାଶି ମିଳିବା ଉପରେ କହିଥିଲେ, 'ଗୋଟିଏ କଥା, ମୁଁ ଆଜି ବି ସ୍ପଷ୍ଟ ଭାବରେ କହିବାକୁ ଚାହୁଁଛି, ସେମାନଙ୍କ ମଧ୍ୟରେ କେବେ ବି ୪୦୦ କୋଟି ଟଙ୍କା ନେଇ କୌଣସି ପ୍ରକାରର ଆଲୋଚନା ହୋଇ ନ ଥିଲା। ଯେତେବେଳେ ବି ମୁଁ ଇଣ୍ଟରନେଟ୍‌ରେ ଲୋକମାନଙ୍କୁ କହୁଥିବାର ଦେଖେ ଯେ, ସୁଜେନଙ୍କୁ ୪୦୦ କୋଟି ଟଙ୍କା ମିଳିବାରୁ ସେ ଧନୀ ହୋଇଗଲେ, ସେତେବେଳେ ମୁଁ ବହୁତ ଦୁଃଖୀ ହୋଇଯାଏ।' ଫରାହ ତାଙ୍କ ଭଉଣୀଙ୍କ ବିଷୟରେ କହିଛନ୍ତି ଯେ, ସେ କୌଣସି ଅର୍ଥ ନେଇନାହାଁନ୍ତି ଏବଂ ଟଙ୍କା ଅପେକ୍ଷା ସମ୍ପର୍କ ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି ସେମାନଙ୍କୁ ଶିକ୍ଷା ଦିଆଯାଇଛି। ଏହି କାରଣରୁ ଏବେବି ହ୍ରିତିକ୍‌ଙ୍କ ପରିବାର ସହ ସୁଜେନଙ୍କର ଭଲ ସମ୍ପର୍କ ରହିଛି।, "ମୋ ଭଉଣୀ ଭଦ୍ର ଏବଂ ସେ ସମ୍ଭ୍ରାନ୍ତ ପରିବାରର। ହ୍ରିତିକ୍ ମଧ୍ୟ ଜଣେ ଭଲ ମଣିଷ। ସେମାନଙ୍କ ମଧ୍ୟରେ ସମ୍ପର୍କ ଠିକ୍ ଭାବେ ଚାଲିପାରିଲାନି, ତେଣୁ ସେମାନେ ଅଲଗା ହୋଇଗଲେ। ଏହି ଛାଡ଼ପତ୍ରରେ କୌଣସି ଭରଣପୋଷଣ ଭତ୍ତା ସାମିଲ ନଥିଲା। ଏଭଳି ଖବର ସମ୍ପୂର୍ଣ୍ଣ ମନଗଢ଼ା କାହାଣୀ।' ଏଠାରେ ପ୍ରକାଶ ଥାଉ କି, ହ୍ରିତିକ୍ ଏବଂ ସୁଜେନ ୨୦୦୦ ମସିହାରେ ବିବାହ କରିଥିଲେ। ୨୦୧୪ରେ ଆଇନଗତ ଭାବେ ଛାଡ଼ପତ୍ର ନେଇଥିଲେ। ସେମାନେ ଅଲଗା ହେବା ପରେ ମଧ୍ୟ ନିଜ ଦୁଇ ପୁଅଙ୍କ ପାଇଁ ଭଲ ସମ୍ପର୍କ ବଜାୟ ରଖିଛନ୍ତି।

## ଗିନିଜ୍ ବିଶ୍ୱ ରେକର୍ଡରେ ଭାରତୀୟ ବ୍ୟଞ୍ଜନ



ଭାରତରେ ଏମିତି ଅନେକ ସ୍ୱାଦିଷ୍ଟ ବ୍ୟଞ୍ଜନ ଅଛି, ଯାହା ତାହାର ଅନନ୍ୟ ସ୍ୱାଦ ଯୋଗୁଁ ସାରା ବିଶ୍ୱରେ ପ୍ରସିଦ୍ଧି ଅର୍ଜନ କରିଛି। କିଛି ବ୍ୟଞ୍ଜନ ତ ଏତେ ବଡ଼ ଆକାରରେ ପ୍ରସ୍ତୁତ କରାଯାଏ ଯେ, ତାହା ଗିନିଜ୍ ୱାର୍ଲ୍ଡ ରେକର୍ଡରେ ମଧ୍ୟ ସାମିଲ ହୋଇଛି। ଏହି କ୍ରମରେ ୨୦୦୮ ମସିହାରେ ବିରିୟାନିକୁ ନେଇ ଏକ ରେକର୍ଡ ହୋଇଥିଲା। ନୂଆଦିଲ୍ଲୀର ଜଣେ ସେଫ୍ ୧୪,୦୬୦ କେଜିର ବିରିୟାନି ପ୍ରସ୍ତୁତ କରି ରେକର୍ଡ କରିଥିଲେ। ଏଥିରେ ହଜାର ହଜାର କିଲୋର ଚାଉଳ, ଘିଅ ଏବଂ ମସଲା ଇତ୍ୟାଦି ବ୍ୟବହାର କରାଯାଇଥିଲା। ଖେଚୁଡ଼ିଠାରୁ ଅଧିକ ସରଳ ଖାଦ୍ୟ ଭାରତରେ ବୋଧହୁଏ ଆଉ କିଛି ନାହିଁ। ଏହା ମଧ୍ୟ ଗିନିଜ୍ ବିଶ୍ୱ ରେକର୍ଡରେ ସ୍ଥାନ ପାଇଛି। ୨୦୧୭ ମସିହାରେ ଦିଲ୍ଲୀରେ ଆୟୋଜିତ 'ୱାର୍ଲ୍ଡ ଫୁଡ୍ ଇଣ୍ଡିଆ' କାର୍ଯ୍ୟକ୍ରମରେ ସେଫ୍ ସଞ୍ଜୀବ କପୁର ଅନ୍ୟ ୫୦ ଜଣ ରୋଷେୟାଙ୍କ ଦଳ ସହ ମିଶି ୯୧୮ କେଜିର ଖେଚୁଡ଼ି ପ୍ରସ୍ତୁତ କରି ରେକର୍ଡ କରିଥିଲେ। ଦକ୍ଷିଣ ଭାରତର ଲୋକପ୍ରିୟ ଖାଦ୍ୟ ଦୋସା ମଧ୍ୟ ଗିନିଜ୍ ରେକର୍ଡରେ ସାମିଲ ହୋଇଛି। ୨୦୧୪ ମସିହାରେ ହାଇଦ୍ରାବାଦରେ ୨୯ ଜଣ ସେଫ୍‌ଙ୍କର ଏକ ଦଳ ବିଶ୍ୱର ସବୁଠାରୁ ଲମ୍ବା ଦୋସା ପ୍ରସ୍ତୁତ କରିଥିଲେ। ଏହାର ଲମ୍ବ ୧୬.୬୮ ମିଟର ଅର୍ଥାତ୍ ୫୪ ଫୁଟ ଏବଂ ୮.୬୯ ଇଞ୍ଚ ଥିଲା। ସେହିଭଳି ୨୦୧୨ ମସିହା ସେପ୍ଟେମ୍ବର ମାସରେ ଗୁଜରାଟର ଜାମନଗରଠାରେ 'ଦଗଡୁ ସେଠ୍ ଗଣପତି ସାର୍ବଜନୀନ ମହୋତ୍ସବ' ସମୟରେ ବିଶ୍ୱର ସବୁଠାରୁ ବଡ଼ ରୁଟି ପ୍ରସ୍ତୁତ କରାଯାଇଥିଲା। ଏହାର ଓଜନ ୧୪୫ କେଜି ଥିଲା। ଏହାକୁ ଏକ ବିଶାଳକାୟ ତାୱାରେ ପ୍ରସ୍ତୁତ କରାଯାଇଥିଲା।

## ସ୍ମାର୍ଟ ଟଏଲେଟ୍



ପରିଣତ ବୟସ ଏବଂ ସ୍ୱାସ୍ଥ୍ୟଗତ ସମସ୍ୟା ଯୋଗୁଁ ଶୌଚାଳୟ ଯିବାରେ ଅସୁବିଧା ହୋଇଥାଏ। ହେଲେ ଏବେ ଏହି ସମସ୍ୟାକୁ ଆଖି ଆଗରେ ରଖି ଚୀନ୍ ଏକ ସ୍ମାର୍ଟ ଶୌଚାଳୟ ପ୍ରସ୍ତୁତ କରିଛି। ଏହି ସ୍ମାର୍ଟ ଶୌଚାଳୟକୁ ସ୍ଥାନୀୟ କମ୍ପାନି ୟୁଏବାନ୍ ନିର୍ମାଣ କରିଛି। ଏହାର ନାଁ ରହିଛି ସାଓବାନ୍। ଏହା ଏକ ଏଆଇ ଚାଳିତ ରୋବଟ୍ ଟଏଲେଟ୍। ସ୍ମାର୍ଟ ଶୌଚାଳୟଟିକୁ ଏମିତି ଟେକ୍ନିକ୍‌ରେ ତିଆରି କରାଯାଇଛି ଯଦ୍ୱାରା ଲୋକଙ୍କୁ ଏହା ନିକଟକୁ ଯିବାକୁ ପଡ଼ିବନି। ବରଂ ଲୋକଙ୍କ ସୁବିଧାକୁ ଦୃଷ୍ଟି ଦେଇ ଶୌଚାଳୟଟି ଆପେ ଆପେ ବିଛଣା ପାଖରେ ପହଞ୍ଚିବ। ବିଶେଷକରି ଏହି ରୋବଟ୍ ଘରର ଦୁଆର ବନ୍ଧକୁ ଏଡ଼ାଇ ସ୍ୱତଃପ୍ରବୃତ୍ତ ଭାବେ ରୋଗୀଙ୍କ ନିକଟରେ ପହଞ୍ଚିଯିବ। ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଏହାକୁ ବ୍ୟବହାର କରାଯାଇ ସାରିବା ପରେ ଆପେଆପେ ସଫା ମଧ୍ୟ ହୋଇଯିବ। ଏହି ସ୍ମାର୍ଟ ଟେକ୍ନିକ୍ ଆସିବା ପରେ ବିଶେଷକରି ଚାଲିବା ବୁଲିବା ପାଇଁ ଅସମର୍ଥ ଲୋକ ଓ ରୋଗୀଙ୍କ ପାଇଁ ଏହା ଏକ ବରଦାନ ସାବ୍ୟସ୍ତ ହେବ। ଏହା ଏଆଇ ଦ୍ୱାରା ପରିଚାଳିତ ହେଉଥିବାରୁ ଘରର ଭିତରର ମାହୋଲ୍‌କୁ ବେଶ୍ ସହଜରେ ଜାଣିପାରେ। ଖାସ୍ ସେଥିପାଇଁ ଏହା ଘରର କୌଣସି ଆସବାବପତ୍ର ସହ ବାଡ଼େଇ ନହୋଇ ସିଧା ଲୋକଙ୍କ ପାଖରେ ପହଞ୍ଚିଯାଏ। ରୋବୋଟିକ୍ ଟଏଲେଟ୍‌ର ସବୁଠାରୁ ବଡ଼ ବିଶେଷତ୍ୱ ହେଉଛି, ଏହାର ଅଟୋମେଟିକ୍ ଡିସପୋଜାଲ୍ ସିଷ୍ଟମ୍। ଏହାକୁ ବ୍ୟବହାର କରିସାରିବା ପରେ, ଏହି ରୋବୋଟ୍ ଏହାର ଲିଡାର୍ ନେଭିଗେସନ୍ ସିଷ୍ଟମ୍ କୁ ପୁଣିଥରେ ଚାଲୁ କରିଥାଏ ଏବଂ ଘରେ ଥିବା ଏହାର ନିର୍ଦ୍ଦିଷ୍ଟ ଡକିଂ ଷ୍ଟେସନ୍‌କୁ ଯାଇ ଜମା ହୋଇଥିବା ମଇଳାକୁ ବାହାର କରିଦେଇଥାଏ। ରୋବୋଟିକ୍ ଟଏଲେଟର ଡକିଂ ଷ୍ଟେସନ୍ ସିଧାସଳଖ ଘରର ମଇଳା ପାଣି ପାଇପ୍ ଲାଇନ ସହିତ ସଂଯୁକ୍ତ ହୋଇଥାଏ। ଏହା ଟଏଲେଟ୍ ଭିତରର ମଇଳାକୁ ସିଧାସଳଖ ସିୱେଜ୍ ସିଷ୍ଟମ୍‌ରେ ଫ୍ଲଶ୍ କରିଦିଏ। ଏହାଦ୍ୱାରା ଘରର ପାଇପ୍ ଲାଇନରେ କୌଣସି ପ୍ରକାରର ଜାମ୍ ହେବାର ଆଶଙ୍କା ରହି ନ ଥାଏ। ଟଏଲେଟ୍‌ଟି ଖାଲି ହୋଇଯିବା ପରେ, ଏହା ନିଜକୁ ନିଜେ ସଫା କରିବା ଆରମ୍ଭ କରେ। ଘର ଭିତରେ ବ୍ୟବହାର ସମୟରେ ଦୁର୍ଗନ୍ଧ ନ ହେବା ପାଇଁ 'ଶାଓବାନ୍' ସ୍ମାର୍ଟ ଶୌଚାଳୟରେ ଏକ ଅତ୍ୟନ୍ତ ଶକ୍ତିଶାଳୀ ଦୁର୍ଗନ୍ଧରୋଧକ ପ୍ରଣାଳୀର ବ୍ୟବହାର କରାଯାଇଛି। ଏଥିରେ ଏକ ବିଶେଷ ଫୋମ୍ ସିଲ୍ଡ ଏବଂ ଚାରକୋଲ୍ ଫିଲ୍ଟର୍ ଲାଗିଥାଏ, ଯାହା କୌଣସି ବି ପ୍ରକାରର ଦୁର୍ଗନ୍ଧକୁ ବାହାରକୁ ବ୍ୟାପିବାରୁ ସମ୍ପୂର୍ଣ୍ଣ ରୂପେ ରୋକିଥାଏ। ବର୍ତ୍ତମାନ ଚୀନ୍ ବଜାରରେ ଏହି ଶୌଚାଳୟ ବିକ୍ରି ପାଇଁ ଉପଲବ୍ଧ ରହିଛି। ଏହାର ମୂଲ୍ୟ ଭାରତୀୟ ମୁଦ୍ରାରେ ୧୩ ଲକ୍ଷ ଟଙ୍କା ରଖାଯାଇଛି। ତେବେ ଚୀନ୍‌କୁ ଛାଡି ଅନ୍ୟ ଦେଶରେ ଏହି ଶୌଚାଳୟ କେବେ ଲଞ୍ଚ୍ କରାଯିବ ସେ ବିଷୟରେ କମ୍ପାନି ପକ୍ଷରୁ ସ୍ପଷ୍ଟ କିଛି କୁହାଯାଇ ନାହିଁ।

## ବର୍ଷାଦିନେ ପନିପରିବା ତଳିଘରାର ଯତ୍ନ



**ଆମ ରାଜ୍ୟର ଅଧିକାଂଶ ଚାଷୀ କୃଷିକାର୍ଯ୍ୟ ଉପରେ ନିର୍ଭରଶୀଳ। ଚାଷୀମାନେ ବର୍ଷାଦିନେ ପାଣିର ଉପଯୋଗ କରି ବିଭିନ୍ନ ପ୍ରକାରର ପନିପରିବା ଚାଷ କରିଥାନ୍ତି। ଏହି ଦିନେ ପନିପରିବା ତଳିଘରାର ସଠିକ୍ ଯତ୍ନ ନେବା ଆବଶ୍ୟକ।**

ଅନ୍ୟଋତୁ ତୁଳନାରେ ବର୍ଷାଦିନେ ପନିପରିବା ତଳିଘରାର ଅଧିକ ଯତ୍ନ ନେବାକୁ ପଡ଼ିଥାଏ। ଏହି ସମୟରେ ତଳିଘରା ଲଗାଇବାକୁ ପ୍ରଥମେ ବିହନକୁ ଭଲ ଭାବେ ବିଶୋଧନ କରିବା ଉଚିତ। ତଳିଘରାର ଉଚ୍ଚତା ୬ ଇଞ୍ଚ ରଖିବା ଆବଶ୍ୟକ। ଅଧିକ ବର୍ଷାରୁ ପନିପରିବା ତଳିଘରାକୁ ସୁରକ୍ଷା ଦେବା ପାଇଁ ଜଳ ନିଷ୍କାସନର ବ୍ୟବସ୍ଥା ସହିତ ତଳିଘରା ଉପରେ ପଲିଥିନ୍ ଢାଙ୍କି ପାରିବେ। ତଳିଘରାରେ ମୂଳସଢ଼ା ରୋଗ ଲାଗିବାର ଆଶଙ୍କା ଅଧିକ ରହିଥାଏ। ଏହାର ନିରାକରଣ ପାଇଁ କାର୍ବେଣ୍ଡାଜିମ୍ କିମ୍ବା ମାଙ୍କୋଜେବ ପ୍ରୟୋଗ କରିପାରିବେ। ତଳିଘରାରେ ଅନ୍ୟାନ୍ୟ ରୋଗ ପୋକ ଦେଖିଲେ କୃଷି ବିଶେଷଜ୍ଞଙ୍କ ପରାମର୍ଶ ନେବା ଉଚିତ। ସେହିପରି ତଳିଘରାରୁ ଅନାବନା ଘାସ ବାଛିବା ସହ ମାଟି ଯେପରି ଅଧିକ ଓଦା ବା କାଦୁଆ ନ ରହିବ ସେଥିପ୍ରତି ଧ୍ୟାନ ଦେବା ଆବଶ୍ୟକ। ପାଣିପାଗର ପୂର୍ବାନୁମାନ କରି ତଳିଘରାରେ ହାଲୁକା ଜଳସେଚନ କରିପାରିବେ।




## ସଫଳ ଗେଣ୍ଡୁଫୁଲ ଚାଷୀ



ବର୍ତ୍ତମାନର ଚାକଚକ୍ୟ ସମାଜ ଓ ଡିଜିଟାଲ ଯୁଗରେ 'ଚାଷ କାମ ଯାହାର କେଡ଼େ ସୁଖ ତାହାର..', ଉକ୍ତିଟିକୁ ଖୁବ କମ୍ ପିଲା ଗ୍ରହଣ କରୁଛନ୍ତି। ହେଲେ ଏହାକୁ କାର୍ଯ୍ୟକାରୀ କରିଛନ୍ତି ଉତ୍ତରପ୍ରଦେଶ, ଗୋଣ୍ଡା ଜିଲ୍ଲାର ବିଜୟ କୁମାର। ସେ ଚାକିରି ପଛରେ ନ ଗୋଡ଼ାଇ, ନିଜ ଜମିରେ ଗେଣ୍ଡୁଫୁଲ ଚାଷ କରି ଲକ୍ଷାଧିକ ଟଙ୍କା ରୋଜଗାର କରୁଛନ୍ତି। ଯୁକ୍ତଦୁଇ ପଢା ସାରି ବିଜୟ ତାଙ୍କ ବନ୍ଧୁଙ୍କ ପାଖରୁ ଗେଣ୍ଡୁଫୁଲ ଚାଷ ସମ୍ପର୍କରେ ବୁଝିଥିଲେ। ପ୍ରଥମେ ଅଳ୍ପ ଜମିରେ ଏହି ଚାଷ ଆରମ୍ଭ କଲେ। ଗେଣ୍ଡୁଫୁଲ ଚାଷରୁ ଭଲ ଅମଳ ପାଇଁ ସେ ମାଟି ପରୀକ୍ଷା, ଉନ୍ନତ ବିହନ ଚୟନ, ସାର ପ୍ରୟୋଗ ଏବଂ ରୋଗପୋକ ନିୟନ୍ତ୍ରଣ ପ୍ରତି ଧ୍ୟାନ ଦେଇଥିଲେ। ଫସଲର ଉପଯୁକ୍ତ ଦେଖାଶୁଣା ଯୋଗୁଁ ଅଧିକ ଫୁଲ ଫୁଟିଥିଲା। ଏହାପରେ ବିଜୟ ଏକର ଜମିରେ ଗେଣ୍ଡୁଫୁଲ ଚାଷ ଆରମ୍ଭ କଲେ। ବର୍ତ୍ତମାନ ଏହି ଚାଷରୁ ସେ ଲକ୍ଷାଧିକ ଟଙ୍କା ରୋଜଗାର କରୁଛନ୍ତି। ବିଜୟ କୁହନ୍ତି, ବଜାରରେ ଗେଣ୍ଡୁଫୁଲ ଚାହିଦା ସବୁବେଳେ ରହିଥାଏ। ପୂଜାପାଠ, ବିବାହ, ଧାର୍ମିକ କାର୍ଯ୍ୟକ୍ରମ ଏବଂ ସାଜସଜ୍ଜା ପାଇଁ ଗେଣ୍ଡୁ ଫୁଲର ଆବଶ୍ୟକତା ଅଧିକ। ପର୍ବପର୍ବାଣୀ ଏବଂ ବିବାହ ଋତୁରେ ଫୁଲର ମୂଲ୍ୟ ଅଧିକ ରହୁଥିବାରୁ ଚାଷୀମାନଙ୍କୁ ଏହା ଭଲ ଲାଭ ଦେଇଥାଏ। ବିଜୟ ଅମଳ ଗେଣ୍ଡୁ ଫୁଲକୁ ଅଯୋଧ୍ୟାକୁ ଯୋଗାଇଥାନ୍ତି। ତେଣୁ ଯୁବପିଢ଼ି ଚାକିରି ପଛରେ ନ ଗୋଡ଼ାଇ ଚାଷ କାର୍ଯ୍ୟରେ ମନୋନିବେଶ କରିଲେ ନିଶ୍ଚୟ ସଫଳ ପାଇପାରିବେ ବୋଲି ବିଜୟ କୁହନ୍ତି।

## ଛେଳିଙ୍କୁ ସବୁଜ ଚାରା ଦେଉଥିଲେ...



**ଛେଳି ପାଳନ ଏକ ଭଲ ବ୍ୟବସାୟ। ଏଥିପାଇଁ କମ୍ ଖର୍ଚ୍ଚ ହୋଇଥାଏ। ଛେଳିର ଓଜନ ଓ ମାଂସବୃଦ୍ଧି ପାଇଁ ସବୁଜ ଚାରାର ଗୁରୁତ୍ୱପୂର୍ଣ୍ଣ ଭୂମିକା ଥାଏ। ହେଲେ ବର୍ଷାଦିନେ ଛେଳିଙ୍କୁ ସବୁଜ ଚାରା ଦେଉଥିଲେ ସତର୍କ ରହିବା ଜରୁରି।**

ବର୍ଷାଦିନେ ସବୁଜ ଚାରାରେ ଆର୍ଦ୍ରତା ଅଧିକ ରହୁଥିବାରୁ ଏହାକୁ ଖାଇବା ଦ୍ୱାରା ଛେଳିଙ୍କ ପେଟଜନିତ ସମସ୍ୟା ହୁଏ। ସେଥିପାଇଁ ଛେଳିଙ୍କୁ ବର୍ଷାଦିନେ ପିଜୁଳି, ନିମ୍ବ ଏବଂ ସଜନା ପତ୍ର ଖାଇବାକୁ ଦେଇପାରିବେ। ଏହି ପତ୍ରଗୁଡ଼ିକରେ ଭିଟାମିନ୍ ଏ, ସି, ବି୬, ବି କମ୍ପ୍ଲେକ୍ସ, ଇ, ଭିଟାମିନ୍ କେ ଆଦି ଥାଏ। ଏହି ପତ୍ରରୁ ପେଲେଟ୍‌ସ (ଗୋଲି)କୁ ଛେଳିଙ୍କୁ ଖାଇବାକୁ ଦିଆଯାଇ ପାରିବ। ଏହା ଛେଳିଙ୍କ ସ୍ୱାସ୍ଥ୍ୟବୃଦ୍ଧି ପାଇଁ ଲାଭଦାୟକ। ସେହିପରି ସଜନା, ପିଜୁଳିର କଞ୍ଚା ପତ୍ରକୁ ଶୁଖାଇ ଏହାକୁ ଗୁଣ୍ଡ କରି ବଟିକା ବନାଯାଏ। କଅଁଳିଆ ଡାଳକୁ ଛେଳିଙ୍କୁ ଖାଇବାକୁ ଦିଆଯାଏ। ସଜନା ପତ୍ରରୁ ତିଆରି ବଟିକା ଖାଇବା ଦ୍ୱାରା ଛେଳିଙ୍କ ପାଚନ ଶକ୍ତିରେ ସୁଧାର ଆସିବା ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି ପାଏ। ଛେଳିଙ୍କୁ ଏହି ପତ୍ରର ବଟିକା ଖୁଆଇବା ପୂର୍ବରୁ ସେମାନଙ୍କ ଖାଦ୍ୟ ତାଲିକାରେ ଧୀରେ ଧୀରେ କରି ଏହାକୁ ଅତିବେଶୀରେ ୩୦% ସାମିଲ କରିବା ଜରୁରି।

## କୃଷି ପାଣିପାଗ

**ଏ ସପ୍ତାହ ପାଇଁ କେତେକ ପରାମର୍ଶ**

- ଆଗାମୀ ପାଞ୍ଚଦିନ ପର୍ଯ୍ୟନ୍ତ ସ୍ୱଳ୍ପରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି। ତେଣୁ ଚାଷୀଭାଇମାନଙ୍କୁ ସାର ଓ କୀଟନାଶକ ପ୍ରୟୋଗ କିଛିଦିନ ପାଇଁ ସ୍ଥଗିତ ରଖିବାକୁ ପରାମର୍ଶ ଦିଆଯାଇଛି।
- ପରିପକ୍ୱ ପନିପରିବା ଓ ଫଳ ଯେପରି ଆମ୍ବ, ପଣସ, ଡାଳିମ୍ବ, ଲେମ୍ବୁ ଇତ୍ୟାଦିକୁ ଅମଳ କରିନିଅନ୍ତୁ।
- ଖରିଫ ମକା/ ଡାଲିଜାତୀୟ ଫସଲ ଲଗାଯାଇଥିବା ସ୍ଥାନରେ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ।
- ଧାନ ତଳିଘରାରେ ଠିଆ ପାଣି କିପରି ନ ରହିବ ସେଥିପ୍ରତି ଧ୍ୟାନ ଦିଅନ୍ତୁ।
- ଆଖୁଗଛ ୪ରୁ୫ ମାସର ହୋଇଗଲେ ବିଳମ୍ବରେ ଆସିଥିବା ପିଲଗୁଡିକୁ ବାହାର କରି ତଳ ଶୁଖିଲା ପତ୍ରକୁ କାଢି ୨ରୁ୩ଟି ଆଖୁ ଏକାଠି ବାନ୍ଧି ଦିଅନ୍ତୁ।
- ଗାଈଗୋରୁମାନଙ୍କୁ ଶୁଖିଲା ଓ ସଫା ଗୁହାଳ ମଧ୍ୟରେ ରଖନ୍ତୁ। ପର୍ଯ୍ୟାପ୍ତ ପରିମାଣର ଖାଦ୍ୟ ଓ ପାଣି ପିଇବାକୁ ଦିଅନ୍ତୁ।
- ବର୍ତ୍ତମାନ ଅମୃତଭଣ୍ଡା, କାଜୁ, ସେବତୀ ଫୁଲ ଲଗାଇବାର ଉତ୍କୃଷ୍ଟ ସମୟ।

## ବାଇଗଣ ଚାଷ ପାଇଁ ଉନ୍ନତ କିସମ

ବାଇଗଣ ଚାଷକରି ଅଧିକାଂଶ ଚାଷୀ ଲାଭବାନ ହୋଇପାରିଛନ୍ତି। କେଉଁ କିସମର ବାଇଗଣ ଚାଷ କଲେ ଲାଭ ମିଳିପାରିବ ସେନେଇ ଅନେକଙ୍କ ଦ୍ୱନ୍ଦ୍ୱ ଥାଏ। ତେବେ ବର୍ତ୍ତମାନ ବାଇଗଣ ଚାଷରେ ସଙ୍କର କିସମକୁ ଅଧିକ ଗୁରୁତ୍ୱ ଦିଆଯାଉଥିବାବେଳେ ଏନେଇ ନିକଟସ୍ଥ କୃଷି ଭଣ୍ଡାରରୁ ସଙ୍କର କିମ୍ବା ଅଧିକ ଅମଳକ୍ଷମ ବାଇଗଣ ବିହନ ପାଇପାରିବେ। ଏହାକୁ ଦୃଷ୍ଟି ଦେଲେ ସଙ୍କର କିସମର ଭିଏନ୍‌ଆର୍-୨୧୨ ମଞ୍ଜି ୧୦ ଗ୍ରାମ୍‌କୁ ୧୮୦ ଟଙ୍କା, ଅର୍କା ଆନନ୍ଦ ୩୦ ଗ୍ରାମ୍‌କୁ ୩୫୦ରୁ ୪୮୦ ଟଙ୍କା, ଭିଏନ୍‌ଆର୍ ଉଜ୍ଜ୍ୱଳ ୧୦ ଗ୍ରାମ୍‌କୁ ୧୫୦ଟଙ୍କା, ଅକ୍ଷିତା ୧୦ଗ୍ରାମ୍‌କୁ ୨୨୦ ଟଙ୍କା ରହିଛି। ସେହିପରି ବାଇଗଣର ଅଧିକ ଅମଳକ୍ଷମ ବିହନ ଗ୍ରୀନ୍ ଲଙ୍ଗ ୧୦ଗ୍ରାମ୍‌କୁ ୮୦ଟଙ୍କା, ବୁଷ୍ଟାର ୧୦ ଗ୍ରାମ୍ ବିହନକୁ ୮୦ ଟଙ୍କା ମୂଲ୍ୟ ରହିଛି।

## କାକୁଡ଼ି ଚାଷ



ଆମ ରାଜ୍ୟରେ କାକୁଡ଼ି ଚାଷ ମୁଖ୍ୟତଃ ବର୍ଷା ଓ ଖରାଦିନେ ହୋଇଥାଏ। ତେବେ ଜୁଲାଇ ମାସ କାକୁଡ଼ି ଚାଷ ପାଇଁ ଉପଯୁକ୍ତ ସମୟ।

ଏହି ଚାଷ ପାଇଁ ଉର୍ବର, ନିଗିଡ଼ା, ବାଲି ଦୋରସା ମୃତ୍ତିକା ସର୍ବୋତ୍ତମ। ଚାଷ ପାଇଁ ସର୍ବଦା ଉନ୍ନତ ରୋଗସହଣି କିସମ ଚୟନ କରାଯାଏ। ବର୍ଷାଦିନେ ଜମିରେ ଜଳ ନିଷ୍କାସନର ଉଚିତ ବ୍ୟବସ୍ଥା କରିବା ସହ ମନ୍ଦାରେ ଚାଷ କରିବା ଭଲ। ଏହି ଚାଷ ପାଇଁ ଏକର ପ୍ରତି ୧ରୁ ୧.୫ କି.ଗ୍ରା. ବିହନ ଦରକାର ହୁଏ। ଏକ କି.ଗ୍ରା. ବିହନକୁ ୨ଗ୍ରାମ୍ ଥିରାମ ଏବଂ ୧ ଗ୍ରାମ କାର୍ବେଣ୍ଡାଜିମ୍ (ବାଭିଷ୍ଟିନ୍) ପ୍ରୟୋଗ କରି ବିଶୋଧନ କରାଯାଇଥାଏ। ବିହନକୁ ଲଗାଇବା ପୂର୍ବରୁ ୬ରୁ ୧୨ଘଣ୍ଟା ଯାଏଁ ପାଣିରେ ବତୁରାଇ ଲଗାଇଲେ ଗଜା ଶୀଘ୍ର ହୋଇଥାଏ। ୧-୧.୫ ମିଟର ବ୍ୟବଧାନରେ ମନ୍ଦା କରି ଲଗାଯାଏ। ଏଥିପାଇଁ ନାଳୀ ଗୁଡ଼ିକୁ ୧-୧.୫ ବ୍ୟବଧାନରେ ରଖି ଗଛକୁ ଗଛ ୫୦ରୁ ୭୫ ସେମି ବ୍ୟବଧାନରେ ରଖି ମାଟିରେ ମାଡ଼ିବାକୁ ଦିଆଯାଏ। ମନ୍ଦା ପ୍ରଣାଳୀରେ ଗଭୀର ଗାତ ଖୋଳି ଏକରପ୍ରତି ୬ରୁ ୮ ଟନ୍ କମ୍ପୋଷ୍ଟ ଓ ମୂଳସାର ପ୍ରୟୋଗ କରି ବିହନ ଲଗାଯାଏ। ବର୍ଷା ଋତୁ ପାଇଁ ମନ୍ଦାଗୁଡ଼ିକୁ ମାଟି ଉପରେ ଲଗାଯାଇଥାଏ ଏବଂ ଲତା ଭାଡ଼ିରେ ମାଡ଼େ। ବିହନ ଲଗାଇବା ସମୟରେ ଏକର ପ୍ରତି ୧୦ କି.ଗ୍ରା. ଯବକ୍ଷାରଜାନ, ୧୦ କି.ଗ୍ରା. ଫସ୍‌ଫରସ୍ ଏବଂ ୩୦ କି.ଗ୍ରା. ପୋଟାସିୟମ ସାର ପ୍ରୟୋଗ କରାଯାଇଥାଏ। ସେହିପରି କାକୁଡ଼ି ଗଛ ବୃଦ୍ଧି ପାଇଁ ମଞ୍ଚାର ବନ୍ଦୋବସ୍ତ କରି ପାଣିପାଗର ପୂର୍ବାହ୍ନମାନ କରି ଜଳସେଚନ କରାଯାଏ। ତେବେ ବିହନ ଲଗାଇବାର ୪୫-୫୦ ଦିନରେ କାକୁଡ଼ି ଅମଳ ଆରମ୍ଭ ହୁଏ।






# ପାଞ୍ଚ ଥର ଚାମ୍ପିଅନ ବ୍ରାଜିଲ ଓ ମେକ୍ସିକୋ ବିଦା

## ଗୋଲ୍ଡେନ ବୁଟ୍ ରେସ୍‌ରେ ହଲାଣ୍ଡ

ନ୍ୟୁୟର୍କ, ୬।୭ (ଏଜେନ୍ସି): ବ୍ରାଜିଲ ବିପକ୍ଷରେ ଡବଲ ଗୋଲ ସ୍କୋର କରି ନରୱେର ସୁପରଷ୍ଟାର ଫରୱାର୍ଡ ଖେଳାଳି ଏର୍ଲିଙ୍ଗ ହଲାଣ୍ଡ ଚଳିତ ବିଶ୍ୱକପ୍‌ରେ ଗୋଲ୍ଡେନ ବୁଟ୍ ରେସ୍‌ରେ ସାମିଲ ହୋଇଛନ୍ତି। ଫ୍ରାନ୍ସ ଓ ଆର୍ଜେଣ୍ଟିନାର ଅଧିନାୟକ କିଲିଆନ୍ ଏମ୍‌ବାପେ ଓ ଲିଓନେଲ ମେସି ମଧ୍ୟ ଏହି ବିଶ୍ୱକପ୍‌ରେ ୭ଟି ଲେଖାଏଁ ଗୋଲ ସ୍କୋର କରିଛନ୍ତି। ୩ଜଣ ଖେଳାଳି ୭ଟି ଲେଖାଏଁ ଗୋଲ କରିଥିଲାବେଳେ ଦୁଇଟି ଗୋଲ ଦେବାରେ ଆସିଷ୍ଟ କରିଥିବାରୁ ଏମ୍‌ବାପେ ଏହି ପୁରସ୍କାର ଦୌଡ଼ରେ ପ୍ରଥମ ସ୍ଥାନରେ ରହିଛି। ସେହିପରି ମେକ୍ସିକୋ ବିପକ୍ଷରେ ଗୋଲ ଦେଇଥିବା ଇଂଲଣ୍ଡ ଅଧିନାୟକ ହ୍ୟାରୀ କେନ୍‌ଙ୍କ ଏହି ବିଶ୍ୱକପ୍‌ରେ ଗୋଲ ସଂଖ୍ୟା ୬ରେ ପହଞ୍ଚାଇଛନ୍ତି। ଏମାନଙ୍କ ପଛକୁ ଫ୍ରାନ୍ସର ଓଉସମାନେ ଡେମ୍ବେଲେ, ଇଜିପ୍ଟର ମିକେଲ ଓୟାରଜାବଲ, ବ୍ରାଜିଲର ଭିନିସିଅସ ଜୁନିଅର, ସେନେଗାଲର ଇସ୍‌ମାଇଲା ସର ୪ଟି ଲେଖାଏଁ ଗୋଲ ସ୍କୋର କରିଛନ୍ତି।

## ନେମାର, ଓଚୋଆଙ୍କ ଅବସର



ନ୍ୟୁୟର୍କ, ୬।୭ (ଏଜେନ୍ସି): ନରୱେଠାରୁ ପରାଜିତ ହୋଇ ବିଶ୍ୱକପ୍ ପ୍ରି-କ୍ୱାର୍ଟର ଫାଇନାଲରୁ ବିଦା ହେବା ପରେ ଏହାର ସୁପରଷ୍ଟାର ନେମାର ଅନ୍ତର୍ଜାତୀୟ ଫୁଟବଲ ଖେଳରୁ ଅବସର ଘୋଷଣା କରିଛନ୍ତି। ଜଣେ ଦକ୍ଷ ଫରୱାର୍ଡ ଖେଳାଳି ଭାବେ ଖ୍ୟାତି ଅର୍ଜନ କରିଥିଲେ ମଧ୍ୟ ସେ ବିଶ୍ୱକପ୍‌ରେ ବ୍ରାଜିଲର ଆବଶ୍ୟକ ବେଳେ କାମରେ ଆସି ନ ଥିଲେ। ସେ ନିଜ ଦେଶ ଲାଗି ୧୩୦ଟି ମ୍ୟାଚ୍ ଖେଳି ରେକର୍ଡ ୮୦ଟି ଗୋଲ ସ୍କୋର କରିଛନ୍ତି। ସେ ଥରେ ହେଲେ ସବୁଠାରୁ ବଡ଼ ଟୁର୍ଣ୍ଣାମେଣ୍ଟ ଫିଫା ବିଶ୍ୱକପ୍ ଟାଇଟଲ ଜିତିବାରେ ସଫଳ ହୋଇ ନ ଥିଲେ। କନ୍‌ଫେଡେରେସନ କପ୍ ଓ ଅଲିମ୍ପିକ୍ସରେ ସ୍ୱର୍ଣ୍ଣ ପଦକ ଜିତିଥିଲେ ମଧ୍ୟ ଏହା ତାଙ୍କୁ ଖୁସି କରି ପାରି ନ ଥିଲା। ଅନ୍ୟ ପକ୍ଷରେ ଇଂଲଣ୍ଡ ନିକଟରୁ ହାରିଯିବା ପରେ ମେକ୍ସିକୋର ଦୀର୍ଘ ଦିନ ଧରି ଶ୍ରେଷ୍ଠ ଖେଳ ପ୍ରଦର୍ଶନ କରିଆସିଥିବା ଗୋଲରକ୍ଷକ ଗୁଇଲେରମୋ ଓଚୋଆ ମଧ୍ୟ ଅନ୍ତର୍ଜାତୀୟ ଫୁଟବଲରୁ ଅବସର ଘୋଷଣା କରିଛନ୍ତି। ସେ ୨୩ ବର୍ଷ ଧରି ଜାତୀୟ ଦଳ ଓ କ୍ଲବ୍ ଫୁଟବଲ ଖେଳିଥିଲେ। ମେକ୍ସିକୋ ଗୋଲ ପୋଷ୍ଟରେ ସେ ପାହାଡ଼ ପରି ଛିଡ଼ା ହୋଇଥିଲେ। ୪୦ ବର୍ଷୀୟ ଏହି କିଂବଦନ୍ତୀ ଫୁଟବଲ ତାରକା କ୍ରିଷ୍ଟିଆନୋ ରୋନାଲ୍ଡୋ ଓ ଲିଓନେଲ ମେସିଙ୍କ ପରେ ବିଶ୍ୱର ମାତ୍ର ତୃତୀୟ ଖେଳାଳିଭାବେ ୬ଟି ବିଶ୍ୱକପ୍‌ରେ ଭାଗନେବାର ରେକର୍ଡ କରିଛନ୍ତି।

**ଫିଫାକୁ ତୀବ୍ର ସମାଲୋଚନା**

## ଟ୍ରମ୍ପଙ୍କ ଫୋନ୍ ପରେ ବାସନ୍ଦ ପ୍ରତ୍ୟାହାର


ନ୍ୟୁୟର୍କ, ୬।୭ (ଏଜେନ୍ସି): ଆମେରିକାର ଫରୱାର୍ଡ ଖେଳାଳି ଫୋଲାରିନ୍ ବାଲୋଗୁନ୍‌ଙ୍କ ଉପରୁ ଫିଫା ରେଡ୍‌କାର୍ଡ ବାସନ୍ଦ ପ୍ରତ୍ୟାହାର କରିନେଇଛି। ଏହା ଫଳରେ ସେ ମଙ୍ଗଳବାର ସକାଳେ ବେଲଜିୟମ ସହ ସିଆଟଲରେ ହେବାକୁ ଥିବା ପ୍ରି-କ୍ୱାର୍ଟରଫାଇନାଲ ମୁକାବିଲାରେ ଭାଗ ନେଇପାରିବେ। କିନ୍ତୁ ରେଡ୍‌କାର୍ଡ ପାଇଥିବାରୁ ବର୍ଷକ ମଧ୍ୟରେ ଗୋଟିଏ ମ୍ୟାଚ୍‌ରୁ ବାସନ୍ଦ ହେବେ। ବୋସନିଆ ବିପକ୍ଷରେ ତାରିକ୍‌ଙ୍କୁ ଫାଉଲ ମାରିଥିବାରୁ ତାଙ୍କୁ ରେଫରି ରେଡକାର୍ଡ ଦେଖାଇଥିଲେ। କିନ୍ତୁ ଟିଭି ରିପ୍ଲେରେ ତାଙ୍କ ଫାଉଲ ମାରିବା ସ୍ପଷ୍ଟ ହୋଇ ନ ଥିବାରୁ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଥିଲା। ଫିଫା ସଭାପତି ଜିଆନି ଇନ୍‌ଫାଣ୍ଟିନୋଙ୍କୁ ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଫୋନ୍ କରିବା ପରେ ଫୋଲାରିନ୍‌ଙ୍କ ଉପରୁ ଏହି ବାସନ୍ଦ ପ୍ରତ୍ୟାହାର କରିନିଆଯାଇଛି ବୋଲି ସମାଲୋଚକମାନେ ଅଭିଯୋଗ କରିଛନ୍ତି। ଫୋଲାରିନ୍‌ଙ୍କ ପ୍ରତି ଯେଉଁ ଅନ୍ୟାୟ ହୋଇଥିଲା ତାହା ଫିଫା ପ୍ରତ୍ୟାହାର କରିନେଇଥିବାରୁ ରାଷ୍ଟ୍ରପତି ଟ୍ରମ୍ପ ଧନ୍ୟବାଦ ଦେବା ପରେ ଏହି ସମାଲୋଚନା ହୋଇଛି।

### କ'ଣ ଏହି ବିବାଦ

ଏହି ଘଟଣାର ପ୍ରଥମ ବିବାଦଟି ହେଲା, ରେଡ୍‌କାର୍ଡକୁ ନେଇ। ବୋସନିଆର ତାରିକ୍‌ଙ୍କ ଡ୍ରିବଲ କରିବାବେଳେ ଆମେରିକାର ତାରକା ଖେଳାଳି ଫୋଲାରିନ୍‌ଙ୍କ ଗୋଡ ତାଙ୍କ ପାଦ ଉପରେ ରହିଥିଲା। ଫଳରେ ରେଫରି ତାଙ୍କୁ ରେଡ୍‌କାର୍ଡ ଦେଇଥିଲେ। ଏହି ଘଟଣାରେ ମୋତେ ୟେଲୋ କାର୍ଡ ମିଳିବ ବୋଲି ଆଶଙ୍କା ଥିଲା, କିନ୍ତୁ ରେଡ୍‌କାର୍ଡ ଦେବା ଫଳରେ ମୋତେ ଆଶ୍ଚର୍ଯ୍ୟ କରିଥିଲା। ଦ୍ୱିତୀୟ ବିବାଦଟି ହେଲା, ଫିଫା ଖେଳ ନିୟମର ଧାରା ୨୭ ଅନୁଯାୟୀ ଫୋଲାରିନ୍‌ଙ୍କ ଉପରୁ ଏହି ବାସନ୍ଦ ପ୍ରତ୍ୟାହାର କରିବା। ଏହାକୁ ତୀବ୍ର ବିରୋଧ କରିଛି ରୟାଲ ବେଲଜିୟମ ଫୁଟବଲ ଆସୋସିଏସନ ଓ ୟୁରୋପୀୟ ୟୁନିଅନ୍ ଅଫ୍ ଫୁଟବଲ ଆସୋସିଏସନ ବା ୟୁଏଫା। ଏମାନଙ୍କ ମତରେ ଫିଫାର ଧାରା ୬୬.୪ରେ ଜଣେ ଖେଳାଳିଙ୍କୁ ରେଡ୍‌କାର୍ଡ ମିଳିଲେ ସେ ପରବର୍ତ୍ତୀ ମ୍ୟାଚ୍‌ରେ ଖେଳିପାରିବେ ନାହିଁ ବୋଲି ସ୍ପଷ୍ଟ ଉଲ୍ଲେଖ ରହିଛି। ଚଳିତବର୍ଷର ଫିଫା ୱାର୍ଲ୍ଡକପ୍ ୨୦୨୬ କମ୍ପିଟିସନ ରେଗୁଲେସନରେ ମଧ୍ୟ ସମାନ କଥା ରହିଛି। ଫିଫା ଖେଳ ନିୟମର ଧାରା ୨୭ରେ ମଧ୍ୟ ଫିଫାର ନିୟମ ରହିଛି। କିନ୍ତୁ ଟ୍ରମ୍ପ ଫୋନ୍ କରିଥିବାରୁ ଏଭଳି ବିବାଦ ଅଧିକ ହୋଇଛି। ବିଶ୍ୱକପ୍ ହେଉ ଅବା ଅନ୍ୟ ଅନ୍ତର୍ଜାତୀୟ ମ୍ୟାଚ୍, ରେଡ୍‌କାର୍ଡ ଦିଆଯିବା ପରେ ପରବର୍ତ୍ତୀ ମ୍ୟାଚ୍ ଖେଳିବାକୁ ଫିଫା ଅନୁମତି ଦେବା ଏହା ପ୍ରଥମ ଘଟଣା ନୁହେଁ। ଚିଲିରେ ଅନୁଷ୍ଠିତ ୧୯୬୨ ଫିଫା ବିଶ୍ୱକପ୍‌ରେ ବ୍ରାଜିଲର ସେମିଫାଇନାଲ ବିଜୟରେ ଷ୍ଟାର ଖେଳାଳି ଗାରିଞ୍ଚାଙ୍କୁ ରେଡ୍‌କାର୍ଡ ମିଳିଥିଲା। କିନ୍ତୁ ଟୁର୍ଣ୍ଣାମେଣ୍ଟ ଶୃଙ୍ଖଳାଗତ କମିଟି ଏହାକୁ ବିଚାର କରି ବାସନ୍ଦ ପ୍ରତ୍ୟାହାର କରିଥିଲେ। ଗାରିଞ୍ଚା ଫାଇନାଲ ମ୍ୟାଚ୍ ଖେଳିଥିଲେ ଓ ବ୍ରାଜିଲ ଚାମ୍ପିଅନ ହୋଇଥିଲା।

ମେକ୍ସିକୋ ସିଟି/ନ୍ୟୁୟର୍କ, ୬।୭ (ଏଜେନ୍ସି)

**୫ଥରର ଚାମ୍ପିଅନ ବ୍ରାଜିଲ ଓ ଯୁଗ୍ମ ଆୟୋଜକ ମେକ୍ସିକୋ ଏଠାରେ ଚାଲିଥିବା ୨୦୨୬ ଫିଫା ବିଶ୍ୱକପ୍ ପ୍ରତିଯୋଗିତାର ପ୍ରି-କ୍ୱାର୍ଟର ଫାଇନାଲରୁ ବିଦା ହୋଇଛନ୍ତି। ଭାରତୀୟ ସମୟ ସୋମବାର ସକାଳେ ଖେଳାଯାଇଥିବା ଚତୁର୍ଥ ପ୍ରି-କ୍ୱାର୍ଟର ଫାଇନାଲରେ ୧୯୬୬ର ଚାମ୍ପିଅନ ଇଂଲଣ୍ଡ ୩-୨ ଗୋଲରେ ଯୁଗ୍ମ ଆୟୋଜକ ମେକ୍ସିକୋକୁ ପରାସ୍ତ କରିଛି। ସେହିପରି ରବିବାର ରାତିରେ ଖେଳାଯାଇଥିବା ମୁକାବିଲାରେ ନରୱେ ୨-୧ ଗୋଲରେ କଳାତ୍ମକ ଫୁଟବଲ ଖେଳ ଲାଗି ଖ୍ୟାତି ଲାଭ କରିଥିବା ବ୍ରାଜିଲକୁ ହରାଇ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଆସନ୍ତା ୧୧ ତାରିଖ ରାତି ୨ଟା ୩୦ ମିନିଟ୍‌ରେ ଖେଳାଯିବାକୁ ଥିବା ତୃତୀୟ କ୍ୱାର୍ଟର ଫାଇନାଲରେ ୟୁରୋପ ମହାଦେଶର ଦୁଇ ଦଳ ଇଂଲଣ୍ଡ ଏବଂ ନରୱେ ମଧ୍ୟରେ ମୁକାବିଲା ହେବ।**



| ଫିଫା ବିଶ୍ୱକପ୍ |
|---|
| ରାଉଣ୍ଡ ୧୬ ବିଶ୍ୱକପ୍ ମୁକାବିଲା |
| ମଙ୍ଗଳବାର ରାତି |
| ଆର୍ଜେଣ୍ଟିନା- ଇଜିପ୍ଟ |
| ଆଟଲାଣ୍ଟା, ରାତି ୯ଟା ୩୦ |
| ମଙ୍ଗଳବାର ସକାଳ |
| ସ୍ୱିଜରଲାଣ୍ଡ-କଲମ୍ବିଆ |
| ଭାଙ୍କୋଭର, ରାତି ୧ଟା ୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

## ଦ୍ୱିତୀୟ କ୍ୱାର୍ଟରରେ ଇଂଲଣ୍ଡ-ନରୱେ ମୁକାବିଲା

ମେକ୍ସିକୋ ସିଟିର ଆଜଟେକା ଷ୍ଟାଡିୟମ୍‌ରେ ସୋମବାର ମେକ୍ସିକୋ ଓ ଇଂଲଣ୍ଡ ମଧ୍ୟରେ ଖେଳାଯାଇଥିବା ଚତୁର୍ଥ ପ୍ରି-କ୍ୱାର୍ଟର ଫାଇନାଲକୁ ଏଯାଏ ଖେଳାଯାଇଥିବା ବିଶ୍ୱକପ୍‌ରେ ସର୍ବଶ୍ରେଷ୍ଠ ମୁକାବିଲା ଭାବେ ବିବେଚନା କରାଯାଉଛି। ସମୁଦ୍ର ପତ୍ତନଠାରୁ ୭,୦୦୦ ଫୁଟରୁ ଉଚ୍ଚରେ ଏବଂ ଆୟୋଜକ ମେକ୍ସିକୋର ଘରୋଇ ମାଟିରେ ଖେଳାଯାଉଥିବା ଏହି ମ୍ୟାଚ୍‌ରେ ପ୍ରତିଦ୍ୱନ୍ଦ୍ୱୀ ଇଂଲଣ୍ଡକୁ ଅସୁବିଧାର ସମ୍ମୁଖୀନ ହେବ ବୋଲି ଆଶଙ୍କା କରାଯାଉଥିଲା। କିନ୍ତୁ ଏହି ମୁକାବିଲାରେ ଉଭୟ ଦଳ ଏପରି ଖେଳିଥିଲେ ଯେ ସମର୍ଥକ ଓ ଦର୍ଶକ ଗୋଟିଏ ମୁହୂର୍ତ୍ତ ମ୍ୟାଚ୍ ଛାଡି ପାରି ନ ଥିଲେ। ଖେଳାଳିଙ୍କ ସମନ୍ୱୟ, ନିଖୁଣ ପାସ୍, ଯୋଜନାବଦ୍ଧ ଆକ୍ରମଣ, ଚତୁର ଡ୍ରିବଲିଂ ଏବଂ କାଉଣ୍ଟର ଆଟାକ୍ ଏହି ମ୍ୟାଚ୍‌ର ଗୁରୁତ୍ୱକୁ ବଢ଼ାଇଦେଇଥିଲା। ଖେଳର ପ୍ରଥମାର୍ଦ୍ଧର ୩୬ ଓ ୩୮ତମ ମିନିଟ୍‌ରେ ଜୁଡ୍ ବେଲିଂହାମ ମାତ୍ର ୯୬ ସେକେଣ୍ଡ ମଧ୍ୟରେ ୨ଟି ଗୋଲ ସ୍କୋର କରି ଇଂଲଣ୍ଡକୁ ୨-୦ ଗୋଲରେ ଅଗ୍ରଣୀ କରାଇଥିଲେ। ୨ଟି ଗୋଲ ପଛରେ ଥିଲେ ମଧ୍ୟ ମେକ୍ସିକୋ ଚାପରେ ପଡ଼ି ନ ଥିଲା ଓ କାଉଣ୍ଟର ଆଟାକ୍ କରି ୪୨ତମ ମିନିଟ୍‌ରେ ଜୁଲିଆନ୍ କ୍ୱିନୋନ୍ସଙ୍କ ମାଧ୍ୟମରେ ଗୋଟିଏ ଗୋଲ ଶୁଝାଇଦେଇଥିଲା। ଦ୍ୱିତୀୟାର୍ଦ୍ଧ ଖେଳ ଇଂଲଣ୍ଡ ଲାଗି ବିପଦକୁ ନିମନ୍ତ୍ରଣ କରିଥିଲା। ୫୪ତମ ମିନିଟ୍‌ରେ ବିପଜ୍ଜନକ ଫାଉଲ ମାରିଥିବାରୁ ଇଂଲଣ୍ଡର ଜାରେଲ କ୍ୱାନ୍‌ଶାଙ୍କୁ ରେଫରି ରେଡ୍‌କାର୍ଡ ଦେଖାଇଥିଲେ। ଫଳରେ ଅବଶିଷ୍ଟ ସମୟ ଇଂଲଣ୍ଡ ୧୦ଜଣ ଖେଳାଳିଙ୍କୁ ନେଇ ଖେଳିଥିଲା। ସେହିପରି ୬୦ତମ ମିନିଟ୍‌ରେ ସମ୍ଭାବ୍ୟ ଆକ୍ରମଣକୁ ପ୍ରତିହତ କରିବାକୁ ଯାଇ ମେକ୍ସିକୋର ଜଣେ ଖେଳାଳି ନିଜ ଗୋଲପୋଷ୍ଟ ଏରିଆରେ ଇଂଲଣ୍ଡ ଖେଳାଳିଙ୍କୁ ଫାଉଲ ମାରିଥିଲେ। ଏଥିଲାଗି ଇଂଲଣ୍ଡକୁ ପେନାଲ୍ଟି ମିଳିଥିଲା ଓ ଏହାକୁ ହ୍ୟାରୀ କେନ୍ ଗୋଲରେ ପରିଣତ କରି ଦଳକୁ ୩-୧ରେ ଅଗ୍ରଣୀ କରାଇବା ସହ ଖେଳାଳି ଓ ସମର୍ଥକଙ୍କୁ ଆଶ୍ୱସ୍ତ କରିଥିଲେ। ଖେଳର ୬୯ତମ ମିନିଟ୍‌ରେ ଆଉ ଏକ ପେନାଲ୍ଟିରୁ ମେକ୍ସିକୋର ରଲ ଜିମିନେଜ୍ ଗୋଲ ସ୍କୋର କରିବା ପରେ ଇଂଲଣ୍ଡର ଉତ୍ତେଜନା ବଢ଼ିଯାଇଥିଲା। କିନ୍ତୁ ଖେଳାଳିମାନେ ଧୈର୍ଯ୍ୟର ସହ ଅବଶିଷ୍ଟ ସମୟ ମେକ୍ସିକୋର ଆକ୍ରମଣକୁ ପ୍ରତିହତ କରିବା ସହ ଇଂଲଣ୍ଡ ଏହି ମ୍ୟାଚ୍‌କୁ ଜିତି କ୍ୱାର୍ଟର ଫାଇନାଲରେ ସ୍ଥାନ ସୁରକ୍ଷିତ କରିଥିଲେ।



## ୩୬ ବର୍ଷ ପରେ ପ୍ରି-କ୍ୱାର୍ଟରରୁ ବିଦା



ନ୍ୟୁୟର୍କର ନ୍ୟୁ ଜର୍ସି ଷ୍ଟାଡିୟମ୍‌ରେ ରବିବାର ରାତିରେ ଖେଳାଯାଇଥିବା ପ୍ରି-କ୍ୱାର୍ଟର ଫାଇନାଲରେ ନରୱେ ନିକଟରୁ ବ୍ରାଜିଲ ୨-୧ ଗୋଲରେ ହାରିଯାଇଥିଲା। ଏହି ପରାଜୟ ଯୋଗୁଁ ୧୯୯୦ ପରେ ପ୍ରଥମଥର ବ୍ରାଜିଲ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିବା ପୂର୍ବରୁ ବିଦା ହୋଇଥିଲା। ଏହି ମ୍ୟାଚ୍ ଜିତିବା ସହ ବ୍ରାଜିଲ ବିପକ୍ଷରେ ନରୱେର ଅପରାଜେୟ ରେକର୍ଡ ବଜାୟ ରହିଛି। ଅନ୍ତର୍ଜାତୀୟସ୍ତରରେ ଏହାକୁ ମିଶାଇ ଉଭୟଙ୍କ ମଧ୍ୟରେ ୫ଥର ମୁକାବିଲା ହୋଇଥିଲା। ଏହା ମଧ୍ୟରୁ ନରୱେ ୩ଟି ମ୍ୟାଚ୍ ଜିତିଥିଲାବେଳେ ୨ଟି ମ୍ୟାଚ୍ ଡ୍ର ରହିଥିଲା। ବିଜୟୀ ନରୱେ ପକ୍ଷରୁ ଏର୍ଲିଙ୍ଗ ହଲାଣ୍ଡ ୨ଟି ଯାକ ଗୋଲ ସ୍କୋର କରିଥିଲେ। ବ୍ରାଜିଲର ଷ୍ଟାର ଖେଳାଳି ନେମାର ପେନାଲ୍ଟିରୁ ଗୋଟିଏ ଗୋଲ ଶୁଝାଇଥିଲେ।

ଏହି ମୁକାବିଲାରେ ଉଭୟ ଦଳ ଆରମ୍ଭରୁ ଆକ୍ରମଣାତ୍ମକ ଖେଳିଥିଲେ। ଏପରିକି ଖେଳ ପ୍ରଥମ ୧୫ ମିନିଟ୍‌ରେ ଉଭୟ ଦଳକୁ ମିଳିଥିବା ସୁଯୋଗ ହାତଛଡ଼ା ହୋଇଯାଇଥିଲା। ପ୍ରଥମେ ନରୱେ ବ୍ରାଜିଲ ପୋଷ୍ଟ ମଧ୍ୟରେ ଗୋଲ ସ୍କୋର କରିଥିଲା। ଏହା କିନ୍ତୁ ଅଫ୍‌ସାଇଡ ହୋଇଯାଇଥିଲା। ସେହିପରି ଏହା ପରେ ବ୍ରାଜିଲ ପାଇଥିବା ପେନାଲ୍ଟିକୁ ବ୍ରୁନୋ ଗୁଇମାରେସ ଗୋଲ ପୋଷ୍ଟକୁ ପଠାଇ ପାରି ନ ଥିଲେ। ସେ ମାରିଥିବା ସଟ୍‌କୁ ନରୱେ ଗୋଲରକ୍ଷକ ଅର୍ଜାନ ନାଇଲାଣ୍ଡ ଅଟକାଇ ଦେଇଥିଲେ। ପ୍ରଥମାର୍ଦ୍ଧ ଗୋଲଶୂନ୍ୟ ରହିବା ପରେ ଦ୍ୱିତୀୟାର୍ଦ୍ଧରେ ଉଭୟ ଦଳ ଯୋଜନାବଦ୍ଧ ଖେଳିଥିଲେ। ଯାହା ଫଳରେ ଖେଳ ଉପଭୋଗ୍ୟ ହୋଇଥିଲା। କିନ୍ତୁ ପ୍ରଥମ ଗୋଲ ସ୍କୋର ହେବାକୁ ୭୯ତମ ମିନିଟ୍ ଲାଗିଯାଇଥିଲା। ଏହି ସମୟରେ ପାଇଥିବା ସୁଯୋଗକୁ ଏର୍ଲିଙ୍ଗ ହଲାଣ୍ଡ ବ୍ରାଜିଲ ପୋଷ୍ଟକୁ ପଠାଇ ପ୍ରଥମ ଗୋଲ ସ୍କୋର କରିଥିଲେ। ଗୋଲ ଖାଇବା ପରେ ବ୍ରାଜିଲ ଗୋଲ ଶୁଝାଇବାକୁ ପ୍ରବଳ ଉଦ୍ୟମ କରି ୯୦ତମ ମିନିଟରେ ଦ୍ୱିତୀୟ ଗୋଲ ବରଣ କରିଥିଲା। ନରୱେର ହଲାଣ୍ଡ ମଧ୍ୟ ଏହି ଗୋଲ ସ୍କୋର କରିଥିଲେ। ବ୍ରାଜିଲ ଅନ୍ୟ ଉପାୟ ନ ପାଇ ତାହାର ଆହତ ତାରକା ଖେଳାଳି ନେମାରଙ୍କୁ ପଡ଼ିଆକୁ ଓହ୍ଲାଇଥିଲା। ଷ୍ଟପେଜ୍ ଟାଇମ୍‌ର ଶେଷ ମୁହୂର୍ତ୍ତରେ ପାଇଥିବା ପେନାଲ୍ଟିରୁ ଗୋଲ ଦେଇ ସେ ଗୋଟିଏ ଗୋଲ ଶୁଝାଇଥିଲେ। କିନ୍ତୁ ନେମାର ବ୍ରାଜିଲକୁ ପରାଜୟରୁ ରକ୍ଷା କରି ନ ପାରି ପଡ଼ିଆରେ କାନ୍ଦିଥିଲେ।

**ଆଜି ୩ୟ ଟି-୨୦**

## ବିଜୟ ଲକ୍ଷ୍ୟରେ ଭାରତ

ନଟିଂହାମ, ୬।୭ (ଏଜେନ୍ସି): ଭ୍ରମଣକାରୀ ଭାରତ ଓ ଇଂଲଣ୍ଡ ମଧ୍ୟରେ ଚାଲିଥିବା ଟି-୨୦ ସିରିଜର ୩ୟ ମ୍ୟାଚ୍ ମଙ୍ଗଳବାର ଖେଳାଯିବ। ସ୍ଥାନୀୟ ଟ୍ରେଣ୍ଟବ୍ରିଜ ଗ୍ରାଉଣ୍ଡରେ ରାତି ୧୦ଟାରେ ଏହି ମୁକାବିଲା ଆରମ୍ଭ ହେବ। ପୂର୍ବରୁ ସିରିଜର ପ୍ରଥମ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଥିଲା। ସେହିଭଳି ଶନିବାର ମାଞ୍ଚେଷ୍ଟରରେ ଖେଳାଯାଇଥିବା ଦ୍ୱିତୀୟ ଟି-୨୦କୁ ଘରୋଇ ଇଂଲଣ୍ଡ ୪ ୱିକେଟରେ ଜିତିଥିଲା। ଫଳରେ ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ସିରିଜରେ ଇଂଲଣ୍ଡ ଏବେ ୧-୦ରେ ଅଗ୍ରଣୀ ରହିଛି। ମଙ୍ଗଳବାର ମ୍ୟାଚକୁ ଜିତି ହ୍ୟାରୀ ବ୍ରୁକ୍‌ଙ୍କ ଦଳ ସିରିଜ ଜିତିବା ଦିଗରେ ଆଉ ପାଦେ ଅଗ୍ରସର ହେବାକୁ ଲକ୍ଷ୍ୟ ରଖିଛି। ତୃତୀୟ ଟି-୨୦ ଲାଗି ଇଂଲଣ୍ଡ ଦଳ କୌଣସି ପରିବର୍ତ୍ତନ କରିନାହିଁ। ଅପରପକ୍ଷରେ ନୂଆ ଅଧିନାୟକ ଶ୍ରେୟାସ ଆୟରଙ୍କ ନେତୃତ୍ୱାଧୀନ ଟିମ୍ ଇଣ୍ଡିଆ ପାଇଁ ଚଳିତ ୟୁକେ ଗସ୍ତ ନୈରାଶ୍ୟଜନକ ରହିଛି। ଏହି ୟୁକେ ଗସ୍ତରେ ଭାରତ ପ୍ରଥମେ ୨-୦ରେ ଆୟର୍ଲାଣ୍ଡ ନିକଟରୁ ଲଜ୍ଜାଜନକ ଭାବେ ଟି-୨୦ ସିରିଜ ହାରିଥିଲା। ଏହାପରେ ଇଂଲଣ୍ଡରେ ମଧ୍ୟ ଦଳ ଏହି ପରାଜୟଧାରାକୁ ବଜାୟ ରଖିଛି। ଫଳରେ ଏହି ଗସ୍ତରେ ଭାରତୀୟ ଦଳ ୪ଟି ମ୍ୟାଚ ଖେଳିସାରିଥିଲେ ମଧ୍ୟ ବିଜୟ ସ୍ୱାଦ ଚାଖିପାରିନାହିଁ। ଯାହା ଅଧିନାୟକ ଆୟରଙ୍କ ନେତୃତ୍ୱ ଉପରେ ବଡ଼ ପ୍ରଶ୍ନବାଚୀ ଛିଡ଼ା କରାଇଛି। ସିରିଜ ଉଜ୍ଜୀବିତ ରଖିବାକୁ ହେଲେ ତୃତୀୟ ଟି-୨୦ ମ୍ୟାଚରେ ଭାରତ ନିଶ୍ଚିତ ବିଜୟ ଆବଶ୍ୟକ କରୁଛି। ପ୍ରତୀକ୍ଷିତ ଅନ୍ତର୍ଜାତୀୟ ପଦାର୍ପଣ କରିଥିବା ବୈଭବ ସୂର୍ଯ୍ୟବଂଶୀ ମାଞ୍ଚେଷ୍ଟରରେ ଅନୁଷ୍ଠିତ ଦ୍ୱିତୀୟ ଟି-୨୦ରେ ବିଫଳ ହୋଇଥିଲେ।

ମ୍ୟାଚ୍ ଆରମ୍ଭ: ରାତି ୧୦ଟା
ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ ନେଟୱର୍କ/ହଟଷ୍ଟାର

## ଜିମ୍ବାୱେ ସିରିଜ୍‌ରୁ ସାମସନ ବାଦ୍



ନୂଆଦିଲ୍ଲୀ, ୬।୭ (ଏଜେନ୍ସି): ଜିମ୍ବାୱେ ବିପକ୍ଷ ଆଗାମୀ ଟି-୨୦ ସିରିଜ ଲାଗି ସୋମବାର ଭ୍ରମଣକାରୀ ଭାରତୀୟ ଦଳ ଘୋଷଣା କରାଯାଇଛି। ଚଳିତ ଇଂଲଣ୍ଡ ଗସ୍ତରେ ଯାଇଥିବା ଭାରତୀୟ ଦଳରେ ସାମାନ୍ୟ ପରିବର୍ତ୍ତନ କରାଯାଇଛି। ବିଶେଷ କରି ବରିଷ୍ଠ ବ୍ୟାଟର୍ ସଞ୍ଜୁ ସାମସନଙ୍କୁ ଜିମ୍ବାୱେ ଗସ୍ତରୁ ବାଦ୍ ଦିଆଯାଇଛି। ଟି-୨୦ ବିଶ୍ୱକପରେ 'ପ୍ଲେୟର ଅଫ୍ ଦି ଟୁର୍ଣ୍ଣାମେଣ୍ଟ' ହୋଇଥିବା ସାମସନ ଚଳିତ ୟୁକେ ଗସ୍ତରେ ବେଶ୍ ନୈରାଶ୍ୟଜନକ ପ୍ରଦର୍ଶନ କରିଛନ୍ତି। ତିନୋଟି ଟି-୨୦ ମ୍ୟାଚରୁ ସେ ମୋଟ୍ ୬ ରନ କରିଛନ୍ତି। ଯେଉଁଥି ପାଇଁ ତାଙ୍କୁ ଜିମ୍ବାୱେ ସିରିଜରୁ ବାଦ୍ ଦିଆଯାଇଛି। ସେହିଭଳି ଇଂଲଣ୍ଡ ଗସ୍ତରେ ସାମିଲ ଥିବା ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, ରବି ବିଷ୍ଣୋଇ, ହର୍ଷିତ ରାଣା, ଅର୍ଶଦୀପ୍ ସିଂହ ଓ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ମଧ୍ୟ ଜିମ୍ବାୱେ ସିରିଜରେ ସ୍ଥାନ ମିଳିନି। ଅପରପକ୍ଷରେ ଯଶ ଠାକୁର ଓ ଅଶୋକ ଶର୍ମାଙ୍କୁ ପ୍ରଥମଥର ଲାଗି ଜାତୀୟ ଦଳରେ ସୁଯୋଗ ମିଳିଛି। ସେହିଭଳି ଅଭିଜ୍ଞ ରିଙ୍କୁ ସିଂ ମଧ୍ୟ ଦଳକୁ ଫେରିଛନ୍ତି। ପ୍ରଭସିମରନ ସିଂହ, ମୟଙ୍କ ଯାଦବ ଦୀର୍ଘ ବର୍ଷ ପରେ ଦଳକୁ ଫେରିଛନ୍ତି। ଜୁଲାଇ ୨୩, ୨୫ ଓ ୨୬ ତାରିଖରେ ଘରୋଇ ଜିମ୍ବାୱେ ବିପକ୍ଷରେ ଭାରତ ୩ଟି ଯାକ ଟି-୨୦ ମ୍ୟାଚ୍ ଖେଳିବ।

**ଘୋଷିତ ଭାରତୀୟ ଦଳ:** ଶ୍ରେୟସ ଆୟର (ଅଧିନାୟକ), ବୈଭବ ସୂର୍ଯ୍ୟବଂଶୀ, ଅଭିଷେକ ଶର୍ମା, ତିଲକ ବର୍ମା (ଉପ-ଅଧିନାୟକ), ଇଶାନ କିଶାନ ଓ ପ୍ରଭସିମରନ ସିଂହ (ଉଭୟ ୱିକେଟକିପର), ଶିଭମ ଦୁବେ, ସୂର୍ଯ୍ୟାଂଶ ହେଡଗେ, ରିଙ୍କୁ ସିଂ, ହର୍ଷ ଦୁବେ, ବରୁଣ ଚକ୍ରବର୍ତ୍ତୀ, ପ୍ରିନ୍ସ ଯାଦବ, ଯଶ ଠାକୁର, ଅଶୋକ ଶର୍ମା ଓ ମୟଙ୍କ ଯାଦବ।

## ଓଡ଼ିଶା ମହିଳା କାୟାକିଂ ଓ କାନୋଇଂ ଦଳ ରନର୍ସଅପ୍

ଭୁବନେଶ୍ୱର, ୬।୭ (ସମିସ): ବିଶାଖାପାଟନମରେ ଶେଷ ହୋଇଥିବା ଅସ୍ମିତା ଖେଲୋ ଇଣ୍ଡିଆ ଜୋନାଲ କାୟାକିଂ ଓ କାନୋଇଂ ଚାମ୍ପିଅନସିପ୍‌ରେ ଓଡ଼ିଶା ମହିଳା ଦଳ ଦମ୍‌ଦାର ପ୍ରଦର୍ଶନ କରି ୩୩ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୧୫ଟି ସ୍ୱର୍ଣ୍ଣ, ୧୧ ରୌପ୍ୟ ଓ ୭ଟି କାଂସ୍ୟ ପଦକ ସାମିଲ ରହିଛି। ଏଥିସହ ଓଡ଼ିଶା ମହିଳା ଦଳ ରନର୍ସଅପ୍ ହୋଇଛି। ସେହିଭଳି ଏହି ଦୁଇଦିବସୀୟ ପ୍ରତିଯୋଗିତାରେ ମଧ୍ୟପ୍ରଦେଶ ଦଳ ଚାମ୍ପିଅନ ଓ କେରଳ ତୃତୀୟ ସ୍ଥାନ ହାସଲ କରିଛି।




**ୱିମ୍ବଲଡନରୁ ସାବାଲେଙ୍କା ବିଦା**

## କ୍ୱାର୍ଟରରେ ପାଓଲିନ୍, ଗଫ୍

ଲଣ୍ଡନ, ୬।୭ (ଏଜେନ୍ସି)



ବିଶ୍ୱର ଏକ ନମ୍ବର ଖେଳାଳି ଆରିନା ସାବାଲେଙ୍କାଙ୍କୁ ହରାଇ ନାଓମି ଓସାକା ଏଠାରେ ଚାଲିଥିବା ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ଟେନିସ ଟୁର୍ଣ୍ଣାମେଣ୍ଟର କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ମହିଳା ସିଙ୍ଗଲ୍ସ ରାଉଣ୍ଡ-୧୬ର ଏକ ମ୍ୟାଚରେ ୭ମ ସିଡ୍ ଜାପାନ ତାରକା ଓସାକା ୬-୨, ୭-୬ (୭/୨) ସେଟରେ ଚାରିଥରର ଗ୍ରାଣ୍ଡସ୍ଲାମ ବିଜୟିନୀ ସାବାଲେଙ୍କାଙ୍କୁ ହରାଇଥିଲେ। ବିଜୟ ସହ ଓସାକା ତାଙ୍କ କ୍ୟାରିୟରରେ ପ୍ରଥମଥର ୱିମ୍ବଲଡନ କ୍ୱାର୍ଟର ଫାଇନାଲରେ ପହଞ୍ଚିଛନ୍ତି। ସେହିଭଳି ମହିଳା ବିଭାଗର ଅନ୍ୟ ମ୍ୟାଚରେ କୋକୋ ଗଫ୍ ଓ ଯସ୍ମିନ ପାଓଲିନ ବିଜୟୀ ହୋଇ ଅନ୍ତିମ-୮ରେ ସ୍ଥାନ ପକ୍କା କରିଛନ୍ତି। ଗଫ୍ ୪-୬, ୬-୩, ୬-୪ ସେଟରେ ବେଲିଣ୍ଡା ବେନସିକଙ୍କୁ ଏବଂ ୧୩ତମ ସିଡ୍ ପାଓଲିନ ୬-୪, ୪-୬ ଓ ୬-୩ ସେଟରେ ଫିଲିପାଇନ୍ସର ଆଲେକ୍ସଜାଣ୍ଡ୍ରା ଇଲାଙ୍କୁ ହରାଇଥିଲେ।

ଅପରପକ୍ଷରେ ପୁରୁଷ ବିଭାଗରେ ଡିଫେଣ୍ଡିଂ ଚାମ୍ପିଅନ ଜାନିକ ସିନ୍ନର, ନୋଭାକ ଜୋକୋଭିଚ୍ ଓ ଇଟାଲୀର ଫ୍ଲାବିଓ କୋବୋଲି ମଧ୍ୟ କ୍ୱାର୍ଟର ଫାଇନାଲକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଟପ୍ ସିଡ୍ ସିନ୍ନର ୬-୩, ୭-୬ (୭/୦), ୬-୩ ସେଟରେ ଜାପାନର ସିନ୍ତାରୋ ମୋଚିଜୁକିଙ୍କୁ ହରାଇଥିଲେ।

## ଅଷ୍ଟ୍ରେଲିଆକୁ ୨୪ତମ ଆଇସିସି ଟ୍ରଫି

ଲଣ୍ଡନ, ୬।୭ (ଏଜେନ୍ସି): ଘରୋଇ ଇଂଲଣ୍ଡକୁ ୭ ୱିକେଟରେ ହରାଇ ଆଇସିସି ମହିଳା ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣରେ ଅଷ୍ଟ୍ରେଲିଆ ଚାମ୍ପିଅନ ହୋଇଛି। ଏଥିସହ ଅଷ୍ଟ୍ରେଲିଆ ମହିଳା ଦଳ ରେକର୍ଡ ୭ମଥର ଲାଗି ଟି-୨୦ ବିଶ୍ୱକପ ଟାଇଟଲ୍ ଜିତିଛି। ଅଷ୍ଟ୍ରେଲିଆ ପୁରୁଷ ଓ ମହିଳା ଦଳର ଏହା ଓଭରଅଲ୍ ୨୪ତମ ଆଇସିସି ଟ୍ରଫି ରହିଛି। ଯେଉଁଥିରେ ମହିଳା ଦଳ ୭ଥର ଲେଖାଏ ଟି-୨୦ ଓ ଦିନିକିଆ ବିଶ୍ୱକପ ଜିତିଛି। ସେହିଭଳି ପୁରୁଷ ଦଳ ୬ଥର ଦିନିକିଆ ବିଶ୍ୱକପ୍ ଓ ଥରେ ଟି-୨୦ ବିଶ୍ୱକପରେ ଚାମ୍ପିଅନ ହୋଇଛି। ଏହାବାଦ୍ ଅଷ୍ଟ୍ରେଲିଆ ପୁରୁଷ ଦଳ ଦୁଇଥର ଚାମ୍ପିଅନ୍ସ ଟ୍ରଫି ଓ ଥରେ ଆଇସିସି ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଟ୍ରଫି ବିଜୟୀ ହୋଇଛି।

ସକାଳ
THE SAKALA
www.thesakala.in
The Sakala require the following post for Head Office urgently.
ADVERTISEMENT EXECUTIVE
Qualification: MBA with 5 yrs. experience.
Send your CV by 10.07.2026 to
Asst. Manager HR
Email: hr@thesakala.com
Mob.: 8249526803
THE SAKALA
(A unit of Nandighosha Network Pvt. Ltd.)
Plot No.: 90 & 91, Bhagabanpur I/E, Bhubaneswar

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS